


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-138 ♦FRIDAY ♦14 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୩୮ ♦ଶୁକ୍ରବାର ♦୧୪ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦

## ଦିଲ୍ଲୀରେ ସିରିଜ୍ ବିସ୍ଫୋରଣ ପାଇଁ ଚାଲିଥିଲା ଷଡ଼ଯନ୍ତ୍ର

# ୪ ସ୍ଥାନ, ୩୨ ଗାଡ଼ି, ୮ ଆତଙ୍କୀ

■ **ନୂଆଦିଲ୍ଲୀ, ୧୩।୧୧ (ଏଜେନ୍ସି):** ଗତ ୧୦ ତାରିଖରେ ଦିଲ୍ଲୀ ଲାଲ୍‌କିଲ୍ଲା ହୋଇଥିବା କାର ବିସ୍ଫୋରଣର ତନାଘନା ଚଳାଇଛନ୍ତି ତଦନ୍ତକାରୀ ସଂସ୍ଥା। ଦିଲ୍ଲୀ, ହରିଆଣା ସମେତ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଉଛି। ଦିଲ୍ଲୀ ବିସ୍ଫୋରଣ ସହ ସଂପର୍କ ସନ୍ଦେହରେ ଗିରଫ ଓ ଅଟକ ଲୋକଙ୍କୁ ପଚରାଉଚରା କରାଯାଉଛି। ଜେରା ଓ ଯାଞ୍ଚ ବେଳେ ତଦନ୍ତକାରୀ ସଂସ୍ଥା ହାତରେ ଲାଗି ଭୟଙ୍କର ତଥ୍ୟ। ଡିସେମ୍ବର ୬ରେ ବାବରୀ ମସ୍‌ଜିଦ୍ ଭଙ୍ଗାଯିବା ଘଟଣାର ବାର୍ଷିକୀରେ ସେମାନେ ଦିଲ୍ଲୀ ଓ ଆଖାପାଖ ଅଞ୍ଚଳରେ ବଡ଼ ଧରଣର ବିସ୍ଫୋରଣ ଘଟାଇବାକୁ ଯୋଜନା କରିଥିଲେ। ତୁର୍କୀରେ ଥିବା ପାକିସ୍ତାନୀ ଆତଙ୍କବାଦୀ ସଂଗଠନ କର୍ମକର୍ତ୍ତାର ନିର୍ଦ୍ଦେଶ ଅନୁସାରେ ସେମାନେ କାମ କରୁଥିଲେ। ଏହି ଆତଙ୍କବାଦୀ ଆକ୍ରମଣ ଯୋଜନାରେ ସାମିଲ ଥିବା ୨୨ ଜଣଙ୍କୁ ଚିହ୍ନଟ କରାଯାଇଛି। ସେମାନଙ୍କ ବିରୋଧରେ ଲୁକ୍ ଆଉଟ୍ ନୋଟିସ ଜାରି କରାଯାଇଛି। ସୀମା ଏବଂ ବିମାନବନ୍ଦରଗୁଡ଼ିକୁ ସତର୍କ କରାଯାଇଛି।

ପୁଲିସ ସୂତ୍ରରୁ ପ୍ରକାଶ, ଡିସେମ୍ବର ୬ରେ ବାବରୀ ମସ୍‌ଜିଦ୍ ଭଙ୍ଗାଯିବା ଘଟଣାର ବାର୍ଷିକୀରେ ଆତଙ୍କବାଦୀମାନେ ପ୍ରତିଶୋଧ ନେବାକୁ ଯୋଜନା ରଖିଥିଲେ। ଏହି ଅବସରରେ ଦିଲ୍ଲୀର ବିଭିନ୍ନ ସ୍ଥାନରେ ବଡ଼ ଧରଣର ବିସ୍ଫୋରଣ ଘଟାଇବାକୁ ଯୋଜନା ହୋଇଥିଲା। ଏଥିପାଇଁ ୪ଟି ସ୍ଥାନ ଚୟନ କରାଯାଇଥିଲା। ଏହି ୪ଟି ସ୍ଥାନରେ ୩୨ଟି କାର ବିସ୍ଫୋରଣ ହୋଇଥାଆନ୍ତା। ଏହିସବୁ ସ୍ଥାନର ଦାୟିତ୍ୱ ଆଠ ଜଣଙ୍କୁ ଦିଆଯାଇଥିଲା। ଷଡ଼ଯନ୍ତ୍ର କାର୍ଯ୍ୟକାରୀ କରିବା ଲାଗି ସେମାନେ ଜୋରସୋରରେ ପ୍ରସ୍ତୁତ ଚଳାଇଥିଲେ। ସେମାନେ ୩୨ଟି ଗାଡ଼ି ପ୍ରସ୍ତୁତ କରିଥିଲେ ବୋଲି ପୁଲିସ ସୂତ୍ରରୁ ଜଣାପଡ଼ିଛି। ଏହି କାର୍‌ଗୁଡ଼ିକ ମଧ୍ୟରେ ବ୍ରେଜା, ସ୍ୱିଫ୍ଟ ଡିଜାୟାର, ଇକୋସ୍ପୋର୍ଟ୍ସ ଓ ଆଇ-୨୦ ଭଳି କାର ସାମିଲ ଥିଲା। ସେଥିମଧ୍ୟରୁ ଗୋଟିଏ ଆଇ୨୦ କାର ଲାଲକିଲ୍ଲାରେ ବିସ୍ଫୋରଣ ହୋଇଥିବା ବେଳେ ଆଉ ୪ଟି କାର୍‌କୁ ତଦନ୍ତକାରୀ ସଂସ୍ଥା ଜବତ କରିଛି। ତେବେ ଆଉ ୨୭ଟି କାର କେଉଁଠି ରହିଛି, ତାହାର ଖୋଜା ଚାଲିଛି।

ପୁଲିସ ସୂତ୍ରରୁ ପ୍ରକାଶ ଯେ ଏହି ଗାଡ଼ିଗୁଡ଼ିକରେ ବିସ୍ଫୋରକ ଲଗାଇ ବଡ଼ ଧରଣର ବିପର୍ଯ୍ୟୟ ଘଟାଇବାକୁ ଯୋଜନା କରାଯାଉଥିଲା। ଏଥିପାଇଁ ସେମାନେ ୩୨ଟି ପୁରୁଣା ଗାଡ଼ି ବ୍ୟବହାର କରିବାକୁ ଯୋଜନା କରୁଥିଲେ। ପୁରୁଣା ଗାଡ଼ିଗୁଡ଼ିକ ଏକାଧିକ ବାର ବିକ୍ରି ହୋଇଥିବାରୁ ପ୍ରକୃତ ମାଲିକଙ୍କୁ ଧରିବା ତଦନ୍ତକାରୀ ସଂସ୍ଥା ପାଇଁ ସହଜ ହେବନାହିଁ ବୋଲି ସେମାନେ ଭାବିଥିଲେ। ପୁଣି ଏହି ପୁରୁଣା ଗାଡ଼ିର ରଙ୍ଗ ଓ ଚେହେରା ବଦଳାଇବାକୁ ମଧ୍ୟ ଉଦ୍ୟମ ଚାଲିଥିଲା। ଗୋଟିଏ ସମୟରେ ବିସ୍ଫୋରଣ ଘଟାଇବା ପାଇଁ ଅଭିଯୁକ୍ତମାନେ ବିସ୍ଫାରକ ନେଇ ଯିବାକୁ ଯୋଜନା କରିଥିଲେ। ଏହି ୮ ସନ୍ଦିଗ୍ଧଙ୍କ ମଧ୍ୟରେ ଅଛନ୍ତି ଡା. ମୁଜାମ୍ମିଲ, ଡା. ଆଦିଲ, ଡା. ଉମର ଓ ଡା. ଶାହିନ।

ଦିଲ୍ଲୀ ବିସ୍ଫୋରଣର ଯୋଜନା ଗତ ଜାନୁଆରୀରୁ ହୋଇଥିଲା। ଗିରଫ ହୋଇଥିବା ଅଭିଯୁକ୍ତଙ୍କ ମୋବାଇଲ ଫୋନ୍‌ରୁ ମିଳିଥିବା ବିଭିନ୍ନ ତଥ୍ୟ ଜଣାପଡ଼ିଛି। ଗତ ଜାନୁଆରୀରେ ଏମାନେ ଲାଲ୍‌କିଲ୍ଲାର ରେକି କରିଥିଲେ। ଡା. ମୁଜାମ୍ମିଲ ଗନି ▸ପୃଷ୍ଠା-୭




### ୨୨ ସନ୍ଦିଗ୍ଧ ଚିହ୍ନଟ, ଲୁକ୍ ଆଉଟ୍ ନୋଟିସ ଜାରି
### ବାବରୀ ମସ୍‌ଜିଦର ପ୍ରତିଶୋଧ ନେବାକୁ ଚାହୁଁଥିଲେ
### ତୁର୍କୀରୁ ପାକିସ୍ତାନୀ ଆତଙ୍କୀ ଦେଉଥିଲା ନିର୍ଦ୍ଦେଶ

## ପୁଣେରେ ଭୟଙ୍କର ଦୁର୍ଘଟଣା

# ଜିଅନ୍ତା ଜଳିଗଲେ ୯



■ **ପୁଣେ, ୧୩।୧୧ (ଏଜେନ୍ସି):** ମହାରାଷ୍ଟ୍ରର ପୁଣେ ସହରର ଉପକଣ୍ଠରେ ଥିବା ନାଭେଲ ବ୍ରିଜ୍ ନିକଟରେ ଏକ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଗୁରୁବାର ସନ୍ଧ୍ୟାରେ ଏକ ଟ୍ରକ୍‌ର ବ୍ରେକ୍ ଫେଲ୍ ହେବା କାରଣରୁ ୨୦ରୁ ୨୫ଟି ଗାଡ଼ି ପରସ୍ପରକୁ ଧକ୍କା ଦେଇଥିଲେ। ଏହି ଟ୍ରକ୍ ଓ ଏକ କଣ୍ଟେନର ମଧ୍ୟରେ ଫସିଯାଇଥିବା ଏକ କାର୍‌ରେ ନିଆଁ ଲାଗି ଯାଇଥିଲା। ଫଳରେ ୯ ଜଣ ଲୋକ ଜିଅନ୍ତା ଜଳିଯାଇଥିଲେ। କାର୍‌ରେ ବସିଥିବା ୫ ଜଣ ଲୋକ ଜଳିଯାଇଥିଲେ। ସେହିପରି ଟ୍ରକ୍ ଓ କାର୍‌ର ଡ୍ରାଇଭର ମଧ୍ୟ ମୃତ୍ୟୁବରଣ କରିଥିଲେ। ମୃତକଙ୍କ ସଂଖ୍ୟା ବୃଦ୍ଧିପାଇବ ବୋଲି ଆଶଙ୍କା କରାଯାଉଛି। ପୁଣେ ଓ ନାସିକ ହାଇୱେ ଉପରେ ଭୋରଗାଁଓ ନିକଟରେ ଏହି ଦୁର୍ଘଟଣା ଘଟିଥିଲା ବୋଲି ପୁଲିସ କହିଛି। ଟ୍ରକ୍ ଏତେ ଜୋରରେ ଧକ୍କା ଦେଇଥିଲା ଯେ, କାର କଣ୍ଟେନର ତଳେ ପଶିଯାଇଥିଲା ଓ ସଙ୍ଗେ ସଙ୍ଗେ ନିଆଁ ଲାଗିଥିଲା। କାର୍‌ରେ ଥିବା ଲୋକେ ବାହାରକୁ ବାହାରିବା ପାଇଁ ସୁଯୋଗ ପାଇ ନଥିଲେ। ଏଥିପାଇଁ ହାଇୱେ ଉପରେ ପାଖାପାଖି ଏକ ଘଣ୍ଟା ଟ୍ରାଫିକ ଜାମ୍ ହୋଇଥିଲା। ମୃତକଙ୍କୁ ଚିହ୍ନଟ କରାଯାଉଛି। ମହାରାଷ୍ଟ୍ର ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭିସ୍ ମୃତକଙ୍କ ପରିବାରକୁ ସମବେଦନା ଜଣାଇବା ସହ ୫ ଲକ୍ଷ ଟଙ୍କା ଲେଖାଏ ଅନୁକମ୍ପାମୂଳକ ରାଶି ଦେବାକୁ ଘୋଷଣା କରିଛନ୍ତି। ସୂଚନା ମିଳିବା ମାତ୍ରେ ହିଁ ପୁଲିସ ଓ ଦମକଳ ବାହିନୀ ଘଟଣାସ୍ଥଳରେ ପହଞ୍ଚିଥିଲେ ଓ ନିଆଁ ଲିଭାଇଥିଲେ। ଆହତଙ୍କୁ ନିକଟସ୍ଥ ହସ୍ପିଟାଲରେ ଭର୍ତ୍ତି କରାଯାଇଛି।

## ଶ୍ରେୟା ଘୋଷାଲ୍‌ଙ୍କ କାର୍ଯ୍ୟକ୍ରମରେ ଅବ୍ୟବସ୍ଥା

# ବାଲିଯାତ୍ରାରେ ଭିଡ଼ ଅଣାୟତ୍ତ

## ବ୍ୟାରିକେଡ୍‌ରେ ଚାପି ହୋଇ ୨ ଦର୍ଶକ ଅଚେତ




■ **କଟକ, ୧୩।୧୧ (ସମିସ):** ଐତିହାସିକ ବାଲିଯାତ୍ରାର ଉଦ୍‌ଯାପନୀ ତଥା ଶେଷ ସନ୍ଧ୍ୟାରେ ବୈଷ୍ଣବ ପାଣି ମଞ୍ଚ ସମ୍ମୁଖରେ ଅଘଟଣ ଘଟିଛି। ବଲିଉଡର ଲୋକପ୍ରିୟ କଣ୍ଠଶିଳ୍ପୀ ଶ୍ରେୟା ଘୋଷାଲଙ୍କ ସାଂସ୍କୃତିକ କାର୍ଯ୍ୟକ୍ରମ ଚାଲିଥିବା ବେଳେ ବ୍ୟାପକ ଭିଡ଼ ଯୋଗୁଁ ସ୍ଥିତି ନିୟନ୍ତ୍ରଣ ବାହାରକୁ ଚାଲିଯାଇଥିଲା। ଅସମ୍ଭାଳ ଭିଡ଼ ଯୋଗୁଁ ଦର୍ଶକଙ୍କ ମଧ୍ୟରେ ଠେଲାପେଲା ହେବା ଫଳରେ ୨ ଜଣ ବ୍ୟକ୍ତି ବ୍ୟାରିକେଡ୍ ଭିତରେ ଚାପି ହୋଇ ଅଚେତ ହୋଇପଡ଼ିଥିଲେ। ଖବର ପାଇ ପୁଲିସ ଫୋର୍ସ ତୁରନ୍ତ ଅଚେତ ହୋଇପଡ଼ିଥିବା ବ୍ୟକ୍ତିଦ୍ୱୟଙ୍କୁ ଉଦ୍ଧାର କରିଥିଲେ। ସେମାନଙ୍କୁ ଆମ୍ବୁଲାନ୍ସ ସହାୟତାରେ ନିଆଯାଇ ଏସ୍‌ସିବିରେ ଭର୍ତ୍ତି କରାଯାଇଛି। ସେମାନଙ୍କର ସ୍ୱାସ୍ଥ୍ୟାବସ୍ଥା ସ୍ଥିର ଥିବା ଜଣାପଡ଼ିଛି।

### ପୁଲିସର ଲାଠିଚାର୍ଜ

ସୂଚନା ପାଇ ତୁରନ୍ତ କମିଶନରେଟ୍ ପୁଲିସର ଅତିରିକ୍ତ ସିପି ଘଟଣାସ୍ଥଳରେ ପହଞ୍ଚିଥିଲେ। ଭିଡ଼କୁ ନିୟନ୍ତ୍ରଣକୁ ଆଣିବା ପାଇଁ ପୁଲିସ ଲାଠିଚାର୍ଜ କରିଥିଲା। ଲାଠିଚାର୍ଜ ପରେ ଦର୍ଶକମାନେ ଏଣେତେଣେ ଦୌଡ଼ିବାକୁ ଲାଗିଥିଲେ। ହଜାର ହଜାର ଦର୍ଶକଙ୍କ ସମାଗମକୁ ଦୃଷ୍ଟିରେ ରଖି ପ୍ରଶାସନ ତରଫରୁ ସୁରକ୍ଷା ବ୍ୟବସ୍ଥାକୁ ଅଧିକ କଡ଼ାକଡ଼ି କରାଯାଇଥିଲା। ତଥାପି ଶେଷ ଦିନରେ ଲୋକପ୍ରିୟ ▸ପୃଷ୍ଠା-୭

## ଓଡ଼ିଶାରେ ପୁଲିସ ଚାକିରି ବେପାର

# ମାମଲା ରୁଜୁ କଲା ସିବିଆଇ

### ତଦନ୍ତ ଭାର ସମ୍ଭାଳିଲେ ଅତିରିକ୍ତ ଏସ୍‌ପି ବି.ସାମଲ
### ମାନବ ସମ୍ବଳ ଯୋଗାଇ ଦେବାକୁ ମୁଖ୍ୟାଳୟକୁ ଚିଠି
### ବିଶ୍ୱରଞ୍ଜନ ଓ ତଫିମଙ୍କ ଜାମିନ ଖାରଜ, ୨ଜଣଙ୍କୁ ମିଳିଲା ଜାମିନ
### ୨୦ରେ ଶଙ୍କର, ଅରବିନ୍ଦ ଓ ସୁରେଶଙ୍କ ଜାମିନ ଆବେଦନର ଶୁଣାଣି

■ **ଭୁବନେଶ୍ୱର/ବ୍ରହ୍ମପୁର, ୧୩।୧୧ (ସମିସ):** ରାଜ୍ୟରେ ଏସ୍‌ଆଇ ଚାକିରି ବିକ୍ରି ଘଟଣାରେ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଗୁରୁବାର ମାମଲା ରୁଜୁ କରିଛି। ଅଭିଯୁକ୍ତଙ୍କ ବିରୋଧରେ ଭାରତୀୟ ନ୍ୟାୟ ସଂହିତାର ଧାରା ୩୧୮(୪), ୩୧୯(୨), ୩୩୮, ୩୩୬(୩), ୩୪୦(୨), ୧୧୧, ୬୧(୨) ଏବଂ ୩(୫) ଲଗାଯାଇଛି। ସିବିଆଇ ଅତିରିକ୍ତ ଏସ୍‌ପି ବି. ସାମଲଙ୍କୁ ଏହାର ତଦନ୍ତ ଭାର ଦିଆଯାଇଛି। ତଦନ୍ତ ପାଇଁ ସିବିଆଇ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରିଛି। ଏହି ଟିମ୍‌ରେ ଅତିରିକ୍ତ ଏସ୍‌ପିଙ୍କ ସମେତ ଏକାଧିକ ଇନ୍‌ସ୍ପେକ୍ଟର ରହିଛନ୍ତି। ଏସ୍‌ଆଇ ସ୍କାମ୍‌ର ଚେର ବିହାର, ପଶ୍ଚିମବଙ୍ଗ, ଝାଡ଼ଖଣ୍ଡ, ଛତିଶଗଡ଼ ଏବଂ ଆନ୍ଧ୍ର ପ୍ରଦେଶ ପର୍ଯ୍ୟନ୍ତ ଲମ୍ବିଛି। ଏଣୁ ଏହି ରାଜ୍ୟଗୁଡ଼ିକରେ ମାମଲାର ଯାଞ୍ଚ ଏବଂ ଅଭିଯୁକ୍ତଙ୍କୁ ▸ପୃଷ୍ଠା-୭

# ଆଜି ବିହାର, ନୂଆପଡ଼ା ଫଳ

## ଶେଷ ପର୍ଯ୍ୟାୟରେ ଭୋଟ୍ ହାର ବୃଦ୍ଧିକୁ ନେଇ ପ୍ରଶ୍ନ ଉଠାଇଲେ ବିରୋଧୀ

■ **ପାଟନା, ୧୩।୧୧ (ଏଜେନ୍ସି):** ବିହାରରେ ସର୍ବାଧିକ ଦିନ ଧରି ମୁଖ୍ୟମନ୍ତ୍ରୀ ପଦରେ ରହିଥିବା ନୀତୀଶ କୁମାରଙ୍କୁ ପୁଣି ସୁଯୋଗ ମିଳିବ କି? ତାଙ୍କୁ ରାଜ୍ୟର ଭୋଟରମାନେ ଏହି ସୁଯୋଗ ଦେଇଛନ୍ତି କି ନାହିଁ? ଏହି ପ୍ରଶ୍ନର ଉତ୍ତର ଆସନ୍ତାକାଲି ମିଳିବାକୁ ଯାଉଛି। ରାଜ୍ୟ ବିଧାନସଭାର ୨୪୩ଟି ଆସନରେ ଆସନ୍ତାକାଲି ମତଗଣନା ହେବା ପରେ ସବୁକିଛି ସ୍ପଷ୍ଟ ହୋଇଯିବ। ମତଦାନ ପରେ ବୁଥବାହୁଡା ମତ କରାଇଥିବା ପ୍ରାୟ ସମସ୍ତ ସଂସ୍ଥା ନୀତୀଶଙ୍କ ଏନ୍‌ଡିଏ ଜିତିବ ବୋଲି ଆକଳନ କରିଛନ୍ତି। ଅଧିକାଂଶ ସଂସ୍ଥାଙ୍କ ଆକଳନ ଅନୁଯାୟୀ ୨୪୩ ଆସନ ମଧ୍ୟରୁ ନୀତୀଶଙ୍କ ନେତୃତ୍ୱାଧୀନ ଏନ୍‌ଡିଏକୁ ୧୫୦ରୁ ୧୭୦ ପର୍ଯ୍ୟନ୍ତ ଆସନ ମିଳିପାରେ। ଏହାକୁ ନେଇ ଶାସକ ଦଳ ମଧ୍ୟରେ ଉତ୍ସାହ ରହିଛି। ତଥାପି ନେତାମାନେ ଆତଙ୍କିତ ଅବସ୍ଥାରେ ରହିଛନ୍ତି। ଏହାର ମୁଖ୍ୟ କାରଣ ▸ପୃଷ୍ଠା-୭



### ୫ମ ଥର ପାଇଁ ନୀତୀଶଙ୍କୁ ମିଳିବ କି ସୁଯୋଗ?

## ୨୬ ରାଉଣ୍ଡରେ ନୂଆପଡ଼ା ଗଣତି

■ **ନୂଆପଡ଼ା, ୧୩।୧୧ (ସମିସ):** ନୂଆପଡ଼ା ଉପ ନିର୍ବାଚନରେ ଭୋଟ ଗଣତି ନେଇ ଗୁରବାର ଗଣମାଧ୍ୟମକୁ ଜିଲ୍ଲାପାଳ ମଧୁସୂଦନ ଦାଶ ବିସ୍ତୃତ ସୂଚନା ଦେଇଛନ୍ତି। ମୋଟ ୧୪ଟି ଟେବୁଲରେ ୨୬ ରାଉଣ୍ଡରେ ଭୋଟ ଗଣତି ହେବ। ପ୍ରତି ଟେବୁଲରେ ୩ ଜଣ କର୍ମଚାରୀ ରହିବେ। ପ୍ରଥମେ ପୋଷ୍ଟାଲ ବାଲାଟ ଗଣତି ହେବାକୁ ଥିବାବେଳେ ସକାଳ ୮ ସମୟରେ ଇଭିଏମ ଭୋଟ ଗଣତି ଆରମ୍ଭ ହେବ। ଗଣତି କେନ୍ଦ୍ରରେ କେବଳ ଅଧିକୃତ ଲୋକମାନଙ୍କୁ ପ୍ରବେଶ ଅନୁମତି ଦିଆଯିବ ବୋଲି ଶ୍ରୀ ଦାଶ କହିଛନ୍ତି।

# ୨୦ରୁ ଖରିଫ ଧାନକିଣା ଆରମ୍ଭ

### କଟନୀଛଟନୀକୁ ନେଇ ପୁଣି ଆଶଙ୍କାରେ ଚାଷୀ
### ଗତବର୍ଷ ପୂରଣ ହୋଇ ନ ଥିଲା ଧାନ କ୍ରୟ ଲକ୍ଷ୍ୟ

■ **ଭୁବନେଶ୍ୱର, ୧୩।୧୧ (ସମିସ):** ଆସନ୍ତା ୨୦ ତାରିଖରୁ ରାଜ୍ୟରେ ଆରମ୍ଭ ହେବ ଖରିଫ ଧାନ କିଣା। ବରଗଡ଼ ଜିଲ୍ଲାରେ ପ୍ରଥମେ ଧାନମଣ୍ଡି ଖୋଲିବ। ସମବାୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତଙ୍କ ଏହି ସୂଚନା ଚାଷୀଙ୍କ ମଧ୍ୟରେ ଉତ୍ସାହ ଅପେକ୍ଷା ଅଧିକ ଆଶଙ୍କା ସୃଷ୍ଟି କରିଛି। ଗତବର୍ଷ ଖରିଫ ଧାନ କିଣା ବେଳେ ମିଲରଙ୍କ ମନମାନି, କଟନୀଛଟନୀ, ଧାନର ଏଫଏକ୍ୟୁ ମାନକୁ ନେଇ ଚାଷୀ ବେଶ ହଇରାଣ ହୋଇଥିଲେ। ଅବ୍ୟାହତ କଟନୀଛଟନୀ ସହ ଟୋକନ୍ ଅବ୍ୟବସ୍ଥା ଓ ମଣ୍ଡିରେ ଧାନ ନଉଠିବା କାରଣରୁ ଚାଷୀ ବାଧ୍ୟ ହୋଇ କମ୍ ଦରରେ ଧାନ ବିକ୍ରି କରିଥିଲେ। ଯାହାକୁ ନେଇ ରାଜ୍ୟବ୍ୟାପୀ ଚାଷୀ ଆନ୍ଦୋଳନ ମୁଣ୍ଡ ଟେକିଥିଲା। ▸ପୃଷ୍ଠା-୭

# ୭ ଡିଗ୍ରୀକୁ ଖସିଲା ପାରଦ

## ରାଜଧାନୀରେ ୧୪ଡିଗ୍ରୀ ପାରଦ

### ୧୦ ଡିଗ୍ରୀ ତଳେ ରାଜ୍ୟର ୪ ସହର
### ସପ୍ତାହେ ପର୍ଯ୍ୟନ୍ତ ଜାରି ରହିବ ଶୀତ

■ **ଭୁବନେଶ୍ୱର, ୧୩।୧୧ (ସମିସ):** ସଞ୍ଜ ନଇଁଲେ ମାଡ଼ି ଆସୁଛି ଥଣ୍ଡା। ଦୁଇ ଦିନ ହେବ ରାତି ଭଳି ଦିନରେ ମଧ୍ୟ ଥଣ୍ଡା ଅନୁଭୂତ ହେଉଛି। ରାଜ୍ୟର ପୂର୍ବରୁ ପଶ୍ଚିମ-ଉତ୍ତରରୁ ଦକ୍ଷିଣ ସବୁଠି ଶୀତର ପ୍ରଭାବ ଅନୁଭୂତ ହେଉଛି। ଉତ୍ତର-ପଶ୍ଚିମ ଦିଗରୁ ଓଡ଼ିଶା ମଧ୍ୟକୁ କ୍ରମାଗତ ଭାବେ ଶୁଷ୍କ ଥଣ୍ଡା ବାୟୁ ପ୍ରବାହ ହେଉଥିବାରୁ ଶୀତ ବଢ଼ି ଚାଲିଛି। ଏଭଳି ସ୍ଥିତିରେ ଆସନ୍ତା ସପ୍ତାହ ମଧ୍ୟରେ ବିଶେଷ ପରିବର୍ତ୍ତନ ନଥିବାରୁ ଶୀତ ପ୍ରାୟ ଜାରି ରହିବାର ସମ୍ଭାବନା ରହିଛି। ଗତ ୨୪ ଘଣ୍ଟାରେ ରାଜ୍ୟର ଏକାଧିକ ସ୍ଥାନରେ ତାପମାତ୍ରା ୧୦ ଡିଗ୍ରୀ ତଳେ ରହିଥିବା ବେଳେ ବହୁ ସ୍ଥାନରେ ତାପମାତ୍ରା ସ୍ୱାଭାବିକ ▸ପୃଷ୍ଠା-୭



# ଆତଙ୍କବାଦୀଙ୍କ ଠିକଣା: କୋଠା ନଂ-୧୭, ରୁମ୍ ନଂ-୧୩

## ଅଲ୍ ଫଲାହ ବିଶ୍ୱବିଦ୍ୟାଳୟକୁ କାରଣ ଦର୍ଶାଅ ନୋଟିସ; ପଶିଲା ଇଡି




ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଲାଲ୍‌କିଲ୍ଲା ବିସ୍ଫୋରଣ ପରେ ହରିୟାଣାର ଫରିଦାବାଦ ସ୍ଥିତ ଅଲ ଫଲାହ ବିଶ୍ୱବିଦ୍ୟାଳୟ ସନ୍ଦେହ ପରିସରକୁ ଆସିଛି। ପ୍ରାଥମିକ ତଦନ୍ତରୁ ଜଣାପଡ଼ିଛି ଯେ ବିଶ୍ୱବିଦ୍ୟାଳୟର କୋଠା ନମ୍ବର ୧୭ ଏବଂ ରୁମ୍ ନମ୍ବର ୩ରେ ଦିଲ୍ଲୀ ବିସ୍ଫୋରଣ ପାଇଁ ଷଡ଼ଯନ୍ତ୍ର ରଚନା କରାଯାଇଥିଲା। ଏହି ବିଲ୍ଡିଂ ଓ ରୁମରେ ଅଭିଯୁକ୍ତ ଡାକ୍ତର ମୁଜାମ୍ମିଲ, ଡ. ଉମର, ଡ. ଆଦିଲ ଓ ଡ. ସୟିଦ ରହୁଥିଲେ। ସେମାନେ ପାକିସ୍ତାନୀ ଆତଙ୍କବାଦୀ ସଂଗଠନ ଜୈସ-ଇ- ମହମ୍ମଦ ସହିତ ଯୋଗାଯୋଗ କରି ବିସ୍ଫୋରଣ ଷଡ଼ଯନ୍ତ୍ର କରିଥିଲେ। ଏହି କାରଣରୁ ବର୍ତ୍ତମାନ ଅଲ ଫଲାହ ବିଶ୍ୱବିଦ୍ୟାଳୟ ଚର୍ଚ୍ଚାରେ ରହିଛି। ତଦନ୍ତକାରୀ ସଂସ୍ଥା ଏବେ ଏହି ୪ ଡାକ୍ତରଙ୍କ ଉପରେ ଫୋକସ କରି ତଦନ୍ତ ଚଳାଇଛନ୍ତି। ବିସ୍ଫୋରଣରେ ଉମରର ମୃତ୍ୟୁ ଘଟିଥିବା ବେଳେ ଅନ୍ୟମାନେ ପୁଲିସ ହାଜତରେ ଅଛନ୍ତି। ଏହି ଘଟଣାରେ ସେମାନଙ୍କ ଠାରୁ ଅନେକ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ମିଳିବ ବୋଲି ଅନୁମାନ କରାଯାଉଛି।

ଇତିମଧ୍ୟରେ ଏହି ବିଶ୍ୱବିଦ୍ୟାଳୟକୁ କାରଣ ଦର୍ଶାଅ ନୋଟିସ ଜାରି କରାଯାଇଛି। ନ୍ୟାସନାଲ ଆସେସମେଣ୍ଟ ଆଣ୍ଡ ଆକ୍ରିଡେସନ କାଉନସିଲ (ଏନ୍ଏସି) ଏହି ପଦକ୍ଷେପ ଗ୍ରହଣ କରିଛି। ଦିଲ୍ଲୀ ବିସ୍ଫୋରଣ ମାମଲାରେ ଫରିଦାବାଦ ଟେରର ମଡ୍ୟୁଲ୍‌ରେ ଗିରଫ ହୋଇଥିବା ଡାକ୍ତରମାନେ ଅଲ ଫଲ୍‌ହା ବିଶ୍ୱବିଦ୍ୟାଳୟ ସହ ଜଡିତ ଥିବାର ପ୍ରମାଣ ମଳିବା ପରେ ଏହି ନୋଟିସ ଜାରି କରାଯାଇଛି। ବିଶ୍ୱବିଦ୍ୟାଳୟର ୱେବ୍‌ସାଇଟ୍‌କୁ ମଧ୍ୟ ବନ୍ଦ କରିଦିଆଯାଇଛି। ଗୋଟିଏ ଦିନ ପୂର୍ବରୁ ଏହି ବିଶ୍ୱବିଦ୍ୟାଳୟର ୱେବ୍‌ସାଇଟ୍ ହ୍ୟାକ୍ ହୋଇଥିଲା। ଜାଲ୍ ସ୍ୱୀକୃତି ପାଇଥିବା ଅଭିଯୋଗରେ ନୋଟିସ ଜାରି କରାଯାଇଛି ବୋଲି କୁହାଯାଇଛି। ଏହି ବିଶ୍ୱବିଦ୍ୟାଳୟ ଏ ଆଣ୍ଡ ଏ ଓ ସାଇକଲ-୧ ପାଇଁ ମାନ୍ୟତା ହାସଲ କରିନାହିଁ। ନିଜ ୱେବସାଇଟ୍‌ରେ ଅଲ ଫଲାହ ବିଶ୍ୱବିଦ୍ୟାଳୟ ଅଲ ଫଲାହ ଚାରିଟେବୁଲ ଟ୍ରଷ୍ଟ ଅଧୀନରେ ଥିବା ବୋଲି ଉଲ୍ଲେଖ କରାଯାଇଛି। ଏହାର ପରିସରରେ ୩ଟି କଲେଜ ରହିଛି। ଏହା ପୂରାପୂରି ଭୁଲ ଓ ଜନତାଙ୍କୁ ଭ୍ରମିତ କରାଯାଇଛି ବୋଲି ଏନ୍ଏସି ତରଫରୁ କୁହାଯାଇଛି। ନୋଟିସର ଜବାବ ଦେବାକୁ ୭ ଦିନ ସମୟ ଦିଆଯାଇଛି। ଏହି ଅନୁଷ୍ଠାନ କେଉଁଠୁ ପାଣ୍ଠି ସଂଗ୍ରହ କରୁଥିଲା, ତାହାର ଯାଞ୍ଚ କରାଯିବ। ଏଥିପାଇଁ ଏହି ବିଶ୍ୱବିଦ୍ୟାଳୟରେ ଆଜି ଇଡି ଚଢ଼ାଉ କରିଛି। ଇତିମଧ୍ୟରେ କେନ୍ଦ୍ର ଗୃହମନ୍ତ୍ରଣାଳୟ ବିଶ୍ୱବିଦ୍ୟାଳୟର ସବୁ ରେକର୍ଡର ଫରେନସିକ୍ ଯାଞ୍ଚ ପାଇଁ ଆଦେଶ ଦେଇଛି।

ଦିଲ୍ଲୀ ଲାଲକିଲ୍ଲା ବିସ୍ଫୋରଣ ଘଟଣାରେ ମୃତ୍ୟୁସଂଖ୍ୟା ୧୩କୁ ବୃଦ୍ଧି ପାଇଛି। ଆଜି ଆଉ ଜଣେ ଆହତ ବ୍ୟକ୍ତିଙ୍କର ମେଡିକାଲରେ ମୃତ୍ୟୁ ଘଟିଛି। ମେଡିକାଲରେ ଏବେ ବି ଆଉ ୨୦ ଜଣ ଗୁରୁତର ଅବସ୍ଥାରେ ଚିକିତ୍ସିତ ହେଉଛନ୍ତି।

## ୨୬ ଲକ୍ଷ ଟଙ୍କା ଯୋଗାଡ଼ କରିଥିଲେ ଅଭିଯୁକ୍ତ

ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ବିଭିନ୍ନ ସ୍ଥାନରେ ବିସ୍ଫୋରଣ ପାଇଁ ସନ୍ଦିଗ୍ଧ ଡାକ୍ତରମାନେ ବିସ୍ଫୋରକ ଓ ଅନ୍ୟ ଜିନିଷ କିଣିବାକୁ ଟଙ୍କା ଯୋଗାଡ଼ କରୁଥିଲେ। ସେମାନେ ୨୬ ଲକ୍ଷ ଟଙ୍କା ସଂଗ୍ରହ କରିସାରିଥିଲେ। ଏହି ଅର୍ଥକୁ ଡା. ଉମରକୁ ଦିଆଯାଇଥିଲା। ଏହି ଅର୍ଥରେ ଗୁରୁଗ୍ରାମ, ନୁହ ଓ ଆଖପାଖ ଅଞ୍ଚଳରୁ ପାଖାପାଖି ୩ ଲକ୍ଷ ଟଙ୍କାରେ ୨୦ କ୍ୱିଣ୍ଟାଲ ଏନ୍‌ପିକେ ଫର୍ଟିଲାଇଜର କିଣିବା ପାଇଁ ଖର୍ଚ୍ଚ କରାଯାଇଥିଲା। ନାଇଟ୍ରୋଜେନ, ଫସ୍‌ଫରସ ଓ ପଟାସିଅମର ମିଶ୍ରଣ ହେଉଛି ଏନ୍‌ପିକେ ଫର୍ଟିଲାଇଜର। ଏହାକୁ ବ୍ୟବହାର କରି ବିସ୍ଫୋରକ ପ୍ରସ୍ତୁତ କରାଯାଇଥାଏ।

ଯାଞ୍ଚ ଏଜେନ୍ସି ଅନୁସାରେ ଡା ମୁଜାମ୍ମିଲ ୨୦୨୧ ଓ ୨୦୨୨ରେ ନିହତ ହୋଇଥିବା ଆତଙ୍କବାଦୀଙ୍କ ସହଯୋଗୀଙ୍କ ସମ୍ପର୍କ ସ୍ଥାପନ କରିବା ପରେ ଏହି ସଂଗଠନର ଏକ ଶାଖା ଅନସାର ଗଜବତ-ଉଲ-ହିନ୍ଦ୍ ଦ୍ୱାରା ପ୍ରଭାବିତ ହୋଇଥିଲା। ଇର୍ଫାନ ଉରଫ ମୌଲବୀ ନାମକ ଜଣେ ବ୍ୟକ୍ତି ହିଁ ମୁଜାମ୍ମିଲକୁ ଏହି ନେଟ୍‌ୱର୍କ ସହ ପରିଚିତ କରାଇଥିଲା ବୋଲି କୁହାଯାଉଛି। ୨୦୨୩ ଓ ୨୦୨୪ରେ ଜବତ ହୋଇଥିବା ଅସ୍ତ୍ରଶସ୍ତ୍ରକୁ ନେଇ ଏକ ସ୍ୱତନ୍ତ୍ର ଆତଙ୍କବାଦୀ ସଂଗଠନ ସ୍ଥାପନ କରିବାକୁ ଯୋଜନା ଥିଲା। ଏହି ବ୍ୟାପକ ନେଟ୍‌ୱର୍କ ସମ୍ପର୍କରେ ସବିଶେଷ ତଥ୍ୟ ଜାଣିବା ପାଇଁ ଯାଞ୍ଚ ଏଜେନ୍ସିଗୁଡିକ ପ୍ରୟାସ ଜାରି ରଖିଛନ୍ତି। କାରଣ ଅଭିଯୁକ୍ତମାନେ ଭବିଷ୍ୟତରେ ଆହୁରି ବଡ଼ ଆକ୍ରମଣ କରିବାକୁ ଯୋଜନା କରିଥିଲେ ବୋଲି ଯାଞ୍ଚ ଏଜେନ୍ସିଗୁଡିକ ସନ୍ଦେହ କରୁଛନ୍ତି। ଦୁର୍ଦ୍ଦାନ୍ତ ଆତଙ୍କବାଦୀ ସଂଗଠନ ଆଇଏସଆଇଏସ୍ ସହିତ ସେମାନଙ୍କର ଥିବା ସନ୍ଦେହ କରାଯାଉଛି।

**ଆଇଏସ୍ଆଇଏସ୍ ସହ ସନ୍ଦିଗ୍ଧ ସମ୍ପର୍କ**

**ଲାଲ୍ ଇକୋସ୍ପୋର୍ଟ୍ସ କାର୍ ପାର୍କ କରିଥିବା ସନ୍ଦିଗ୍ଧ ଗିରଫ**



ଲାଲ୍‌କିଲ୍ଲା ବୋମା ବିସ୍ଫୋରଣ ସହିତ ଜଡିତ ନିଖୋଜ କାର ଓ ଏହାର ଡ୍ରାଇଭରକୁ ଖୋଜା ଚାଲିଛି। ଗତ ସନ୍ଧ୍ୟାରେ ଗୋଟିଏ କାରକୁ ଜବତ କରିଛି ପୁଲିସ। ଏହି ଗାଡ଼ିକୁ ପାର୍କ କରିଥିବା ସନ୍ଦିଗ୍ଧକୁ ମଧ୍ୟ ଗିରଫ କରାଯାଇଛି। ଦିଲ୍ଲୀ ପୁଲିସ ଏ ନେଇ ଆଲର୍ଟ ଜାରି କରିଥିଲା। ଏକ ଲାଲ ରଙ୍ଗର ଫର୍ଡ ଇକୋସ୍ପୋର୍ଟ୍ସ କାର ଫରିଦାବାଦ୍‌ରୁ ଡା ଉମରର କାର ସହିତ ବାହରିଥିଲା। ମାତ୍ର କିଛି ଘଣ୍ଟା ମଧ୍ୟରେ ଫରିଦାବାଦ୍ ପୁଲିସ ଖଣ୍ଡାବଲି ଗାଁରୁ ଏହି କାର୍‌କୁ ଖୋଜି ପାଇବାରେ ସକ୍ଷମ ହୋଇଛି। ଏହି କାର୍‌କୁ ସେଠାରେ ପାର୍କ କରିଥିବା ବ୍ୟକ୍ତି ଫହିମକୁ ଗିରଫ କରାଯାଇଛି। ଫହିମ ବିସ୍ଫୋରଣରେ ମୃତ୍ୟୁବରଣ କରିଥିବା ଉମରର ସମ୍ପର୍କୀୟ ହୋଇପାରେ ବୋଲି ପୁଲିସ ଆଶଙ୍କା କରୁଛି। ଦୁଇଟି କାର ସାଥି ହୋଇ ବାହାରିଥିଲେ। ଉମର କାର୍‌ରେ ବିସ୍ଫୋରଣ ହୋଇଥିଲେ ମଧ୍ୟ ଏହି କାର୍‌ର ଖୋଜ ଖବର ନଥିଲା। ଏହି କାରଣରୁ ଦିଲ୍ଲୀ ପୁଲିସ ଆଲର୍ଟ ଜାରି କରିଥିଲା।

## ଇଣ୍ଟରପୋଲ୍‌ର ସହାୟତା ଲୋଡ଼ିଲା ପୁଲିସ

ଶ୍ରୀନଗର, ୧୩।୧୧(ଏଜେନ୍ସି): ଲାଲକିଲ୍ଲା ବିସ୍ଫୋରଣର ସଂଦିଗ୍ଧ ଅଭିଯୁକ୍ତ ଜଣେ କାଶ୍ମୀର ଡାକ୍ତର ବିରୋଧରେ ରେଡ କର୍ଣ୍ଣର ନୋଟିସ ଜାରି କରିବାକୁ ଜମ୍ମୁ-କଶ୍ମୀର ପୁଲିସ ଇଣ୍ଟରପୋଲ ସହିତ ଯୋଗାଯୋଗ କରିଛି। ଏହି ଡାକ୍ତର ହେଉଛନ୍ତି ଡା ମୁଜାଫର। ମୁଜାଫର ଜୈଶ-ଇ-ମହମ୍ମଦ ସହିତ ଜଡିତ ଏକ ବଡ଼ ଆତଙ୍କବାଦୀ ନେଟ୍‌ୱର୍କର ଅଂଶ ବୋଲି ଜଣା ପଡ଼ିଛି। ସେ ଦେଶ ବାହାରେ ଥିବାରୁ ରେଡ କର୍ଣ୍ଣର ନୋଟିସ ଦ୍ୱାରା ତାକୁ ଟ୍ରାକ କରାଯିବ। ମୁଜାଫର ହେଉଛି ଡା ଆଦିଲର ଭାଇ। ଆଦିଲ ଅନନ୍ତନାଗ ମେଡିକାଲ କଲେଜରେ କାର୍ଯ୍ୟରତ। ତେବେ ତା'ର ଲକରରୁ ଏକ ଏକେ-୪୭ ରାଇଫଲ ଜବତ ହେବା ପରେ ତାକୁ ଗିରଫ କରାଯାଇଥିଲା। ଗିରଫ୍ ହୋଇଥିବା ଅଭିଯୁକ୍ତଙ୍କୁ ପଚରାଉଚରା କରାଯିବା ପରେ ମୁଜାଫରର ନାମ ସାମ୍ନାକୁ ଆସିଥିଲା। ମୁଜାଫର ୨୦୨୧ରେ ଅଭିଯୁକ୍ତ ମୁଜାମିଲ ଗନାଇ ଓ ଉମର ନବୀ ସହ ତୁର୍କୀ ଯାଇଥିଲା। ଗତ ଅଗଷ୍ଟରେ ସେ ଦୁବାଇରୁ ଭାରତ ଆସିଥିଲା ଓ ଏବେ ସେ ଆଫଗାନିସ୍ତାନରେ ଅଛି ବୋଲି କୁହାଯାଉଛି। ଏହି ୩ ଜଣ ୨୧ ଦିନ ତୁର୍କୀରେ ଥିଲେ ବୋଲି ପୁଲିସ କହିଛି। କିନ୍ତୁ ତୁର୍କୀ କର୍ତ୍ତୃପକ୍ଷ ଏହାକୁ ଖଣ୍ଡନ କରିଛନ୍ତି।

**କାଶ୍ମୀର ଡାକ୍ତରଙ୍କ ବିରୋଧରେ ଜାରି ହେବ ରେଡ୍ କର୍ଣ୍ଣର ନୋଟିସ୍**

**କାନପୁର ମେଡିକାଲ ଛାତ୍ରଙ୍କୁ ଗିରଫ କଲା ୟୁପି ଏଟିଏସ୍**

ଉତ୍ତର ପ୍ରଦେଶର ଆଣ୍ଟି ଟେରରିଷ୍ଟ ସ୍କ୍ୱାଡ୍ (ଏଟିଏସ୍) ଲାଲ୍‌କିଲ୍ଲା ବିସ୍ଫୋରଣ ମାମାଲାରେ କାନପୁରର ମେଡିକାଲ କଲେଜର କାର୍ଡିଲୋଜିଷ୍ଟ ଇନ୍‌ଷ୍ଟିଟ୍ୟୁଟର ଅଧ୍ୟୟନରତ ଜମ୍ମୁ-କଶ୍ମୀରର ଜଣେ ଛାତ୍ରଙ୍କୁ ଗିରଫ କରିଛି। ଏହି ଛାତ୍ର ହେଉଛନ୍ତି ଡା ମହମ୍ମଦ ଆରିଫ। ଗିରଫ ହୋଇଥିବା ମହିଳା ଡାକ୍ତର ଶାହିନ ସଇଦ୍‌ଙ୍କ ଫୋନ୍ ରେକର୍ଡ ଯାଞ୍ଚ୍ କରାଯିବା ବେଳେ ଆରିଫ୍‌ଙ୍କ ନାମ ସାମ୍ନାକୁ ଆସିଥିଲା। ଦୀର୍ଘଦିନ ଧରି ଦୁଇଜଣଙ୍କ ମଧ୍ୟ ସମ୍ପର୍କ ଥିଲା ବୋଲି ଏଟିଏସ୍ କହିଛି। ଆରିଫ୍ କାଶ୍ମୀରର ବାସିନ୍ଦା ଓ ସେ କାନପୁରର ଆଶୋକ ନଗର ଅଞ୍ଚଳ ଭଡ଼ାରେ ଏକ ଫ୍ଲାଟ୍‌ରେ ରହୁଥିଲା। ବୁଧବାର ରାତିରେ ଏଟିଏସ୍ ତା ଘରେ ଚଢ଼ାଉ କରି ଗିରଫ୍ କରିଥିଲା। ଜଣେ ପ୍ରତିଭାଶାଳୀ ଡାକ୍ତରରୁ ସେ ଏବେ ଆତଙ୍କବାଦୀରେ ପରିଣତ ହୋଇଛି। ପିଲାଟି ବେଳୁ ସେ ଡାକ୍ତର ହେବାକୁ ଚାହୁଁଥିଲା ବୋଲି ତାର ପରିବାର ଲୋକେ କହିଛନ୍ତି। ତେବେ ତାକୁ ପଚରାଉଚରା ପରେ ଏହି ଆତଙ୍କବାଦୀ ନେଟ୍‌ୱର୍କ ସଂପର୍କରେ ଅନେକ ତଥ୍ୟ ମିଳିବ ବୋଲି କୁହାଯାଉଛି।

## ମେଳ ଖାଇଲା ଡା ଉମର ମା'ଙ୍କ ଡିଏନ୍ଏ ରିପୋର୍ଟ

ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଲାଲ୍‌କିଲ୍ଲା ବିସ୍ଫୋରଣରେ ମୁଖ୍ୟ ଅଭିଯୁକ୍ତ ଥିଲା ଡା ମହମ୍ମଦ ଉମର ନବୀ। ବିସ୍ଫୋରଣ ସମୟରେ ସେ କାର୍‌ରେ ଥିଲା। କାର୍‌ରୁ ଉମର ଦାନ୍ତ, ହାଡ଼, ରକ୍ତଲଗା ପୋଷାକ ଓ ପାଦର ଅଂଶ ଷ୍ଟିଅରିଂ ହ୍ୱିଲ୍ ଓ ଆକ୍ସିଲରେଟର ମଧ୍ୟରେ ଫସି ରହିଥିଲା। ଏହାକୁ ନେଇ ଡିଏନ୍ଏ ପରୀକ୍ଷା କରାଯାଇଥିଲା। ଉମରର ଡିଏନ୍ଏ ତା'ର ମାଙ୍କ ସହ ମେଳ ଖାଇଥିବା ଯାଞ୍ଚରୁ ଜଣାପଡ଼ିଛି। କାର୍‌ରେ ବିସ୍ଫୋରଣ ଘଟାଇବା ପୂର୍ବରୁ ଉମର ୫ଥର କାର୍ ସହିତ ଦେଖାଦେଇଛି। କିନ୍ତୁ ସେତେବେବେଳେ ତା ଉପରେ କୌଣସି ଯାଞ୍ଚ୍ ଏଜେନ୍ସିର ସନ୍ଦେହ ହୋଇ ନଥିଲା। ସେ ବିନାଭୟରେ ଦିଲ୍ଲୀର ସଡ଼କରେ ବୁଲୁଥିବାର ବିଭିନ୍ନ ସିସିଟିଭି ଫୁଟେଜରୁ ଦେଖିବାକୁ ମିଳିଛି। ସେ କେତେବେଳେ ମସଜିଦ ଯାଉଥିଲା ତ କେତେବେଳେ କନ୍ନଟ ପ୍ଲେସ ବୁଲୁଥିଲା। ବିସ୍ଫୋରଣ ପୂର୍ବରୁ ସେ ଲାଲ୍‌କିଲ୍ଲା ପାଖରେ ୩ ଘଣ୍ଟା ବସିଥିବାର ଦେଖାଯାଇଛି।

## ପାକ୍ ରାଷ୍ଟ୍ରପତି, ସେନାଧ୍ୟକ୍ଷଙ୍କୁ ମିଳିଲା ଆଜୀବନ ସୁରକ୍ଷା

ଇସ୍‌ଲାବାମାଦ୍, ୧୩।୧୧(ଏଜେନ୍ସି): ପାକିସ୍ତାନ ସଂସଦ ସେନାମୁଖ୍ୟ ଆସିମ ମୁନୀରଙ୍କ ଶକ୍ତି ବୃଦ୍ଧି କରିବାକୁ ଓ ସୁପ୍ରିମକୋର୍ଟଙ୍କ କ୍ଷମତା କମାଇବାକୁ ୨୭ତମ ସମ୍ବିଧାନ ସଂଶୋଧନକୁ ମଞ୍ଜୁରୀ ପ୍ରଦାନ କରିଛି। ଏହି ସଂଶୋଧନ ସହିତ ସମ୍ବିଧାନର ୪୮ ଟି ଧାରାରେ ପରିବର୍ତ୍ତନ କରିବାକୁ ପ୍ରସ୍ତାବ ଦିଆଯାଇଛି। ନ୍ୟାସନାଲ ଆସେମ୍ବ୍ଲି ଏହି ବିଲ୍‌କୁ ୨୩୪ ଭୋଟରେ ପାରିତ କରିଛି। ରାଷ୍ଟ୍ରପତି ଆସିଫ ଅଲି ଜର୍ଦ୍ଦାରୀ ସ୍ୱାକ୍ଷର କରିବା ପରେ ଏହା ଆଇନ୍‌ରେ ପରିଣତ ହେବ। ସେନାମୁଖ୍ୟ ମୁନୀର ଏଥିସହ ଜଳ, ସ୍ଥଳ ଓ ବାୟୁ ସେନାର ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ୍ (ସିଡିଏଫ୍) ହେବାର ସୁଯୋଗ ପାଇବେ। ନଭେମ୍ବର ୨୭ରେ ଏହା ଲାଗୁ ହେବ। ପଦ ମିଳିବା ମାତ୍ରେ ହିଁ ମୁନୀରଙ୍କୁ ପରମାଣୁ ଅସ୍ତ୍ରର କମାଣ୍ଡ ମିଳିଯିବ। ନିଜ ପଦର କାର୍ଯ୍ୟକାଳ ଶେଷ ହେବା ପରେ ମଧ୍ୟ ସେ ନିଜ ପଦରେ ରହିବା ଏଥିସହ ସଂଶୋଧନ ଅନୁଯାୟୀ ରାଷ୍ଟ୍ରପତିଙ୍କ ସହ ସେନାଧ୍ୟକ୍ଷଙ୍କୁ ଆଜୀବନ ଆପରାଧୀ ମକଦ୍ଦମାରୁ ସୁରକ୍ଷା ମିଳିବ। ସେମାନେ ବଞ୍ଚିଥିବା ପର୍ଯ୍ୟନ୍ତ ସେମାନଙ୍କ ବିରୋଧରେ କୌଣସି ଫୌଜଦାରୀ ମକଦ୍ଦମା କରାଯାଇପାରିବ ନାହିଁ।

## ଭାରତ, ଆଫଗାନିସ୍ତାନ ସହ ଯୁଦ୍ଧ ଧମକ

କାବୁଲ୍, ୧୩।୧୧(ଏଜେନ୍ସି): ପାକିସ୍ତାନ ପ୍ରତିରକ୍ଷା ମନ୍ତ୍ରୀ ଖ୍ୱାଜା ଆସିଫ ମଧ୍ୟ ପୁଣି ଥରେ ଆଫଗାନିସ୍ତାନ ଉପରେ ଆକ୍ରମଣ କରିବାକୁ ଧମକ ଦେଇଛନ୍ତି। ପାକିସ୍ତାନ ଏକା ସଙ୍ଗେ ଭାରତ ଓ ଆଫଗାନିସ୍ତାନ ସହିତ ଯୁଦ୍ଧ କରିବାକୁ ସମ୍ପୂର୍ଣ୍ଣ ରୁପେ ପ୍ରସ୍ତୁତ ଅଛି ବୋଲି ସେ କହିଛନ୍ତି। କୌଣସି ବିକଳ୍ପ ନଥିଲେ 'ଟୁ ଫ୍ରଣ୍ଟ ୱାର' ଅର୍ଥାତ ଏହି ଦୁଇ ଦେଶ ସହ ଗୋଟଏ ସମୟରେ ଯୁଦ୍ଧ କରିବାକୁ ପଛାଇବୁ ନାହୁଁ ବୋଲି ସେ କହିଛନ୍ତି।

ଇତିମଧ୍ୟରେ ପାକିସ୍ତାନ ସହ ଚାଲିଥିବା ରାଜନୈତିକ ଓ କୂଟନୈତିକ ସଂଘର୍ଷ ପାଇଁ ଆଫଗାନିସ୍ତାନ କେତୋଟି ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ଗ୍ରହଣ କରିବାକୁ ଯାଉଛି। ଆଗାମୀ ୩ ମାସ ମଧ୍ୟରେ ପାକିସ୍ତାନ ସହ ଆଫଗାନିସ୍ତାନ ସବୁ ବ୍ୟବସାୟ ବନ୍ଦ କରିବ ବୋଲି କହିଛି। ପାକିସ୍ତାନ ସହ ସୀମା ବନ୍ଦ ହେବା ମାତ୍ରେ ହିଁ ବ୍ୟବସାୟ ଠପ୍ ହେବ ବୋଲି ଆଫଗାନିସ୍ତାନ ଉପ-ପ୍ରଧାନମନ୍ତ୍ରୀ ମୁଲ୍ଲା ଅବଦୁଲ ଗନି ବରାଦର କହିଛନ୍ତି। ଏଥିପାଇଁ ତାଲିବାନ ବ୍ୟବସାୟୀ ଓ ଶୀଳ୍ପପତିଙ୍କୁ ବିକଳ୍ପ ରାସ୍ତା ସନ୍ଧାନ କରିବାକୁ ନିର୍ଦ୍ଦେଶ ଦେଇଛି। ଏହାଦ୍ୱାରା ପ୍ରତିମାସ ପାଖାପାଖି ୨୦୦ ମିଲିଅନ ଆମେରିକା ଡଲାର ଅର୍ଥାତ ୧, ୭୦୦ କୋଟି ଟଙ୍କର କ୍ଷତି ହେବ ବୋଲି ସେ କହିଛନ୍ତି। ସୀମା ବନ୍ଦ କରିବା ପ୍ରକ୍ରିୟାକୁ ସେ ଆର୍ଥିକ ଯୁଦ୍ଧ ବୋଲି କହିଛନ୍ତି।

## ୬ କୋଟି 'ମୃତକ'ଙ୍କ ଆଧାର କାର୍ଡ ନିଷ୍କ୍ରିୟ

ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଦେଶରେ ୨୦୦୯ ଜାନୁଆରୀ ଆଧାରକାର୍ଡ ଲାଗୁ ହୋଇଥିଲା। ଇତିମଧ୍ୟରେ ପ୍ରତ୍ୟେକ ନାଗରିକଙ୍କର ଆଧାର ନଂ ଜାରି କରିବାର ପ୍ରକ୍ରିୟାକୁ ୧୫ ବର୍ଷ ପୂରଣ ହୋଇଛି। ମୋଟ ଉପରେ ୧୪୨ କୋଟିରୁ ଅଧିକ ଆଧାର କାର୍ଡ ଜାରି କରାଯାଇଛି। କିନ୍ତୁ ୮ କୋଟିରୁ ଅଧିକ ଆଧାର କାର୍ଡ ଧାରକଙ୍କ ମୃତ୍ୟୁ ହୋଇଥିବା ବେଳେ ମାତ୍ର ୧.୮୩ କୋଟି ମୃତକଙ୍କ କାର୍ଡ ନିଷ୍କ୍ରିୟ ହୋଇଛି। ପାଖାପାଖି ୬ କୋଟି ମୃତକଙ୍କ ଆଧାର କାର୍ଡ ଏବେବି ସକ୍ରିୟ ରହିଛି। ଏଗୁଡ଼ିକ ନିଷ୍କ୍ରିୟ କରିବା ଲାଗି ଆଧାର ପ୍ରାଧିକରଣ ଅଭିଯାନ ଆରମ୍ଭକରିଛି। ଏଥିରେ ।।ପଶ୍ଚିମବଙ୍ଗରେ ପାଖାପାଖି ୩୪ ଲକ୍ଷ ଆଧାର କାର୍ଡ ରହିଛି। ଏମାନଙ୍କର ମୃତ୍ୟୁ ହୋଇଯାଇଥିଲେ ମଧ୍ୟ ଅନ୍ୟମାନେ ଏହି କାର୍ଡ ଜରିଆରେ ବିଭିନ୍ନ ସରକାରୀ



ଯୋଜନାର ଫାଇଦା ନେଉଛନ୍ତି। ତେଣୁ ଏଗୁଡ଼ିକୁ ନିଷ୍କ୍ରିୟ କରିବା ଲାଗି ଉଦ୍ୟମ ଆରମ୍ଭ ହୋଇଛି। ୟୁଆଇଡିଏଆଇର ମୁଖ୍ୟ କାର୍ଯ୍ୟନିର୍ବାହୀ ଭୁବନେଶ କୁମାର କହିଛନ୍ତି ଯେ ଏହାଦ୍ୱାରା ବ୍ୟାଙ୍କ ଠକାମୀ, ନକଲି ଖାତା, ସରକାରଙ୍କ ବିଭିନ୍ନ ଯୋଜନାର ଲାଭକୁ ନେଇ ହେରଫେର ହେବାର ଆଶଙ୍କା ରହିଛି। ଅଧାର କାର୍ଡର ଆରମ୍ଭ ୨୦୧୦ରେ ହୋଇଥିଲା ଓ ୨୦୧୬ ପରେ ୮ କୋଟି ଆଧାର ଧାରକଙ୍କ ମୃତ୍ୟୁ ହୋଇଛି। ସିଭିଲ ରେଜିଷ୍ଟ୍ରେସନ ସିଷ୍ଟମରୁ କେବଳ ୨୫ଟି ରାଜ୍ୟର ପରିସଂଖ୍ୟାନ ମିଳିଛି। ବାକି ରାଜ୍ୟଗୁଡିକରୁ ତଥ୍ୟ ହାସଲ ପାଇଁ କାର୍ଯ୍ୟ ଜାରି ରହିଛି ବୋଲି ସେ କହିଛନ୍ତି। ୧୦୦ ବର୍ଷ ପାର କରିଥିବା ୮.୩ ଲକ୍ଷ ବିରଷ୍ଠ ନାଗରିକଙ୍କ ଆଧାର ଯାଞ୍ଚ ହୋଇଛି ବୋଲି କୁହାଯାଇଛି।

ତେବେ ପଶ୍ଚିମ ବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଏହାର ବିରୋଧ କରିଛନ୍ତି। ସେ କହିଛନ୍ତି ଯେ ଏବେ ରାଜ୍ୟରେ ଏସଆଇଆର ଚାଲିଥିବା ବେଳେ ଭୋଟର ତାଲିକାରୁ ଭୋଟରଙ୍କ ନାମ କାଟିବା ଲାଗି ଆଧାର ନାମରେ ଷଡ଼ଯନ୍ତ୍ର କରାଯାଉଛି। ଏଥିପାଇଁ ସେ ନିର୍ବାଚନ କମିସନଙ୍କୁ ମଧ୍ୟ ସମାଲୋଚନା କରିଛନ୍ତି।

## ଲଦାଖରେ ଭାରତର ନ୍ୟୋମା ଏୟାରବେସ୍ କାର୍ଯ୍ୟକ୍ଷମ

ନୂଆଦିଲ୍ଲୀ, ୧୩।୧୧(ଏଜେନ୍ସି): ଚୀନ ସୀମା ନିକଟରେ ଓ ଲଦାଖସ୍ଥିତ ମୁଧ- ନ୍ୟୋମା ଏୟାରବେସ୍ ବୁଧବାର କାର୍ଯ୍ୟକ୍ଷମ ହୋଇଛି। ଭାରତୀୟ ବାୟୁସେନା ମୁଖ୍ୟ ଏୟାର ଚିଫ୍ ମାର୍ଶାଲ ଏପି ସିଂହ ଏହି ଏୟାର ବେସ୍‌କୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଛନ୍ତି। ସେ ନିଜେ ଗାଜିଆବାଦ୍‌ର ହିଣ୍ଡନ ଏୟାର ବେସ୍‌ରୁ ସି-୧୩୦ଜେ ସୁପର ହରକ୍ୟୁଲେସ୍ (ଟ୍ରାନ୍ସପୋର୍ଟ ଏୟାରକ୍ରାଫ୍ଟ)ରେ ଉଡାଣ ଭରିବା ସହ ମୁଧ- ନ୍ୟୋମା ଏୟାରବେସ୍‌ରେ ଅବତରଣ କରିଥିଲେ। ତାଙ୍କ ସହ ୱେଷ୍ଟର୍ଣ୍ଣ ଏୟାର କମାଣ୍ଡ ମୁଖ୍ୟ ଏୟାର ମାର୍ଶାଲ ଜିତେନ୍ଦ୍ର ମିଶ୍ରା ମଧ୍ୟ ଥିଲେ। ଏହି ଏୟାରବେସ୍ ଚୀନ ସହିତ ଥିବା ଲାଇନ୍ ଅଫ୍ ଆକ୍‌ଚୁଆଲ କଣ୍ଟ୍ରୋଲ (ଏଲ୍ଏସି) ଠାରୁ ମାତ୍ର ୨୫ କିମି ଦୂରରେ ଅବସ୍ଥିତ। ଏହି ଏୟାରବେସ ସମୁଦ୍ରପତ୍ତନଠାରୁ ୧୩, ୭୧୦ ଫୁଟ ଉଚ୍ଚରେ ଅବସ୍ଥିତ। ଏହା ବିଶ୍ୱର ସବୁଠାରୁ ଉଚ୍ଚ ଏୟାରବେସ୍‌ଗୁଡିକ ମଧ୍ୟରୁ ଅନ୍ୟତମ। ଏହି ଅତ୍ୟାଧୁନିକ ଏୟାର ବେସ୍‌ରେ ୨.୭ କିମି ଦୈର୍ଘ୍ୟର ରନୱେ ରହିଛି। ଏଠାରୁ ଲଢ଼ୁଆ ବିମାନ, ଟ୍ରାନ୍ସପୋର୍ଟ ଏୟାରକ୍ରାଫ୍ଟ ଓ ହେଲିକପ୍ଟର ଉଡାଣ ଭରିପାରିବ। ପାଖାପାଖି ୨୧୮ କୋଟି ଟଙ୍କା ବିନିମୟରେ ଏହାର ନିର୍ମାଣ କରାଯାଇଛି। ଏଠାରୁ ସୈନିକ ଓ ଅସ୍ତ୍ରଶସ୍ତ୍ର ନେଇ ଅତିଶୀଘ୍ର ଗୋଟିଏରୁ ଅନ୍ୟ ସ୍ଥାନକୁ ନିଆଯାଇପାରିବ। ନିକଟରେ ମୁଧା ଗାଁ ଥିବାରୁ ଏହି ଏୟାରବେସ୍‌ର ନାମ ମୁଧା- ନ୍ୟୋମା ରଖାଯାଇଛି। ୨୦୨୩ରେ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଏହି ଏୟାରବେସ୍‌ର ଶିଳାନ୍ୟାସ କରିଥିଲେ। ଲଦାଖରେ ଏହା ହେଉଛି ଭରାତୀୟ ବାୟୁସେନାର ଚତୁର୍ଥ ଏୟାରବେସ୍। ଅନ୍ୟ ୩ଟି ଏୟାରବେସ୍ ଲେହ, କାରଗିଲ ଓ ଥୋଇସ୍‌ରେ ଅବସ୍ଥିତ। ୧୯୬୨ରେ ଚୀନ ବିପକ୍ଷ ଯୁଦ୍ଧ ପରେ ନ୍ୟୋମା ଏୟାରବେସ୍ ବନ୍ଦ କରିଦିଆଯାଇଥିଲା। ସେତେବେଳେ ଏଥିରେ ମାଟିର ରନୱେ ଥିଲା। ବର୍ଷା ହେଲେ ରନୱେରେ କାଦୁଅ ଭରିଯାଉଥିଲା। ଏବେ କିନ୍ତୁ ଏହା ଅତ୍ୟାଧୁନିକ ଶୈଳୀରେ ସବୁ ଋତୁ ପାଇଁ ନିର୍ମାଣ କରାଯାଇଛି।

## ମୁକୁଲ ରଏଙ୍କ ବିଧାୟକ ପଦ ରଦ୍ଦ କଲେ କୋଲକାତା ହାଇକୋର୍ଟ



କୋଲକାତା, ୧୩।୧୧ (ଏଜେନ୍ସି): କୋଲକାତା ହାଇକୋର୍ଟ ଗୁରୁବାର ଦଳବଦଳ ବିରୋଧୀ ଆଇନ୍ ଅନୁସାରେ ତୃଣମୂଳ କଂଗ୍ରେସ (ଟିଏମ୍‌ସି) ନେତା ମୁକୁଲ ରଏଙ୍କ ପଶ୍ଚିମବଙ୍ଗ ବିଧାନସଭା ସଦସ୍ୟତାକୁ ରଦ୍ଦ କରିଛନ୍ତି। ଜଷ୍ଟିସ ଦେବାଙ୍ଗସୁ ବସାକଙ୍କ ଖଣ୍ଡପୀଠ ବିରୋଧୀଦଳ ନେତା ଶୁଭେନ୍ଦୁ ଅଧିକାରୀ ଓ ବିଜେପି ବିଧାୟକ ଅମ୍ବିକା ରଏଙ୍କ ଆବେଦନର ଶୁଣାଣି କରି ଏହି ରାୟ ପ୍ରଦାନ କରିଛନ୍ତି। ଦଳବଦଳ ବିରୋଧୀ ଆଇନ୍ ନେଇ ଶୁଭେନ୍ଦୁ ମୁକୁଲଙ୍କ ସଦସ୍ୟତା ରଦ୍ଦ କରିବାକୁ ଆବେଦନ କରିଥିଲେ। ତେବେ ବିଧାନସଭା ବାଚସ୍ପତି ବିମାନ ବାନାର୍ଜୀ ଏହାକୁ ଖାରଜ କରିଥିଲେ। ଫଳରେ ଶୁଭେନ୍ଦୁ ହାଇକୋର୍ଟରେ ଏହି ନିଷ୍ପତ୍ତିକୁ ଚ୍ୟାଲେଞ୍ଜ କରିଥିଲେ। ମୁକୁଲ ବିଜେପି ଟିକଟ୍‌ରେ ବିଜୟୀ ହୋଇଥିଲେ ମଧ୍ୟ ଟିଏମ୍‌ସିରେ ଯୋଗ ଦେଇଥିଲେ। ମୁକୁଲ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଓ ସାଂସଦ ଅଭିଷେକ ବାନାର୍ଜୀଙ୍କ ଉପସ୍ଥିତିରେ ପାଖାପାଖି ୪ ବର୍ଷ ପରେ ଟିଏମ୍‌ସିକୁ ପ୍ରତ୍ୟାବର୍ତ୍ତନ କରିଥିଲେ। ଏହାପୂର୍ବରୁ ସେ ୨୦୧୭ରେ ଟିଏମ୍‌ସି ଛାଡି ବିଜେପିରେ ଯୋଗ ଦେଇଥିଲେ। ଶୁଭେନ୍ଦୁ ୨୦୨୧ ଜୁନ୍ ୧୮ରେ ମୁକୁଲଙ୍କ ବିଧାନସଭା ସଦସ୍ୟତା ରଦ୍ଦ କରିବାକୁ ବାଚସ୍ପତି ବିମାନଙ୍କୁ ଆବେଦନ କରିଥିଲେ।

## ଆମେରିକା ଇତିହାସର ସବୁଠାରୁ ଲମ୍ବା ସଟ୍‌ଡାଉନ୍ ଶେଷ

ୱାସିଂଟନ, ୧୩।୧୧(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବୁଧବାର ଏକ ସରକାରୀ ଫଣ୍ଡିଂ ବିଲ୍‌ରେ ସ୍ୱାକ୍ଷର କରିଛନ୍ତି। ଏଥିସହ ୪୩ ଦିନ ଜାରି ରହିଥିବା ଆମେରିକା ଇତିହାସର ସବୁଠାରୁ ଲମ୍ବା ସଟ୍‌ଡାଉନ୍ ଶେଷ ହୋଇଛି। ହାଉସ୍ ଅଫ୍ ରିପ୍ରେଜେଣ୍ଟେଟିଭ୍‌ସ (ନିମ୍ନ ସଦନ)ରେ ଏହି ବିଲ୍ ୨୨୨-୨୦୯ ଅନ୍ତରରେ ପାସ୍ ହୋଇଛି। ତେବେ ଏଥିରେ ହେଲଥ କେୟାର ପ୍ରୋଗ୍ରାମ୍ ଏସିଏ ସବସିଡ (ଓବାମା କେୟାର ସବସିଡ୍)ର ପ୍ରିମିୟର ଟ୍ୟାକ୍ସ କ୍ରେଡିଟ୍ସକୁ ବୃଦ୍ଧି କରାଯିବା ନେଇ କୌଣସି ପ୍ରତିଶ୍ରୁତି ଦିଆଯାଇନାହିଁ। ଏହି ଓବାମା କେୟାର ସବସିଡ୍ସ ୨୦୨୫ ଡିସେମ୍ବର ୩୧ରେ ଶେଷ ହେବାକୁ ଯାଉଛି। ଏହି ବିଧେୟକ ପୂର୍ବରୁ ସିନେଟ୍ ଅର୍ଥାତ ଉପର ଗୃହରେ ଗୃହିତ ହୋଇସାରିଛି। ଉଲ୍ଲେଖଥାଉ କି, ଏହାପୂର୍ବରୁ ଟ୍ରମ୍ପଙ୍କ ପ୍ରଥମ କାର୍ଯ୍ୟକାଳରେ ୨୦୧୮ରେ ଦ୍ୱିତୀୟ ସର୍ବବୃହତ୍ ୩୫ ଦିନର ସଟ୍‌ଡାଉନ୍ ଲାଗୁ କରାଯାଇଥିଲା।

ବିଲ୍‌ରେ ସ୍ୱାକ୍ଷର କରିବା ପୂର୍ବରୁ ଟ୍ରମ୍ପ କହିଛନ୍ତି ଯେ, ଦେଶ ଏହାପୂର୍ବରୁ କେବେ ଏତେ ଭଲ ସ୍ଥିତିରେ ନଥିଲା। ଆମେରିକା ଏକ ମହାନ ଦେଶ। ଏହି ବିଲ୍ ସରକାରଙ୍କୁ ଜାନୁଆରୀ ୩୧ ସୁଦ୍ଧା ଫଣ୍ଡିଂ ଅର୍ଥାତ ପାଣ୍ଠି ଉପଲବ୍ଧ କରାଇବ। ଏହି ବିଧେୟକ ଅନୁସାରେ ବିଭିନ୍ନ ଏଜେନ୍ସିଗୁଡିକ ଜାନୁଆରୀ ୩୧ ପର୍ଯ୍ୟନ୍ତ କର୍ମଚାରୀଙ୍କୁ ଛଟେଇ କରିବାରୁ ରୋକିବ। ଅନ୍ୟପଟେ ଡେମୋକ୍ରାଟ ପାର୍ଟିର କିଛି ନେତା ଏସିଏ ସବସିଡ୍‌ର ଟ୍ୟାକ୍ସ କ୍ରେଡିଟ୍ସକୁ ବୃଦ୍ଧି କରିବା ନେଇ ଲଢ଼େଇ ଜାରି ରହିବ ବୋଲି ଘୋଷଣା କରିଛନ୍ତି। ଏହି ଲଢ଼େଇ ଏବେ ଶେଷ ହୋଇନାହିଁ ଓ ଏହାକୁ ଆମେ ଜାରି ରଖିବୁ ବୋଲି ସେମାନେ କହିଛନ୍ତି। ଏହି ଭୋଟିଂ ନ୍ୟୁଜର୍ସି ଓ ଆରିଜୋନାରେ ହାଇପ୍ରୋଫାଇଲ ନିର୍ବାଚନରେ ବିଜୟ ହାସଲ କରିବାର ୮ ଦିନପରେ ଅନୁଷ୍ଠିତ ହୋଇଛି। ଏହା ଦ୍ୱାରା ସ୍ୱାସ୍ଥ୍ୟବିମା ସବ୍‌ସିଡ୍‌ର ବିସ୍ତାର ନେଇ ସମ୍ଭାବନା ଦୃଢ଼ ହୋଇଛି। ତେବେ ଏହି ବୁଝାମଣା ଅନୁସାରେ ଡିସେମ୍ବରରେ ଏହି ସବ୍‌ସିଡ୍ ନେଇ ସିନେଟ୍‌ରେ ମତଦାନ କରିବାକୁ ପ୍ରତିଶ୍ରୁତି ଦିଆଯାଇଛି। କିନ୍ତୁ ଗୃହରେ ଏପରି କୌଣସି ପ୍ରତିଶ୍ରୁତି ଦିଆଯାଇନାହିଁ। କିନ୍ତୁ ଗୃହ ଟ୍ରମ୍ପଙ୍କ ରବର ଷ୍ଟାମ୍ପ ନ ହେଉ ଓ ଟ୍ରମ୍ପଙ୍କ ଜିଦ୍ କାରଣରୁ ଛୋଟ ପିଲା ଖାଦ୍ୟ ଓ ଚିକିତ୍ସାରୁ ବଞ୍ଚିତ ନ ହୁଅନ୍ତୁ ବୋଲି ଡେମୋକ୍ରାଟ ସାଂସଦ ମିକି ସେରିଲ କହିଛନ୍ତି। ଏହି ତଥାକଥିତ ସ୍ୱାସ୍ଥ୍ୟବିମା କମ୍ପାନୀଗୁଡିକୁ ଲାଭ ପହଞ୍ଚାଉଛି ଓ ଆମେରିକା ଲୋକଙ୍କ ପାଇଁ କ୍ଷତିକାରକ ବୋଲି ଟ୍ରମ୍ପ ସୋସିଆଲ ମିଡିଆ ଟ୍ରୁଥରେ ପୋଷ୍ଟ କରି କହିଥିଲେ। ସବ୍‌ସିଡ୍ ବଦଳରେ ଲୋକଙ୍କୁ ସିଧା ପଇସା ଦେଇ ସେମାନଙ୍କୁ ନିଜ ପସନ୍ଦର ବୀମା କ୍ରୟ କରିବାକୁ ସୁବିଧା ଦିଆଯିବା ଉଚିତ ବୋଲି ଟ୍ରମ୍ପ କହିଥିଲେ। ଦୁଇଟି ପାର୍ଟିର ନେତାଙ୍କ ସହ ସାକ୍ଷାତ କରି ଏହାର ସମାଧାନ କରିବାକୁ ପ୍ରସ୍ତୁତ ଅଛି ବୋଲି ସେ କହିଥିଲେ।

**■ ହେଲ୍‌ଥ କେୟାର ପ୍ରୋଗାମ ନେଇ ସହମତି ହୋଇନି**

**■ ଲଢ଼େଇ ଏବେବି ଜାରି ରହିଛି: ବିପକ୍ଷ**

# +୨ ଇଣ୍ଟରନାଲ୍ ପରୀକ୍ଷା ପାଇଁ ମାର୍ଗଦର୍ଶିକା ଜାରି

ଭୁବନେଶ୍ୱର,୧୩ା୧୧(ସମିସ): ଡିସେମ୍ବର ୨୨ତାରିଖରୁ ଯୁକ୍ତ ଦୁଇ ଇଣ୍ଟରନାଲ୍ ପରୀକ୍ଷା ଆରମ୍ଭ ହୋଇ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ। ଏଥିପାଇଁ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍ଏସ୍ଇ) ପ୍ରସ୍ତୁତି ଆରମ୍ଭ କରିଛି। ଇଣ୍ଟରନାଲ୍ ବା ପ୍ରୋଜେକ୍ଟ ପରୀକ୍ଷାକୁ ସୁଚାରୁଭାବେ କରିବା ପାଇଁ ମାର୍ଗଦର୍ଶିକା ଜାରି କରାଯାଇଛି। କେବଳ ରେଗୁଲାର୍ ପରୀକ୍ଷାର୍ଥୀମାନେ ଇଣ୍ଟରନାଲ୍ ବା ପ୍ରୋଜେକ୍ଟ ପରୀକ୍ଷା ଦେବେ। ମୋଟ୍ ୨୦ରୁ ୬ ଏବଂ ୧୦ରୁ ୩ ମାର୍କ ରଖିଲେ କୃତକାର୍ଯ୍ୟ ହେବ। ଯେଉଁ ଛାତ୍ରଛାତ୍ରୀମାନେ ପ୍ରଥମ ସ୍ଲଟ୍ ବା ଡିସେମ୍ବର ୨୨ରୁ ୩୧ ମଧ୍ୟରେ ପରୀକ୍ଷା ଦେଇ ନ ପାରିବେ, ସେମାନଙ୍କୁ ଆଉ ଗୋଟିଏ ସୁଯୋଗ ପ୍ରଦାନ କରାଯିବ। ଜାନୁଆରୀ ୨ରୁ ୧୫ ତାରିଖ ମଧ୍ୟରେ ସେମାନେ ପରୀକ୍ଷା ଦେଇପାରିବେ। ଏକ୍ସ-ରେଗୁଲାର୍ ପିଲାଙ୍କୁ ଏହି ପରୀକ୍ଷା ଦେବାକୁ ପଡ଼ିବ ନାହିଁ। ପରୀକ୍ଷାରେ ଅନୁପସ୍ଥିତ ରହୁଥିବା ଛାତ୍ରଛାତ୍ରୀଙ୍କୁ ଫେଲ୍ ଭାବେ ଘୋଷଣା କରାଯିବ। ପରୀକ୍ଷାର ପ୍ରଶ୍ନପତ୍ର ପାଟର୍ଣ୍ଣ ମଧ୍ୟ ସିଏଚ୍ଏସ୍ଇ ପକ୍ଷରୁ ଜାରି କରାଯାଇଛି। ମୋଟ୍ ୨୦ ନମ୍ବର ଇଣ୍ଟରନାଲ୍ ପରୀକ୍ଷା ଥିବା ବିଷୟରେ ୫ଟି ଏକ ମାର୍କିଆ ପ୍ରଶ୍ନପତ୍ର ଆସିବ। ସେହିପରି ତିନୋଟି ଲେଖାଏଁ ୨ ମାର୍କିଆ ଓ ୩ ମାର୍କିଆ ପ୍ରଶ୍ନ ଆସିବ। ଅନୁରୂପ ଭାବେ ମୋଟ୍ ୧୦ ନମ୍ବର ଥିବା ବିଷୟରେ ୫ଟି ଏକ ମାର୍କିଆ, ଗୋଟିଏ ଲେଖାଏଁ ୨ ଓ ୩ ମାର୍କ ବିଶିଷ୍ଟ ପ୍ରଶ୍ନପତ୍ର ଆସିବ। ସୂଚନାଯୋଗ୍ୟ, ଫେବୃଆରୀ ତୃତୀୟ ସପ୍ତାହରୁ ବାର୍ଷିକ ପରୀକ୍ଷା ଆରମ୍ଭ ହେବ। ଏଥିପାଇଁ ଫେବୃଆରୀ ୧୪ ତାରିଖ ସୁଦ୍ଧା ପିଲାଙ୍କୁ ଆଡମିଟ୍ କାର୍ଡ ପ୍ରଦାନ କରାଯିବ। ଚଳିତ ବର୍ଷ ନୂତନ ଭାବେ ୮୯ କେନ୍ଦ୍ରରେ ପରୀକ୍ଷା ହେବ। ସମୁଦାୟ ୧୩୪୯ ପରୀକ୍ଷା କେନ୍ଦ୍ରରେ ଛାତ୍ରଛାତ୍ରୀମାନେ ପରୀକ୍ଷା ଦେବେ ବୋଲି ସିଏଚ୍ଏସ୍ଇ ପରୀକ୍ଷା ନିୟନ୍ତ୍ରକ ଡ. ପ୍ରଶାନ୍ତ କୁମାର ପରିଡ଼ା ସୂଚନା ଦେଇଛନ୍ତି।

**୨୦ରୁ ୬ ଏବଂ ୧୦ରୁ ୩ ମାର୍କ ରଖିଲେ ପାସ**

**ନୀଳଗିରିରେ ଏକତା ପଦଯାତ୍ରାର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ**

# ସମୃଦ୍ଧ ଓଡ଼ିଶା ନିର୍ମାଣରେ ନେତୃତ୍ୱ ନେବେ ଯୁବଗୋଷ୍ଠୀ

ନୀଳଗିରି, ୧୩ା୧୧ (ସମିସ): ସମଗ୍ର ଭାରତବର୍ଷକୁ ଏକତାର ସୂତ୍ରରେ ବାନ୍ଧି ଏକ ବିକଶିତ ଭାରତ ଗଠନ କରିବାର ମୁଖ୍ୟବିନ୍ଧାଣୀ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜନ୍ମଜୟନ୍ତୀ ଅବସରରେ ଏକତା ବର୍ଷ ପାଳନ ହେଉଛି। ଏହି ପରିପ୍ରେକ୍ଷୀରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁବାର ବାଲେଶ୍ୱର ଜିଲ୍ଲା ନୀଳଗିରିଠାରେ ଏକତା ପଦଯାତ୍ରାର ଶୁଭାରମ୍ଭ କରିଛନ୍ତି। ନୀଳଗିରିଠାରୁ ମିତ୍ରପୁର ପର୍ଯ୍ୟନ୍ତ ଦୀର୍ଘ ୧୦ କିମି ରାସ୍ତାରେ ଆୟୋଜିତ ପଦଯାତ୍ରା(ରନ୍ ଫର୍ ୟୁନିଟ)ରେ ସହସ୍ରାଧିକ ଛାତ୍ରଛାତ୍ରୀ, ଯୁବକଯୁବତୀ, ସାଧାରଣଜନତା, ସରକାରୀ ଅଧିକାରୀ ସାମିଲ ହୋଇଥିଲେ।

ପଦଯାତ୍ରା ପୂର୍ବରୁ ମୁଖ୍ୟମନ୍ତ୍ରୀ ତୃତୀୟ ଶ୍ରୀକ୍ଷେତ୍ର ନୀଳଗିରି ଜଗନ୍ନାଥ ମନ୍ଦିର ଯାଇ ଚତୁର୍ଦ୍ଧାମୂର୍ତ୍ତିଙ୍କୁ ଦର୍ଶନକରି ଆଶିଷ ଭିକ୍ଷା କରିଥିଲେ। ପରେ ନୀଳଗିରି ପୁଲିସ ପଡିଆ ଯାଇ ସଭାରେ ସାମିଲ ହୋଇଥିଲେ। ପ୍ରଥମେ ସ୍ୱାଧୀନତା




ସଂଗ୍ରାମରେ ବାଲେଶ୍ୱର ମାଟିର ସୁପୁତ୍ରମାନଙ୍କର ଫଟୋଚିତ୍ର ଏବଂ ସର୍ଦ୍ଦାର ପଟେଲଙ୍କ ଜୀବନୀ ଶୀର୍ଷକ ଫଟୋଚିତ୍ର ପ୍ରଦର୍ଶନୀକୁ ମୁଖ୍ୟମନ୍ତ୍ରୀ ବୁଲି ଦେଖିଥିଲେ। ଏହି ଅବସରରେ ଆୟୋଜିତ ସାଧାରଣ ସଭାକୁ ମୁଖ୍ୟମନ୍ତ୍ରୀ ସମ୍ବୋଧିତ କରି କହିଥିଲେ ଯେ ବିଭାଜିତ ସ୍ୱାଧୀନ ଭାରତରେ ଦେଶୀୟ ରାଜ୍ୟଗୁଡ଼ିକୁ ମିଶ୍ରଣକରି ଏକତାର ସୂତ୍ରରେ ବାନ୍ଧିବା ପାଇଁ ସର୍ଦ୍ଦାର ପଟେଲଙ୍କ ଉଦ୍ୟମରେ ୫୬୪ଟି ଦେଶୀୟ ରାଜ୍ୟ ସ୍ୱାଧୀନ ଭାରତରେ ମିଶ୍ରଣ ହୋଇପାରିଥିଲା। ସର୍ଦ୍ଦାର ପଟେଲଙ୍କ ନିର୍ଦ୍ଦେଶରେ ଡ. ହରେକୃଷ୍ଣ ମହତାବ ନୀଳଗିରି ଗଡଜାତକୁ ପ୍ରଥମେ ସ୍ୱାଧୀନ ଭାରତରେ ମିଶ୍ରଣ କରିବାକୁ ପ୍ରବର୍ତ୍ତାଇ ଦସ୍ତଖତ କରିପାରିଥିଲେ। ପରେପରେ ଅନ୍ୟ ଦେଶୀୟ ରାଜ୍ୟ ଗୁଡିକ ଭାରତରେ ସାମିଲ ହୋଇଥିଲା। ତେଣୁ ଏଭଳି ଐତିହାସିକ ମାଟିରୁ ପ୍ରଥମେ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ଜନ୍ମଜୟନ୍ତୀ ଅବସରରେ ଯୁବବର୍ଗ ଏକତାର ସୂତ୍ରରେ ବାନ୍ଧିହୋଇ ସମୃଦ୍ଧ ଓଡ଼ିଶା ଗଠନରେ ଭାଗୀଦାର ହେବାକୁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝି ଆହ୍ୱାନ ଦେଇଥିଲେ। ପଦଯାତ୍ରା ଅବସରରେ ରାଜ୍ୟ ଉଚ୍ଚଶିକ୍ଷା, ସଂସ୍କୃତି ଓ ଯୁବ ବ୍ୟାପାର ମନ୍ତ୍ରୀ ସୁରଜ ସୂର୍ଯ୍ୟବଂଶୀ ଯୋଗଦେଇ ଯୁବସମାଜ ଦେଶ ଗଠନରେ ଆଗେଇ ଆସିବାକୁ ଆହ୍ୱାନ କରିଥିଲେ। କାର୍ଯ୍ୟକ୍ରମରେ ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ, ଶାସକ ଦଳ ଉପମୁଖ୍ୟ ସଚେତକ ଗୋବିନ୍ଦ ଚନ୍ଦ୍ର ଦାସ, ସିମୁଳିଆ ବିଧାୟକ ପଦ୍ମଲୋଚନ ପଣ୍ଡା, ବାଲେଶ୍ୱର ସଦର ବିଧାୟକ ମାନସ ଦତ୍ତ, ନୀଳଗିରି ବିଧାୟକ ସନ୍ତୋଷ ଖଟୁଆ, ବଡ଼ସାହି ବିଧାୟକ ସନାତନ ବିଜୁଳି, ରାଜ୍ୟ ମହିଳାକମିଶନ ଅଧକ୍ଷା ଶୋଭନା ମହାନ୍ତି, ରନ୍ ଫର୍ ୟୁନିଟ ସଂଯୋଜକ ଗୋଲକ ମହାପାତ୍ର, ଈଶ୍ୱର ଚନ୍ଦ୍ର ବେହେରା ପ୍ରମୁଖ ମଞ୍ଚାସିନ ଥିଲେ। ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୂର ବିକାଶ ଧନ୍ୟବାଦ ଦେଇଥିଲେ।

# ଦେବୀ ନଦୀରେ ଜଣେ ମୃତ, ୨ ନିଖୋଜ



**ଷଣ୍ଢକୁ ନଦୀ ପାରି କରାଇବା ହେଲା କାଳ**

କଣ୍ଟାପଡ଼ା,୧୩ା୧୧(ସମିସ): କଟକ ଜିଲ୍ଲା ଗୋବିନ୍ଦପୁର ଥାନା ଅନ୍ତର୍ଗତ ସିମଳଦା ଗ୍ରାମରେ ଏକ ଦୁଃଖଦ ଘଟଣା ଘଟିଛି। ଷଣ୍ଢ ପ୍ରତ୍ୟହ ଫସଲ ନଷ୍ଟ କରୁଥିବାରୁ ବ୍ୟଥିତ ହୋଇ ତାକୁ ନଦୀ ପାରି କରାଇବାକୁ ଚେଷ୍ଟା କରିଥିବା ତିନି ଜଣ ବ୍ୟକ୍ତି ପାଣିରେ ଭାସିଯାଇଥିଲେ। ସେମାନଙ୍କ ମଧ୍ୟରୁ ପାଇକପଡ଼ା ଗାଁର ଶଶି ଭୋଇ (୫୦)ଙ୍କ ଶବକୁ ଘଟଣାସ୍ଥଳରୁ କିଛି ମିଟର ଦୂରରେ ଉଦ୍ଧାର କରାଯାଇଛି।

ଗୁରୁବାର ଅପରାହ୍ଣ ପ୍ରାୟ ୪ଟା ବେଳେ ସିମଳଦା ନିକଟରେ ପ୍ରବାହିତ ହେଉଥିବା ଦେବୀ ନଦୀରେ ଗୋବିନ୍ଦପୁର ଥାନା ଅନ୍ତର୍ଗତ ପାଇକପଡ଼ା ଗ୍ରାମର ଶଶି ଭୋଇ (୫୦), ବିଶିପଦା ଗ୍ରାମର ରତ୍ନାକର ଭୋଇ (୬୦) ଓ ନାହାଳପୁରର ଭରତ ପ୍ରଧାନ (୫୦) ଷଣ୍ଢ ପାରି କରାଉଥିଲେ। କିଛି ସମୟ ପରେ ଉପରୋକ୍ତ ତିନି ଜଣଙ୍କ ପ୍ୟାଣ୍ଟ, ସାର୍ଟ ଓ ଚପଲ କେବଳ ନଦୀକୂଳରେ ପଡ଼ିଥିଲା। ଖବର ପାଇବା ପରେ ଅଗ୍ନିଶମ ବାହିନୀ, ସ୍ଥାନୀୟ ପୁଲିସ ଏବଂ ଜନସାଧାରଣ ତୁରନ୍ତ ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ। ସେତେବେଳକୁ ଷଣ୍ଢଟି ନଦୀର ଅଧା ପାଣିରେ ଛିଡ଼ା ହୋଇଥିଲା। ସମସ୍ତଙ୍କ ମିଳିତ ପ୍ରଚେଷ୍ଟାରେ ଷଣ୍ଢଟିକୁ ସୁରକ୍ଷିତ ଭାବେ କୂଳକୁ ଆଣିବାରେ ସକ୍ଷମ ହୋଇଥିଲେ। ଦେବୀ ନଦୀରେ ଅଗ୍ନିଶମ ବାହିନୀ କର୍ମଚାରୀମାନେ ପାଣିରେ ପଶି ଖୋଜାଖୋଜି ଜାରି ରଖିଥିଲେ। ପରେ ଶଶି ଭୋଇଙ୍କ ଶବ ମିଳିଥିବା ବେଳେ ଅନ୍ୟ ଦୁଇଜଣଙ୍କର ସନ୍ଧାନ ପାଇଁ ଉଦ୍ୟମ ଜାରି ରଖିଛି। ଘଟଣାଟି ଅଞ୍ଚଳରେ ଶୋକାକୁଳ ପରିବେଶ ସୃଷ୍ଟି କରିଛି।

**ଇପିଏଫ୍ଓ-୩.୦**

# ୨୫ ହଜାର ହେବ ବେତନ ସୀମା

ନୂଆଦିଲ୍ଲୀ, ୧୩ା୧୧ (ଏଜେନ୍ସି): ଆଗକୁ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ(ଇପିଏଫ୍ଓ)ର ସଦସ୍ୟମାନେ ପେନ୍ସନ୍‌ରେ ବଡ଼ ଫାଇଦା ପାଇବାକୁ ଯାଉଛନ୍ତି। ଏଣିକି ଅଧିକ ବେତନଧାରୀଙ୍କୁ ବି ମିଳିବ ଅଧିକ ପେନ୍ସନ୍‌ର ଫାଇଦା। କାରଣ ସରକାର ଇପିଏଫ୍ଓ ସଦସ୍ୟମାନଙ୍କର ବେତନସୀମାରେ ବୃଦ୍ଧି ଘଟାଇବାକୁ ଯାଉଛନ୍ତି। ସରକାର ସଦସ୍ୟଙ୍କ ବେତନ ସୀମା ୧୫,୦୦୦ ଟଙ୍କାରୁ ୨୫, ୦୦୦ ଟଙ୍କାକୁ ବୃଦ୍ଧି କରିବାକୁ ବିଚାର କରୁଛନ୍ତି। ଶେଷ ଥର ପାଇଁ ୨୦୧୪ରେ କର୍ମଚାରୀ ପେନ୍ସନ୍ ଯୋଜନା (ଇପିଏସ୍) ଅନ୍ତର୍ଗତ ବେତନ ସୀମା ୧୫ ହଜାର ଟଙ୍କାକୁ ବୃଦ୍ଧି କରିଥିଲେ। କେନ୍ଦ୍ର ଶ୍ରମ ମନ୍ତ୍ରଣାଳୟର ସୂତ୍ର ଅନୁସାରେ, ଏ ସମ୍ପର୍କିତ ଏକ ପ୍ରସ୍ତାବ ଆସନ୍ତା ଡିସେମ୍ବର କିମ୍ବା ଜାନୁଆରୀ ମାସରେ ହେବାକୁ ଥିବା ଇପିଏଫ୍ଓ ବୋର୍ଡ ବୈଠକରେ ଆଲୋଚନା ହେବାର ଆଶା କରାଯାଉଛି। ଯଦି ଏହି ପ୍ରସ୍ତାବକୁ ମଞ୍ଜୁରି ମିଳେ ତେବେ କର୍ମଚାରୀଙ୍କ ମାସିକ ପେନସନ୍ ପାଣ୍ଠି ଜମା ୧୨୫୦ ଟଙ୍କାରୁ ୨୦୮୩ ଟଙ୍କାକୁ ବୃଦ୍ଧି ପାଇବ। ଏହାକୁ ଏବେ ଇପିଏଫ୍ଓ-୩.୦ ଅଧୀନରେ ଅନ୍ତର୍ଭୁକ୍ତ କରାଯାଇପାରେ, ଯାହା ୭୫ ନିୟୁତରୁ ଅଧିକ ସଦସ୍ୟଙ୍କୁ ଲାଭ ଦେବ।

**ଅଧିକ ବେତନଧାରୀଙ୍କୁ ବି ମିଳିବ ପେନ୍ସନ୍ ଫାଇଦା**

**ମାସିକ ପେନ୍ସନ୍ ଫଣ୍ଡ ଜମା ୧୨୫୦ରୁ ୨୦୮୩ ଟଙ୍କା ହେବ**

**୨୦୧୪ରେ ଇପିଏସ୍ ସୀମା ୧୫ ହଜାରକୁ ବଢ଼ିଥିଲା**

ଭାରତରେ ପିଏଫ୍ ଆକାଉଣ୍ଟଗୁଡ଼ିକ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ ଦ୍ୱାରା ପରିଚାଳିତ ହୁଏ। ଇପିଏଫ୍ଓ ସଦସ୍ୟଙ୍କ ବାଧ୍ୟତାମୂଳକ ବେତନ ସୀମା ୧୫,୦୦୦ରୁ ୨୫,୦୦୦ ଟଙ୍କାକୁ ବୃଦ୍ଧି କରିଲେ ଉଚ୍ଚ ବେତନପ୍ରାପ୍ତ କର୍ମଚାରୀମାନେ ମଧ୍ୟ ଇପିଏସ୍ ଯୋଜନା ଅଧୀନରେ ସାମାଜିକ ସୁରକ୍ଷାର ଲାଭ ପାଇବେ। ଇପିଏଫ୍ ଏବଂ ଇପିଏସ୍ ଉଭୟ ପାଇଁ କର୍ମଚାରୀ ଏବଂ ନିଯୁକ୍ତିଦାତାଙ୍କୁ ପ୍ରତ୍ୟେକଙ୍କୁ ଦରମାର ୧୨% ଯୋଗଦାନ କରିବାକୁ ପଡିବ। କର୍ମଚାରୀଙ୍କ ସମ୍ପୂର୍ଣ୍ଣ ୧୨% ଇପିଏଫ୍‌କୁ ଯାଏ, ଯେତେବେଳେ କି ନିଯୁକ୍ତିଦାତାଙ୍କ ଯୋଗଦାନ ଦୁଇଟି ଭାଗରେ ବିଭକ୍ତ ହୋଇଛି। ନିଯୁକ୍ତି ଦାତା ୮.୩୩% ଇପିଏସ୍‌କୁ ଏବଂ ୩.୬୭% ଇପିଏଫ୍‌କୁ ଯୋଗଦାନ ଦେଇଥାନ୍ତି। ସଦସ୍ୟଙ୍କ ବେତନ ସୀମାରେ ବୃଦ୍ଧି ଇପିଏଫ୍- ଇପିଏସ୍ କର୍ପସକୁ ଦ୍ରୁତ ଗତିରେ ବୃଦ୍ଧି କରିବ, ଯାହା ଫଳରେ କର୍ମଚାରୀଙ୍କ ଅବସର ପେନସନ ଏବଂ ସୁଧ ଉଭୟ ବୃଦ୍ଧି ପାଇବ। ବର୍ତ୍ତମାନ ଇପିଏଫ୍ ର ମୋଟ ପାଣ୍ଠି ପରିମାଣ ପ୍ରାୟ ୨୬ ଲକ୍ଷ କୋଟି ଟଙ୍କା। ଏହାର ୭୬ ନିୟୁତ ସକ୍ରିୟ ସଦସ୍ୟ ଅଛନ୍ତି। ବର୍ତ୍ତମାନ ପ୍ରଚଳିତ ନିୟମ ଅନୁଯାୟୀ, ଇପିଏସ୍-୯୫ ଅନ୍ତର୍ଗତ ପେନସନ ପାଣ୍ଠିରେ ଯୋଗଦାନକୁ ମୂଳ ଦରମାର ସର୍ବାଧିକ ୧୫,୦୦୦ ଟଙ୍କା ପର୍ଯ୍ୟନ୍ତ ଗଣନା କରାଯାଏ। ଏହାର ଅର୍ଥ ହେଉଛି ଯେ ଆପଣଙ୍କର ଦରମା ୩୦,୦୦୦ କିମ୍ବା ୪୦,୦୦୦ ଟଙ୍କା ହୋଇ ଥାଉ ନା କାହିଁକି, ଆପଣଙ୍କର ପେନସନ କେବଳ ୧୫,୦୦୦ ଟଙ୍କା ପର୍ଯ୍ୟନ୍ତ ଗଣନା କରାଯାଏ। ଏଠାରେ ସୂଚନାଯୋଗ୍ୟ ଯେ, ଇପିଏସ୍ ସୀମା ଶେଷ ଥର ପାଇଁ ୨୦୧୪ ରେ ୬୫୦୦ ରୁ ୧୫,୦୦୦ ଟଙ୍କାକୁ ବୃଦ୍ଧି କରାଯାଇଥିଲା।

# ପୂର୍ବତନ ପାକ୍ସ ସମ୍ପାଦକ ଗିରଫ

ବଲାଙ୍ଗିର,୧୩ା୧୧(ସମିସ): ବଲାଙ୍ଗିର ଜିଲ୍ଲା ପାଟଣାଗଡ଼ ବ୍ଲକ୍ ପଣ୍ଡାମୁଣ୍ଡା ପ୍ରାଥମିକ ସମବାୟ ସମିତି (ପାକ୍ସ)ର ପୂର୍ବତନ ପାକ୍ସ ସମ୍ପାଦକ କୁଶଧ୍ୱଜ ସାହୁ ଗିରଫ ହୋଇଛନ୍ତି। ସରକାରୀ ଅର୍ଥ ହେରଫେର ଅଭିଯୋଗରେ ଭିଜିଲାନ୍ସ ତାଙ୍କୁ ଗିରଫ କରିଛି। ୨୦୧୭-୧୮ ଓ ୨୦୧୮-୧୯ ଆର୍ଥିକ ବର୍ଷରେ ସେ ଏହି ଟଙ୍କା ହେରଫେର କରିଥିବା ଅଭିଯୋଗ ହୋଇଥିଲା। ଏହାର ତଦନ୍ତ କରି ଭିଜିଲାନ୍ସ ତାଙ୍କୁ ଗିରଫ କରିଛି। ଶ୍ରୀ ଏହି ସମୟରେ ପ୍ରାୟ ୮ ଲକ୍ଷ ଟଙ୍କା ୩୪ ହଜାର ଟଙ୍କା ହେରଫେର କରିଥିବା ଭିଜିଲାନ୍ସ ତଦନ୍ତ ପରେ ଜାଣିବାକୁ ପାଇଛି। ତାଙ୍କ ବିରୋଧରେ ଭିଜିଲାନ୍ସ ପାଖରେ ଅଭିଯୋଗ ପରେ ତଦନ୍ତ ଆରମ୍ଭ ହୋଇଥିଲା। ଏଥିରୁ ରୋଚକ ତଥ୍ୟ ସାମ୍ନାକୁ ଆସିଥିଲା। ୨୦୧୭-୧୮ର କ୍ଲୋଜିଂ ବାଲାନ୍ସ ଓ ୨୦୧୮-୧୯ ଓପନିଂ ବାଲାନ୍ସରେ ଫରକ ଦେଖାଦେଇଥିଲା। ଏନେଇ ଶ୍ରୀ ସାହୁ ସ୍ପଷ୍ଟ ଉତ୍ତର ରଖିପାରି ନ ଥିଲେ; ଯାହା ତାଙ୍କ ଦ୍ୱାରା କରାଯାଇଥିବା ହେରଫେର ସ୍ପଷ୍ଟ ସୂଚାଇଥିଲା। ଶେଷରେ ଭିଜିଲାନ୍ସ ମାମଲା ରୁଜୁ କରି ତାଙ୍କୁ ଗିରଫ କରିଛି।



**୮ ଲକ୍ଷ ୩୪ ହଜାର ଟଙ୍କା ହେରଫେର ଅଭିଯୋଗ**

**ପୀତବାସ ପଣ୍ଡା ହତ୍ୟା ମାମଲା**

# ଜେଲ୍‌ରେ ହେବ କୁରୁପତି, ଚିଣ୍ଟୁ ଓ ଯୋଗୀଙ୍କ ଟିଆଇ ପରେଡ୍

ବ୍ରହ୍ମପୁର,୧୩ା୧୧(ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ ଓ ଯୋଗେନ୍ଦ୍ର ରାଉତ ଓରଫ ଯୋଗୀଙ୍କ ବ୍ରହ୍ମପୁର ଜେଲ୍‌ରେ ହେବ ଟିଆଇ ପରେଡ। ଏଥିପାଇଁ ତଦନ୍ତକାରୀ ଅଧିକାରୀ ଏସ୍‌ଡିପିଓ ପ୍ରୟସ ରଂଜନ ଛୋଟରାୟ ସ୍ଥାନୀୟ ଏସ୍‌ଡିଜେଏମଙ୍କ କୋର୍ଟରେ ଆବେଦନ କରିଛନ୍ତି। ଆକାଶ ବିଷୋୟୀ ଓ ଏନ୍. କିରଣ କୁମାରଙ୍କ ସମେତ ୩ରୁ ଉର୍ଦ୍ଧ୍ୱ ସାକ୍ଷୀ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ଟିଆଇ ପରେଡରେ ସାମିଲ ହେବେ ବୋଲି ସୂଚନା ମିଳିଛି।

ହତ୍ୟାକାଣ୍ଡରେ ସମ୍ପୃକ୍ତ ଥିବା ଚିଣ୍ଟୁ ପ୍ରଧାନ ଘଟଣା ରାତିରେ ବାଇକ ଚଲାଉଥିବା ବେଳେ କୁରୁପତି ଭୂୟାଁ ପୀତବାସଙ୍କୁ ଗୁଳି ଚଳାଇଥିବା ସାମ୍ବାଦିକ ସମ୍ମିଳନୀରେ ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ୍ ସୂଚନା ଦେଇଥିଲେ। ଏପରିକି ଉଭୟ ଅଭିଯୁକ୍ତ ଚିଣ୍ଟୁ ଓ କୁରୁପତିଙ୍କ ମୁହଁରେ କଳାକନା ବା ମୁଖା ପିନ୍ଧାଇ ଘଟଣା ସ୍ଥଳରେ ସିନ୍ ରିକ୍ରିଏସନ କରାଯାଇଥିଲା। କିନ୍ତୁ କୋର୍ଟ ଚାଲାଣ ବେଳେ ଉଭୟଙ୍କ ସମେତ ଅନ୍ୟ ସମସ୍ତ ଅଭିଯୁକ୍ତଙ୍କ ମୁହଁ ଖୋଲା ରହିଥିଲା। ଫଳରେ ଅଭିଯୁକ୍ତଙ୍କୁ ସମସ୍ତେ ଦେଖିବାର ସୁଯୋଗ ପାଇଥିଲେ। ବର୍ତ୍ତମାନ କେଉଁ ପରିସ୍ଥିତିରେ ଟିଆଇ ପରେଡ କରାଯାଇ କି ତଥ୍ୟ ହାସଲ କରିବାକୁ ତଦନ୍ତକାରୀ ଅଧିକାରୀ କୋର୍ଟରେ ଆବେଦନ କରିଛନ୍ତି ତାକୁ ନେଇ ସାଧାରଣରେ ଉଠିଛି ପ୍ରଶ୍ନ। ଅନ୍ୟପକ୍ଷରେ ଘଟଣା ସ୍ଥଳରେ ଯୋଗୀର ଭୂମିକା କଣ ରହିଥିଲା ତାହା ସ୍ପଷ୍ଟ ଜଣାପଡ଼ିନଥିଲେ ହେଁ ଅଭିଯୁକ୍ତ ଯୋଗୀର ମଧ୍ୟ ପୁଲିସ ଟିଆଇ ପରେଡ଼ କରିବ। ମାମଲାରେ ପୁଲିସ ସାକ୍ଷ୍ୟ ଭାବେ ନେଇଥିବା ବ୍ୟକ୍ତିବିଶେଷ କେଉଁଠାରେ ରହି ଦେଖିଥିଲେ ଏବଂ ଅଭିଯୁକ୍ତଙ୍କୁ କିଭଳି ଚିହ୍ନଟ କରିବେ ତାହା ମଧ୍ୟ ଆଉ ଏକ ବଡ଼ ପ୍ରଶ୍ନ।

ଅନ୍ୟପକ୍ଷରେ ପୀତବାସ ପଣ୍ଡା ହତ୍ୟାକାଣ୍ଡ ମାମଲାରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ରିମାଣ୍ଡ ରିକଲ ଆବେଦନ କରି ସର୍ତ୍ତମୂଳକ ଭାବେ ଖଲାସ କରିବା ନେଇ ହୋଇଥିବା ଆବେଦନ ଉପରେ ରାୟ ପ୍ରକାଶ ପୂର୍ବରୁ ସରକାରୀ ଓକିଲ ଦିନଟିଏ ସମୟ ମାଗିଥିଲେ। ଆବେଦନର ରାୟ ଶୁକ୍ରବାର ପ୍ରକାଶ ପାଇବ ବୋଲି ବିକ୍ରମଙ୍କ ଓକିଲ କୁମାରକାନ୍ତ ବେହେରା ଓ ଦୀପକ ପଟ୍ଟନାୟକ କହିଛନ୍ତି।

**ଆଜି ନୂଆପଡ଼ା ଭୋଟଗଣତି**

# ୪୧ ବୁଥ୍‌ରେ ୯୧ ପ୍ରତିଶତ ମତଦାନକୁ ନେଇ ବିଜେଡିର ପ୍ରଶ୍ନ

ଭୁବନେଶ୍ୱର, ୧୩ା୧୧ (ସମିସ): ବହୁ ଚର୍ଚ୍ଚିତ ନୂଆପଡ଼ା ଉପନିର୍ବାଚନର ଫଳାଫଳ ଆସନ୍ତାକାଲି ପ୍ରକାଶ ପାଇବ। ତେବେ ଭୋଟ ଗଣତି ପୂର୍ବରୁ ନୂଆପଡ଼ା ଉପନିର୍ବାଚନରେ ନିର୍ଦ୍ଦିଷ୍ଟ କେତେକ ବୁଥ୍‌ରେ ମତଦାନ ହାରକୁ ନେଇ ବିଜୁ ଜନତା ଦଳ ପ୍ରଶ୍ନ ଉଠାଇଛି। ଦଳ ପକ୍ଷରୁ କୁହାଯାଇଛି ଯେ ପୂର୍ବର ସବୁ ଉପନିର୍ବାଚନ ଓ ୧୧ ତାରିଖରେ ଦେଶର ବିଭିନ୍ନ ରାଜ୍ୟରେ ଅନୁଷ୍ଠିତ ଉପନିର୍ବାଚନର ରେକର୍ଡ ଭାଙ୍ଗିଛି ନୂଆପଡ଼ା। ଏଠାରେ ମତଦାନ ହାର ୮୩% ଅତିକ୍ରମ କରିଛି। ଅନେକ ସ୍ଥାନରେ ସନ୍ଧ୍ୟା ୫ଟା ପରେ ମତଦାନ ହାର ଦିନ ତୁଳନାରେ ଯଥେଷ୍ଟ ଅଧିକ ଥିବାବେଳେ କେତେକ ନିର୍ଦ୍ଦିଷ୍ଟ ବୁଥ୍‌ରେ ୯୦ ପ୍ରତିଶତରୁ ୯୫ ପ୍ରତିଶତ ପର୍ଯ୍ୟନ୍ତ ଭୋଟିଂ ହୋଇଛି।

ଏପରି କିଛି ବୁଥ୍ ସପର୍କରେ ସୂଚନା ଦେଇ ଦଳ କହିଛି ଯେ ବୁଥ୍ ନମ୍ବର ୧୨ (ଗୁଡ଼ାପଟରା ପ୍ରାଥମିକ ବିଦ୍ୟାଳୟ)ରେ ମୋଟ ୪୯୭ ଭୋଟରଙ୍କ ମଧ୍ୟରୁ ୪୪୮ ଜଣ, ବୁଥ୍ ନମ୍ବର ୧୪ (ବାରକୋଠୀ ପ୍ରାଥମିକ ବିଦ୍ୟାଳୟ)ରେ ୪୧୨ ଭୋଟରଙ୍କ ମଧ୍ୟରୁ ୩୭୪ ଜଣ ଏବଂ ବୁଥ୍ ନମ୍ବର ୧୬ (ଝିଟିକି ୟୁପି ସ୍କୁଲ )ରେ ୭୫୬ ଭୋଟରଙ୍କ ମଧ୍ୟରୁ ୭୧୦ ଜଣ ମତଦାନ କରିଛନ୍ତି। ଭୋଟଦାନର ଏପରି ଅସ୍ୱାଭାବିକ ହାର ପଛରେ କେଉଁଠି ନା କେଉଁଠି କିଛି ବିଭ୍ରାଟ ହୋଇଥିବା ଦଳ ସନ୍ଦେହ କରିଛି।

ଗୁରୁବାର ଶଙ୍ଖ ଭବନରେ ଏକ ସାମ୍ବାଦିକ ସମ୍ମିଳନୀରେ ବିଜେଡି ଉପସଭାପତି ତଥା ପୂର୍ବତନ ମନ୍ତ୍ରୀ ଅତନୁ ସବ୍ୟସାଚୀ ନାୟକ, ବରିଷ୍ଠ ସାଧାରଣ ସମ୍ପାଦକ ଡ ଲେଖାଶ୍ରୀ ସାମନ୍ତସିଂହାର, ଦଳର ମୁଖପାତ୍ର ଡ. ଲେନିନ ମହାନ୍ତି ନୂଆପଡ଼ା ମତଦାନ ପ୍ରସଙ୍ଗରେ ସରକାର ଓ ନିର୍ବାଚନ ଅଧିକାରୀଙ୍କୁ କଠୋର ସମାଲୋଚନା କରିଛନ୍ତି। ଶାସକ ଦଳ ସରକାରୀ କଳକୁ ସମ୍ପୂର୍ଣ୍ଣ ବ୍ୟବହାର କରିଥିବା ଏବଂ ନିର୍ବାଚନ ଅଧିକାରୀଙ୍କ ମୁକ୍ତ ଓ ଅବାଧ ନିର୍ବାଚନ ଦାବି ଏକ ପ୍ରହସନରେ ପରିଣତ ହୋଇଛି ବୋଲି ବିଜେଡି ନେତାମାନେ କହିଛନ୍ତି। ଅତନୁ ସବ୍ୟସାଚୀ ନାୟକ କହିଛନ୍ତି ଯେ ନିର୍ବାଚନ ସମୟରେ ସନ୍ଧ୍ୟା ୫ଟା ସୁଦ୍ଧା ୭୫ ପ୍ରତିଶତ ଭୋଟିଂ ହୋଇଛି ବୋଲି ନିର୍ବାଚନ ଅଧିକାରୀଙ୍କ ପକ୍ଷରୁ ସୂଚନା ପ୍ରଦାନ କରାଯାଇଥିଲା; କିନ୍ତୁ ପରବର୍ତ୍ତୀ ସମୟରେ ଏହା ୮୩.୫ ପ୍ରତିଶତକୁ ବୃଦ୍ଧି ପାଇଥିବା କୁହାଗଲା। ଭୋଟିଂ ସମୟ ଶେଷ ହେବା ପରେ ପ୍ରାୟ ୮ ପ୍ରତିଶତରୁ ଅଧିକ ଭୋଟ ପଡିବା ସନ୍ଦେହଜନକ। ୪୧ଟି ବୁଥ୍‌ରେ ୯୧ ପ୍ରତିଶତରୁ ଅଧିକ ଭୋଟିଂ ଭୋଟ ରିଗିଙ୍ଗ ଦିଗ ପ୍ରତି ଅଙ୍ଗୁଳିନିର୍ଦ୍ଦେଶ କରୁଛି ବୋଲି ଅତନୁ କହିଛନ୍ତି।



**ସନ୍ଧ୍ୟା ୫ଟା ପରେ ୮ ପ୍ରତିଶତ ଅଧିକ ଭୋଟକୁ ନେଇ ସନ୍ଦେହ**

**୯୦ ପ୍ରତିଶତରୁ ଊର୍ଦ୍ଧ୍ୱ ଭୋଟିଂ ବୁଥ୍‌ର ସିସିଟିଭି ଫୁଟେଜ ଦାବି**

ଡ. ଲେନିନ ମହାନ୍ତି କହିଛନ୍ତି, ଯେଉଁ ବୁଥ୍ ଗୁଡିକରେ ୯୦ ପ୍ରତିଶତରୁ ଅଧିକ ଭୋଟିଂ ହୋଇଛି, ସେଇ ବୁଥ୍‌ଗୁଡିକର ସିସିଟିଭି ଫୁଟେଜ ସାର୍ବଜନୀନ କରାଯାଉ। ବାସ୍ତବରେ ଲୋକ ଭୋଟ ଦେଇଛନ୍ତି, ନା ହେରଫେର ହୋଇଛି ତାହା ଏଥିରୁ ପ୍ରମାଣିତ ହେବ। ଇଭିଏମ ମେସିନ ଗୋଟିଏ ଘରୋଇ ଗାଡିରେ ବୁଲୁଥିବାର ଭିଡିଓ ସାମାଜିକ ଗଣମାଧ୍ୟମରେ ଘୂରି ବୁଲୁଛି। ମୁକ୍ତ ଓ ଅବାଧ ନିର୍ବାଚନ କରିବା ଉକ୍ତି ଏହି ଉପନିର୍ବାଚନରେ ପ୍ରହସନରେ ପରିଣତ ହୋଇଛି ବୋଲି ସେ କହିଛନ୍ତି।


ଡ. ଲେଖାଶ୍ରୀ ସାମନ୍ତସିଂହାର କହିଛନ୍ତି ଯେ ଗଣତାନ୍ତ୍ରିକ ପଦ୍ଧତିରେ ନିର୍ବାଚନ ଜିତିବା ବିଜେପି ପକ୍ଷରେ ସମ୍ଭବ ନୁହେଁ ବୋଲି ଜାଣି ବିଜେପି ପ୍ରଶାସନିକ କଳର ଅପବ୍ୟବହାର କରିଛି । ୯୦ ପ୍ରତିଶତ ଭୋଟିଂ ଏକ ବିରଳ ଘଟଣା। ବିଶେଷକରି ଉପନିର୍ବାଚନରେ ଏପରି ହେବା ନିଶ୍ଚିତ ଭାବେ ସନ୍ଦେହ ସୃଷ୍ଟି କରିଛି। ସରକାରୀ ଅଧିକାରୀମାନେ ବିଜେପିର ଏଜେଣ୍ଟ ସାଜି କାମ କରିଛନ୍ତି, ଶେଷ ପର୍ଯ୍ୟାୟରେ ପୁଲିସର ତତ୍ତ୍ୱାବଧାନରେ ଟଙ୍କା ବଣ୍ଟା ହେଲା, ବୁଥ୍ ଭିତରେ ବିଜେପି ତରଫରୁ ପ୍ରଚାର କରାଗଲା। ବିଜେଡିର ଆପତ୍ତିକୁ ଗ୍ରହଣ କରାଗଲା ନାହିଁ ବୋଲି ଲେଖାଶ୍ରୀ ଅଭିଯୋଗ କରିଛନ୍ତି।

**ନିଃସର୍ତ୍ତ କ୍ଷମାପ୍ରାର୍ଥନା ପରେ କାହିଁକି ହେଉନି କାର୍ଯ୍ୟାନୁଷ୍ଠାନ**

# ବ୍ରହ୍ମପୁର ଏସ୍‌ପିଙ୍କୁ ହଟାଇବାକୁ ଦାବିକଲା କଂଗ୍ରେସ

ଭୁବନେଶ୍ୱର,୧୩ା୧୧(ସମିସ): ବହୁଚର୍ଚ୍ଚିତ ପୀତବାସ ପଣ୍ଡା ହତ୍ୟା ଏବଂ ଏହି ଘଟଣାର ତଦନ୍ତଭାର ନେଇଥିବା ବ୍ରହ୍ମପୁର ଏସ୍‌ପିଙ୍କୁ ହାଇକୋର୍ଟଙ୍କ ଭର୍ତ୍ସନା ପରେ ଏହି ହତ୍ୟାକାଣ୍ଡରେ ତାଙ୍କର ତଦନ୍ତ ପ୍ରକ୍ରିୟା ଓ ଭୂମିକାକୁ ନେଇ ବର୍ଷିଛି ରାଜ୍ୟ କଂଗ୍ରେସ। ଏହି ଘଟଣାକୁ ନେଇ ଏସ୍‌ପି ସାମ୍ବାଦିକ ସମ୍ମିଳନୀରେ ଯେଉଁ ତଥ୍ୟ ରଖିଥିଲେ, ତାହାକୁ ୱେବ୍‌ସିରିଜର କାହାଣୀ କହି ଦଳ ତାଙ୍କୁ ସମାଲୋଚନା କରିଛି। ଏହାସହିତ ଏଭଳି ବାହାଦୁରୀ ପାଇଁ ହାଇକୋର୍ଟ ତାଙ୍କୁ ଭର୍ତ୍ସନା କରିବା ଓ ଏସ୍‌ପି ଏଥିପାଇଁ ହାଇକୋର୍ଟରେ ନିଃସର୍ତ୍ତ କ୍ଷମାପ୍ରାର୍ଥନା କରିବା ପରେ ମଧ୍ୟ ତାଙ୍କ ଉପରେ କାହିଁକି କାର୍ଯ୍ୟାନୁଷ୍ଠାନ ହେଉ ନାହିଁ ବୋଲି ଦଳ ପ୍ରଶ୍ନ କରି ସରକାରଙ୍କ ଭୂମିକା ଉପରେ ସନ୍ଦେହ ପ୍ରକଟ କରିଛି।

ଗୁରୁବାର ଏହି ବିଷୟକୁ ନେଇ କଂଗ୍ରେସ ଭବନଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପିସିସିର ବରିଷ୍ଠ ମୁଖପାତ୍ର ସୋନାଲି ସାହୁ କହିଛନ୍ତି, ବିଜେପି ଶାସନରେ କେଉଁଠି ବୋମା ବିସ୍ଫୋରଣ ହେଲାଣି ତ କେଉଁଠି ୱେବ୍‌ସିରିଜ କାହାଣୀ କୁହାଗଲାଣି। ବ୍ରହ୍ମପୁରରେ ଘଟିତ ବହୁ ଚର୍ଚ୍ଚିତ ପୀତବାସ ପଣ୍ଡା ହତ୍ୟାକାଣ୍ଡକୁ ନେଇ ବ୍ରହ୍ମପୁର ଏସ୍‌ପି ଶ୍ରବଣା ବିବେକ ସାମ୍ବାଦିକ ସମ୍ମିଳନୀରେ ୱେବ ସିରିଜର ସ୍କ୍ରିପ୍ଟ ଭଳି ମନଗଢ଼ା



କାହାଣୀ ଅତି ସୁନ୍ଦର ଭାବରେ ଉପସ୍ଥାପନା କଲେ। ବିନା ତଥ୍ୟ ଆଧାରରେ କାହାଣୀ କହିବା ଯୋଗୁଁ ହାଇକୋର୍ଟ ବ୍ରହ୍ମପୁର ଏସପିଙ୍କୁ ଭର୍ତ୍ସନା କରିବା ସହିତ କୋର୍ଟରେ ବ୍ୟକ୍ତିଗତ ହାଜିର ପାଇଁ ଆଦେଶ ଦେଇଥିଲେ। ଏସ୍‌ପି ହାଇକୋର୍ଟ ଯାଇ ନିସର୍ତ୍ତ କ୍ଷମା ପ୍ରାର୍ଥନା କରିଛନ୍ତି। ଏହା ଓଡିଶା ରାଜନୀତିରେ ଏକ କଳଙ୍କିତ ଅଧ୍ୟାୟ ସୃଷ୍ଟି କରିଛି। କାରଣ ଏସ୍‌ପି ଯେଉଁ ସ୍କ୍ରିପ୍ଟ କହିଲେ, ପ୍ରକୃତରେ ବିଜେପି ସରକାରଙ୍କ ଦ୍ୱାରା ତାହା ଲିଖିତ ନା, ଆରଏସଏସ ଲେଖି ଥିଲା ବୋଲି ଶ୍ରୀମତୀ ସାହୁ ପ୍ରଶ୍ନ କରିଛନ୍ତି। ସେହିପରି ପୀତବାସ ପଣ୍ଡାଙ୍କ ହତ୍ୟାକାରୀ ପୂର୍ବରୁ ରେକୀ କରିଥିଲେ ବୋଲି ସିସିଟିଭି ଫୁଟେଜ ଦେଖାଯାଇଛି; କିନ୍ତୁ ହତ୍ୟାକାଣ୍ଡ ବେଳର ଫୁଟେଜ ଦେଖାଇଲେ ନାହିଁ। ଏସ୍‌ପି କ'ଣ ଜ୍ୟୋତିଷ ନା ଦ୍ୱିତୀୟ ସାରଥୀ ବାବା ବୋଲି ଶ୍ରୀମତୀ ସାହୁ ପ୍ରଶ୍ନ ପଚାରିଛନ୍ତି।

**ୱେବ୍‌ସିରିଜ କାହାଣୀ ପଠନ କରୁଛନ୍ତି ଏସ୍‌ପି**

ଶ୍ରୀମତୀ ସାହୁ ପୁଣି କହିଛନ୍ତି ଯେ ଏସ୍‌ପିଙ୍କ କାହାଣୀ ପଠନ ସବୁ ବିଜେପି, ଆରଏସଏସ ଓ ପ୍ରଶାସନର ମିଳିତ ଚକ୍ରାନ୍ତ ଥିଲା। କାରଣ ନୂଆପଡା ନିର୍ବାଚନକୁ ପ୍ରଭାବିତ କରିବା ସହ ବାଲି ମାଫିଆଙ୍କ ସହ ସରକାରଙ୍କ ସମ୍ପର୍କ ଲୁଚେଇବା ପାଇଁ ଏହି ଷଡ଼ଯନ୍ତ୍ର ରଚାଯାଇଥିଲା। ବିଜେପି ସରକାର ଓଡିଶା ପୁଲିସକୁ ଆରଏସଏସ ପୁଲିସରେ ରୂପାନ୍ତରିତ କରିବାକୁ ଚାହୁଁଛି। ନିଜକୁ କଣ୍ଟକମୁକ୍ତ କରିବା ପାଇଁ ସରକାରୀ ଦଳ ସମସ୍ତ ତଥ୍ୟ ପ୍ରମାଣ ଲୁଚାଇବାକୁ ଚାହୁଁଛି। ମନଗଢ଼ା କାହାଣୀ ପାଇଁ ଏସ୍‌ପିଙ୍କ ନିଃସର୍ତ୍ତ କ୍ଷମା ପ୍ରାର୍ଥନା ଓଡିଶାବାସୀଙ୍କ ମୁଣ୍ଡ ତଳକୁ କରି ଦେଇଛି। ଏତେ ଲଜ୍ଜାଜନକ ଘଟଣା ଘଟିଯିବା ସତ୍ତ୍ୱେ ସରକାର, ପ୍ରଶାସନ କିମ୍ବା ପୁଲିସ ପକ୍ଷରୁ କୌଣସି ସ୍ପଷ୍ଟୀକରଣ ଏପର୍ଯ୍ୟନ୍ତ ଦିଆ ଯାଇନାହିଁ। ତେଣୁ ଏସ୍‌ପିଙ୍କ ନିଃସର୍ତ୍ତ କ୍ଷମା ପ୍ରାର୍ଥନା ପରେ ସରକାର ସ୍ପଷ୍ଟୀକରଣ ଦିଅନ୍ତୁ ବୋଲି କଂଗ୍ରେସ ଦାବି କରିଛି। ଏହାସହ ବ୍ରହ୍ମପୁର ଭଳି ଗୁରୁତ୍ୱପୂର୍ଣ୍ଣ ସ୍ଥାନରୁ ଏସପି ଶ୍ରବଣାଙ୍କୁ ହଟାଯାଉ ବୋଲି ଶ୍ରୀମତୀ ସାହୁ ଦାବି କରିଛନ୍ତି।

ଦଳର ଅନ୍ୟତମ ମୁଖପାତ୍ର ବିଭୁତି ଭୂଷଣ ମହାପାତ୍ର ଏସ୍‌ପିଙ୍କ ନିସର୍ତ୍ତ କ୍ଷମାପ୍ରାର୍ଥନା ପରେ ତାଙ୍କୁ ପୁଲିସ ଡିଜି ଓ ଗୃହମନ୍ତ୍ରୀ କେବେ ଦାୟିତ୍ୱମୁକ୍ତ କରିବେ ବୋଲି ପ୍ରଶ୍ନ କରିଛନ୍ତି। ବ୍ରହ୍ମପୁର ଭଳି ଗୁରୁତ୍ୱପୂର୍ଣ୍ଣ ସ୍ଥାନରେ ସେ ଏସ୍‌ପି ଦାୟିତ୍ୱରେ ରହିବାର ନୈତିକତା ହରାଇ ବସିଛନ୍ତି। ତେଣୁ ଏସ୍‌ପି ଶ୍ରବଣାଙ୍କ ବିରୋଧରେ କାହିଁକି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନାହିଁ ବୋଲି ଶ୍ରୀ ମହାପାତ୍ର ପ୍ରଶ୍ନ ପଚାରିଛନ୍ତି।


ନନ୍ଦିଘୋଷ

**'ନନ୍ଦିଘୋଷ ଟିଭି'**

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଅଛି।
ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
| --- | --- |
| ଇନ୍‌ପୁଟ୍ କପି ଏଡିଟର (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଭିଡିଓ ଏଡିଟର୍ -ଡିଜିଟାଲ (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| କପି ଏଡିଟର -ଡିଜିଟାଲ (୦୩) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ଡିଜିଟାଲ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ନ୍ୟୁଜ୍ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସିଜି ଅପରେଟର (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସ୍ୱିଚର / ଅନଲାଇନ୍ ଏଡିଟର | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୧୫ ନଭେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

*କେବଳ ନିର୍ବାଚିତ ଆବେଦନଗୁଡିକୁ ସାକ୍ଷାତକାର ପାଇଁ ଡକାଯିବ।
ଯୋଗାଯୋଗ: ୯୪୩୭୦୧୬୪୯୯
ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

# ଦୁବାଇରେ ଓଡ଼ିଆ ଶ୍ରମିକ ନିଖୋଜ

ଖଲ୍ଲିକୋଟ,୧୩।୧୧(ସମିସ):

ଖଲ୍ଲିକୋଟ ଅଞ୍ଚଳରେ ଥମିବାର ନା ଧରୁନି ଦାଦନ ସମସ୍ୟା। ସରକାର ବଦଳିଲା କିନ୍ତୁ ବଦଳିଲାନି ଦାଦନ ଯନ୍ତ୍ରଣା। ଏଠାରେ କୌଣସି କାମ ଧନ୍ଦାର ସୁଯୋଗ ନଥିବାରୁ ଅଧିକ ରୋଜଗାର ଆଶାରେ ଲୋକେ ରାଜ୍ୟ ବାହାର ଓ ଦେଶ ବାହାରକୁ ଯାଉଥିବା ବେଳେ ବିଭିନ୍ନ ସମୟରେ ନିର୍ଯାତନା ଶିକାର ହେଉଥିବା ଖବର ସାମ୍ନା ଆସୁଛି।




ଗତ ୩୧ ତାରିଖ ସନ୍ଧ୍ୟା ୭ଟାରେ ବାବା ଫୋନ କରି ଆମ ସହ କଥା ହୋଇଥିଲେ। ସମସ୍ତଙ୍କ ଭଲ ମନ୍ଦ ଖବର ପଚାରି ବୁଝିଥିଲେ। କିନ୍ତୁ ୧ ତାରିଖ ଠାରୁ ଆଉ ଫୋନ ଲାଗୁନି କି ବାବାଙ୍କ ସହିତ କୌଣସି ଯୋଗାଯୋଗ ହୋଇପାରୁନି। ତାଙ୍କୁ କୌଣସି ମତେ ଘରକୁ ଫେରାଇ ଆଣନ୍ତୁ। ଏମିତି କାନ୍ଦି କାନ୍ଦି ନିଖୋଜ ଅମିନ ପ୍ରଧାନଙ୍କ ଝିଅ ଗୀତାଞ୍ଜଳି ପ୍ରଧାନ ଓ ସ୍ତ୍ରୀ ହୀରା ପ୍ରଧାନ ସରକାରଙ୍କୁ ଆକୁଳ ନିବେଦନ କରିଛନ୍ତି।

ଖଲ୍ଲିକୋଟ ବ୍ଲକ ଅନ୍ତର୍ଗତ ତେନ୍ତୁଳିଆ ପଞ୍ଚାୟତ କୈଁଠଡା ଗ୍ରାମର ଅମିନ ପ୍ରଧାନ (୪୬) ପରିବାର ପ୍ରତିପୋଷଣ ପାଇଁ ୧୫ ମାସ ତଳେ ବାଣପୁର ଅଞ୍ଚଳର ଜଣେ ଏଜେଣ୍ଟଙ୍କ ଜରିଆରେ ଦୁବାଇ ଯାଇଥିଲେ। ସେଠାରେ ଏକ ଘରୋଇ କମ୍ପାନୀରେ ଶ୍ରମିକ ଭାବେ କାମ କରୁଥିଲେ। ଗତ ୩୧ ତାରିଖ ସନ୍ଧ୍ୟା ୭ଟାରେ ଘରକୁ ଫୋନ କରି କଥା ହୋଇଥିଲେ ଅମିନ। ଏହାପରଦିନ ଅର୍ଥାତ୍ ଚଳିତ ମାସ ୧ ତାରିଖ ଠାରୁ ସେ ଘରକୁ ଆଉ ଫୋନ କରୁ ନାହାନ୍ତି କି ଏପଟୁ କଲ୍ କଲେ ରିସିଭ କରୁନାହାନ୍ତି। ସେଠାରେ ରହୁଥିବା ତାଙ୍କର ଜଣେ ପାକିସ୍ତାନୀ ସହଯୋଗୀ ଅମିନ ୧ ତାରିଖ ଠାରୁ ନିଖୋଜ ଥିବା ଫୋନ ଯୋଗେ ସୂଚନା ଦେବା ପରେ ପରିବାର ବର୍ଗଙ୍କ ପାଦ ତଳୁ ମାଟି ଖସିଯାଇଛି। କାନ୍ଦ ବୋବାଳିରେ ଘର ଫାଟି ପଡୁଛି। ଅମିନଙ୍କୁ ଭଲରେ ଭଲରେ ଗାଁକୁ ଫେରାଇ ଆଣିବାକୁ ସେମାନେ ଶ୍ରମ ବିଭାଗ, ଗଞ୍ଜାମ ଜିଲ୍ଲାପାଳ ଓ ଗଞ୍ଜାମ ଏସପିଙ୍କୁ ଆକୁଳ ନିବେଦନ କରିଛନ୍ତି।

# ବିଷାକ୍ତ ଆଳୁ ଖାଇ ୩ ପରିବାରର ୧୫ ଅସୁସ୍ଥ

ପାତ୍ରପୁର,୧୨।୧୧(ସମିସ): ବିଷାକ୍ତ ଦେଶୀଆଳୁ ଖାଇ ୩ ପରିବାରର ୧୫ ଜଣ ଅସୁସ୍ଥ ହୋଇପଡ଼ିଛନ୍ତି। ସୂଚନା ଅନୁସାରେ ସାମନ୍ତିଆପଲ୍ଲୀ ଗ୍ରାମର ୨ ପରିବାର ୧୧ଜଣ ଏବଂ ନାରାୟଣପୁର ଗ୍ରାମର ଗୋଟିଏ ପରିବାର ୪ଜଣ ଅସୁସ୍ଥ ହୋଇପଡ଼ିଥିବା ବେଳେ ବାନ୍ତି ସହ ମୁଣ୍ଡ ବୁଲାଇଥିଲା। ପାତ୍ରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ସାମନ୍ତିଆପଲ୍ଲୀର ୨ପରିବାର ଲୋକଙ୍କୁ ଭର୍ତ୍ତି କରାଯାଇଥିବା ବେଳେ ପାତ୍ରପୁରର ଏକ ଘରୋଇ ହସ୍ପିଟାଲରେ ନାରାୟଣପୁରର ପରିବାର ଲୋକଙ୍କୁ ଭର୍ତ୍ତି କରାଯାଇଥିଲା। ଅସୁସ୍ଥ ମାନେ ହେଲେ ସମ୍ବାରୁ କନ୍ୟାରି, ରାଜୀବ ପ୍ରଧାନ, ରୋଜା ଆଚାରି, ଆୟମ୍ମା ଆଚାରୀ, କୁମାଞ୍ଜଳି ଆଚାରି, ଅଞ୍ଜଳି ଆଚାରି ଓ କେ. କୃଷ୍ଣମୂର୍ତ୍ତି ଆଚାରି। ସେହିଭଳି ସୁକାନ୍ତ ପ୍ରଧାନ, କାମିନୀ ପ୍ରଧାନ, ସୁଦାମ ପ୍ରଧାନ, ପଦ୍ମିନି ପ୍ରଧାନ ପ୍ରମୁଖଙ୍କ ସମେତ ୧୫ଜଣ ଅସୁସ୍ଥ ହୋଇ ଚିକିତ୍ସା ହେଉଥିବା ଜଣାପଡିଛି। ତେବେ କୃଷ୍ଣମୂର୍ତ୍ତିଙ୍କ ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ବ୍ରହ୍ମପୁର ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। କୌଣସି କାମରେ ଉଭୟ ପରିବାରର ଲୋକେ ମିଳିମିଶି ଗଜପତି ଜିଲ୍ଲା ଯାଇଥିବା ବେଳେ ଫେରିବା ସମୟରେ ରାସ୍ତା କଡ଼ରେ ବିକ୍ରି ହେଉଥିବା ଖମ୍ବଆଳୁ ମାର୍ଗଶିର ଗୁରୁବାର ପାଇଁ ଆଣିଥିଲେ। ମାର୍ଗଶିର ଗୁରୁବାର ପାଇଁ ଖମ୍ବଆଳୁ ରୋଷେଇ କରି ଖାଇଥିବା ବେଳେ ଯେଉଁ ମାନେ ଖାଇଥିଲେ ସେମାନଙ୍କୁ ବାନ୍ତି ଓ ମୁଣ୍ଡ ବୁଲାଇବା ଆରମ୍ଭ ହୋଇଥିଲା।



■ ମହଙ୍ଗା ପଡ଼ିଲା ମୋବାଇଲରେ ଏପିକେ ଫାଇଲ ଇନ୍‌ଷ୍ଟଲ୍

# ୨ ଲକ୍ଷ ଠକିନେଲେ ସାଇବର ଠକ

ବ୍ରହ୍ମପୁର,୧୩।୧୧(ସମିସ): ବ୍ୟାଙ୍କର କଷ୍ଟମର କେୟାର ଅଧିକାରୀ ବୋଲି କହି ଜଣେ ବରିଷ୍ଠ ନାଗିକଙ୍କ ନିକଟକୁ ଏପିକେ ଫାଇଲ ପଠାଇଲେ। ସେହି ଏପିକେ ଫାଇଲ ମୋବାଇଲରେ ଡାଉନଲୋଡ କରିବାର କିଛି ସମୟ ମଧ୍ୟରେ ୨ଟି ବ୍ୟାଙ୍କ ଆକାଉଣ୍ଟରୁ ୨ ଲକ୍ଷ ଗାଏବ କରି ନେଇଗଲେ। ସାଇବର ଠକମାନେ ବ୍ରହ୍ମପୁର ରାମକୃଷ୍ଣଗରରେ ରହୁଥିବା ଜଣେ ୬୭ ବର୍ଷୀୟ ବ୍ୟକ୍ତିଙ୍କ ଠାରୁ ଏଭଳି ଢଙ୍ଗରେ ଟଙ୍କା ଠକି ନେଇଛନ୍ତି। ଏ ନେଇ ବୈଦ୍ୟନାଥପୁର ଥାନାରେ ଏକ ମାମଲା ରୁଜୁ ହେବା ସହ ପୁଲିସ ତଦନ୍ତ ଆରମ୍ଭ କରିଛି।

ସୂଚନାପ୍ରକାରେ, ଏହି ବରିଷ୍ଠ ନାଗରିକଙ୍କ ନିକଟକୁ କିଛି ଦିନ ତଳେ ଏକ ଅଜଣା ନମ୍ବରରୁ କଲ ଆସିଥିଲା। ସେ ନିଜକୁ ବ୍ୟାଙ୍କର କଷ୍ଟମର କେୟାର ଅଧିକାରୀ ବୋଲି ପରିଚୟ ଦେଇଥିଲା। ଅଭିଯୋଗକାରୀଙ୍କ ଷ୍ଟେଟବ୍ୟାଙ୍କ ଅଫ ଇଣ୍ଡିଆ ଓ ସେଣ୍ଟ୍ରାଲ ବ୍ୟାଙ୍କ ଅଫ ଇଣ୍ଡିଆରେ ୨ଟି ଆକାଉଣ୍ଟ ରହିଥିବାରୁ କାଳେ ଆକାଉଣ୍ଟ କିମ୍ବା ନେଣଦେଣରେ ସସମ୍ୟା ଉପୁଜିଥିବ ସେହିକ୍ରମରେ ସେ ସଂପୃକ୍ତ ବ୍ୟକ୍ତିଙ୍କ ସହ କଥା ହୋଇଥିଲେ। ଫୋନ କରିଥିବା ବ୍ୟକ୍ତି ଜଣଙ୍କ ଆକାଉଣ୍ଟରେ ସମସ୍ୟା ଥିବା କହି ତାହାର ତୁରନ୍ତ ସମାଧାନର ରାସ୍ତା ମଧ୍ୟ ବତାଇଥିଲା। ବରିଷ୍ଠ ନାଗରିକଙ୍କ ୱାଟସଆପକୁ ଏକ ଏପିକେ ଫାଇଲ ପଠାଇ ସେହି ଫାଇଲକୁ ମୋବାଇଲରେ ଡାଉନଲୋଡ ପରେ ଇନଷ୍ଟଲ କରିବାକୁ କହିଥିଲା। ତାଙ୍କ କଥାରେ ବିଶ୍ୱାସ କରି ଅଭିଯୋଗକରୀ ଜଣଙ୍କ ନିଜ ମୋବାଇଲରେ ଉକ୍ତ ଏପିକେ ଫାଇଲକୁ ଡାଉନଲୋଡ କରିବା ପରେ ମୋବାଇଲରେ କିଛି ପରିବର୍ତ୍ତନ ଆସିଥିଲା। ଏହାର କିଛି ସମୟପରେ ତାଙ୍କ ସେଣ୍ଟ୍ରାଲ ବ୍ୟାଙ୍କ ଆକାଉଣ୍ଟରୁ ପ୍ରଥମେ ୯୮ ହଜାର ଟଙ୍କା କଟି ଯାଇଥିଲା। ଏହାର କିଛି ସମୟ ପରେ ଷ୍ଟେଟବ୍ୟାଙ୍କ ଆକାଉଣ୍ଟରୁ ୯୫ ହାଜର ଟଙ୍କା କଟି ଯାଇଥିଲା। ତାଙ୍କ ମୋବାଇଲ ନମ୍ବର ସହ ଜଡିତ ଥିବା ୨ଟି ବ୍ୟାଙ୍କ ଆକାଉଣ୍ଟରୁ ପ୍ରାୟ ୨ ଲକ୍ଷ ଟଙ୍କା କଟିଯିବା ପରେ ବରିଷ୍ଠ ନାଗରିକ ଜଣଙ୍କ ଚିନ୍ତାରେ ପଡିଯାଇଥିଲେ। ଯାଞ୍ଚ ପରେ ସେ ଏପିକେ ଫାଇଲ ଇନଷ୍ଟଲ କରିବା ପରେ ଏଭଳି ଘଟିଥିବା ଜାଣିବାକୁ ପାଇଥିଲେ। ସାଇବର ଠକଙ୍କ ଦ୍ୱାରା ଟଙ୍କା ଠକେଇର ଶିକାର ହୋଇଥିବା ଜାଣିବା ପରେ ବରିଷ୍ଠ ନାଗରିକ ଜଣଙ୍କ ବୈଦ୍ୟନାଥପୁର ଥାନାକୁ ଯାଇ ଲିଖିତ ଅଭିଯୋଗ କରିଥିଲେ।

# ବିବାହ ବନ୍ଧନରେ ବାନ୍ଧିହେଲେ ଧରାକୋଟ ରାଜା

ଧରାକୋଟ,୧୩।୧୧(ସମିସ): ଧରାକୋଟର ପ୍ରଥମ ମହିଳା ରାଜା ସୁଲକ୍ଷଣା ଗୀତାଞ୍ଜଳି ଦେବୀ ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି। ରାଜା କିଶୋର ଚନ୍ଦ୍ର ସିଂହଦେଓ ଓ ରାଣୀ ନନ୍ଦିନୀ ଦେବୀଙ୍କ ଜ୍ୟେଷ୍ଠା କନ୍ୟା ସୁଲକ୍ଷଣା ଗୀତାଞ୍ଜଳୀ ରାୟପୁର ରାଜକୁମାର କଲେଜରେ ଦଶମ ଶ୍ରେଣୀରେ ପଢୁଥିବା ବେଳେ ପିତା କିଶୋର ଚନ୍ଦ୍ର ସିଂହଦେଓଙ୍କ ମୃତ୍ୟୁ ପରେ ପ୍ରଜାଙ୍କ ଅନୁରୋଧ ରକ୍ଷା କରି ମାତ୍ର ୧୪ ବର୍ଷରେ ଧରାକୋଟ ରାଜ୍ୟର ଓ ଓଡ଼ିଶାର ସର୍ବକନିଷ୍ଠ ରାଜାର ମାନ୍ୟତା ପାଇଥିଲେ। ଏହାପରେ ଜଣେ ସଫଳ ପ୍ରଜାନୁରାଗି ରାଜା ଭାବରେ ନିଜକୁ ପ୍ରତିଷ୍ଠିତ କରି ରଥଯାତ୍ରା, ମନ୍ଦିର ପ୍ରତିଷ୍ଠା, ଯଜ୍ଞ ପୂର୍ଣ୍ଣାହୁତି ଭଳି ଦେବ କାର୍ଯ୍ୟକୁ ସୁଚାରୁ ରୂପେ ସମ୍ପନ୍ନ କରି ପ୍ରଶଂସାର ପାତ୍ର ହୋଇପାରିଥିଲେ। ସଂପ୍ରତି ସେ ଭୁବନେଶ୍ୱର ଏକାମ୍ର କ୍ଷେତ୍ରର ପ୍ରତିଷ୍ଠିତ ବ୍ୟବସାୟୀ ଶ୍ରୀମୟ ମହାପାତ୍ରଙ୍କ ସହ ବିବାହ ବନ୍ଧନରେ ବାନ୍ଧି ହୋଇଛନ୍ତି। ସମ୍ପୂର୍ଣ୍ଣ ରାଜକୀୟ ରୀତିନୀତି ପ୍ରକାରେ ଏହି ବାହାଘର ଭୁବନେଶ୍ୱରରେ ଅନୁଷ୍ଠିତ ହୋଇଥିବା ବେଳେ ଏହି ବିବାହ ଉତ୍ସବରେ ରାଜମାତା ନନ୍ଦିନୀ ଦେବୀ, ସାନ ଭଉଣୀ ଶାନ୍ତିପ୍ରିୟା ଗୀତାଞ୍ଜଳିଙ୍କ ସମେତ ଦେଶର ଓ ରାଜ୍ୟର ବିଭିନ୍ନ ସ୍ଥାନରୁ ରାଜ ପରିବାରର ସଦସ୍ୟ ସଦସ୍ୟା ମାନେ ଉପସ୍ଥିତ ରହିଥିଲେ। ସୁଲକ୍ଷଣାଙ୍କ ଜେଜେବାପା ଅନନ୍ତ ନାରାୟଣ ସିଂହ ଦେଓ, ଜେଜେ ମା ଶାନ୍ତି ଦେବୀ, ପିତା କିଶୋର ଚନ୍ଦ୍ର ସିଂହଦେଓ, ମାତା ନନ୍ଦିନୀ ଦେବୀ ବିଭିନ୍ନ ସମୟରେ ଓଡ଼ିଶା ବିଧାନ ସଭା ଓ ଲୋକ ସଭାକୁ ପ୍ରତିନିଧିତ୍ୱ କରି ରାଜ୍ୟ ରାଜନୀତି କ୍ଷେତ୍ରରେ ଧରାକୋଟ ପାଇଁ ସ୍ୱତନ୍ତ୍ର ସ୍ଥାନ ବଜାୟ ରଖିଥିବା ବେଳେ ସୁଲକ୍ଷଣା ନିଜେ ବର୍ତ୍ତମାନ ଧରାକୋଟ ପଞ୍ଚାୟତ ସମିତିର ଅଧ୍ୟକ୍ଷା ରହିଛନ୍ତି। ଶୁକ୍ରବାର ଧରାକୋଟ ରାଜବାଟି ପରିସରରେ ନିଜ ରାଜ୍ୟର ସର୍ବକନିଷ୍ଠ ରାଜାଙ୍କୁ ଭାବ୍ୟ ସ୍ୱାଗତ ସମ୍ବର୍ଦ୍ଧନା ଦେବାକୁ ବ୍ୟାପକ ଆୟୋଜନ କରାଯାଇଛି।



# ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ହତ୍ୟା ଉଦ୍ୟମ

ଦିଗପହଣ୍ଡି,୧୩।୧୧(ସମିସ): ଦିଗପହଣ୍ଡି ବ୍ଲକ ଅନ୍ତର୍ଗତ ବି.ତୁରୁବୁଡି ଗ୍ରାମରେ ଗୁରୁବାର ଅପରାହ୍ନରେ ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଜଣେ ବ୍ୟକ୍ତିଙ୍କୁ ଖଣ୍ଡାରେ ହାଣି ହତ୍ୟା ଉଦ୍ୟମ କରାଯାଇଛି। ଖଣ୍ଡା ଚୋଟରେ ଗୁରୁତର ବ୍ୟକ୍ତି ଜଣକ ହେଲେ ବି. ତୁରୁବୁଡି ଗ୍ରାମର ଟୁନା ଚୌଧୁରୀ (୫୨) ବୋଲି ଜଣାପଡିଛି। ସରପଞ୍ଚ ବି.ଲିଙ୍ଗରାଜ ଦୋରା ଓ ଅନ୍ୟମାନଙ୍କ ସହାୟତାରେ ଗୁରୁତର ଟୁନାଙ୍କୁ ଦିଗପହଣ୍ଡି ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ଶରୀରର ବିଭିନ୍ନ ସ୍ଥାନରେ ଭୀଷଣ ଆଘାତ ଲାଗିଥିବା ଯୋଗୁ ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ବ୍ରହ୍ମପୁର ବଡ଼ ମେଡ଼ିକାଲକୁ ସ୍ଥାନାନ୍ତର କରାଯାଇଛି। ବି. ତୁରୁବୁଡି ଗ୍ରାମର ପି. କ୍ରିଷ୍ଣା ରେଡ଼ି ଓ ତାଙ୍କର ସହଯୋଗୀ ଏହି ଆକ୍ରମଣ କରିଥିବା ଅଭିଯୋଗ ହୋଇଛି।



# ଅପପୁଷ୍ଟି ମୁକ୍ତ ପଞ୍ଚାୟତ ନିମନ୍ତେ ପ୍ରଶିକ୍ଷଣ

ଆସିକା,୧୩।୧୧(ସମିସ): ଆସିକା ବ୍ଲକ ସଭାଗୃହ ପରିସରରେ ଅପପୃଷ୍ଟି ମୁକ୍ତ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଏବିଡିଓ ସୁଶାନ୍ତ କୁମାର ବେହେରା, ଜିପିଡିଓ ରାଜଶ୍ରୀ ସାହୁ, ପଢାଳ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଡ଼.ଅକ୍ଷୟ କୁମାର ପାଣିଗ୍ରାହୀ, ପ୍ରଶିକ୍ଷଣ ରୂପେ ରଞ୍ଜୁକ୍ତା ସ୍ୱାଇଁ, କୁମୁଦିନୀ ପାତ୍ର ମଞ୍ଚାସୀନ ଥିଲେ। ଆସିକା ବ୍ଲକ ଅଧୀନରେ ସମସ୍ତ ପଞ୍ଚାୟତ ଗୁଡିକରେ କିଭଳି ଶିଶୁ, କିଶୋରୀ, କିଶୋର, ଗର୍ଭବତୀ, ପ୍ରସୂତି ମା'ମାନେ କିଭଳି ପୃଷ୍ଟିକର ଖାଦ୍ୟ ପ୍ରଦାନ କରାଯିବ ସେନେଇ ପରାମର୍ଶ ଦେଇଥିଲେ। ପଞ୍ଚାୟତର ମାସିକ ବୈଠକରେ ସରପଞ୍ଚ ମାନେ ସମସ୍ତ ବିଭାଗୀୟ ଅଧିକାରୀ ସହ ଆଲୋଚନା କରିଥିଲେ।

# ପାଇପ୍ ମରାମତି ନାଁରେ ବାରମ୍ବାର ରାସ୍ତା ଖୋଳାକୁ ନେଇ ଅସନ୍ତୋଷ



ଆସିକା,୧୩।୧୧(ସମିସ): ଆସିକା ସହରର ବ୍ୟବସାୟ ପେଣ୍ଠସ୍ଥଳ ଆଉ ଦୈନନ୍ଦିନ ଶତାଧିକ ଯାନବାହାନ ଯତାୟତର ମୁଖ୍ୟ ରାସ୍ତା କଳିଙ୍ଗ ରୋଡ। ଗତ କିଛି ମାସ ହେଲା ବିଜୁ ପଟ୍ଟନାୟକ ଛକ ଠାରୁ ଆସିକା ବସଷ୍ଟାଣ୍ଡ ମୁଖ୍ୟ ରାସ୍ତାରେ ବାରମ୍ବାର ପାଇପ ମରାମତି ଲାଗି ରାସ୍ତା ଖୋଳାଯାଉଛି। ଫଳରେ ରାସ୍ତା ଅବରୋଧ ହେବା ସହ ଟ୍ରାଫିକ ସମସ୍ୟା ଦେଖାଦେଉଛି। ଏମିତିକି ଜରୁରୀକାଳୀନ ସ୍ଥିତିରେ ଆମ୍ବୁଲାନ୍ସ ମଧ୍ୟ ରାସ୍ତା ପାର ପାଇଁ ବହୁ ସମୟ ଅପେକ୍ଷା କରୁଛି। ହେଲେ ସରକାରୀ ବାବୁ ମାନେ ଘରେ ରହି ଫୋନ ମାଧ୍ୟମରେ କଥା ହୋଇ ଚୁପ ରହି ଯାଉଛନ୍ତି। ହାତ ଗଣତି ଶ୍ରମିକ କାମ ଲଗାଇ ବିଭାଗୀୟ ଅଧିକାରୀ ମାନେ ଚୁପ ବସିଛନ୍ତି। ଗୁରୁବାର ଦିନ ତମାମ ଏହି ରାସ୍ତାରେ ଟ୍ରାଫିକ ସମସ୍ୟା ଦେଖାଦେଇଥିଲା। ଲୋକଙ୍କୁ ଏହି ରାସ୍ତା ପାର ହେବା ପାଇଁ ଦୀର୍ଘ ସମୟ ରାସ୍ତାରେ ଅଟକିବାକୁ ପଡୁଥିଲା। ଏହି ପରିସ୍ଥିତିରୁ ବାଦ ପଡି ନଥିଲା ଆମ୍ବୁଲାନ୍ସ। ସହର ଦେଇ ଯାଇଥିବା ଏହି ମୁଖ୍ୟ ରାସ୍ତାରେ ଟ୍ରାଫିକର ଏହି ସମସ୍ୟାର ସମାଧାନ ପାଇଁ କେହି ପୁଲିସ କର୍ମଚାରୀଙ୍କ ଦେଖା ମିଳିନଥିଲା। ସକାଳୁ ଗୋଟିଏ ରାସ୍ତା ଖୋଳି ପାଇପ ଲାଇନ ସଂଯୋଗ କାର୍ଯ୍ୟ ଚାଲିଥିବା ବେଳେ ଏବଂ ପ୍ରାୟ ଏକ କିଲୋମିଟର ରାସ୍ତାରେ ଯାନ ବାହାନର ଲମ୍ବା ଧାଡି ଲାଗିଥିଲା। ପୂର୍ବରୁ ରାସ୍ତାର ପ୍ରାୟ ୫୦ ପ୍ରତିଶତ ଆବାଧ ପାର୍କିଂ କାରଣରୁ ରାସ୍ତା ସଙ୍କୁଚିତ ହେଉଥିବା ବେଳେ କୌଣସି ପଦକ୍ଷେପ ଗ୍ରହଣ ହେଉନଥିବାରୁ ଆସିକାରେ ଟ୍ରାଫିକ ସମସ୍ୟା ଦିନକୁ ଦିନ ଜଟିଳ ହେଉଛି। ପୂର୍ବରୁ ଅଶୋକା ଲଜ ସମ୍ମୁଖରେ ଟ୍ରାଫିକ ନିୟନ୍ତ୍ରଣ ପାଇଁ ଏଲଆଇସି ପକ୍ଷରୁ ମିଳିଥିବା ଏକ ଅସ୍ଥାୟୀ ଷ୍ଟାଣ୍ଡକୁ ବ୍ୟବହାର ନ କରି ଉଠାଇ ନିଆଗଲା। ଆସିକାରେ ଦିନକୁ ଦିନ ଟ୍ରାଫିକ ସମସ୍ୟା ଜଟିଳ ହେଉଥିବା ବେଳେ ବିଜୁ ପଟ୍ଟନାୟକ ଛକ ପରେ କଳିଙ୍ଗ ରୋଡ଼ର ବସଷ୍ଟାଣ୍ଡ ଅଶୋକା ଲଜ ଛକ ଆଦି ସ୍ଥାନରେ ଟ୍ରାଫିକ ନିୟନ୍ତ୍ରଣ ଏକାନ୍ତ ଆବଶ୍ୟକ ହୋଇଛି।

# ଓଡ଼ିଆ ଭାଷାକୁ ପ୍ରାଧାନ୍ୟ ନଦେଇ ତଣ୍ଡ ଗଣିଲେ ଦୋକାନୀ

ବ୍ରହ୍ମପୁର,୧୩।୧୧(ସମିସ): ନୋଟିସ ପାଇବାର ୫୫ ଦିନ ବିତିଯାଇଥିଲେ ମଧ୍ୟ ପ୍ରକାଶ ଫଳକରେ ଓଡ଼ିଆ ଭାଷା ଲିପିକୁ ପ୍ରାଧାନ୍ୟ ଦେଇନଥିବା ଦୋକାନ ଏବଂ ବ୍ୟାବସାୟିକ ପ୍ରତିଷ୍ଠାନଗୁଡ଼ିକରୁ ଜରିମାନା ଆଦାୟ ଆରମ୍ଭ କରିଛି ବ୍ରହ୍ମପୁର ମହାନଗର ନିଗମ। ବ୍ରହ୍ମପୁର ମହାନଗର ନିଗମର କମିଶନର ପ୍ରଥମେଶ ଅରବିନ୍ଦ ରାଜେଶିର୍କେ ଏ ନେଇ ସେପ୍ଟେମ୍ବର ପହିଲାରେ ସର୍ବସାଧାରଣ ବିଜ୍ଞପ୍ତି ଜାରି କରିଥିଲେ। ଜନ ସଚେତନତା ପାଇଁ ସହର ସାରା ଡାକବାଜି ଯନ୍ତ୍ରରେ ପ୍ରଚାର ପରେ ସେପ୍ଟେମ୍ବର ୧୮ରୁ ଖିଲାପକାରୀଙ୍କୁ ନୋଟିସ ଦେବା ଆରମ୍ଭ ହୋଇଥିଲା। ନିୟମ ମୁତାବକ ୫୫ଦିନ ମଧ୍ୟରେ ପ୍ରକାଶ ଫଳକ ସଂଶୋଧନ କରି ଏହାର କ୍ଷେତ୍ରଫଳର ଅନ୍ୟୁନ ୬୦ପ୍ରତିଶତ ଅଂଶରେ ଓଡ଼ିଆ ଭାଷା ଲିପିର ବ୍ୟବହାର କରାଯିବା କଥା। ତେବେ ସେପ୍ଟେମ୍ବର ୧୮ ରେ ନୋଟିସ ପାଇଥିବା ମିଲିଟାରୀ ଲାଇନ୍‌ର ୧୦ଟି ଦୋକାନ ମଧ୍ୟରୁ ତିନୋଟି ୫୫ଦିନ ପରେ ବି ପ୍ରକାଶ ଫଳକ ସଂଶୋଧନ କରିନଥିବାରୁ ଦୈନିକ ୫୦୦ ଟଙ୍କା ହିସାବରେ ଜରିମାନା ଆଦାୟ କରାଯାଇଛି। ଇତି ମଧ୍ୟରେ ୨୦୦ ବ୍ୟାବସାୟିକ ପ୍ରତିଷ୍ଠାନକୁ ନୋଟିସ ଦିଆ ସରିଲାଣି। ୫୫ଦିନର ମିଆଦ ପରେ ତ୍ରୁଟିପୂର୍ଣ୍ଣ ଫଳକ ଥିବା ସବୁ ବ୍ୟାବସାୟିକ ପ୍ରତିଷ୍ଠାନରୁ ଜରିମାନା ଆଦାୟ କରାଯିବ ବୋଲି ମହାନଗର ନିଗମ ପକ୍ଷରୁ କୁହାଯାଇଛି। କାର୍ଯ୍ୟକ୍ରମକୁ ଆଗାମୀ ଦିନରେ ଆହୁରି ବ୍ୟାପକ ଏବଂ କଡାକଡି କରାଯିବ ବୋଲି କମିଶନର ସୂଚନା ଦେଇଛନ୍ତି। ସେହିପରି ଯେଉଁ ଦୋକାନ ଗୁଡିକର ପ୍ରକାଶ ଫଳକର ଅତି କମରେ ଷାଠିଏ ପ୍ରତିଶତ ଭାଗରେ ଓଡ଼ିଆ ଲିପି ବ୍ୟବହାର ହୋଇଛି ସେଗୁଡିକର ଟ୍ରେଡ଼ ଲାଇସେନ୍ସ ନବୀକରଣ ବେଳେ ଦେୟର ପାଞ୍ଚ ପ୍ରତିଶତ ରିହାତି ଦିଆଯିବାକୁ ବି ମହାନଗର ନିଗମ ଗୁରୁତ୍ୱାରୋପ କରିଛି।

■ ମା' ବନଦୁର୍ଗା ମନ୍ଦିରରୁ ଚୋରି ଘଟଣା

# ଚୋରକୁ ୬ ମାସ ଜେଲ୍ ସହ ଜରିମାନା

ପାରଳାଖେମୁଣ୍ଡି,୧୩।୧୧(ସମିସ): ପାରଳାଖେମୁଣ୍ଡିସ୍ଥିତ ମା ବନଦୁର୍ଗା ମନ୍ଦିରରୁ ଚୋରି ଘଟଣାରେ ଅଭିଯୁକ୍ତ ଦୋଷୀ ସାବ୍ୟସ୍ତ ହୋଇଥିବା ବେଳେ ୬ ମାସ ଜେଲ ଓ ୫ଶହ ଟଙ୍କା ଜରିମାନାରେ ଦଣ୍ଡିତ କରାଯାଇଛି। ଘଟଣା ଦିନ ୧୧ଟାରେ ପୂଜକ ମୁନା କାରୁଣ୍ୟ ପୂଜା ସାରି ମନ୍ଦିର କାର୍ଯ୍ୟାଳୟରେ ଲୁଗା ବଦଳାଇବା ସମୟରେ ଲାଗିଥିବା ସିସିଟିଭିରେ କେହି ଜଣେ ମା' ବନଦୁର୍ଗା ପିନ୍ଧିଥିବା ସୁନାଗହଣା ନିଜ ପକେଟରେ ଭର୍ତ୍ତି କରି ପଳାଇଯାଉଥିବା ଦେଖିଥିଲେ। ପାଟି କରିବାରୁ ସେଠାରେ ଲୋକମାନେ ଏକତ୍ର ହୋଇ ଦୌଡ଼ି ପଳାଉଥିବା ଚୋରକୁ କାବୁ କରିଥିଲେ। ପୁଲିସକୁ ଫୋନ କରି ଚୋରକୁ ହସ୍ତାନ୍ତର କରିଥିଲେ। ପରେ ଜଣାପଡିଥିଲା ଆସାମୀ ଜଣକ ସ୍ଥାନୀୟ ଜଙ୍ଗମ ସାହିର ପୋଲମହାନ୍ତି ପ୍ରସାଦ ରାଓ। ପୂଜକଙ୍କ ଏତଲା କ୍ରମେ ସବଇନ୍ସପେକ୍ଟର ଲକ୍ଷ୍ମଣ ବେଶ୍ରା ଉକ୍ତ ମାମଲାର ତଦନ୍ତ କରି ଆସାମୀଙ୍କୁ କୋର୍ଟ ଚାଲାଣ କରିଥିଲେ। ୮ଜଣ ସାକ୍ଷ୍ୟଙ୍କ ବୟାନ ତଥା ପ୍ରମାଣକୁ ଭିତ୍ତି କରି ଏହି ମାମଲାର ଶୁଣାଣି କରି ଆଜି ଜେଏମ୍‌ଏଫସି (ଏଲ.ଆର. ଓ ଏଲ.ଟି.ଭି.) ସତ୍ୟଜିତ ପାଣି ଅଭିଯୁକ୍ତଙ୍କ ବୟସକୁ ନଜରରେ ରଖି ଭାରତୀୟ ନ୍ୟାୟ ସଂହିତାର ଧାରା ୩୦୫ (ମନ୍ଦିରରେ ପଶି ଚୋରି କରିବା)ରେ ୬ ମାସ ଜେଲ ଓ ୫୦୦ଟଙ୍କା ଜୋରିମାନାରେ ଦଣ୍ଡିତ କରିଛନ୍ତି। ସରକାରଙ୍କ ପକ୍ଷରୁ ଏପିପି ଏଲ. ସଞ୍ଜୟ ଏହି ମାମଲା ପରିଚାଳନା କରିଥିବା ଭାରପ୍ରାପ୍ତ କ୍ୟାଡ଼ର ପବ୍ଲିକ ପ୍ରସିକ୍ୟୁଟର ରାଜେଶ କୁମାର ମିଶ୍ର ସୂଚନା ଦେଇଛନ୍ତି। ସୂଚନାଯୋଗ୍ୟ, ଏହି ମାମଲାରେ ତ୍ୱରିତ ବିଚାର କରାଯାଇ ମାତ୍ର ସାଢେ ଚାରିମାସରେ ଦୋଷୀକୁ ଦଣ୍ଡିତ କରାଯାଇଛି।

# ଗଞ୍ଜେଇ ସହ ବାଇକ ଜବତ; ଜଣେ ଗିରଫ

ଖଲ୍ଲିକୋଟ,୧୩।୧୧(ସମିସ): ଗଞ୍ଜେଇ ଚୋରାଚାଲାଣ ବେଳେ ହରିଡ଼ାମୂଳ ଛକରେ ଖଲ୍ଲିକୋଟ ଅବକାରୀ ବିଭାଗ ୧୫ କିଲୋ ଗଞ୍ଜେଇ ଓ ଗୋଟିଏ ବାଇକ୍ ଜବତ କରିବା ସହ ଜଣଙ୍କୁ ଗିରଫ କରିଛି। ଆଜି ସକାଳେ ଏକ ବାଇକ ଯୋଗେ କୋଦଳା ପଟୁ ଗଞ୍ଜେଇ ଚୋରା ଚାଲାଣ ହେଉଥିବା ଖବର ପାଇ ଖଲ୍ଲିକୋଟ ଆଦର୍ଶ ଅବକାରୀ ଥାନା ଅଧିକାରିଣୀ ତେଜସ୍ୱିନୀ ପ୍ରଧାନ ତାଙ୍କ ଟିମ ସହିତ ହରିଡ଼ାମୂଳ ଛକରେ ଚଢ଼ଉ କରିଥିଲେ। ସେଠାରୁ ସ୍କୁଟି ସହ ଗଞ୍ଜେଇ ଜବତ ସହ କୋଦଳା ଥାନା ଜେ.ରାମପଲ୍ଲୀ ଗ୍ରାମର ଦୀପକ ସ୍ୱାଇଁଙ୍କୁ ଗିରଫ କରିଥିଲେ। ଚଢ଼ଉରେ ଆଦର୍ଶ ଅବକାରୀ ଥାନା ଏଏସଆଇ ଇପିଲି ଲକ୍ଷ୍ମଣ ରାଓ, କନେଷ୍ଟବଳ ଏସ ପର୍ଶୁରାମ ରେଡ୍ଡୀ, କାହ୍ନୁ ଚରଣ ନାହାକ, ଟୁଟୁ ସାମଲ, ମନୋଜ କୁମାର ଲେଙ୍କା ଓ ହରିହର ବେହେରା ପ୍ରମୁଖ ସାମିଲ ଥିଲେ। ଗିରଫ ହୋଇଥିବା ଦୀପକ ସ୍ୱାଇଁଙ୍କୁ କୋର୍ଟଚାଲାଣ କରାଯାଇଛି।

# ସାଇବର ସୁରକ୍ଷା ସଚେତନତା ଶିବିର

କୁକୁଡାଖଣ୍ଡି,୧୩।୧୧(ସମିସ): କୁକୁଡାଖଣ୍ଡି ବିଜ୍ଞାନ ମହାବିଦ୍ୟାଳୟରେ ସଦର ଥାନା ପକ୍ଷରୁ ସାଇବର ସଚେତନତା ଶିବିର ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମରେ ଡେପୁଟି ସୁପରଟେଣ୍ଡ ଅକ୍ଷୟ କୁମାର ପଣ୍ଡା, ସଦରଥାନା ଅଧିକାରୀ ରାମ ଶୁଭ୍ରମନ୍ୟୁମ ପ୍ରଧାନ, ସାଇବର ଥାନା କନେଷ୍ଟବଳ ଅଜିତ ଗୌଡ଼, ବିଜ୍ଞାନ କଲେଜ ଅଧ୍ୟକ୍ଷା ଶର୍ମିଷ୍ଠା ମହାନ୍ତି ପ୍ରମୁଖ ମଞ୍ଚାସିନ ଥିଲେ। ମହାବିଦ୍ୟାଳୟର ଛାତ୍ରଛାତ୍ରୀ କିପରି ସାଇବର ଠକେଇରୁ ନିବୃତ୍ତ ରହିପାରିବେ ଓ ସାଇବର ଠକେଇ କିପରି ହେଉଛି ସେନେଇ ସଚେତନ କରିଥିଲେ। ମହାବିଦ୍ୟାଳୟର ଅଧ୍ୟାପକ ବସନ୍ତ ଜେନାଙ୍କ ସମେତ ସମସ୍ତ କର୍ମଚାରୀ ସହଯୋଗ କରିଥିଲେ।

# ସତ୍ୟସାଇବାବାଙ୍କ ଜୟନ୍ତୀ ପାଳିତ

ଛତ୍ରପୁର,୧୩।୧୧(ସମିସ): ଭଗବାନ ଶ୍ରୀ ସତ୍ୟ ସାଇ ବାବାଙ୍କ ୧୦୦ତମ ଜନ୍ମ ଉତ୍ସବ ଉପଲକ୍ଷେ ପ୍ରଶାନ୍ତି ନିଲୟମ୍‌ରୁ ଭଗବାନଙ୍କ ସ୍ୱରୂପ ଏକ ଜ୍ୟୋତି ଓଡ଼ିଶାର ସମସ୍ତ ସତ୍ୟ ସାଇ ବିଦ୍ୟାଳୟକୁ ଯାଇଛନ୍ତି। ନଭେମ୍ବର ୧୦ ତାରିଖ ଦିନ ବିଦ୍ୟା ଭବନର ଶିକ୍ଷୟିତ୍ରୀ ଛାତ୍ରଛାତ୍ରୀ ଓ ପରିଚାଳନା କମିଟିର ସଦସ୍ୟ ମାନେ ଭବ୍ୟ ସ୍ୱାଗତ କରି ଭଗବାନଙ୍କୁ ବିଦ୍ୟାଳୟକୁ ଆଣିଥିଲେ। ଏହି ଅବସରରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଗୁରୁବାର ରାଲି କରି ଛାତ୍ରଛାତ୍ରୀ, ଶିକ୍ଷୟିତ୍ରୀ, ଶ୍ରୀ ସତ୍ୟ ସାଇ ସେବା ସଂଗଠନ ଗଞ୍ଜାମର ଜିଲ୍ଲା ସଭାପତି, କର୍ମକର୍ତ୍ତା ଓ ସମସ୍ତ ଯୁବ ଭାଇ ମାନେ ଉପଜିଲ୍ଲାପାଳଙ୍କୁ ପ୍ରଶାନ୍ତି ମାନବୀୟ ମୂଲ୍ୟବୋଧ ଘୋଷଣା ପତ୍ର ପ୍ରଦାନ କରିଥିଲେ।

ଛୁଟି ନ ଥାଇ ଅଙ୍ଗନବାଡି କେନ୍ଦ୍ରରେ ତାଲା

# ସିଡିପିଓଙ୍କ ପରିଦର୍ଶନ ବେଳେ ଧରାପଡ଼ିଲେ ୪ କର୍ମୀ

ଜଗନ୍ନାଥପ୍ରସାଦ,୧୩।୧୧(ସମିସ):

ଜଗନ୍ନାଥପ୍ରସାଦ ବ୍ଲକରେ ଶିଶୁ ବିକାଶ ଯୋଜନା ବାଟହୁଡୁଛି। ଗୋଟିଏ କି ଦୁଇଟି କେନ୍ଦ୍ର ନୁହେଁ, ଗ୍ରାମରେ ଥିବା ଚାରି ଗୋଟି କେନ୍ଦ୍ରରେ ଗୁରୁବାର ବନ୍ଦ ରହିଥିଲା। ଅଞ୍ଚଳର କିଛି କର୍ମୀ ଏତେ ବିଶୃଙ୍ଖଳିତ ହୋଇପଡିଛନ୍ତି ଯେ ନିଜ ମଧ୍ୟରେ ଆଲୋଚନା କରି ସମୂହ ଭାବେ ଇଛା ହେଲେ କେନ୍ଦ୍ର ଖୋଲୁଛନ୍ତି ନହେଲେ ବନ୍ଦ। କିନ୍ତୁ ଉପସ୍ଥାନ ଖାତାରେ ନିୟମିତ ଭାବେ କେନ୍ଦ୍ର ଖୋଲା ଯାଉଥିବା, ଖାଦ୍ୟ ବଣ୍ଟନ ଓ ଗରମ ରନ୍ଧା ଖାଦ୍ୟ ପ୍ରସ୍ତୁତି କରି ପିଲାଙ୍କୁ ଖୁଆଇବା ଭଳି ଅନେକ ମିଥ୍ୟା ତଥ୍ୟ ଦେଇ ଏ ସମସ୍ତ ବାବଦ ଅର୍ଥ ଉଠାଇ ହଡପ କରୁଛନ୍ତି। ମନଇଚ୍ଛା କେନ୍ଦ୍ର ଖୋଲି ଦରମା ଉଠାଉଥିବା ଜଣାପଡୁଛି।

ଏପରି ଘଟଣା ଗୁରୁବାର ଜିରାବାଡି ଗ୍ରାମରେ ଥିବା ୪ଟି କେନ୍ଦ୍ର ପରିଦର୍ଶନ ବେଳେ ନିଜେ ବ୍ଲକ ଶିଶୁ ବିକାଶ ଅଧିକାରୀ ଧରିଛନ୍ତି। ଆଗରୁ କିଛି ଲୋକ ଏହି କେନ୍ଦ୍ର ଗୁଡିକ ଠିକ ଭାବେ ଖୋଲା ଯାଉନଥିବା ଅଭିଯୋଗ କରିଥିଲେ। ସ୍ଥିତି ପରଖିବା ପାଇଁ ନିଜେ ସିଡିପିଓ ଭି. ମଣିମାଳା ଏହାର ସତ୍ୟାସତ୍ୟ ଜାଣିବା ପାଇଁ ସେକ୍ଟର ପରିଦର୍ଶିକା ସୁକେଶିନୀ ରଥଙ୍କୁ ନ ଜଣାଇ ଗୁରୁବାର ପୂର୍ବାହ୍ନ ୧୧ଟାବେଳେ ଅଚାନକ ଜିରାବାଡି ଗ୍ରାମରେ ଥିବା କେନ୍ଦ୍ର ଗୁଡିକୁ ଯାଇ ପରିଦର୍ଶନ କଲା ବେଳକୁ ସମସ୍ତ କେନ୍ଦ୍ର ଗୁଡିକରେ ତାଲା ଝୁଲୁଥିବା ଦେଖିବାକୁ ପାଇଥିଲେ। କେନ୍ଦ୍ର ବନ୍ଦ ଥିବା କାରଣରୁ ପିଲାଙ୍କୁ ସକାଳ ଜଳଖିଆ, ପ୍ରାକ ବିଦ୍ୟାଳୟ ଓ ଗରମ ରନ୍ଧା ଖାଦ୍ୟ ଦିଆଯାଇ ନ ଥିବା ଜାଣିବା ପରେ ସରକାରୀ କାର୍ଯ୍ୟରେ ଅବହେଳା ପ୍ରଦର୍ଶନ ଅଭିଯୋଗରେ କେନ୍ଦ୍ର (କ) କର୍ମୀ ସୁଜାତା ବିଷୋଇ ସହାୟିକା ଜୋଛନା ପ୍ରଧାନ, କେନ୍ଦ୍ର (ଖ) କର୍ମୀ ରଞ୍ଜିତା ଗୌଡ଼ ଓ ସହାୟିକା ଗୀତାଞ୍ଜଳି ପ୍ରଧାନ, କେନ୍ଦ୍ର (ଗ)ର କର୍ମୀ ରଞ୍ଜିତା ଛାଟୋଇ ଓ ସହାୟିକା ଗୋଲାପ ପ୍ରଧାନ, ଜିରାବାଡି ପଡୋଶୀ ଲେପାଗ୍ରାମ କର୍ମୀ ଜୟଲକ୍ଷ୍ମୀ ପ୍ରଧାନଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିଛନ୍ତି। ଏମାନେ କାର୍ଯ୍ୟାଳୟକୁ ନଜଣାଇ ଛୁଟି ନନେଇ ସାମୂହିକ ଭାବେ ଛୁଟିରେ ରହି କେନ୍ଦ୍ର ଖୋଲି ନ ଥିବା ନେଇ କାହିଁକି ଏମାନଙ୍କ ବିରୁଦ୍ଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ନିଆନଯିବ ଓ କାର୍ଯ୍ୟରେ ଅବହେଳାର କାରଣ ତିନିଦିନ ଭିତରେ ଦେବାପାଇଁ ଚିଠି ନମ୍ବର ୧୦୦୫/୧୨-୧୧-୨୫ ରେ ନିର୍ଦ୍ଦେଶ ଦିଆଯାଇଛି। ପୁଣି ଏହାର ଏକକିତା ନକଲ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀଙ୍କ କାର୍ଯ୍ୟାଳୟ ସମେତ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଓ ସେକ୍ଟର ପରିଦର୍ଶିକାଙ୍କୁ କପି ପ୍ରେରଣ କରାଯାଇଥିବା ଜଣାପଡିଛି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ୧୫ରୁ ବ୍ରହ୍ମପୁର ବାଣିଜ୍ୟ ମେଳା



ବ୍ରହ୍ମପୁର,୧୩।୧୧(ସମିସ): ଓଡ଼ିଶା ଗ୍ରାମାଞ୍ଚଳ ଓ ସହରାଞ୍ଚଳ ଉତ୍ପାଦକ ସଂଘ "ଅରୂପା' ପକ୍ଷରୁ ବ୍ରହ୍ମପୁରରେ ବାଣିଜ୍ୟ ମେଳା-୨୦୨୫ ଚଳିତମାସ ୧୫ରୁ ୨୬ ପର୍ଯ୍ୟନ୍ତ ଅନୁଷ୍ଠିତ ହେବ ବୋଲି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦିଆଯାଇଛି। ଏଥିରେ ଓଡ଼ିଶାର ବିଭିନ୍ନ ଜିଲ୍ଲାର ହସ୍ତଶିଳ୍ପୀ କାରିଗର, ବୁଣାକାର ଏବଂ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗୀ ତଥା ସ୍ୱୟଂ ସହାୟକ ଗୋଷ୍ଠୀର ସଭ୍ୟସଭ୍ୟା ଯୋଗଦାନ କରିବାର କାର୍ଯ୍ୟକ୍ରମ ରହିଛି। ପ୍ରତିଦିନ ସକାଳ ୧୦ଟାରୁ ରାତ୍ର ୯.୩୦ ମିନିଟ୍ ପର୍ଯ୍ୟନ୍ତ ମେଳା ଅନୁଷ୍ଠିତ ହେବ। ସନ୍ଧ୍ୟା ସମୟରେ ବିଭିନ୍ନ ସାଂସ୍କୃତିକ ଦଳ ଦ୍ୱାରା ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ। ସ୍କୁଲ୍ ଓ କଲେଜ ପିଲାଙ୍କ ପାଇଁ ବିଭିନ୍ନ ପ୍ରତିଯୋଗିତା ଆୟୋଜନ ହେବା ସହ କୃତି ପିଲାଙ୍କୁ ପୁରସ୍କାର ବିତରଣ କରାଯିବାର କାର୍ଯ୍ୟକ୍ରମ ଥିବା ଅରୂପାର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଅଶୋକ ସାହୁ ସୂଚନା ଦେଇଛନ୍ତି। ଅରୂପା ପକ୍ଷରୁ ୧୯୯୦ମସିହାରୁ ଓଡ଼ିଶାର ୩୦ଟି ଜିଲ୍ଲାରେ ହସ୍ତଶିଳ୍ପ ଓ ବୁଣାକାରଙ୍କ ସର୍ବାଙ୍ଗୀନ ଉନ୍ନତି ପାଇଁ କାର୍ଯ୍ୟ କରି ଆସୁଛି। ହସ୍ତଶିଳ୍ପ ସାମଗ୍ରୀ ବିକ୍ରିବଟା ଠାରୁ ଆରମ୍ଭ କରି କୌଶଳ ବୃଦ୍ଧି, ନୂତନ ଡିଜାଇନ ପ୍ରସ୍ତୁତି, ବିଭିନ୍ନ ଜିଲ୍ଲାର ସଦର ମହକୁମାରେ ସର୍ବଭାରତୀୟ ହସ୍ତଶିଳ୍ପ ପ୍ରଦର୍ଶନୀ ଆୟୋଜନ କରି ହସ୍ତଶିଳ୍ପ ପରିବାର ଏବଂ ବୁଣାକାରଙ୍କ ପରିବାରଙ୍କୁ କରୋନା ସହାୟତା ପ୍ରଦାନ କରି ଆସୁଥିବା ଅରୂପା ପକ୍ଷରୁ କୁହାଯାଇଛି। ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ ସାମ୍ବାଦିକ ଅଶୋକ ବ୍ରହ୍ମା, ସୁଦୀପ ସାହୁ, ରଶ୍ମିତା ପାଣିଗ୍ରାହୀ ଓ ଅଧ୍ୟାପିକା ସନ୍ଧ୍ୟାରାଣୀ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ।

## ନାବାଳିକା ଦୁଷ୍କର୍ମ ମାମଲା: ଅଭିଯୁକ୍ତକୁ ୨୦ବର୍ଷ ଜେଲ୍

ବ୍ରହ୍ମପୁର,୧୩।୧୧(ସମିସ): ଫାଷ୍ଟଟ୍ରାକ୍ ପୋକସୋ କୋର୍ଟ ଜଜ୍ ରୋହିତ ଲାଲ ପଣ୍ଡା ଗୁରୁବାର ଏକ ଦୁଷ୍କର୍ମ ମାମଲାର ଶୁଣାଣି କରି ଅଭିଯୁକ୍ତ ବଡବଜାର ଥାନା ଅନ୍ତର୍ଗତ ଧାନମେରା ସାହିର ସାବନ କୁମାର ନାୟକ(୩୦)ଙ୍କୁ ୨୦ବର୍ଷ ଜେଲଦଣ୍ଡ ସହିତ ୫୦ହଜାର ଟଙ୍କା ଜରିମାନା ନିର୍ଦ୍ଦେଶ ରହିଛି। ଜରିମାନା ଅନାଦାୟ ଅଧିକ ୬ମାସ ସଶ୍ରମ କାରାଦଣ୍ଡରେ ଦଣ୍ଡିତ ହେବାକୁ ରାୟରେ ଉଲ୍ଲେଖ ରହିଛି। ଅନ୍ୟପଟେ ପୀଡ଼ିତା ନାବାଳିକାଙ୍କୁ ୪ଲକ୍ଷ ଆର୍ଥିକ ସହାୟତା ପ୍ରଦାନ କରିବାକୁ ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବଙ୍କୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି।

ତାମିଲନାଡୁର କୋଏମ୍ବାଟୁରରେ ଏକ ଇଟା କାରଖାନାରେ ଦିଗପହଣ୍ଡି ଅଞ୍ଚଳର ଏକ ପରିବାର କାମ କରୁଥିଲେ। ଅଭିଯୁକ୍ତ ସାବନ ମଧ୍ୟ ସେଠାରେ କାମ କରୁଥିଲେ। ନାବାଳିକା ଝିଅ ସହ ଅଭିଯୁକ୍ତ ସାବନର ସମ୍ପର୍କ ଗଢ଼ି ଉଠିଥିଲା। ପରେ ନାବାଳିକା ଜଣକ ନିଜ ପରିବାର ସହ ଗାଁକୁ ଫେରିଥିଲେ। ୨୦୨୨ ଡ଼ିସେମ୍ବର ୧୬ରେ ନାବାଳିକା ଜଣକ ନିଖୋଜ ହୋଇଯାଇଥିଲେ। ୨ମାସ ଧରି ଅପହୃତ ନାବାଳିକା ଜଣକ ଦୁଷ୍କର୍ମ ସହ ମାନସିକ ଓ ଶାରୀରିକ ନିର୍ଯାତନାର ଶିକାର ହୋଇଥିଲେ। ପରେ ଜଣେ ବଦାନ୍ୟ ବ୍ୟକ୍ତିଙ୍କ ସହାୟତରେ ସେ ଗାଁକୁ ଫେରି ଦିଗପହଣ୍ଡି ଥାନାରେ ଅଭିଯୋଗ କରିଥିଲେ। ପୁଲିସ ସାବନକୁ ତାମିଲନାଡୁରୁ ଗିରଫ କରି ବ୍ରହ୍ମପୁର କୋର୍ଟ ଚାଲାଣ କରିଥିଲା। ତଦନ୍ତ ଅଧିକାରୀ ଗୌତମ ସାହୁ କୋର୍ଟରେ ଚାର୍ଜସିଟ ଦାଖଲ କରିଥିଲେ। ସ୍ୱତନ୍ତ୍ର ପିପି ମୋହନ ସିଙ୍ଗାରି ମାମଲା ପରିଚାଳନା କରିଥିଲେ।

### ୨୧ରେ ବସିବ ବିଏମ୍‌ସିର କର୍ପୋରେସନ ବୈଠକ

# ବିଭିନ୍ନ ଯୋଜନାରୁ ହିତାଧିକାରୀ ବାଦ୍ ପଡ଼ିବା ହେବ ମୁଖ୍ୟ ପ୍ରସଙ୍ଗ

- ସ୍ଥାନ ପାଇବ ସହରର ଡ୍ରେନେଜ ମାଷ୍ଟର ପ୍ଲାନ ଓ ନୂତନ ପ୍ରକଳ୍ପ ସମ୍ପର୍କିତ ପ୍ରସ୍ତାବ
- ବିଦ୍ୟୁତ୍ ଖୁଣ୍ଟରେ ଲାଗିଥିବା ମାଳମାଳ କେବୁଲ ତାର ହଟାଇବାକୁ ନିଆଯିବ ନିଷ୍ପତ୍ତି

ବ୍ରହ୍ମପୁର,୧୩।୧୧(ସମିସ)

ଦୁଇ ମାସ ବ୍ୟବଧାନରେ ଆସନ୍ତା ୨୧ତାରିଖରେ ବସିବ ବ୍ରହ୍ମପୁର ମହାନଗର ନିଗମର କର୍ପୋରେସନ ବୈଠକ। ବାତ୍ୟା ଓ ଅନ୍ୟାନ୍ୟ କାରଣରୁ ମାସିକ କର୍ପୋରେସନ ବୈଠକ ବସିବା ସମ୍ଭବପର ହୋଇନଥିଲା। ଫଳରେ ବହୁ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ଆଲୋଚନା କରାଯାଇ ନିଷ୍ପତ୍ତି ନିଆଯାଇପାରିନଥିବାରୁ ଅନେକ ପ୍ରକଳ୍ପ ବାଧାପ୍ରାପ୍ତ ହୋଇଥିବା ଜଣାପଡିଛି। ତେବେ ବିଳମ୍ବରେ ହେଲେ ମଧ୍ୟ ଆସନ୍ତା ୨୧ତାରିଖରେ ଆଗାମୀ କର୍ପୋରେସନ ବୈଠକ ବସିବାକୁ ଆପାତତଃ ନିଷ୍ପତ୍ତି ହୋଇଥିବା ମେୟର ଶ୍ରୀମତୀ ସଂଘମିତ୍ରା ଦଳେଇ ସୂଚନା ଦେଇଛନ୍ତି।

ବୈଠକ ପୂର୍ବରୁ ଅନେକ ଷ୍ଟାଣ୍ଡିଂ କମିଟିର ବୈଠକ ସରିଥିବା ବେଳେ ଅବଶିଷ୍ଟ କମିଟି ବୈଠକ ଅନୁଷ୍ଠିତ ହେବ। ବର୍ତ୍ତମାନ ପରିସ୍ଥିତିରେ ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ବିଭିନ୍ନ ଯୋଜନାରେ ସୁବିଧା ପାଉଥିବା ହିତାଧିକାରୀଙ୍କୁ ବିଭିନ୍ନ କାରଣରୁ ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ଭିନ୍ନକ୍ଷମ ଓ ୮୦ବର୍ଷରୁ ଉଦ୍ଧ୍ୱର୍ ବରିଷ୍ଠ ନାଗରିକଙ୍କୁ ପ୍ରମାଣପତ୍ର ହାସଲ କରିବା ଓ ସେମାନଙ୍କ ବର୍ଦ୍ଧିତ ଦୂରେ ଥାଉ ମୂଳ ଭତ୍ତା ମିଳିବା କଷ୍ଟ ହେଲାଣି। ସେହିଭଳି ବିଏସକେୱାଇ ଭଳି ସର୍ବ ଗ୍ରହଣୀୟ ସ୍ୱାସ୍ଥ୍ୟସେବାକୁ ବନ୍ଦ କରି ରାଜ୍ୟରେ ଲାଗୁ ହୋଇଥିବା ଆୟୁଷ୍ମାନ ଯୋଜନା ମଧ୍ୟ ସଠିକ ଭାବେ କାର୍ଯ୍ୟକାରୀ ହୋଇନଥିବା ସମସ୍ତଙ୍କ ଚିନ୍ତା ବଢାଇଛି। ଯଦ୍ୱାରା ସ୍ଥାନୀୟ ଲୋକ ପ୍ରତିନିଧିଙ୍କୁ ନିଜ ଅଞ୍ଚଳର ଜନସାଧାରଣଙ୍କ ଆକ୍ରୋଶର ଶୀକାର ହେବାକୁ ପଡୁଛି। ସହରର ଡ୍ରେନେଜ ବ୍ୟବସ୍ଥାର ମାଷ୍ଟର ପ୍ଲାନ ପାଇଁ ପ୍ରଥମ ପର୍ଯ୍ୟାୟରେ ୪.୮୭କିଲୋମିଟର ନୂତନ ଡ୍ରେନ ନିର୍ମାଣ ସହିତ ଅନ୍ୟାନ୍ୟ ନୂତନ ପ୍ରକଳ୍ପ ଯଥା ଆନିମଲ ବାର୍ଥ କଣ୍ଟ୍ରୋଲ ବା (ଏବିସି) କାର୍ଯ୍ୟକାରିତା, ଗୋଶାଳା ନିର୍ମାଣ ଓ ପ୍ରାଣୀଙ୍କ ଶବ ସତ୍କାର ପାଇଁ ସ୍ୱତନ୍ତ୍ର ତଥା ବୈଦ୍ୟୁତିକ କ୍ରିମେଟୋରିୟମ ପ୍ରତିଷ୍ଠା ଭଳି ବହୁ ପ୍ରକଳ୍ପ ସମ୍ପର୍କିତ ପ୍ରସ୍ତାବ ଉପରେ ବିସ୍ତୃତ ଆଲୋଚନା ହୋଇପାରି ନାହିଁ। ଏଥି ସହିତ ସହରର ସାହି ଓ ଗଳିରେ ଥିବା ବିଦ୍ୟୁତ୍ ଓ ଟେଲିଫୋନ ଖୁଣ୍ଟରେ ବିଭିନ୍ନ କେବୁଲ ସଂସ୍ଥାର ଲାଗିଥିବା ମାଳମାଳ କେବୁଲକୁ ହଟାଇବା ପାଇଁ ପୂର୍ବରୁ ଅନେକ ଥର ନିଷ୍ପତ୍ତି ହୋଇଥିଲେ ହେଁ ତାହା କାର୍ଯ୍ୟକାରୀ ହୋଇପାରିନାହିଁ। ଯଦ୍ୱାରା ଅନେକ ସମୟରେ ଅଗ୍ନିକାଣ୍ଡ ଘଟିବାର ନଜିର ମଧ୍ୟ ରହିଛି।

ଏଣୁ ଏସମସ୍ତ ଦିଗକୁ ନେଇ ଆଗାମୀ କର୍ପୋରେସନ ବୈଠକରେ ସରଗରମ ଆଲୋଚନା ହେବ ବୋଲି ସୂଚନା ମିଳିଛି। ଆସନ୍ତା ୨୭ତାରିଖରୁ ଡିସେମ୍ବର ୩୧ତାରିଖ ପର୍ଯ୍ୟନ୍ତ ବିଧାନସଭାର ଶୀତ କାଳିନ ଅଧିବେଶନ ବସିବାକୁ ନିଷ୍ପତ୍ତି ହୋଇଛି। ଫଳରେ ଏହି ସମୟରେ କୌଣସି ପୌରାଞ୍ଚଳ ବା ନିଗମରେ ବୈଠକ ବସିବା ଉପରେ କଟକଣା ରହିଛି। ଏଥି ପୂର୍ବରୁ ବୈଠକ ଡକାଇ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗର ଆଲୋଚନା କରିବାକୁ ଆପାତତଃ ନିଷ୍ପତ୍ତି ହୋଇଥିବା ଜଣାପଡିଛି।

# ଆଲ୍‌ଫା କପ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟ: ରାମେଶ୍ୱର ସ୍ପୋର୍ଟିଂ ଚାମ୍ପିଅନ୍



ଦେବାଶିଷ ମ୍ୟାନ୍ ଅଫ୍ ଦ ମ୍ୟାଚ୍ ଓ ମ୍ୟାନ ଅଫ୍ ଦ ସିରିଜ୍ ଘୋଷିତ



ବ୍ରହ୍ମପୁର,୧୩।୧୧(ସମିସ): ସ୍ଥାନୀୟ ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟ ପଡିଆରେ ଆଲ୍‌ଫା ସ୍ପୋର୍ଟିଂ କ୍ଲବ ଆନୁକୂଲ୍ୟରେ ଚାଲିଥିବା ୩ୟ ଅନ୍ତଃଜିଲ୍ଲା ଆଲ୍‌ଫା କପ୍ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ ହୋଇଯାଇଛି। ଗୁରୁବାର ଅନୁଷ୍ଠିତ ଫାଇନାଲ ମ୍ୟାଚ ଆଲ୍‌ଫା ସ୍ପୋର୍ଟିଂ କ୍ଲବ ବନାମ ରାମେଶ୍ୱର ସ୍ପୋର୍ଟିଂ କ୍ଲବ ମଧ୍ୟରେ ହୋଇଥିଲା। ଟସ୍ ଜିତି ଆଲ୍‌ଫା କ୍ଲବ ପ୍ରଥମେ ବ୍ୟାଟିଂ କରି ନିର୍ଦ୍ଧାରିତ ୨୦ ଓଭରରେ ୯ଟି ୱିକେଟ ବିନିମୟରେ ୧୬୪ରନ କରିଥିଲା। ଜବାବରେ ରାମେଶ୍ୱର ସ୍ପୋର୍ଟିଂ କ୍ଲବ ୧୮.୩ଓଭରରେ ୫ୱିକେଟ ବିନିମୟରେ ଆବଶ୍ୟକ ୧୬୫ରନ କରି ଚାମ୍ପିଅନ ହୋଇଥିଲେ।

ଉଦଯାପନୀ ତଥା ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟଅତିଥି ଭାବେ ପୂର୍ବତନ ବିଧାୟକ ତଥା ଆଲ୍‌ଫା ସ୍ପୋର୍ଟିଂ କ୍ଲବ ସଭାପତି ଡ଼.ରମେଶ ଚନ୍ଦ୍ର ଚ୍ୟାଉ ପଟ୍ଟନାୟକ, ଅର୍ବାନ ବ୍ୟାଙ୍କ ସଭାପତି ଆର. ମୁରଲୀ ମୋହନ, କର୍ପୋରେଟର ଡି. କରୁଣାକର, ଗଞ୍ଜାମ କ୍ରିକେଟ ମହିଳା ଏସୋସିଏସନ ସଭାପତି ନିବେଦିତା ପାଢ଼ୀ, ବରିଷ୍ଠ ବିଜେଡି ମହିଳା ନେତ୍ରୀ ଏମ. ସୁଜାତା ପାତ୍ର, ଆଲ୍‌ଫା ସ୍ପୋର୍ଟିଂ କ୍ଲବ ସମ୍ପାଦକ ବିଜୟ ଭାସ୍କର ସିଂସାମନ୍ତ, ବିମଳ ପ୍ରସାଦ ମହାନ୍ତି ପ୍ରମୁଖ ଉପସ୍ଥିତ ରହି ଚାମ୍ପିଆନ ରାମେଶ୍ୱର ଦଳକୁ ନଗଦ ୨୦ହଜାର ଟଙ୍କାର ଆର୍ଥିକ ପୁରସ୍କାର ସହ ଟ୍ରଫି ଏବଂ ରନର୍ସ ଆଲ୍‌ଫା ଦଳକୁ ୧୫ହଜାର ଟଙ୍କାର ଆର୍ଥିକ ପୁରସ୍କାର ସହ ଟ୍ରଫି ପ୍ରଦାନ କରାଯାଇଥିଲା। ଏହି ଅବସରରେ ଟୁର୍ଣ୍ଣାମେଣ୍ଟରେ ଭଲ ଖେଳ ପ୍ରଦର୍ଶନ କରିଥିବା ଖେଳାଳିମାନଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ରାମେଶ୍ୱର ଦଳର ଦେବାଶିଷ ସାହୁଙ୍କୁ ମ୍ୟାନ ଅଫ ଦ ମ୍ୟାଚ ଓ ମ୍ୟାନ ଅଫ ଦ ସିରିଜ ଭାବେ ପୁରସ୍କୃତ କରାଯାଇଥିଲା।

ସେହିଭଳି ଶ୍ରେଷ୍ଠ ବ୍ୟାଟ୍ସମ୍ୟାନ ଭାବେ ଆଲ୍‌ଫା ସ୍ପୋର୍ଟିଂ କ୍ଲବର ସନ୍ତୋଷ ପାତ୍ର, ଶ୍ରେଷ୍ଠ ବୋଲର ଭାବେ ରାମେଶ୍ୱର ଦଳର ସନ୍ତୋଷ ସେଠୀ ପୁରସ୍କୃତ ହୋଇଥିଲେ। ଫାଇନାଲ ମ୍ୟାଚରେ ଅମ୍ପାୟାର ଭାବେ ସୁଶାନ୍ତ ପଣ୍ଡା ଓ ନୃସିଂଘ ଚରଣ ପଟ୍ଟନାୟକ ଖେଳ ପରିଚାଳନା କରିଥିବା ବେଳେ ସ୍କୋରର ଭାବେ ଜଗନ୍ନାଥ ଚୌଧୁରୀ ଏବଂ ଖେଳର ସିଧା ପ୍ରସାରଣ କରିବାରେ ରୁପମ ମହାରଣା ସହଯୋଗ କରିଥିଲେ। ଆସନ୍ତା ୨୦୨୬ମସିହା ମାର୍ଚ୍ଚ ୫ତାରିଖରେ ଆୟୋଜିତ ହେବାକୁ ଥିବା ୧୬ତମ ବିଜୁପଟ୍ଟନାୟକ ସ୍ମାରକୀ ରାଜ୍ୟସ୍ତରୀୟ ଦିବାରାତ୍ରି କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ରାମେଶ୍ୱର ସ୍ପୋର୍ଟିଂ କ୍ଲବ ଓ ଆଲ୍‌ଫା ସ୍ପୋର୍ଟିଂ କ୍ଲବ ଅଂଶଗ୍ରହଣ କରିବାର ସୁଯୋଗ ପାଇବେ ବୋଲି ଆୟୋଜକ ଆଲ୍‌ଫା ସ୍ପୋର୍ଟିଂ କ୍ଲବର ସମ୍ପାଦକ ବିଜୟ ଭାସ୍କର ସିଂ ସାମନ୍ତ ସୂଚନା ଦେଇଛନ୍ତି।

### ● ଜାତୀୟ ଅନୁସନ୍ଧାନ ଗବେଷଣା କର୍ମଶାଳାରେ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ

## ୫ ବିଶ୍ୱବିଦ୍ୟାଳୟ ସହିତ ଚୁକ୍ତିପତ୍ର ସ୍ୱାକ୍ଷର



ବ୍ରହ୍ମପୁର,୧୩।୧୧(ସମିସ): ଜାତୀୟ ଅନୁସନ୍ଧାନ ଗବେଷଣା କେନ୍ଦ୍ର ପକ୍ଷରୁ ନୂଆଦିଲ୍ଲୀ ସ୍ଥିତ ଜବାହରଲାଲ ନେହେରୁ ବିଶ୍ୱବିଦ୍ୟାଳୟ ପରିସରରେ ପ୍ରଥମ ଜାତୀୟ ଅନୁସନ୍ଧାନ ଗବେଷଣା କର୍ମଶାଳା ଆୟୋଜିତ ହୋଇଯାଇଛି। ଏଥିରେ ଅନ୍ୟ ବିଶ୍ୱବିଦ୍ୟାଳୟ ସହ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ସାମିଲ ରହି ୫ଟି ବିଶ୍ୱବିଦ୍ୟାଳୟ ସହ ଚୁକ୍ତିପତ୍ର ସ୍ୱାକ୍ଷରିତ ହୋଇଛି। ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳପତି ପ୍ରଫେସର ଗିତାଞ୍ଜଳୀ ଦାଶ ଏଥିରେ ପ୍ରତିନିଧିତ୍ୱ କରିଥିଲେ। ଜାତୀୟ ଅନୁସନ୍ଧାନ ଗବେଷଣା କେନ୍ଦ୍ରରେ ସାମିଲ ରହିଥିବା ଜବାହରଲାଲ ନେହେରୁ ବିଶ୍ୱବିଦ୍ୟାଳୟ, କଟକ ବିଶ୍ୱବିଦ୍ୟାଳୟ, ତେଜପୁର ବିଶ୍ୱବିଦ୍ୟାଳୟ, ପଞ୍ଜାବ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ ଏବଂ ଦିଲ୍ଲୀ ଔଷଧ ବିଜ୍ଞାନ ଏବଂ ଗବେଷଣା ବିଶ୍ୱବିଦ୍ୟାଳୟ ସହିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟର ଚୁକ୍ତିପତ୍ର ସ୍ୱାକ୍ଷର ହୋଇଛି। ଏହା ଫଳରେ ଆଗାମୀ ଦିନରେ ଉକ୍ତ ୫ଟି ବିଶ୍ୱବିଦ୍ୟାଳୟ ଓ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ମଧ୍ୟରେ ପିଏଚଡି କାର୍ଯ୍ୟକ୍ରମ, ଏମଏସସି ଗବେଷଣା ପ୍ରକଳ୍ପ ଏବଂ ଇଣ୍ଟର୍ଣ୍ଣସିପ୍‌ର ମିଳିତ ତଦାରଖ ସମେତ ବିଭିନ୍ନ କାର୍ଯ୍ୟକ୍ରମ ହୋଇପାରିବ ବୋଲି ବିଶ୍ୱବିଦ୍ୟାଳୟ ପକ୍ଷରୁ କୁହାଯାଇଛି। ଏକତ୍ରିତ ଭାବେ, ଆମେ ଭାରତ ସରକାରଙ୍କ ଏଏନ୍‌ଆର୍‌ଏଫ ଅଧୀନରେ ଅଂଶୀଦାର ବିଶ୍ୱବିଦ୍ୟାଳୟ ଗୁଡ଼ିକରେ ଗବେଷଣା ସହଯୋଗ ଏବଂ ଶୈକ୍ଷିକ ଉତ୍କର୍ଷତାକୁ ସୁଦୃଢ଼ କରିବା ପାଇଁ ଆଗକୁ ବଢି ପାରିବୁ ବୋଲି କୁଳପତି ପ୍ରଫେସର ଦାଶ କହିଥିବା ଜଣାପଡ଼ିଛି।

## ବିଶ୍ୱ ଖାଦ୍ୟ ସଂସ୍ଥା ଜାତୀୟ ନିର୍ଦ୍ଦେଶକଙ୍କ ଗଞ୍ଜାମ ଗସ୍ତ

ବ୍ରହ୍ମପୁର,୧୩।୧୧(ସମିସ):ଖାଦ୍ୟ ଓ କୃଷି ସଂଗଠନ, ମିଳିତ ଜାତିସଂଘର ବିଶ୍ୱ ଖାଦ୍ୟ ସଂସ୍ଥାର ଏକ ପ୍ରକଳ୍ପ ଗତବର୍ଷରୁ ଗଞ୍ଜାମ ଜିଲ୍ଲାରେ କାର୍ଯ୍ୟକାରୀ ହେଉଛି। ପାଇଲଟ କାର୍ଯ୍ୟକ୍ରମ ରୂପେ ଆରମ୍ଭ ହୋଇଥିବା ଏହି ପ୍ରକଳ୍ପରେ ଚିକିଟି, ଦିଗପହଣ୍ଡି, ହିଞ୍ଜିଳିକାଟୁ ଓ ଜଗନ୍ନାଥପ୍ରସାଦର ୨୯ଟି ଗ୍ରାମର ଜଳବାୟୁକୁ ଅନୁଧ୍ୟାନ କରି କ୍ଷୁଦ୍ର, ନାମମାତ୍ର କୃଷକ ତଥା ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ଆୟ ବୃଦ୍ଧି ପାଇଁ ବିଭିନ୍ନ ନୂତନ ବୈଜ୍ଞାନିକ କୃଷି ପ୍ରଣାଳୀ ଅବଲମ୍ବନ କରାଯାଉଛି। କୃଷି ବିଜ୍ଞାନ କେନ୍ଦ୍ର, ଗଞ୍ଜାମ-୨, ବ୍ରହ୍ମପୁର ମାଧ୍ୟମରେ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଓ ବିଶ୍ୱ ଖାଦ୍ୟ ପ୍ରକଳ୍ପର ମିଳିତ ସହଯୋଗରେ ଏହି କାର୍ଯ୍ୟକ୍ରମ ଗତବର୍ଷଠାରୁ ଆରମ୍ଭ ହୋଇଛି।



କାର୍ଯ୍ୟକ୍ରମର ଗ୍ରହଣୀୟତାକୁ ଅନୁଧ୍ୟାନ କରିବାକୁ ବିଶ୍ୱ ଖାଦ୍ୟ ପ୍ରକଳ୍ପର ଭାରତର ମୁଖ୍ୟ ଏଲିଜାବେଥ ଫର ଗଞ୍ଜାମ ଗସ୍ତରେ ଆସିଛନ୍ତି। ସେ ହିଞ୍ଜିଳିକାଟୁ ବ୍ଲକ ପରିସରରେ ଥିବା ଜଳବାୟୁ ଅନୁକୂଳ କେନ୍ଦ୍ର ପରିଦର୍ଶନ କରିଥିଲେ। ଏଠାରେ ବିଭିନ୍ନ ଗ୍ରାମର କୃଷିଜୀବୀ ମହିଳା ମାନଙ୍କ ସହ ଆଲୋଚନା କରିଥିଲେ। ଉନ୍ନତ ପ୍ରଣାଳୀରେ କୁକୁଡ଼ା ପାଳନ, ଡ୍ରାଗନ ଫ୍ରୁଟ ଚାଷ ଓ ମାଣ୍ଡିଆ ଉତ୍ପାଦନର ସମ୍ପ୍ରସାରଣ ପୁସ୍ତିକା ଉନ୍ମୋଚନ କରିଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲା କୃଷି ଅଧିକାରୀ ଡ. ଅଜୟ କର, ଜିଲ୍ଲାର ଦୁଇ କୃଷି ବିଜ୍ଞାନ କେନ୍ଦ୍ରର ବୈଜ୍ଞାନିକ ଗଣ ଓ କୃଷି ଉଦ୍ୟାନ ବିଭାଗର ଅଧିକାରୀ ଯୋଗ ଦେଇଥିଲେ।

ଏହାପରେ ସେ ନନ୍ଦିକ ପଞ୍ଚାୟତରେ ସ୍ଥାନୀୟ ସରପଞ୍ଚ କୃଷ୍ଣଚନ୍ଦ୍ର ଭୂତଳଙ୍କ ସଭାପତିତ୍ୱରେ ଅନୁଷ୍ଠିତ ମହିଳା ଗୋଷ୍ଠୀ ସମ୍ମିଳନୀରେ ଯୋଗ ଦେଇଥିଲେ। ତାଙ୍କ ସହିତ କୃଷି ବିଜ୍ଞାନ କେନ୍ଦ୍ରର ମୁଖ୍ୟ ବୈଜ୍ଞାନିକ, ବିଶ୍ୱ ଖାଦ୍ୟ ପ୍ରକଳ୍ପର ଜଳବାୟୁ ପରିବର୍ତ୍ତନର ମୁଖ୍ୟ ଡ଼. ପ୍ରଜ୍ଞା ପେଣ୍ଟକର ଓ ଓଡ଼ିଶା ରାଜ୍ୟ ମୁଖ୍ୟ ହିମାଂଶୁ ବଳ, ପ୍ରକଳ୍ପର ବାର୍ତ୍ତା ସମ୍ପାଦକ ମୁଖ୍ୟ ପରବିନ୍ଦର ସିଂହ ଯୋଗଦେଇ ମହିଳାମାନଙ୍କ ସହ ମତ ବିନିମୟ କରିଥିଲେ। ଏହାପରେ ନନ୍ଦିକ ଗ୍ରାମର ରାଇଜ୍ ପ୍ରୋଜେକ୍ଟ ମାଧ୍ୟମରେ କରାଯାଇଥିବା ନୂତନ ଜ୍ଞାନ କୌଶଳ ପ୍ରଦର୍ଶନ କ୍ଷେତ୍ର ସବୁ ପରିଦର୍ଶନ କରିଥିଲେ। ରାଇଜ୍ କୃଷି ସଚେତନତା ରଥ ଓ ପଥପ୍ରାନ୍ତ ନାଟକର ଶୁଭାରମ୍ଭ କରିଥିଲେ। ଗିରିଆ ଗ୍ରାମରେ ମଧ୍ୟ ସୌରଶକ୍ତି ପରିଚାଳିତ ଯନ୍ତ୍ରରେ ଅଦା ପ୍ରକ୍ରିୟାକରଣ ୟୁନିଟ୍‌କୁ ଦେଖିଥିଲେ। ଏହାପରେ ଏଲିଜାବେଥ ଫର କୃଷି ବିଜ୍ଞାନ କେନ୍ଦ୍ର ବ୍ରହ୍ମପୁର କାର୍ଯ୍ୟାଳୟ ଓ ବିଭିନ୍ନ ପ୍ରଦର୍ଶନୀ କ୍ଷେତ୍ର ପରିଦର୍ଶନ କରିବା ଅବସରରେ କେନ୍ଦ୍ରର ମୁଖ୍ୟ ବୈଜ୍ଞାନିକ ଡ. ସୁଜିତ କୁମାର ନାଥ ତାଙ୍କୁ ଉପଢୌକନ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। କାର୍ଯ୍ୟକ୍ରମରେ ବିଶ୍ୱ ଖାଦ୍ୟ ସଂସ୍ଥାର ଜିଲ୍ଲା ଅଧିକାରୀ ଶିବାଶିଷ ଦାସ, କୃଷି ବିଶେଷଜ୍ଞ ରାଜଶ୍ରୀ ପୁରୋହିତ, କୃଷି ଅଧିକାରୀ ରଶ୍ମିତା ମହାପାତ୍ର, ସ୍ଥାନୀୟ କୃଷି ଓ ଉଦ୍ୟାନ ବିଭାଗ ଅଧିକାରୀ ଓ କୃଷି ବିଜ୍ଞାନ କେନ୍ଦ୍ରର ବୈଜ୍ଞାନିକ, କର୍ମଚାରୀ ବୃନ୍ଦ ସହଯୋଗ କରିଥିଲେ।

### ● ମହାମାୟୀ ମହିଳା ମହାବିଦ୍ୟାଳୟ

## ଭିତ୍ତିଭୂମି ଓ ସ୍ଥିତି ଅନୁଧ୍ୟାନ କଲେ ଉପ ଜିଲ୍ଲାପାଳ



- ଛାତ୍ରୀଙ୍କ ସହ ଆଲୋଚନା କରି କ୍ୟାରିଅର ଗଠନ ଉପରେ ଦେଲେ ପରାମର୍ଶ
- ଭିତ୍ତିଭୂମିର ଅଭାବ, ଛାତ୍ରୀ ଓ କର୍ମଚାରୀଙ୍କ ସମସ୍ୟାର ସମାଧାନ ପାଇଁ ଅଧ୍ୟକ୍ଷାଙ୍କୁ ନିର୍ଦ୍ଦେଶ

ବ୍ରହ୍ମପୁର,୧୩।୧୧(ସମିସ): ଭିତ୍ତିଭୂମିର ଅଭାବର ସ୍ଥିତି ଅନୁଧ୍ୟାନ କରିବାକୁ ଯାଇ ବ୍ରହ୍ମପୁର ଉପ ଜିଲ୍ଲାପାଳ ତଥା ମହାମାୟୀ ମହିଳା ମହାବିଦ୍ୟାଳୟ ପରିଚାଳନା କମିଟି ସଭାପତି ଅବିନାଶ କୁମାର ଗୁରୁବାର ଶିକ୍ଷାନୁଷ୍ଠାନ ପରିଦର୍ଶନ କରିଛନ୍ତି। ଗଣମାଧ୍ୟମରେ ଏନେଇ ପ୍ରସାରିତ ଏକ ରିପୋର୍ଟ ଆଧାରରେ ସେ ଅତର୍କିତ ଗସ୍ତ କରିଥିବା ବେଳେ ଉକ୍ତ ରିପୋର୍ଟ ମିଥ୍ୟା ତଥ୍ୟ ଉପରେ ଆଧାରିତ ଓ ପୁରୁଣା ବୋଲି ଜାଣିବାକୁ ପାଇଥିଲେ। ତେବେ ଉପ ଜିଲ୍ଲାପାଳଙ୍କ ଗସ୍ତ ସମୟରେ ସେ ପ୍ରଥମେ ମହାମାୟୀ ମହିଳା ମହାବିଦ୍ୟାଳୟର ମିନାକ୍ଷୀନଗର ସ୍ଥିତ ନୂତନ କ୍ୟାମ୍ପସକୁ ଯାଇଥିଲେ। ସେଠାରେ ଛାତ୍ରୀମାନେ ଚୌକି ପରିବର୍ତ୍ତେ ବାରଣ୍ଡାରେ ବସି ପାଢ ପଢୁଥିବା ଦର୍ଶାଯାଇଥିଲା। କିନ୍ତୁ ନିକଟ ଅତୀତରେ ଏହି ଅଭାବ ପୂରଣ କରାଯାଇ ବର୍ତ୍ତମାନ ସମସ୍ତ ଛାତ୍ରୀ ଚୌକିରେ ବସି ଅଧ୍ୟୟନ କରୁଥିବା ଦେଖିଥିଲେ। ପରେ ସେ ଶିକ୍ଷାନୁଷ୍ଠାନର ବ୍ରହ୍ମପୁର ଗାନ୍ଧୀନଗର ସ୍ଥିତ ପୁରୁଣା କ୍ୟାମ୍ପସକୁ ଯାଇ କମନ ରୁମ ସହିତ ପିଲାଙ୍କ ଶ୍ରେଣୀ ପ୍ରକୋଷ୍ଠ, ଲାଇବ୍ରେରୀ, କ୍ୟାଣ୍ଟିନ ଆଦି ପରିଦର୍ଶନ କରିବା ସହିତ ଛାତ୍ରୀଙ୍କ ସହିତ ସେମାନଙ୍କ ଶିକ୍ଷା ସମ୍ପର୍କିତ ଆଲୋଚନା କରିଥିଲେ। ଛାତ୍ରୀମାନଙ୍କୁ ସେମାନେ ପଢୁଥିବା ବିଷୟ ଓ ଭବିଷ୍ୟତର ଲକ୍ଷ୍ୟ ଓ କୋଚିଂ ଆଦି ବିଷୟରେ ପଚାରି ବୁଝିଥିଲେ। ଉପ ଜିଲ୍ଲାପାଳଙ୍କ ଗସ୍ତ ସମୟରେ କଲେଜର ଅଧ୍ୟକ୍ଷା ଡଃ ନିବେଦିତା ମହାପାତ୍ର ଉପସ୍ଥିତ ଥିଲେ। କଲେଜରେ ଛାତ୍ରୀଙ୍କ ପାଇଁ ୱାଟର ପ୍ୟୁରିଫାୟର ଓ ଲାଇବ୍ରେରୀରେ ଯଥେଷ୍ଟ ପରିମାଣର ପାଠ୍ୟପୁସ୍ତକ ଓ ସେଗୁଡିକୁ ସୁରକ୍ଷିତ ଗଚ୍ଛିତ ରଖିବା ପାଇଁ ଆଲମୀରାର ଅଭାବକୁ ତୁରନ୍ତ ପୂରଣ କରିବାକୁ ସେ ଅଧ୍ୟକ୍ଷାଙ୍କୁ ନିର୍ଦ୍ଦେଶ ଦେଇଥିଲେ।

# ବାଟବଣା ହେବ ସରକାରୀ ଆଇଟିଆଇ ଛାତ୍ରଛାତ୍ରୀଙ୍କ ପ୍ରଶିକ୍ଷଣ

### ଜିଲ୍ଲାରେ ଶତାଧିକ ପ୍ରଶିକ୍ଷକଙ୍କୁ ଉଚ୍ଛେଦ ପାଇଁ ନିର୍ଦ୍ଦେଶ | ଅନିଶ୍ଚିତତା ଘେରରେ ଅତିଥି ପ୍ରଶିକ୍ଷକଙ୍କ ଭବିଷ୍ୟତ

ବ୍ରହ୍ମପୁର,୧୩।୧୧(ସମିସ)

ଛାତ୍ରଛାତ୍ରୀଙ୍କୁ ବୈଷୟିକ ଶିକ୍ଷା ପ୍ରଦାନ କ୍ଷେତ୍ରରେ ସରକାରୀ ଶିଳ୍ପ ତାଲିମ ଅନୁଷ୍ଠାନ(ଆଇଟିଆଇ)ର ଭୂମିକା ଗୁରୁତ୍ୱପୂର୍ଣ୍ଣ ରହିଥାଏ। କିନ୍ତୁ ଏଠାରେ ପ୍ରଶିକ୍ଷଣ ବାଟବଣା ହେବାକୁ ଯାଉଛି। ଜିଲ୍ଲାରେ ଶତାଧିକ ପ୍ରଶିକ୍ଷକଙ୍କୁ ଉଚ୍ଛେଦ ଲାଗି ନିର୍ଦ୍ଦେଶ ହୋଇଛି। ଫଳରେ ପ୍ରଶିକ୍ଷକଙ୍କ ଭବିଷ୍ୟତ ଅନିଶ୍ଚିତତା ଘେରରେ ରହିଥିବା ବେଳେ ଛାତ୍ରଛାତ୍ରୀଙ୍କୁ ତାଲିମ ଦେବା ବି ବାଧାପ୍ରାପ୍ତ ହୋଇଛି। ବ୍ରହ୍ମପୁର ସ୍ଥିତ ସରକାରୀ ଆଇଟିଆଇରେ ବି ସମାନ ଅବସ୍ଥା ଦେଖାଦେଇଛି। ବୈଷୟିକ ଶିକ୍ଷା ଓ ତାଲିମ ନିର୍ଦ୍ଦେଶାଳୟ ପକ୍ଷରୁ ଚଳିତମାସ ୧୧ତାରିଖରେ ଜାରି ହୋଇଥିବା ନିର୍ଦ୍ଦେଶନାମାକୁ ନେଇ ଆଇଟିଆଇରେ ଛାତ୍ରଛାତ୍ରୀଙ୍କୁ ବୈଷୟିକ ଶିକ୍ଷା ପ୍ରଦାନ ଅନେକ ପ୍ରଶ୍ନ ଉଠିଛି। ଗଞ୍ଜାମ ଜିଲ୍ଲାରେ ବିଭିନ୍ନ ସ୍ଥାନରେ ୬ଟି ସରକାରୀ ଆଇଟିଆଇ ରହିଥିବା ବେଳେ ଦୀର୍ଘ ବର୍ଷ ହେବ ଉକ୍ତ ଶିକ୍ଷାନୁଷ୍ଠାନରେ ପ୍ରାୟ ୧୭୦ଜଣ ପ୍ରଶିକ୍ଷକ ରହିଥିଲେ। ଏହି ପ୍ରଶିକ୍ଷକମାନେ ବିଭିନ୍ନ ଟ୍ରେଡରେ ନାମ ଲେଖାଇଥିବା ଛାତ୍ରଛାତ୍ରୀଙ୍କୁ ପ୍ରଶିକ୍ଷଣ ଦେଉଥିଲେ। କେନ୍ଦ୍ର ସରକାରଙ୍କ ନିୟମ ଅନୁସାରେ ପ୍ରତି ୨୦ଜଣ ଛାତ୍ରଛାତ୍ରୀଙ୍କ ନିମନ୍ତେ ଜଣେ ପ୍ରଶିକ୍ଷକ ରହିଥିବା ବେଳେ ବର୍ତ୍ତମାନ ୩୫ରୁ ୪୦ଜଣ ଛାତ୍ରଛାତ୍ରୀଙ୍କ ପିଛା ଜଣେ ପ୍ରଶିକ୍ଷକ ରହିଛନ୍ତି। ଏଭଳି ଭାବେ ଜିଲ୍ଲା ୬ଟି ସରକାରୀ ଆଇଟିଆଇରେ ପ୍ରାୟ ୧୭୦ଜଣ ଅତିଥି ପ୍ରଶିକ୍ଷକ ରହିଥିଲେ। ସେଥି ମଧ୍ୟରୁ ବ୍ରହ୍ମପୁର ସରକାରୀ ଆଇଟିଆଇରେ ୨୭ଟି ଟ୍ରେଡ ରହିଥିବା ବେଳେ ସର୍ବାଧିକ ୩ହଜାର ୬ଶହରୁ ଊଶହର ଛାତ୍ରଛାତ୍ରୀ ତାଲିମ ନେଇଛନ୍ତି। ଏହାକୁ ଦୃଷ୍ଟିରେ ରଖି ଉକ୍ତ ଅନୁଷ୍ଠରେ ପୂର୍ବରୁ ମୋଟ ୮୦ଜଣ ଅତିଥି ପ୍ରଶିକ୍ଷକଙ୍କୁ ନିଯୁକ୍ତି ପ୍ରଦାନ କରାଯାଇଥିଲା। ଏହି ପ୍ରଶିକ୍ଷକ ମାନେ ଦୀର୍ଘ ୧୫ରୁ ୨୦ବର୍ଷ ହେବ ଶିକ୍ଷାନୁଷ୍ଠାରେ ଛାତ୍ରଛାତ୍ରୀଙ୍କୁ ବିଭିନ୍ନ ତାଲିମ ଦେଉଥିଲେ। କିନ୍ତୁ ବୈଷୟିକ ଶିକ୍ଷା ଓ ତାଲିମ ନିର୍ଦ୍ଦେଶାଳୟ ପକ୍ଷରୁ ଜାରି ହୋଇଥିବା ନିର୍ଦ୍ଦେଶନାମା ଦ୍ୱାରା ଜିଲ୍ଲାର ବିଭିନ୍ନ ଶିକ୍ଷାନୁଷ୍ଠାନ ସମେତ ବ୍ରହ୍ମପୁର ସରକାରୀ ଆଇଟିଆଇର ଅତିଥି ପ୍ରଶିକ୍ଷକଙ୍କ ସଂଖ୍ୟା ହ୍ରାସ କରିଛି। ପୂର୍ବରୁ ବ୍ରହ୍ମପୁର ସରକାରୀ ଆଇଟିଆଇର ୮୦ଜଣ ଅତିଥି ପ୍ରଶିକ୍ଷକ ଥିବା ବେଳେ ଚଳିତବର୍ଷ ମାତ୍ର ୩୩ଜଣକୁ ହିଁ ରଖିବାକୁ ନିର୍ଦ୍ଦେଶାଳୟ ପକ୍ଷରୁ ନିର୍ଦ୍ଦେଶ ରହିଛି। ଏଭଳି କ୍ଷେତ୍ରରେ ପ୍ରାୟ ୪୮ଜଣ ପ୍ରଶିକ୍ଷକଙ୍କୁ ଛଟେଇ କରିବାକୁ ନିଷ୍ପତି ହୋଇଛି। ଏଭଳିଭାବେ ଜିଲ୍ଲା ସମସ୍ତ ଆଇଟିଆଇରେ ଅନୁଷ୍ଠାନରେ ସମାନ ସ୍ଥିତି ଦେଖିବାକୁ ମିଳିଛି। ପ୍ରଶିକ୍ଷକ ଅଭାବ କାରଣରୁ ବିଭିନ୍ନ ଟ୍ରେଡରେ ନାମ ଲେଖାଇଥିବା ଛାତ୍ରଛାତ୍ରୀଙ୍କୁ ଉନ୍ନତମାନର ଶିକ୍ଷାଦାନ ଏକ ପ୍ରକାର କାଠିକର ପାଠ ହୋଇପଡିବ। ଏଭଳି କ୍ଷେତ୍ରରେ ସରକାରୀ ଶିଳ୍ପ ତାଲିମ ଶିକ୍ଷାନୁଷ୍ଠାନରେ ଛାତ୍ରଛାତ୍ରୀଙ୍କୁ ପ୍ରଦାନ କରାଯାଇଥିବା ବୈଷୟିକ ଶିକ୍ଷା ବାଟବଣା ହେବାର ଯଥେଷ୍ଟ ସମ୍ଭାବନା ରହିଛି । ଅନ୍ୟପକ୍ଷରେ ନିଜ ଜୀବନର ବହୁ ମୂଲ୍ୟବାନ ସମୟ ତଥା ଦୀର୍ଘ ୧୫ରୁ ୨୦ବର୍ଷ ଧରି ପ୍ରଶିକ୍ଷଣ ଦେଇ ଆସିଥିବା ଅଧାରୁ ଅଧିକ ଅତିଥି ପ୍ରଶିକ୍ଷକଙ୍କୁ ଛଟେଇ ନେଇ ସେମାନଙ୍କ ମଧ୍ୟରେ ଚିନ୍ତା ବୃଦ୍ଧି ପାଇଛି। ତେଣୁ ବୈଷୟିକ ଶିକ୍ଷା ଓ ତାଲିମ ନିର୍ଦ୍ଦେଶାଳୟ ପକ୍ଷରୁ ଜାରି ହୋଇଥିବା ନିର୍ଦ୍ଦେଶନାମା ଉପରେ ପୁନଃ ବିଚାର କରିବାକୁ ଦାବି ହୋଇଛି।

**OFFICE OF THE GENERAL SECRETARY, OSSTA, NAYASARAK, CUTTACK**

Wanted two young proactive & driven male candidate for the post of Jr. Clerk cum Data Entry Operator & one peon for our office on contractual basis.

Candidate for Data Entry Operator must know how to use a computer & should be versed with MS-Office, Page Maker, Adobe Photoshop, Coreldraw & Typing in Hindi, Odia & English with a minimum speed of 60 words per minute with PGDCA from a recognized Institution. Salary is negotiable & more preference will given to MCA candidates.

Interested candidates can apply to the **General Secretary, OSSTA, At- Nayasarak, Po- Chandini Chowk, Dist- Cuttack, Pin- 753002** with their C.V.(Bio-Data) with all testimonials latest by 10th December 2025.

**General Secretary, OSSTA, Nayasarak, Cuttack-2**

# ସମ୍ପାଦକୀୟ



ଜାତୀୟ ସୁରକ୍ଷା ସହିତ ଭାରତ କେବେ ବି ରାଜନୀତି କିମ୍ବା ସାଲିସ୍ କରିନାହିଁ।

-ଅଟଳ ବିହାରୀ ବାଜପେୟୀ

ସକାଳ
THE SAKALA

## ବନ୍ଦୋବସ୍ତ ସଂସ୍କାର

ଜମିଜମା ପ୍ରସଙ୍ଗ ଜନସାଧାରଣ ଓ ସରକାର(ରାଜା ଓ ପ୍ରଜା) ଉଭୟଙ୍କ ପାଇଁ ଏକ ଜଞ୍ଜାଳ। କିନ୍ତୁ ଏ ସମ୍ପର୍କିତ ପ୍ରଚଳିତ ଆଇନ୍ କାନୁନ, ନୀତି ନିୟମ ଅନାବଶ୍ୟକ ଭାବେ ଏତେ ଜଟିଳ ଯେ ଏଥିଯୋଗୁଁ ଏହାଦ୍ୱାରା ଜମି କ୍ରେତା ଓ ବିକ୍ରେତା ହନ୍ତସନ୍ତ ହେବା ସହିତ ବିଭିନ୍ନ କୋର୍ଟକଚେରିରେ ମାମଲା ବୋଝ ବଢ଼ିଚାଲିଛି। ଏଥିସହିତ ସରକାର ମଧ୍ୟ ଅଯଥା ଅଧିକ ଖର୍ଚ୍ଚାନ୍ତ ହେଉଛନ୍ତି। ତେଣୁ ଜମି ମାଲିକଙ୍କ ନାମରେ ଜମିର ମାଲିକାନା ରେକର୍ଡଭୁକ୍ତ ବା ପଟ୍ଟା ପ୍ରଦାନ ପାଇଁ ଉଦ୍ଦିଷ୍ଟ ନିୟମାବଳୀର ସଂଶୋଧନ ପାଇଁ ବହୁଦିନରୁ ଦାବି ହୋଇଆସୁଥିଲା। ସୁଖର କଥା ରାଜ୍ୟ ସରକାର ସେ ଦିଗରେ ଆନ୍ତରିକତା ପ୍ରକାଶ କରିଛନ୍ତି। ଏ ସମ୍ପର୍କିତ 'ଓଡ଼ିଶା ସର୍ଭେ ଆଣ୍ଡ ସେଟଲ୍‌ମେଣ୍ଟ ରୁଲ୍‌ସ'କୁ ସଂଶୋଧନ କରିବା ପାଇଁ ଆଗତ ପ୍ରସ୍ତାବକୁ ମୁଖ୍ୟମନ୍ତ୍ରୀ ଅନୁମୋଦନ କରିଛନ୍ତି। ଏହା କ୍ୟାବିନେଟ୍ ମଞ୍ଜୁରୀ ପାଇ ସରକାରୀ ବିଜ୍ଞପ୍ତି ଆକାରରେ ପ୍ରକାଶ ପାଇବା ପରେ କାର୍ଯ୍ୟକାରୀ ହେବା ପାଇଁ ଆଉ କିଛିଦିନ ଲାଗିପାରେ। ତେବେ ସରକାରୀ ଇଚ୍ଛାଶକ୍ତି ବଳରେ ତାହା ମଧ୍ୟ ଅଚିରେ ସମ୍ଭବ। ଯାହା ଆଦୌ ହେଉନଥିଲା ତାହା ଏବେ ହେବାକୁ ଯାଉଥିବାରୁ କିଛି ସମୟ ପ୍ରତୀକ୍ଷା କଲେ ମନ୍ଦ ନୁହେଁ।

ଜମିଜମା ରେକର୍ଡ ମାମଲା ମଧ୍ୟରୁ ସବୁଠାରୁ ଜଟିଳ ହେଉଛି ବନ୍ଦୋବସ୍ତ ଶିବିର ବା ସେଟଲ୍‌ମେଣ୍ଟ କ୍ୟାମ୍ପ ସହିତ ଜଡ଼ିତ ଆନୁଷଙ୍ଗିକ ପ୍ରସଙ୍ଗ। ପ୍ରଚଳିତ ନିୟମ ଅନୁସାରେ ବନ୍ଦୋବସ୍ତ କ୍ୟାମ୍ପରେ ଦୀର୍ଘବର୍ଷର ଜମିର ସ୍ୱତ୍ୱାଧିକାର ସଂଶୋଧନ ହେବାର ବ୍ୟବସ୍ଥା ଥିବା ବେଳେ ଯଦି କେହି କ୍ରେତା କ୍ୟାମ୍ପ ବିଷୟରେ ଜାଣିପାରୁ ନାହାନ୍ତି ତେବେ ତାଙ୍କୁ ରାଜସ୍ୱ ପରିଷଦ ଓ ସଂଶୋଧନ ଅଦାଲତରେ ଆବେଦନ କରିବାକୁ ପଡୁଛି। ଏହି ପ୍ରକ୍ରିୟାଟି ଏତେ ଜଟିଳ ଯେ ଏଥିରେ କ୍ରେତା ବା ପକ୍ଷଭୁକ୍ତ କୋର୍ଟକୁ ଦୌଡ଼ି ଓକିଲଙ୍କ ପିଛା ଖର୍ଚ୍ଚ କରି କରି ନୟାନ୍ତ ଓ ଖର୍ଚ୍ଚାନ୍ତ ହେଉଥିବା ବେଳେ ସରକାରଙ୍କ ଅଯଥା କୋର୍ଟ, ବିଚାରପତି, କର୍ମଚାରୀ, ଅଧିକାରୀ ଆଦି ନିଯୁକ୍ତି, ଦରମା ବାବଦ ଖର୍ଚ୍ଚ ବୋଝ କେବଳ ବଢ଼ିବା ହିଁ ସାର ହେଉଛି। ଏପରିକି ସେଟଲ୍‌ମେଣ୍ଟ କୋର୍ଟରେ କାର୍ଯ୍ୟରତ ପୂର୍ବତନ ବିଚାରପତି ଓ ଅଧିକାରୀ, ପୂର୍ବତନ ତହସିଲ୍‌ଦାର ଓ ଜିଲ୍ଲାପାଳ, ଉପଜିଲ୍ଲାପାଳସ୍ତରୀୟ ଅଧିକାରୀମାନେ ମଧ୍ୟ ଅବସର ପରେ ସରକାରୀ କ୍ଷମତା ନଥିବାରୁ ଏପରି ମାମଲାରେ ଧନ୍ଦି ହେଉଥିବା ଦେଖାଯାଉଛି। ସାଧାରଣ ଲୋକଙ୍କ କଥା କଣ କହିବା? ଏଥିରେ ନା ତ ସରକାରଙ୍କ ନା ଲୋକଙ୍କର କାହାର କିଛି ଲାଭ ହେଉନାହିଁ। କେବଳ ଓକିଲଙ୍କ ପାଇଁ ଏହା ଆୟର ଏକ ସୁଗମ ରାସ୍ତା ହୋଇପାରିଛି।

ଯେଉଁମାନେ ଅଜ୍ଞାନବଶତଃ ସେଟଲ୍‌ମେଣ୍ଟ କ୍ୟାମ୍ପ ବିଷୟରେ ଜାଣିପାରୁନାହାନ୍ତି ସେମାନଙ୍କ ଆବେଦନର ବିଚାର ସମ୍ପୃକ୍ତ ତହସିଲଦାରଙ୍କ ଇଜିଲାସରେ ହୋଇଯିବା କଥା। କିନ୍ତୁ ପ୍ରଚଳିତ ନିୟମଟି ଏତେ ଜଟିଳ ଯେ ଥରେ କ୍ୟାମ୍ପ ଉଠିଗଲା ପରେ ତା'ପୂର୍ବରୁ କିଣାବିକା ହୋଇଥିବା ଜମିଜମାର ମାଲିକାନାସ୍ୱତ୍ୱ ଫଇସଲା ଅଧିକାର ତହସିଲଦାରଙ୍କ ହାତରୁ ଚାଲିଯାଉଛି କିମ୍ବା ପୁନଃ କ୍ୟାମ୍ପ ବସିବା ପର୍ଯ୍ୟନ୍ତ ଘୁଞ୍ଚିଯାଇଛି। ତେଣୁ କ୍ରେତାମାନେ ବାଧ୍ୟ ହୋଇ ଓକିଲ ଜରିଆରେ ରାଜସ୍ୱ ପରିଷଦର ଦ୍ୱାରସ୍ଥ ହେଉଛନ୍ତି। ଆଉ ସେଟଲ୍‌ମେଣ୍ଟ କ୍ୟାମ୍ପ ହେବ ନାହିଁ ବୋଲି ସରକାରୀ ନିଷ୍ପତ୍ତି ହେବା ପରେ ପରିଷଦର କୋର୍ଟମାନଙ୍କରେ ମାମଲା ବୋଝ ଏତେ ବଢ଼ିଗଲାଣି ଯେ ତାହା ଫଇସଲା ହେବା ବେଳକୁ କେତେ ସମୟ ଲାଗିବ ତାହା ଈଶ୍ୱରଙ୍କୁ ଜଣା। କେବଳ ପ୍ରଚଳିତ ବ୍ୟବସ୍ଥାର ସାମାନ୍ୟ ସଂଶୋଧନରେ ଯେ ଏତେ ବଡ଼ ସମସ୍ୟାର ସମାଧାନର ହୋଇପାରନ୍ତା ତାହା ବୋଧହୁଏ ନୀତି ନିର୍ଦ୍ଧାରକମାନେ ଚିନ୍ତା କରିନାହାନ୍ତି କିମ୍ବା ଉଦ୍ଦେଶ୍ୟମୂଳକ ଭାବେ ଜାରି ରଖିଛନ୍ତି।

ସୁଖର କଥା ସରକାର ଜନସାଧାରଣଙ୍କ ଏହି ମାର୍ମିକ ବେଦନା ଅନୁଭବ କରି ମହତ୍ ପଦକ୍ଷେପଟିଏ ନେବାକୁ ଯାଉଛନ୍ତି, ଯାହା ରାଜ୍ୟ ଜମିଜମା ବନ୍ଦୋବସ୍ତରେ ଐତିହାସିକ ସାବ୍ୟସ୍ତ ହେବ। ଏଣିକି ବନ୍ଦୋବସ୍ତ ପୂର୍ବରୁ କିଣାବିକା ହୋଇଥିବା ଜମିଜମା ସଂକ୍ରାନ୍ତୀୟ ସ୍ୱତ୍ୱାଧିକାର ପାଇଁ ମଧ୍ୟ କ୍ରେତା ତହସିଲ୍ କାର୍ଯ୍ୟାଳୟରେ ଆବେଦନ କରିପାରିବେ ଏବଂ ସମ୍ପୃକ୍ତ ତହସିଲଦାର ସେଥିପାଇଁ କ୍ଷମତାପ୍ରାପ୍ତ ହେବେ। କିନ୍ତୁ ଜମିଜମା ରେକର୍ଡ ଓ ସ୍ୱତ୍ୱ ପରିବର୍ତ୍ତନ ପ୍ରକ୍ରିୟାରେ ଏକ ଗୁରୁତ୍ୱପୂର୍ଣ୍ଣ ତଥା ନିର୍ଣ୍ଣାୟକ ଭୂମିକା ନିର୍ବାହ କରନ୍ତି ରାଜସ୍ୱ ନିରୀକ୍ଷକ ବା ଆରଆଇମାନେ। ଏହି ତୃଣମୂଳସ୍ତରୀୟ ରିପୋର୍ଟକୁ ତହସିଲ୍‌ଦାରମାନେ ଆଖିବୁଜି ଗ୍ରହଣ କରିନିଅନ୍ତି। ତେଣୁ ଆରଆଇମାନଙ୍କୁ ସନ୍ତୁଷ୍ଟ କରିବାରେ ଅକ୍ଷମତା କିମ୍ବା ଅଜ୍ଞାନତା କାରଣରୁ ଜମିମାଲିକ ବା କ୍ରେତା ଆବଶ୍ୟକ ସଠିକ୍ ଦଲିଲ୍ ପ୍ରମାଣପତ୍ର, ଦସ୍ତାବେଜ୍ ଥାଇ ମଧ୍ୟ ବର୍ଷ ବର୍ଷ ଧରି ନ୍ୟାୟ ପାଇପାରୁନାହାନ୍ତି। ଏହି ସ୍ତରଟି ଯେପରି ସ୍ୱଚ୍ଛ, ଦକ୍ଷ ଓ ସମୟାନୁସାରୀ ହୋଇପାରିବ ତା' ଉପରେ ମଧ୍ୟ ସରକାର ଗୁରୁତ୍ୱ ଦେଲେ ସଂଶୋଧିତ ଜମିଜମା ଆଇନ ଯୁଗାନ୍ତକାରୀ, ବାସ୍ତବବାଦୀ ଓ ଲୋକହିତୈଷୀ ହୋଇପାରିବ।

ଏଠାରେ ଆଉ ଏକ ଆଇନଗତ ଜଟିଳତା ବିଷୟରେ ଆମେ ଉଲ୍ଲେଖ କରିବାକୁ ଉଚିତ ମନେ କରୁଛୁ। ଯେଉଁ କ୍ରେତାମାନେ ରାଜସ୍ୱ ପରିଷଦ ବା ରିଭିଜନ୍ କୋର୍ଟରେ ମାମଲା ଦାଖଲ ବା ଆବେଦନ କରିସାରିଛନ୍ତି ସେମାନେ ସଂଶୋଧିତ ନିୟମାବଳୀ କାର୍ଯ୍ୟକାରୀ ହେବା ପରେ ତହସିଲ୍‌ଦାରଙ୍କ ଇଜିଲାସରେ ପୁନଃଆବେଦନ କରିପାରିବେ କି ନାହିଁ ସେ ବିଷୟରେ ସରକାର ନିଷ୍ପତ୍ତି ନେଇ ଗେଜେଟ୍ ବିଜ୍ଞପ୍ତିରେ ସ୍ପଷ୍ଟ କଲେ ଆହୁରି ଭଲ ହେବ। କାରଣ ଅଦାଲତ ଆଇନର ଜଟିଳ ଶବ୍ଦକାନନ ଘେରା ଏକ ଅଞ୍ଚଳ। ଆଇନର ଶବ୍ଦ ଏତେ ଜଟିଳ ଓ କୁଟିଳ ଯେ ଯିଏ ଯେମିତି ବୁଝିଲା ଏବଂ ବୁଝାଇ ପାରିଲା ସେହି ଅନୁଯାୟୀ ଦାବି ହାସଲ୍ କରିନେଲା। ବନ୍ଦୋବସ୍ତ ବ୍ୟବସ୍ଥା ସରଳୀକରଣ ସହିତ ଏ ଦିଗଟିକୁ ମଧ୍ୟ ସରଳ ଓ ସ୍ପଷ୍ଟ କରିବା ପାଇଁ ସରକାରଙ୍କୁ ଅନୁରୋଧ। ଆଇନର ଶବ୍ଦ ବୁଝିପାରୁନଥିବା ଏବଂ ଧାର କରଜ କରି ଜମି କିଣିଥିବା ଅଶିକ୍ଷିତ ଓ ଅଳ୍ପଶିକ୍ଷିତମାନେ ଓକିଲଙ୍କ ଦେୟ ଦେଇପାରୁନଥିବା ବେଳେ କଷ୍ଟାର୍ଜିତ ଜମି ଖଣ୍ଡିକ ନିଜ ନାଁରେ କରିପାରୁନାହାନ୍ତି। ସେମାନେ ଯେତେ ଦହଗଞ୍ଜି ହେଉଛନ୍ତି ତାହା ଭୁକ୍ତଭୋଗୀ ହିଁ ଜାଣେ। ଗୋଟିଏ କାର୍ଯ୍ୟାଳୟରୁ ଅନ୍ୟ କାର୍ଯ୍ୟାଳୟକୁ, ଗୋଟିଏ ଟେବୁଲ୍‌ରୁ ଆଉ ଗୋଟିଏ ଟେବୁଲ୍ ପାଖକୁ ଚାବିଦିଆ ଖେଳନା ପରି ବିବଶ ହୋଇ ଧାଇଁବା ବ୍ୟତୀତ ସେମାନଙ୍କ ପାଖରେ ସାହା ଭରସା କେହି ନାହାନ୍ତି କି ଗୁହାରି ଶୁଣିବା ପାଇଁ ଉଚ୍ଚପଦାଧିକାରୀଙ୍କ ପାଖରେ ବେଳ ନାହିଁ। ତେଣୁ ସଂଶୋଧିତ ନିୟମର ଭାଷା ଏତେ ସରଳ ହେଉ ଯେ ତାହା ଜଣେ ଅଳ୍ପଶିକ୍ଷିତ ବୁଝିପାରିବ ଏବଂ ଦୀର୍ଘବର୍ଷ ଧରି ବଳବତ୍ତର ରହି ଏକ ଉଦାହରଣ ସୃଷ୍ଟି କରିବ। ●

## ଉଚ୍ଚଶିକ୍ଷିତଙ୍କ ଆତଙ୍କବାଦ

ସାଧାରଣତଃ କୁହାଯାଏ ବେକାରୀ, ଅଶିକ୍ଷା, କୁପରିବେଶ, କୁସଙ୍ଗ ଆଦି କାରକ ଉଗ୍ରବାଦ, ଆତଙ୍କବାଦ, ଚରମପନ୍ଥୀବାଦକୁ ଜନ୍ମ ଦିଏ। କ୍ରମାଗତ ନିର୍ଯାତନା, ଲାଞ୍ଛନା, ଅପମାନ, ଅବହେଳା ଓ ଅନ୍ୟାୟର ପ୍ରଭାବରେ ଜଣେ ପ୍ରତିଶୋଧପରାୟଣ ହୋଇ ହିଂସାର ପଥ ଆବୋରି ନିଏ ଏବଂ ଆତଙ୍କବାଦୀ ହେବାକୁ ବାଧ୍ୟ ହୁଏ। କିନ୍ତୁ ପିଏଚଡି ଡିଗ୍ରୀଧାରୀ ଆଇଏସଆଇଏସ ମୁଖ୍ୟ ଅବୁ ବକର ଅଲ-ବାଗଦାଦିଠାରୁ ଆରମ୍ଭ କରି ଅଲ-କାଏଦାର ଡାକ୍ତର ଅୟମାନ ଅଲ-ଜୱାହିରୀ, ସିଭିଲ ଇଞ୍ଜିନିୟରିଂରେ ସ୍ନାତକଡିଗ୍ରୀଧାରୀ ଓସାମା ବିନ୍ ଲାଦେନ ଏବଂ ସମ୍ପ୍ରତି ନୂଆଦିଲ୍ଲୀରେ ଆତ୍ମଘାତୀ କାରବୋମା ବିସ୍ଫୋରଣ ଘଟାଇଥିବା ଡାକ୍ତର ଉମର ଉନ୍ ନବି, ଧରାପଡ଼ିଥିବା ଅନ୍ୟ ଚାରିଜଣ ଡାକ୍ତରଙ୍କ କାର୍ଯ୍ୟକଳାପକୁ ତର୍ଜମା କଲେ ଉପରୋକ୍ତ ଧାରଣା ଭୁଲ୍ ସାବ୍ୟସ୍ତ ହୁଏ। ବିଶ୍ୱର ସବୁଠାରୁ ଭୟଙ୍କର ଏହି ଉଗ୍ରବାଦୀ ନେତାମାନେ ଉଚ୍ଚଶିକ୍ଷିତ, ତାଲିମପ୍ରାପ୍ତ ଓ ପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନରୁ ଡିଗ୍ରୀଧାରୀ। ଏଭଳି ଉଚ୍ଚଶିକ୍ଷିତ ମାନେ କିଭଳି ନାରକୀୟ କାଣ୍ଡ ରଚନା କରିପାରନ୍ତି, ବିଶେଷକରି ଜୀବନରକ୍ଷା ପାଇଁ ଶପଥ ନେଉଥିବା ଡାକ୍ତରମାନେ ଯେ ନରସଂହାର ପାଇଁ ବ୍ରତୀ ହୋଇପାରନ୍ତି ତାହା ସତତ ଅବିଶ୍ୱସନୀୟ। ବିଶ୍ୱର କୌଣସି ମତ, ପନ୍ଥ, ଧର୍ମ ଓ ସମ୍ପ୍ରଦାୟ ଏହାକୁ ସ୍ୱୀକୃତି ଦିଏ ନାହିଁ କି ସମର୍ଥନ କରେନାହିଁ। କିନ୍ତୁ ଏଭଳି ଅଭୂତପୂର୍ବ ଘଟଣାମାନ ଘଟି ଚାଲିଥିବାରୁ ମାନବ ସଭ୍ୟତାର ଗତି କେତେ ଅସ୍ଥିର ଓ ଭବିଷ୍ୟତ କେତେ ଅସୁରକ୍ଷିତ ତାହା ଅକ୍ଳେଶବହୁତ ଅନୁମେୟ।



ନୂଆଦିଲ୍ଲୀ କାରବୋମା ବିସ୍ଫୋରଣ ଭାରତଭୂମିରେ ଆତଙ୍କ, ଆତଙ୍କବାଦ ଓ ଆତଙ୍କବାଦୀର ଭାଷାକୁ ନୂଆ ଢଙ୍ଗରେ ଉପସ୍ଥାପନ କରିଛି। ପ୍ରାଥମିକ ପର୍ଯ୍ୟାୟରେ ଏହା ଆମକୁ ଚେତାଇ ଦେଉଛି ଯେ ଆତଙ୍କ ଓ ଆତଙ୍କବାଦୀ ଆମେ ପରିକଳ୍ପନା କରୁଥିବା ଚେହେରା ନେଇ ଆସେ ନାହିଁ। ଆମେ ଚାରିପାଖରେ ରହୁଥିବା ଆମର ଆତ୍ମୀୟ, ଏପରିକି ସବୁଠାରୁ ବିଶ୍ୱସ୍ତମାନେ, ସମାଜକୁ ନୈତିକ ଶିକ୍ଷା ଦେଉଥିବା ଧର୍ମଗୁରୁମାନେ, ନାଗରିକ ଗଠନରେ ସମର୍ପିତ ଶିକ୍ଷକମାନେ, ଧର୍ମାନୁଷ୍ଠାନରେ ପ୍ରତିଦିନରେ ସାକ୍ଷାତ ହେଉଥିବା ସାଧୁଶ୍ରେଣୀୟ ବ୍ୟକ୍ତିମାନେ, ଆମ ସହିତ ସକାଳ ସନ୍ଧ୍ୟାରେ ପାଦ ମିଳାଇ ଚାଲୁଥିବା ଓ ଦୁଃଖସୁଖ ବାଣ୍ଟୁଥିବା ନମ୍ର, ଧୀର ଓ ମିଷ୍ଟଭାଷୀମାନେ, ଅସମୟରେ ଆମ ପାଖରେ ଠିଆ ହୋଇଥିବା ଓ ଅଯାଚିତ ଭାବେ ସହାୟତାର ହାତ ବଢ଼ାଇ ଦେଉଥିବା ଦୟାଳୁ, ପରୋପକାରୀ ଭଦ୍ରବ୍ୟକ୍ତିମାନେ, ଜଟିଳ ସମସ୍ୟାର ସରଳ ସୂତ୍ର ବତାଇ ଦେଉଥିବା ବିଦ୍ୱାନମାନେ ମଧ୍ୟ ଯେ ଆତଙ୍କବାଦୀ ହୋଇପାରନ୍ତି ଏହି ଅବିଶ୍ୱସନୀୟତାକୁ ଗ୍ରହଣ କରିନେବା ପାଇଁ ଆମେ ଆମର ମାନସିକତା ଓ ଧାରଣାକୁ ପରିବର୍ତ୍ତନ କରିବାକୁ ପଡ଼ିବ।

ଆତଙ୍କବାଦ ଓ ଆତଙ୍କବାଦୀ ଇତିହାସରେ ଏଭଳି ଅନେକ 'ହ୍ୱାଇଟ୍ କଲାର ଟେରରିଷ୍ଟ' ବା 'ଉଚ୍ଚଶିକ୍ଷିତ ଆତଙ୍କବାଦୀ'ଙ୍କ କାହାଣୀ ରହିଛି, ଯାହା ମାନବତା ପରି ଶବ୍ଦକୁ ସ୍ୱତଃ ଲଜ୍ଜିତ କରିବା ପାଇଁ ଯଥେଷ୍ଟ। କାନ୍ଦାହାର ବିମାନ ଅପହର୍ତ୍ତା, ଆମେରିକୀୟ ସାମ୍ବାଦିକ ଡାନିଏଲ୍ ପର୍ଲଙ୍କ ଅପହର୍ତ୍ତା ଓ ହତ୍ୟାକାରୀ ଓମାର ସୟଦ୍ ସେଖ୍ ମଧ୍ୟ ଥିଲେ ଅର୍ଥନୀତିରେ ଉଚ୍ଚଶିକ୍ଷିତ। ୯/୧୧ ଆତଙ୍କବାଦୀ ଆକ୍ରମଣରେ ବ୍ୟବହୃତ ବିମାନର ମୁଖ୍ୟ ଅପହରଣକାରୀ ମହମ୍ମଦ ଆଟ୍ଟା କାଇରୋ ବିଶ୍ୱବିଦ୍ୟାଳୟରେ 'ସ୍ଥାପତ୍ୟ ଓ ନଗର ଯୋଜନା' ବିଷୟରେ ଡିଗ୍ରୀ ହାସଲ କରିବା ପରେ ହାମବର୍ଗରେ 'ନଗର ଯୋଜନା'ରେ ସ୍ନାତକୋତ୍ତର ଡିଗ୍ରୀ ହାସଲ କରିଥିଲେ। ଅନ୍ୟତମ ଅପହର୍ତ୍ତା ମାରୱାନ ଅଲ-ଶେହି ଜର୍ମାନୀରେ ଉଚ୍ଚତର ଡିଗ୍ରୀ ହାସଲ କରିଥିଲେ ଏବଂ ଜିଆଦ ଜାରାହ ହାମବର୍ଗ ଆପ୍ଲାଏଡ୍ ସାଇନ୍ସ ବିଶ୍ୱବିଦ୍ୟାଳୟରେ ପଢ଼ିଥିଲେ। ଆଇଏସ୍‌ଆଇଏସ୍ ତା'ର ସଦସ୍ୟ ଭାବେ ମୁଖ୍ୟତଃ ୟୁକେ, ସୁଦାନ ଆଦି ଅଞ୍ଚଳରେ ରହୁଥିବା ଡାକ୍ତର ଓ ଡାକ୍ତରୀଛାତ୍ରମାନଙ୍କୁ ଗ୍ରହଣ କରିଥାଏ। ତାମିଲ ଗରିଲା ଏଲ୍‌ଟିଟିଇର ସଦସ୍ୟମାନଙ୍କ ମଧ୍ୟରେ ଅନେକ ବରିଷ୍ଠ ନେତା, ସ୍ନାତକ, ଶିକ୍ଷକ ଓ ଇଞ୍ଜିନିୟର ଥିଲେ ଏବଂ ଏହାର ଆତ୍ମଘାତୀ ବାହିନୀ ପ୍ରାୟତଃ ସେମାନଙ୍କ ବିଦ୍ୟାଳୟସ୍ତରରେ ଉତ୍କର୍ଷ ହାସଲ କରିଥିଲେ। 'ଆଇରିଶ ରିପବ୍ଲିକାନ୍ ଆର୍ମି' ବିଶ୍ୱବିଦ୍ୟାଳୟ ଛାତ୍ର, ସରକାରୀ କର୍ମଚାରୀ ଏବଂ ବୃତ୍ତିଗତମାନଙ୍କୁ ନିଯୁକ୍ତି ଦେଇଥିଲା, ଯେଉଁମାନେ ବିଶ୍ୱାସ କରୁଥିଲେ ଯେ ସେମାନେ ଏକ ବୈଧ ରାଜନୈତିକ ସଂଘର୍ଷ କରୁଛନ୍ତି।

ଭାରତରେ ୧୯୮୦ ଦଶକର ଖଲିସ୍ତାନୀ ସଂଗଠନରେ ଡାକ୍ତର, ସରକାରୀ କର୍ମଚାରୀ, ପଞ୍ଜାବ ଓ ଦିଲ୍ଲୀର କଲେଜ୍ ପଢ଼ୁଆମାନେ ସାମିଲ୍ ଥିଲେ। ଡାଲ ଖାଲସା ପ୍ରତିଷ୍ଠାତା ଗଜିନ୍ଦର ସିଂହ ୧୯୮୧ ମସିହାରେ ଇଣ୍ଡିଆନ ଏୟାରଲାଇନ୍ସର ଏକ ବିମାନ ଅପହରଣର ନେତୃତ୍ୱ ନେଇଥିଲେ। ମୃଦୁଭାଷୀ, ପଠନପ୍ରିୟ ଗଜିନ୍ଦରଙ୍କ ମତରେ ଅପହରଣ ଏକ ଅପରାଧ ନୁହେଁ, ବରଂ ଖଲିସ୍ତାନ ଆନ୍ଦୋଳନର ସେବାରେ ଏକ ନୈତିକ କାର୍ଯ୍ୟ। ପୁଲ୍‌ୱାମା ଆତ୍ମଘାତୀ ବିସ୍ଫୋରଣର ସମ୍ପର୍କୀୟମାନଙ୍କ ଜୀବନଶୈଳୀ ଅତ୍ୟୁଚ୍ଚ ଧନୀଙ୍କ ଠାରୁ କମ୍ ନଥିଲା।

ଏଭଳି ଶିକ୍ଷିତ ଆତଙ୍କବାଦୀଙ୍କ ପାଖରେ ଥିଲା ହିଂସାକୁ କର୍ତ୍ତବ୍ୟ ଭାବରେ ପ୍ରତିପାଦନ କରିବାର ଅଦମ୍ୟ ଉତ୍ସାହ, ନିଷ୍ଠା, ଆନ୍ତରିକତା ଓ ଦୃଢ଼ ମନୋବଳ। ସେଥିପାଇଁ ସେମାନଙ୍କୁ ଯଥେଷ୍ଟ ଶକ୍ତିଶାଳୀ ପୃଷ୍ଠଭୂମି ମଧ୍ୟ ମିଳିଯାଉଥିଲା। ଏଠାରେ ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ଏଭଳି ଉଚ୍ଚଶିକ୍ଷିତ ଓ ସମ୍ମାନଜନକ ବୃତ୍ତିଧାରୀମାନେ ହିଂସାର ପଥକୁ ଆବୋରି ନିଅନ୍ତି କାହିଁକି? ଜର୍ଜଟାଉନ୍ ବିଶ୍ୱବିଦ୍ୟାଳୟରେ ମୌଳବାଦୀକରଣ ଉପରେ ଗବେଷଣା କରୁଥିବା ରାଜନୈତିକ ମନସ୍ତତ୍ତ୍ୱବିତ୍ ଡକ୍ଟର ଫାଥାଲି ମୋଘାଦମଙ୍କ କହିବା ଅନୁଯାୟୀ, 'ମୌଳବାଦୀକରଣ କେବଳ ଦାରିଦ୍ର୍ୟ କିମ୍ବା ଅଜ୍ଞତାରେ ଜନ୍ମ ହୁଏ ନାହିଁ। ଏହା ସେତେବେଳେ ଘଟେ ଯେତେବେଳେ ଲୋକମାନେ ନୈତିକ ଭାବରେ ଅପମାନିତ, ସାମାଜିକ ଭାବରେ ଅସମ୍ମାନିତ ଏବଂ ରାଜନୈତିକ ଭାବରେ ଅବହେଳିତ ଅନୁଭବ କରନ୍ତି। ଶିକ୍ଷିତ ବ୍ୟକ୍ତିମାନେ ମାନସିକସ୍ତରରେ ପ୍ରାୟତଃ ଅଧିକ ଦୁର୍ବଳ। ତେଣୁ ହିଂସା ସେମାନଙ୍କ ମନରେ ବିନାଶ ନୁହେଁ ବରଂ ଉଦ୍ଦେଶ୍ୟର ଏକ କାରକ ଭାବେ ପ୍ରବେଶ କରେ। ବିଦ୍ୱାନ ଅରୁଣ କୁନ୍ଦନାନି ତାଙ୍କ ପୁସ୍ତକ 'ଦି ମୁସଲିମ୍‌ସ ଆର କମିଂ! ଇସଲାମୋଫୋବିଆ, ଏକ୍ସଟ୍ରିମିଜିମ୍ ଆଣ୍ଡ ଦି ଡୋମେଷ୍ଟିକ୍ ୱାର୍ ଅନ୍ ଟେରର୍' ରେ ଉଲ୍ଲେଖ କରିଛନ୍ତି ଯେ କାହିଁକି ମୌଳିବାଦକରଣ ବା ଚରମପନ୍ଥା 'ଅକସ୍ମାତ୍ ମାନସିକ ଦୁର୍ବଳତାର ଏକ କାରକ' ନୁହେଁ ବରଂ 'ରାଜନୈତିକ ପ୍ରସଙ୍ଗରେ ଏକ ରାଜନୈତିକ ପ୍ରତିକ୍ରିୟା'। ଆଉ କେତେକ ବିଦ୍ୱାନଙ୍କ ମତରେ ଅନୁଭୂତ ଅନ୍ୟାୟ ପ୍ରତି ନୈତିକ ଆକ୍ରୋଶ, ବ୍ୟକ୍ତିଗତ କିମ୍ବା ରାଜନୈତିକ ଆଘାତ ଦ୍ୱାରା ସୃଷ୍ଟି ହୋଇଥିବା ଜ୍ଞାନାତ୍ମକ ପରିପ୍ରକାଶ, ମୌଳିକ ଚିନ୍ତାଧାରାକୁ ସମର୍ଥନ ମିଳୁଥିବା କଠୋର ସମକକ୍ଷ ମଞ୍ଚ, ସମ ବିଚାରଧାରାର ନିଶ୍ଚିତତା, ସମଆଗ୍ରହ ଆଦି ଉଚ୍ଚଶିକ୍ଷିତ ଆତଙ୍କବାଦର କାରଣ।

ଏବେ ମୂଳ ଓ ବାସ୍ତବ ପ୍ରଶ୍ନ ହେଉଛି ଉପରୋକ୍ତ ଉଚ୍ଚଶିକ୍ଷିତମାନେ କାହିଁକି ବିଶ୍ୱାସ କରିନେଲେ ଯେ ଆତଙ୍କବାଦର ପଥ ହିଁ ସର୍ବାଧିକ ଉଚିତ। ଏହି ପ୍ରଶ୍ନର ଉତ୍ତର ଗୁରୁତ୍ୱର ସହ ଖୋଜିବାକୁ ପଡ଼ିବ। ଏହା କେବଳ ମନସ୍ତତ୍ତ୍ୱବିତ୍‌ଙ୍କ ଦାୟିତ୍ୱ ନୁହେଁ; ଏହା ସମାଜଶାସ୍ତ୍ରୀ, ନୀତି ନିର୍ଦ୍ଧାରକ ସର୍ବୋପରି ଜନସାଧାରଣଙ୍କ ନୈତିକ ଦାୟିତ୍ୱ। ଆତଙ୍କବାଦର ଏହି ପରିବର୍ତ୍ତିତ ପରିଭାଷା କେବଳ ରାଷ୍ଟ୍ରର ସୁରକ୍ଷା ଓ ଅଖଣ୍ଡତା ପ୍ରତି ଏକ ବିପଦ ନୁହେଁ, ବରଂ ମାନବତା ଓ ମାନବ ସଭ୍ୟତା ପ୍ରତି ନୈତିକ ଆହ୍ୱାନ। ●

(ସକାଳ ମିଡ଼ିଆ ସର୍ଭିସ୍)

## ଭୋଟରଙ୍କ ମାନସିକତା ବଦଳୁଛି

ଡ.ବିମଳ ଷଡ଼ଙ୍ଗୀ

ଜାତିଗତ ଭେଦଭାବକୁ ଆୟୁଧ କରି ନିର୍ବାଚନ ଜିତିଥିବା ଡୋନାଲ୍ଡ ଟ୍ରମ୍ପଙ୍କ ତୃତୀୟ ପ୍ରୟାସକୁ ସଚେତନ ଆମେରିକା ଭୋଟର ନ୍ୟୁୟର୍କ ସହରରେ ଭାଙ୍ଗି ଚୁରମାର କରିଛନ୍ତି। ଘୃଣା, ଦ୍ୱେଷ, ଆତ୍ମପ୍ରଚାର, ଅହଂକାର ଜଣେ ହୀନ ରାଜନେତାର ପରିଚୟ, ଯାହାକୁ ଆଜି ପ୍ରମାଣ କରିଛନ୍ତି ନ୍ୟୁୟର୍କର ସଚେତନ ଜନତା। ୨୦୨୫, ନଭେମ୍ବର ମାସରେ ୩୪ ବର୍ଷୀୟ ଅଗ୍ନିବର୍ଷୀ ଗଣତାନ୍ତ୍ରିକ ସମାଜବାଦୀ ଜୋହରାନ୍ କ୍ୱାମେ ମାମଦାନି ନ୍ୟୁୟର୍କ ସହରର ଇତିହାସର ଦ୍ୱିତୀୟ ସର୍ବକନିଷ୍ଠ ମେୟର ଭାବରେ ବିଜୟ ହାସଲ କରିଛନ୍ତି। ଭାରତୀୟ ହିନ୍ଦୁ ମାତା ତଥା ଚଳଚ୍ଚିତ୍ର ନିର୍ମାତା ମୀରା ନାୟାର ଏବଂ ଉଗାଣ୍ଡା ମୁସଲିମ ପିତା ଶିକ୍ଷାବିତ୍ ମହମ୍ମଦ ମାମଦାନିଙ୍କ ଔରସରୁ ଜନ୍ମଗ୍ରହଣ କରିଥିବା ଏହି ପ୍ରବାସୀ ଯୁବନେତା କେବଳ ନିର୍ବାଚନ ଜିତି ନାହାନ୍ତି, ବରଂ ଟ୍ରମ୍ପବାଦ ପ୍ରତି ଏକ ଆହ୍ୱାନ ସୃଷ୍ଟି କରିଛନ୍ତି।

ନିର୍ବାଚନ ପ୍ରଚାର ସମୟରେ ମାମଦାନୀଙ୍କୁ ମୁସଲିମ, ନ୍ୟୁୟର୍କକୁ ନଷ୍ଟ କରିବାକୁ ଆସିଥିବା ବାମ ମୌଳବାଦୀ, ଆମେରିକୀୟ ବିରୋଧୀ, ଧର୍ମ ବିରୋଧୀ ଆଦି ଆଖ୍ୟାଦେଇ ତିରସ୍କାର କରିବାକୁ ପଛାଇ ନଥିବା ଟ୍ରମ୍ପଙ୍କୁ ନିର୍ବାଚନ ଫଳାଫଳ ମାଧ୍ୟମରେ ଉତ୍ତର ଦେଇଥିଲେ ମାମ୍‌ଦାନୀ। ବିଜୟୀ ପ୍ରାର୍ଥୀ ଟ୍ରମ୍ପଙ୍କ ରାଜନୀତିର ବିପରୀତ ମୂଲ୍ୟବୋଧକୁ ଆୟୁଧ କରିଥିଲେ। ଟ୍ରମ୍ପ ଦୃଢ଼ ଜାତୀୟତାବାଦ, ରକ୍ଷଣଶୀଳ ପରିଚୟ ଏବଂ ଆକ୍ରମଣାତ୍ମକ ଭାଷଣବାଜି ଦ୍ୱାରା ଭୋଟରମାନଙ୍କୁ ପ୍ରଭାବିତ କରିବା ପାଇଁ ଚେଷ୍ଟା କରିଥିବା ବେଳେ ମାମଦାନୀ ନିଜକୁ ମୁସଲିମ ବୋଲି ପରିଚୟ ଦେବା ସହିତ ପ୍ରଗତିଶୀଳ ନୀତି ଏବଂ ପ୍ରବାସୀଙ୍କୁ ସମାନ ଅଧିକାର, ଧର୍ମନିରପେକ୍ଷତା ଏବଂ ନୂତନ ଦିଗଦର୍ଶନ ମାଧ୍ୟମରେ ଭୋଟରମାନଙ୍କୁ ପ୍ରଭାବିତ କରିବାକୁ ଚେଷ୍ଟା କରିଥିଲେ। ଟ୍ରମ୍ପଙ୍କୁ ଖରାପ ନକହି ତାଙ୍କ ପ୍ରଚଳିତ ନୀତିକୁ ବିରୋଧ କରିଥିଲେ, ଯାହା ପ୍ରମାଣ କରିଥିଲା ଯେ ଅନେକ ଆମେରିକୀୟ ବିଶେଷକରି ସହରଗୁଡ଼ିକରେ ଥିବା ଶିକ୍ଷିତ ଭୋଟର ଟ୍ରମ୍ପଯୁଗର ବିଭାଜନକାରୀ ରାଜନୀତିକୁ ପ୍ରତ୍ୟାଖ୍ୟାନ କରିଛନ୍ତି।

ଯୁବ ଭୋଟରଙ୍କ ଅଧିକ ଭାଗୀଦାରୀରେ ନିର୍ବାଚନରେ ପାଖାପାଖି ୨ ନିୟୁତ ଭୋଟ ମିଳିଥିଲା ଯାହା ଦଶନ୍ଧି ମଧ୍ୟରେ ନ୍ୟୁୟର୍କର ମେୟର ନିର୍ବାଚନରେ ସର୍ବାଧିକ ଭୋଟଦାନ ଥିଲା। ଏହା ପ୍ରମାଣ କରିଥିଲା ଯେ ବଡ଼ ସହରଗୁଡ଼ିକରେ ଗୃହ ନିର୍ମାଣରେ ବର୍ଦ୍ଧିତ ଖର୍ଚ୍ଚ, ବ୍ୟୟବହୁଳ ଦୈନନ୍ଦିନ ଖର୍ଚ୍ଚ, ଧର୍ମନିରପେକ୍ଷତାର ବିରୋଧ, ଶ୍ରମିକଙ୍କ ସମ୍ମାନହାନି ଓ ଅସୁରକ୍ଷିତ ପ୍ରବାସୀ ନୀତିଗୁଡ଼ିକର କୁପରିଣାମ ଲୋକଙ୍କୁ ଭୋଗିବାକୁ ପଡ଼ିଥିଲା। ତେଣୁ ସେମାନେ ଟ୍ରମ୍ପ ଓ ଟ୍ରମ୍ପ ନୀତିକୁ ବିରୋଧ କରିଥିଲେ ଏବଂ ନୂଆ ଭାବନା ଓ ନୂଆ ନେତୃତ୍ୱକୁ ଜିତାଇବାକୁ ମନସ୍ଥ କରିଥିଲେ।

ନ୍ୟୁୟର୍କ ଭଳି ବହୁ-ସଂସ୍କୃତି ସହରରେ ଅଳ୍ପସଂଖ୍ୟକ ଓ ପ୍ରବାସୀମାନଙ୍କର ସ୍ୱର ଶକ୍ତିଶାଳୀ ହେଉଛି, ଯାହା ଦର୍ଶାଉଛି ଯେ ସମାଜିକ ଅସମାନତା ବିଷୟରେ ଲୋକ ଅଧିକ ସଚେତନ। ତତ୍‌ସହିତ ପ୍ରଗତିଶୀଳ ରାଜନୀତିର ଉଦୟ ହୋଇଛି। ଆମେରିକାର ରାଷ୍ଟ୍ରପତି ରୂପେ ଟ୍ରମ୍ପଙ୍କ ଦ୍ୱିତୀୟ କାର୍ଯ୍ୟକାଳର ଗୋଟିଏ ବର୍ଷରୁ କମ୍ ସମୟ ମଧ୍ୟରେ ତାଙ୍କର ଅସଲ ଚେହେରା ପଦାକୁ ଆସିଥିଲା। ପରିବାରବାଦ, ଭୟ ସୃଷ୍ଟି, ବେକାରୀ, ଦରଦାମ ବୃଦ୍ଧି ସହିତ ଆନ୍ତର୍ଜାତିକ ସ୍ତରରେ ଆମେରିକାର କ୍ଷୁର୍ଣ୍ଣ ରୂପ, ଭୁଲ ବୈଦେଶିକ ନୀତି, ଶିକ୍ଷାର ପ୍ରଗତିରେ ବାଧା, ନ୍ୟାୟିକ ବ୍ୟବସ୍ଥାରେ ହସ୍ତକ୍ଷେପ, ପରବାରବାଦ, ଗଣମାଧ୍ୟମକୁ ନିଜ ଇଚ୍ଛାରେ ବ୍ୟବହାର ଆଦି ଟ୍ରମ୍ପନୀତିର ବିରୋଧ ଏବଂ ମାମଦାନୀଙ୍କ ବିଜୟ ଏକ ଜାତୀୟ ଜନମତକୁ ସୂଚାଉଛି।

ମମଦାନୀଙ୍କ ବିଜୟ ବିଶ୍ୱକୁ ବାର୍ତ୍ତା ଦେଇଛି ଯେ ଆକ୍ରମଣାତ୍ମକ ରାଜନୀତି, ଜାତି ଜାତି ବିରୁଦ୍ଧରେ ବିଭେଦ ସୃଷ୍ଟି କରିବା, ଭ୍ରଷ୍ଟାଚାର, ବ୍ୟକ୍ତିଗତ ଆକ୍ଷେପକୁ ଭୋଟର ନାପସନ୍ଦ କରିଛନ୍ତି। ଦଳୀୟ ପରିଚୟ ଠାରୁ ଲୋକଙ୍କ କାମ ଏବେ ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇଛି। ଲୋକମାନେ ଏବେ ଶାନ୍ତି ଚାହୁଁଛନ୍ତି। ବାଦବିବାଦ, ଟ୍ୱିଟର ରାଜନୀତି, ସଂସ୍କୃତି ଯୁଦ୍ଧ ଆଦି ପରେ ଲୋକ ଏବେ ସ୍ଥିରତା ଓ ବିବେକୀ ନେତୃତ୍ୱକୁ ସ୍ୱାଗତ କରୁଛନ୍ତି। ଏହି ଫଳାଫଳ କେବଳ ଏକ ସହର ନିର୍ବାଚନର କଥା ନୁହେଁ, ବରଂ ସମଗ୍ର ବିଶ୍ୱର ରାଜନୀତିରେ ଚାଲୁଥିବା ଏକ ନୂଆ ପରିବର୍ତ୍ତନର ପ୍ରତିଛବି।

ଗତ ୧୦-୧୫ ବର୍ଷ ଧରି ବିଶ୍ୱର ବହୁ ଦେଶରେ ଉଚ୍ଚ ସ୍ୱରରେ ବକ୍ତୃତା, ପ୍ରଚଣ୍ଡ ଭାବନା, ଜନଆନ୍ଦୋଳନ, ଜାତିଆଣ ଭେଦଭାବ ଓ ଦେଶ ଦେଶ ବିରୁଦ୍ଧରେ ଜନତାଙ୍କୁ ଉସକେଇବା ରାଜନୀତି ବହୁତ ବୃଦ୍ଧି ପାଇଲାଣି। କିନ୍ତୁ ଏବେ ଲୋକମାନେ ବୁଝିଲେ ଯେ କେବଳ କଥାକୁହା ରାଜନୀତି ଦେଶକୁ ଚଲାଇପାରିବ ନାହିଁ। ଉନ୍ନତି, କାର୍ଯ୍ୟ ଓ ପରିଣାମ ସହିତ ଦେଶ-ବିଦେଶ ସହିତ ସୁସମ୍ପର୍କ ପାଇଁ ଲୋକେ ଇଚ୍ଛୁକ। ଲୋକମାନେ ଏବେ ପ୍ରଶ୍ନକରିବା ସହିତ ବିଭେଦ ରାଜନୀତିକୁ ଅସ୍ୱୀକାର କରୁଛନ୍ତି। ଯୁବକ ଓ ଶିକ୍ଷିତ ଭୋଟରମାନେ ସମ୍ମାନ, ସାଧାରଣ ଜୀବନ ଓ ସ୍ଥିର ଅଗ୍ରଗତି ଚାହୁଁଛନ୍ତି। ବିଶ୍ୱ ଏବେ ନାରା ଓ ଡ୍ରାମା ନୁହେଁ; ଉନ୍ନତି ଓ ଉତ୍ତରଦାୟୀତା ନେତୃତ୍ୱକୁ ସ୍ୱାଗତ କରିବାକୁ ଶ୍ରେୟ ମନେକରୁଛି। ●

ଭୁବନେଶ୍ୱର

## ଢୁଙ୍ଗରି ଦେବୀ ଭାବେ ପୂଜା ପାଆନ୍ତି ଅସୁରୁଣୀ ହିଡ଼ିମ୍ବା

ଓଜସ୍ୱିନୀ

### ବିଚିତ୍ର ବିଶ୍ୱାସ

ମହାଭାରତର ବର୍ଣ୍ଣନା ଅନୁସାରେ ପଞ୍ଚୁପାଣ୍ଡବ ବନବାସ ସମୟରେ ହିମାଚଳ ପ୍ରଦେଶର ମନାଲିଠାରେ କିଛିଦିନ ପାଇଁ ରହିଥିଲେ। ସେହିସ୍ଥାନରେ ହିଡ଼ିମ୍ବା ନାମକ ଜଣେ ଅସୁରୁଣୀ ଏବଂ ତାଙ୍କ ଭାଇ ହିଡ଼ିମ୍ବଙ୍କ ରାଜୁତି ଥିଲା। ହିଡ଼ିମ୍ବ ବହୁତ ବଳଶାଳୀ ଏବଂ ହିଡ଼ିମ୍ବା ତନ୍ତ୍ରମନ୍ତ୍ରର ଅଧିକାରୀଣୀ ଥିଲେ। ଏକଦା ହିଡ଼ିମ୍ବ ଖାଦ୍ୟ ସନ୍ଧାନରେ ଜଙ୍ଗଲରେ ବୁଲୁଥିବା ସମୟରେ ପଞ୍ଚୁପାଣ୍ଡବଙ୍କୁ ଦେଖି ସେମାନଙ୍କୁ ଭକ୍ଷଣ କରିବାକୁ ଉଦ୍ୟତ ହେଲେ। କିନ୍ତୁ ଅପ୍ରତ୍ୟାଶିତ ଭାବେ ଭୀମଙ୍କ ସହ ହିଡ଼ିମ୍ବଙ୍କୁ ଯୁଦ୍ଧ କରିବାକୁ ପଡ଼ିଲା। ଯୁଦ୍ଧରେ ହିଡ଼ିମ୍ବ ପରାସ୍ତ ହେଲେ। ହିଡ଼ିମ୍ବା ଭୀମଙ୍କ ବୀରତ୍ୱରେ ଅତିଶୟ ପ୍ରଭାବିତ ହୋଇ ତାଙ୍କୁ ବିବାହ କଲେ। ବିବାହ ପରେ ହିଡ଼ିମ୍ବା ମାନବୀ ରୂପରେ ପତିବ୍ରତା ଧର୍ମ ପାଳନ କରିବା ସହିତ କାଳାନ୍ତରରେ ଘୋର ତପସ୍ୟାରେ ଲୀନ ହୋଇ ଅସୁରୁଣୀରୁ ଦେବୀ ଭାବେ ଆବିର୍ଭୂତା ହେଲେ। ତପସ୍ୟା ଦ୍ୱାରା ତାଙ୍କର ସମସ୍ତ ଆସୁରିକ ଶକ୍ତି କ୍ଷୟ ହୋଇଥିଲା ଏବଂ ସେ ମନାଲିର ଆରାଧ୍ୟା ଦେବୀ ଏବଂ କୁଲ୍ଲୁ ରାଜବଂଶର କୁଳଦେବୀ ଭାବେ ଉପାସିତ ହୋଇ ଆସୁଛନ୍ତି।

ଭାରତର ସବୁଠାରୁ ସୁନ୍ଦର ପର୍ଯ୍ୟଟନ ସହରର ମାନ୍ୟତା ହାସଲ କରିଥିବା ମନାଲିଠାରେ ହିଡ଼ିମ୍ବାଙ୍କୁ ସମର୍ପିତ ଏକ ପ୍ରାଚୀନ ଗୁମ୍ଫା ମନ୍ଦିର ଅଛି। ମନ୍ଦିର ଭିତରେ ଥିବା ଏକ ପ୍ରାକୃତିକ ଚଟ୍ଟାଣର ନିମ୍ନଭାଗରେ ଦେବୀ ହିଡ଼ିମ୍ବାଙ୍କ ଆସ୍ଥାନ ରହିଛି। ଏଠାରେ ମା'ଙ୍କର ପଦଚିହ୍ନର ପୂଜା କରାଯାଏ। ଏହି ସ୍ଥାନରେ ହିଡ଼ିମ୍ବା ଦେବତ୍ୱ ଲାଭ କରିଥିଲେ ବୋଲି ବିଶ୍ୱାସ ରହିଆସିଛି। ସ୍ଥାନୀୟ ଭାଷାରେ ଏହି ପ୍ରାକୃତିକ ଚଟ୍ଟାଣକୁ 'ଢୁଙ୍ଗ' କୁହାଯାଉଥିବାରୁ ଏହାର ନାମାନୁସାରେ ମାତା ହିଡ଼ିମ୍ବା 'ଢୁଙ୍ଗ୍‌ରି ଦେବୀ' ଭାବେ ପୂଜା ପାଉଛନ୍ତି। ତେଣୁ କାହିଁ କେଉଁ କାଳରୁ ଆସ୍ଥାର ପ୍ରତୀକ ଭାବେ ରହିଥିବା ଏହି ମନ୍ଦିରକୁ ଭକ୍ତ ଓ ପର୍ଯ୍ୟଟକମାନେ ମାତା ହିଡ଼ିମ୍ବାଙ୍କ ଆଶୀର୍ବାଦ ନେବା ପାଇଁ ଆସିଥା'ନ୍ତି।

ହିଡ଼ିମ୍ବା ମାତାଙ୍କ ମନ୍ଦିର ପାଗୋଡ଼ା ଶୈଳୀରେ ନିର୍ମିତ। ଦେବଦାରୁ ଗଛରେ ପରିପୂର୍ଣ୍ଣ ଏହି ଅଞ୍ଚଳ ଏବଂ ମନ୍ଦିରର ଶୋଭା ତୁଷାରପାତ ସମୟରେ ଦ୍ୱିଗୁଣିତ ହୋଇଥାଏ। ମନ୍ଦିରରେ ଥିବା ଏକ ଶିଳାଲେଖ ଅନୁସାରେ ଏହି ମନ୍ଦିରକୁ କୁଲ୍ଲୁ ରାଜ୍ୟର ଶାସକ ରାଜା ବାହାଦୂର ସିଂ ନିର୍ମାଣ କରିଥିଲେ। ତିନୋଟି ଛାତ ବିଶିଷ୍ଟ ଏହି ମନ୍ଦିରଟି ସମ୍ପୂର୍ଣ୍ଣ ଭାବେ ଦେବଦାରୁର ମଞ୍ଜୀକାଠରେ ନିର୍ମାଣ କରାଯାଇଛି ଏବଂ ମନ୍ଦିରର ଭିତର ପାର୍ଶ୍ୱ ଏବଂ ମୁଖ୍ୟଦ୍ୱାରରେ କାଠ ଉପରେ କରାଯାଇଥିବା କାରୁକାର୍ଯ୍ୟ ବେଶ୍ ମନମୁଗ୍ଧକର। ମନ୍ଦିରର ସର୍ବୋଚ୍ଚ ଛୋଟ ଛାତ ଉପରେ ତମ୍ବା ଓ ପିତଳ ମିଶ୍ରିତ ଆଉ ଏକ ତ୍ରିଭୁଜାକାର ଛତ୍ର ରହିଛି। ବିଶ୍ୱାସ ରହିଛି ଯେ, ଶ୍ରଦ୍ଧାଳୁମାନେ ହିଡ଼ିମ୍ବା ମାତାଙ୍କୁ ଭକ୍ତି ଓ ଶ୍ରଦ୍ଧାର ସହିତ ପୂଜାର୍ଚ୍ଚନା କଲେ ତାଙ୍କର ସବୁ ଦୁଃଖକଷ୍ଟ ଦୂର ହେବା ସହିତ ସମସ୍ତ ମନସ୍କାମନା ପୂରଣ ହୋଇଥାଏ।

ଲୋକକଥା ଅନୁସାରେ ସ୍ୱୟଂ ଶ୍ରୀକୃଷ୍ଣ ହିଡ଼ିମ୍ବା ଦେବୀଙ୍କୁ ବନବାସ ସମୟରେ ପ୍ରେରଣ କରି ଦିବ୍ୟଲୀଳା ପ୍ରକାଶ କରିଥିଲେ ଏବଂ ପରବର୍ତ୍ତି ସମୟରେ ସଂସାରର କଲ୍ୟାଣାର୍ଥେ ଦେବୀ ସ୍ୱରୂପା ହେବାର ବରଦାନ ଦେଇଥିଲେ। ମାତା ହିଡ଼ିମ୍ବା କୁଲ୍ଲୁ ରାଜବଂଶର କୁଳଦେବୀ ଭାବେ କାହିଁକି ପୂଜିତା, ସେ ସମ୍ପର୍କରେ ମଧ୍ୟ ଏକ ଜନଶ୍ରୁତି ରହିଛି। ବିହଙ୍ଗମଣି ପାଲ୍ ନାମକ ଜଣେ ବ୍ୟକ୍ତିଙ୍କୁ ସ୍ୱୟଂ ଦେବୀ ହିଡ଼ିମ୍ବା କୁଲ୍ଲୁର ରାଜା ହେବା ପାଇଁ ବରଦାନ ଦେଇଥିଲେ। କୁଲ୍ଲୁର ପ୍ରଥମ ଶାସକ ଭାବେ ବିହଙ୍ଗମଣି ରାଜ୍ୟଭାର ଗ୍ରହଣ କରି ରାଜା ହେଲେ ଏବଂ ତାଙ୍କଠାରୁ କୁଲ୍ଲୁ ରାଜବଂଶର ସୃଷ୍ଟି ହୋଇଥିବାରୁ ଦେବୀ ହିଡ଼ିମ୍ବାଙ୍କୁ କୁଳଦେବୀ ଭାବେ ପୂଜା କରାଯାଉଛି। ଭକ୍ତି ଓ ଶ୍ରଦ୍ଧାରେ ମାତା ହିଡ଼ିମ୍ବାଙ୍କୁ କୁଲ୍ଲୁ ରାଜବଂଶର ଜେଜେମା' ବୋଲି କୁହାଯାଉଛି। ପରମ୍ପରା ଅନୁସାରେ ଏବେ ମଧ୍ୟ କୁଲ୍ଲୁ ଦଶହରା ସମୟରେ ଡିଡ଼ିମ୍ବା ଦେବୀଙ୍କ ପ୍ରତୀକ କୁଲ୍ଲୁ ଅଞ୍ଚଳକୁ ଗମନ କରନ୍ତି ଏବଂ ସାତଦିନ ପର୍ଯ୍ୟନ୍ତ ଢାଲପୁରାସ୍ଥିତ ନିଜର ଦେବସ୍ଥାନରେ ଅବସ୍ଥାନ କରିଥା'ନ୍ତି। ହିଡ଼ିମ୍ବା ଦେବୀ ଦେବସ୍ଥାନରେ ନ ପହଞ୍ଚିବା ପର୍ଯ୍ୟନ୍ତ କୁଲ୍ଲୁ ଦଶହରାର ବିଧିବିଧାନ ଆରମ୍ଭ ହୋଇନଥାଏ।

ହିଡ଼ିମ୍ବାଙ୍କ ମନ୍ଦିରର ଅନତିଦୂରରେ ତାଙ୍କର ପୁତ୍ର ଘଟୋତ୍କଚଙ୍କ ମନ୍ଦିର ମଧ୍ୟ ଅଛି। ମାତା ହିଡ଼ିମ୍ବାଙ୍କ ଦର୍ଶନ କରିବା ପରେ ଶ୍ରଦ୍ଧାଳୁମାନେ ଘଟୋତ୍କଚଙ୍କ ଦର୍ଶନ କରିଥା'ନ୍ତି। ଅନ୍ୟଥା ମାତାଙ୍କ ଦର୍ଶନର ପୁଣ୍ୟଫଳ ମିଳିନଥାଏ ବୋଲି ବିଶ୍ୱାସ ଅଛି। ମାତା ହିଡ଼ିମ୍ବା ଓ ତାଙ୍କର ପୁତ୍ର ଘଟୋତ୍କଚ ଅସୁର ଭାବେ ଜନ୍ମ ନେଇଥିଲେ ମଧ୍ୟ ଭକ୍ତଙ୍କ ଭକ୍ତି, ବିଶ୍ୱାସ ଓ ଶ୍ରଦ୍ଧା ଯୋଗୁଁ ଈଶ୍ୱରୀୟ ଶକ୍ତି ଭାବେ ପୂଜା ପାଉଛନ୍ତି। ●

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଭିଜିଲାନ୍ସ ଜାଲରେ ଆର୍‌ଡବ୍ଲ୍ୟୁଏସ୍‌ଏସ୍‌ର ବରିଷ୍ଠ କିରାଣି

## ପେନସନ କାଗଜ କରାଇବାକୁ ନେଉଥିଲେ ୨୦ ହଜାର ଟଙ୍କା ଲାଞ୍ଚ

ଭବାନୀପାଟଣା,୧୩।୧୧(ସମିସ): କଳାହାଣ୍ଡି ଜିଲ୍ଲା ଭବାନୀପାଟଣାସ୍ଥିତ ଆର୍‌ଡବ୍ଲ୍ୟୁଏସ୍‌ଏସ୍ ଡିଭିଜନର ବରିଷ୍ଠ କିରାଣୀ ଟି. ଭେଙ୍କଟ ଗିରି ରାଓ ୨୦ ହଜାର ଟଙ୍କା ଲାଞ୍ଚ ନେଇ ଭିଜିଲାନ୍ସ ହାତରେ ଧରା ପଡିଛନ୍ତି। କିରାଣୀ ଶ୍ରୀ ରାଓ ତାଙ୍କ ସରକାରୀ କ୍ୱାର୍ଟର୍ସରେ ସେହି କାର୍ଯ୍ୟାଳୟର ଜଣେ ଅବସରପ୍ରାପ୍ତ କର୍ମଚାରୀଙ୍କ ପେନ୍‌ସନ୍ ଟଙ୍କା ଯଥା ଶୀଘ୍ର କରିବାକୁ ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ହାତରେ ଧାରା ପଡିଛନ୍ତି। ସେହି କାର୍ଯ୍ୟାଳୟର ଜଣେ ଅବସରପ୍ରାପ୍ତ କର୍ମଚାରୀ ଗତ ମାର୍ଚ୍ଚ ୨୦୨୪ ରେ ଅବସର ନେଇଥିଲେ। ଦୀର୍ଘ ଦେଢ଼ ବର୍ଷ ବିତିଯିବା ପରେ ମଧ୍ୟ ପେନସନ ଫାଇଲକୁ କିରାଣୀ ଶ୍ରୀ ରାଓ ଟଙ୍କା ଆଶାରେ ରଖି ଅଭିଯୋଗକାରୀଙ୍କୁ ନିରାଶ କରୁଥିଲେ। ପ୍ରକାଶ ଯେ, ଗତ ୩୧.୦୩.୨୦୨୪ରେ ଅଭିଯୋଗକାରୀ ଅବସର ଗ୍ରହଣ କରିଥିଲେ।



ସେବେ ଠାରୁ ସେ କିରାଣୀ ରାଓଙ୍କୁ ତାଙ୍କର ପେନ୍‌ସନ୍ କାଗଜପତ୍ର ପ୍ରସ୍ତୁତ କରିବାକୁ ଅନୁରୋଧ କରି ଆସୁଥିଲେ। ଅଭିଯୋଗକାରୀଙ୍କ ବାରମ୍ବାର ଅନୁରୋଧ ପରେ ମଧ୍ୟ ଅଭିଯୁକ୍ତ ଫାଇଲ ପ୍ରକ୍ରିୟାକରଣ କରୁ ନ ଥିଲେ ବରଂ ତାଙ୍କୁ ୨୦ ହଜାର ଟଙ୍କା ଲାଞ୍ଚ ଦେବାକୁ ବାରମ୍ବାର ବାଧ କରୁଥିଲେ। ଅଭିଯୋଗକାରୀ ରାଓ ତାଙ୍କୁ ହଇରାଣ କରୁଥିବା ନେଇ ଭିଜିଲାନ୍ସ କର୍ତ୍ତୃପକ୍ଷଙ୍କ ନିକଟରେ ଅଭିଯୋଗ କରିଥିଲେ। ଏହା ପରେ ଭିଜିଲାନ୍ସର ଏକ ଟିମ୍ ଗୁରୁବାର ପୂର୍ବ ଯୋଜନା ଅନୁଯାୟୀ ସେଠାରେ ପହଞ୍ଚିଥିଲେ। ହେଲେ ଭିଜିଲାନ୍ସ ଟିମ୍‌କୁ ଦେଖି ଅଭିଯୁକ୍ତ ରାଓ ତାଙ୍କ କ୍ୱାର୍ଟର୍ସର ଝରକା ପଟେ ଲାଞ୍ଚ ଟଙ୍କାକୁ ଫିଙ୍ଗିବା ଉଦ୍ୟମ କରୁଥିବା ବେଳେ ଭିଜିଲାନ୍ସ ଟିମ୍ କାବୁ କରିନେଲା। ଅନ୍ୟପକ୍ଷରେ ଅଭିଯୁକ୍ତ କିରାଣୀ ଭିଜିଲାନ୍ସ ଦ୍ୱାରା ଧରା ପଡିବା ପରେ ତାଙ୍କ ଅଫିସ ସମେତ ସରକାରୀ ଘର, ବଲାଙ୍ଗିରରେ ସ୍ତ୍ରୀ ରହୁଥିବା ଭଡାଘର ଏବଂ ରାଓଙ୍କ ବ୍ରହ୍ମପୁରରେ ଥିବା ନିଜ ବାସଭବନରେ ଭିଜିଲାନ୍ସ ବିଭାଗ ଏକକାଳୀନ ଚଢ଼ାଉ କରି ତଦନ୍ତ ଜାରି ରଖିଛି। ଗତ ଅଗଷ୍ଟ ୨୦୧୭ ମସିହାରୁ କଳାହାଣ୍ଡିରେ ଅଭିଯୁକ୍ତ କିରାଣୀ କାର୍ଯ୍ୟ କରି ଆସୁଛନ୍ତି। ତେବେ ଚଢ଼ଉରେ କେଉଁଠୁ କେତେ ସମ୍ପତ୍ତି ମିଳିଛି ଜଣାପଡି ନାହିଁ। ଏ ନେଇ ଭିଜିଲାନ୍ସ ବିଭାଗ ମାମଲା ରୁଜୁ କରି ଅଭିଯୁକ୍ତ ରାଓଙ୍କୁ କୋର୍ଟ ଚାଲାଣ କରିଛି।

# ପୋଖରୀକୁ ଓଲଟିଲା କାର୍; ୨ ମୃତ



କବିସୂର୍ଯ୍ୟନଗର, ୧୩।୧୧(ସମିସ): କବିସୂର୍ଯ୍ୟନଗର ଥାନା ଆଠଗଡ଼ପାଟଣାର ଗଙ୍ଗାପୁର ଠାରେ ବୁଧବାର ବିଳମ୍ବିତ ରାତିରେ ଏକ କାର୍ ଭାରସାମ୍ୟ ହରାଇ ପୋଖରୀ ଭିତରେ ପଶିଯିବାରୁ ୨ ଜଣଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ନୀଳାଞ୍ଚଳ ମହାପାତ୍ର ଓ ସନ୍ତୋଷ ମହାପାତ୍ର। ସୂଚନା ଅନୁଯାୟୀ, ବୁଧବାର ବିଳମ୍ବିତ ରାତି ଯାଏ ଏକ ଇଟା ଭାଟିରେ ଭୋଜିଭାତ ଚାଲିଥିଲା। ଭୋଜି ଖାଇସାରି ଚାରି ଜଣ ସାଙ୍ଗ କାରରେ ଚିଙ୍ଗୁଡ଼ିଘାଇ ଫେରୁଥିଲେ। ଫେରିବା ବେଳେ ଗଙ୍ଗାପୁର ଗୁଡିବନ୍ଧରେ ଚାଳକ ଭାରସାମ୍ୟ ହରାଇବାରୁ କାର୍‌ଟି ଦୁର୍ଘଟଣାଗ୍ରସ୍ତ ହୋଇ ଗଙ୍ଗାପୁର ଗାଁ ପୋଖରୀ ଭିତରକୁ ଓଲଟି ପଡ଼ିଥିଲା। ଘଟଣାସ୍ଥଳରେ ହିଁ ଦୁଇ ଜଣଙ୍କ ମୃତ୍ୟୁ ହୋଇଥିଲା। ସ୍ଥାନୀୟ ବାସିନ୍ଦା ସମସ୍ତଙ୍କୁ ଉଦ୍ଧାର କରି ଆସିକା ମେଡିକାଲକୁ ଆଣିଥିଲେ। ସେଠାରେ ଡାକ୍ତର ନୀଳାଞ୍ଚଳ ଓ ସନ୍ତୋଷଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ କାର୍ ଉଦ୍ଧାର କରିବା ସହ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ୪ ସ୍ଥାନ...

ଓ ବିସ୍ଫୋରଣରେ ମୃତ୍ୟୁବରଣ କରିଥିବା ଡା. ଉମର ନବୀ ଏକାଧିକବାର ଲାଲ୍ କିଲ୍ଲାରେ ରେକି କରିଥିଲେ ଓ ଦୁଇଜଣ ସେଠାରେ ସୁରକ୍ଷା ଓ ନିରାପତ୍ତା ବ୍ୟବସ୍ଥା ଓ ଭିଡ଼କୁ ବୁଝିବାକୁ ପ୍ରୟାସ କରିଥିଲେ ବୋଲି ପୁଲିସ କହିଛି। ଜାନୁଆରୀ ୨୬ରେ ଲାଲକିଲ୍ଲା ଉପରେ ଆକ୍ରମଣ କରିବାକୁ ଏମାନେ ଲକ୍ଷ୍ୟ ରଖିଥିଲେ ମଧ୍ୟ ବିଫଳ ହୋଇଥିଲେ ବୋଲି କୁହାଯାଇଛି।

ଏହିସବୁ ହିଂସା ପାଇଁ ତୁର୍କୀରେ ଥିବା ପାକିସ୍ତାନୀ ଆତଙ୍କୀ ନିର୍ଦ୍ଦେଶ ଦେଉଥିଲା। ଦିଲ୍ଲୀ ବି।।ସ୍ଫୋରଣରେ ମୃତ ଡ. ଉମର ନବୀ ତୁର୍କୀ ରାଜଧାନୀ ଆଙ୍କାରାରେ ରହସ୍ୟଜନକ ଭାବେ ଜଣେ ପାକ୍ ହ୍ୟାଣ୍ଡଲରଙ୍କୁ ଭେଟିଥିଲେ। ତାର ନାମ 'ଉକାସା' ଥିଲା। ଏହା ତା'ର କୋଡ୍ ନାମ ହୋଇପାରେ ବୋଲି କୁହାଯାଉଛି। ଉମର ଓ ଫରିଦାବାଦ୍ ଟେରର ମଡ୍ୟୁଲ୍‌ରେ ଗିରଫ୍ ହୋଇଥିବା ଅନ୍ୟ ସଂଦିଗ୍ଧ ସେସନ ଆପ୍ (ଏକ ଏନ୍‌କ୍ରିପ୍‌ଟେଡ ମେସେଜିଂ ପ୍ଲାଟଫର୍ମ) ଜରିଆରେ ଏହି ହ୍ୟାଣ୍ଡଲରଙ୍କ ସହ ସମ୍ପର୍କରେ ଥିଲେ। ଏହି ହ୍ୟାଣ୍ଡଲର ଓ ସଂଦୀଗ୍ଧଙ୍କ ମଧ୍ୟରେ ହୋଇଥିବା ବାର୍ତ୍ତାଳାପ ନେଇ ଯାଞ୍ଚ ଏଜେନ୍ସିଗୁଡିକ ତଦନ୍ତ କରୁଛନ୍ତି। ୨୦୨୨ ମାର୍ଚ୍ଚରେ ଉମର ଓ ଆଉ କେତେକ ସଂଦିଗ୍ଧ ତୁର୍କୀ ଯାଇଥିଲେ। ଏହା ଦ୍ୱାରା ତା'ର ବ୍ରେନ୍ ୱାସ୍ ହୋଇଥିଲା ବୋଲି କୁହାଯାଉଛି।

## ଆତଙ୍କର ଜାଲ ବିଛାଉଥିଲା ଅହମ୍ମଦ ମହିଉଦ୍ଦିନ ସୟଦ

ଗୁଜରାଟ ଏଟିଏସ୍ ଡା ଅହମ୍ମଦ ମହିଉଦ୍ଦିନ ସୟଦଙ୍କୁ ଗିରଫ୍ କରିବା ପରେ ପୁଣିଥରେ ହାଇଦରାବାଦ ଆତଙ୍କବାଦ କାରଣରୁ ନଜରକୁ ଆସିଛି। ସେ ଦେଶ ବିରୋଧୀ ଗତିବିଧି ପାଇଁ ଷଡ଼ଯନ୍ତ୍ର ରଚୁଥିଲା। ସେ ସୋସିଆଲ ମିଡିଆରେ କଠୋରପନ୍ଥୀର ପରିଚୟ ହାସଲ କରିଥିଲା ଓ ଆତଙ୍କବାଦ ସହିତ ଜଡିତ ସାମଗ୍ରୀ ପୋଷ୍ଟ କରୁଥିଲା। ୨୦୦୭ରେ ଚୀନ୍ ଯାଇ ସେ ଏମ୍‌ବିବିଏସ୍ କରିଥିଲା। ୨୦୧୩ରେ ହାଇଦରାବାଦର ବିଭିନ୍ନ ହସ୍ପିଟାଲରେ ସେ ପ୍ରାକ୍ଟିସ କରୁଥିଲା। ଏହାପରେ କୋଭିଡ ପରେ ସେ ଛୋଟ ବିବ୍ୟସାୟ କରିଥିଲା। ଅନଲାଇନ ପ୍ଲାଟଫର୍ମରେ ସେ ଅବୁ ଖାଦିଜା ନାମକ ଏକ ବ୍ୟକ୍ତିଙ୍କ ସମ୍ପର୍କରେ ଆସିଥିଲା। ସେ ରିସିନ ଭଳି ବିଷାକ୍ତ ପଦାର୍ଥ ନେଇ ରାସାୟନିକର ପରୀକ୍ଷା ନିରୀକ୍ଷା ଆରମ୍ଭ କରିଥିଲା। ଗୁଜରାଟ ଏଟିସ ମହିଉଦ୍ଦିନ ସହ ଉତ୍ତରପ୍ରଦେଶର ଆଜାଦ ସୁଲେମାନ ଶେଖ ଓ ମହମ୍ମଦ ସୁହେଲ ସଲିମ ଖାନଙ୍କୁ ଗିରଫ କରିବା ପରେ ତଦନ୍ତ ନୂଆ ମୋଡ ନେଇଥିଲା। ବିଦେଶୀ ହ୍ୟାଣ୍ଡଲର ଅବୁ ଖାଦିଜାର ନିର୍ଦ୍ଦେଶ କ୍ରମେ ଏମାନେ କାର୍ଯ୍ୟ କରୁଥିଲେ। ଏବେ ତେଲଙ୍ଗାନା କାଉଣ୍ଟର ଇଣ୍ଟେଲିଜେନ୍ସ ସେଲ୍‌ଫ ଓ ଗୁଜରାଟ ଏଟିଏସ୍ ମିଳିତ ଭାବେ ଯାଞ୍ଚ କରୁଛନ୍ତି ଓ ଏହାପରେ ଆତଙ୍କବାଦ ନେଟ୍‌ୱର୍କରେ ଏମାନଙ୍କ ଭୂମିକା ନେଇ ସ୍ପଷ୍ଟ ହେବ ବୋଲି କୁହାଯାଉଛି।

## ବାଲିଯାତ୍ରାରେ ଭିଡ଼...

କଣ୍ଠଶିଳ୍ପୀ ଶ୍ରେୟାଙ୍କୁ ଦେଖିବା ପାଇଁ ଅତ୍ୟଧିକ ଭିଡ଼ ଯୋଗୁଁ ଏପରି ଅଘଟଣ ଘଟିଲା। ପ୍ରଶାସିନକ ଅବ୍ୟବସ୍ଥା ଯୋଗୁଁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିଲା। ପୁଲିସର ଦ୍ରୁତ କାର୍ଯ୍ୟାନୁଷ୍ଠାନ ଯୋଗୁଁ ଅଧିକ ଅଘଟଣକୁ ଏଡ଼ାଇ ଦିଆଯାଇଛି। ବାଲିଯାତ୍ରାର ଶେଷ ସନ୍ଧ୍ୟାରେ ପ୍ରବଳ ଭିଡ଼ ଦେଖିବାକୁ ମିଳିଛି।

ପ୍ରକାଶ ଥାଉ କି, ଐତିହାସିକ ବାଲିଯାତ୍ରାର ଶେଷ ସନ୍ଧ୍ୟାରେ ଗଣକବି ବୈଷ୍ଣବ ପାଣି ମଞ୍ଚରେ ଚାଲିଛି ବଲିଉଡ୍ ଗାୟିକା ଶ୍ରେୟା ଘୋଷାଲଙ୍କ ଶୋ'। ଶ୍ରେୟାଙ୍କ ଗୀତରେ ଝୁମିବାକୁ ତଳ ବାଲିଯାତ୍ରା ପଡ଼ିଆରେ ପ୍ରବଳ ଭିଡ଼ ଜମିଥିବା ବେଳେ ଠେଲାପେଲାରେ ୨ ଜଣ ଅଚେତ ହୋଇ ପଡ଼ିଥିବା ସୂଚନା ମିଳିଛି। ତଳ ବାଲିଯାତ୍ରା ପଡ଼ିଆରେ ସନ୍ଧ୍ୟା ସାଢ଼େ ୭ଟାରେ ଆରମ୍ଭ ହୋଇଥିଲା ଶ୍ରେୟା ଘୋଷାଲଙ୍କ କାର୍ଯ୍ୟକ୍ରମ। ମଞ୍ଚକୁ ଆସିବା ମାତ୍ରେ ଶ୍ରେୟା ଘୋଷାଲଙ୍କ କଣ୍ଠର ଯାଦୁରେ ମତୁଆଲା ହୋଇଥିଲେ ଦର୍ଶକ। ଶ୍ରେୟାଙ୍କ ଶୋ' ଆରମ୍ଭ ପୂର୍ବରୁ ଲୋକାରଣ୍ୟ ହୋଇ ଉଠିଥିଲା ବାଲିଯାତ୍ରା ପଡ଼ିଆ। ପ୍ରବଳ ଭିଡ଼ ଭିତରେ ଶ୍ରେୟା ଗୀତ ଗାଇବା ବେଳେ ଠେଲାପେଲା ସ୍ଥିତି ଦେଖିବାକୁ ମିଳିଛି।

## ୨୦ରୁ ଆରମ୍ଭ ହେବ...

ତେଣୁ ଚଳିତ ବର୍ଷ ଯଦି ଅନୁରୂପ ସମସ୍ୟା ସୃଷ୍ଟି ହୁଏ ତେବେ ଚାଷୀମାନେ କାହା ନିକଟରେ ଗୁହାରି କରିବେ ବୋଲି ପ୍ରଶ୍ନ ଉଠିଛି।

ଗତବର୍ଷ ଅର୍ଥାତ୍ ୨୦୨୪-୨୫ ଆର୍ଥିକ ବର୍ଷରେ ରାଜ୍ୟ ସରକାର ୭୭ ଲକ୍ଷ ଟନ୍ ଧାନ କିଣିବାକୁ ଲକ୍ଷ୍ୟ ଧାର୍ଯ୍ୟ କରିଥିଲେ ହେଁ ୭୪ ଲକ୍ଷ ଟନ୍ ଧାନ ସଂଗ୍ରହ କରିଥିଲେ। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୩୦୦ ଟଙ୍କା ଉପରେ ସରକାର ୮୦୦ ଟଙ୍କା ଇନ୍‌ପୁଟ୍ ସବସିଡ଼ି ପ୍ରଦାନ ସତ୍ତ୍ୱେ ୩ ଲକ୍ଷ ଟନ୍ କମ୍ ଧାନ ସଂଗ୍ରହ ହେବା ସାଧାରଣରେ ଆଶ୍ଚର୍ଯ୍ୟ ସୃଷ୍ଟି କରିଥିଲା। ଧାନ କମ କ୍ରୟ ପଛରେ ଚାଷୀ ଏକାଧିକ କାରଣକୁ ଦାୟୀ କରିଥିଲେ। କଟନୀଛଟନୀ, ଧାନର ଏଫଏକ୍ୟୁ ମାନ ନେଇ ଚାଷୀଙ୍କୁ ହଇରାଣ, ମିଲରଙ୍କ ମନମାନିକୁ ନେଇ ଚାଷୀ ହନ୍ତସନ୍ତ ହୋଇଥିବା ଓ ଏହାର ସମାଧାନରେ ଯୋଗାଣ ବିଭାଗ ବିଫଳ ହୋଇଥିବା ମଧ୍ୟ ଅଭିଯୋଗ ହୋଇଛି। ଏପରିକି ରାଜ୍ୟର ବିଭିନ୍ନ ସ୍ଥାନରେ ଚାଷୀ ଆନ୍ଦୋଳନ ସଂଗଠିତ ହୋଇଥିବା ବେଳେ ମିଲରଙ୍କ ମନମାନିକୁ ମଧ୍ୟ ସେତେବେଳେ ରାଜ୍ୟ ସରକାର ପରୋକ୍ଷରେ ସ୍ୱୀକାର କରିଥିଲେ। ଅପରପକ୍ଷେ ଚଳିତ ବର୍ଷ ଚାଷୀ ପଞ୍ଜିକରଣ ଆରମ୍ଭରେ ସରକାରଙ୍କ ଅତ୍ୟନ୍ତ ଜଟିଳ ନିୟମକୁ ନେଇ ତାତିଥିଲେ ଚାଷୀ। ଏନେଇ ରାଜ୍ୟବ୍ୟାପୀ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବା ପରେ ସରକାର ନିୟମରେ କୋହଳ କରିଥିଲେ। ତେଣୁ ଏଥର ଯେପରି ଧାନ କିଣା ତ୍ରୁଟି ଶୂନ୍ୟ ହେବ, ସେ ନେଇ ସରକାର ଆଗୁଆ ସମସ୍ତ ପଦକ୍ଷେପ ନିଅନ୍ତୁ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି।

ଅପରପକ୍ଷେ ଚଳିତ ଥର ଧାନ ସଂରକ୍ଷଣ ପାଇଁ ମଣ୍ଡିରେ ଅତ୍ୟାଧୁନିକ ବ୍ୟବସ୍ଥା ହୋଇଛି ବୋଲି ବିଭାଗୀୟ ମନ୍ତ୍ରୀ ଶ୍ରୀ ବଳସାମନ୍ତ ସୂଚନା ଦେଇଛନ୍ତି। ମନ୍ତ୍ରୀଙ୍କ ସୂଚନା ଅନୁଯାୟୀ ଆସନ୍ତା ୨ ବର୍ଷ ମଧ୍ୟରେ ୧୦୦ଟି ମଡେଲ ମଣ୍ଡି ନିର୍ମାଣ ପାଇଁ ନିଷ୍ପତ୍ତି ହୋଇଛି। ପ୍ରଥମ ପର୍ଯ୍ୟାୟରେ ୩୮ଟି ମଡେଲ ମଣ୍ଡି ନିର୍ମାଣ କରାଯିବ। ଏଥିପାଇଁ ଟେଣ୍ଡର ହୋଇ କାର୍ଯ୍ୟ ଆରମ୍ଭ ହୋଇ ସାରିଛି। ପୁନଶ୍ଚ ଚଳିତ ବର୍ଷ ୮୦ ସମବାୟ ସମିତିରେ ୨୦୦ ମେଟ୍ରିକ୍ ଟନ୍ କ୍ଷମତା ବିଶିଷ୍ଟ ଗୋଦାମ ଘର ନିର୍ମାଣ ପାଇଁ ୨୦ କୋଟି ଟଙ୍କା ବ୍ୟୟ ବରାଦ କରାଯାଇଛି ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି।

## ଆଜି ବିହାର...

ହେଉଛି ଅଧିକ ମତଦାନ ହାର। ରାଜ୍ୟରେ ଦୁଇଟି ପର୍ଯ୍ୟାୟରେ ହୋଇଥିବା ମତଦାନ ହାର ରହିଛି ୬୬.୯୧, ଯାହାକି ଗତ ନିର୍ବାଚନ ଅପେକ୍ଷା ୯.୬୨ ଅଧିକ। ବିହାର ବିଧାନସଭା ନିର୍ବାଚନରେ ୬୬.୯୧ ପ୍ରତିଶତ ମତଦାନ ହାର ସମସ୍ତ ପୂର୍ବ ରେକର୍ଡକୁ ଭାଙ୍ଗିଦେଇଛି। ପ୍ରଥମ ପର୍ଯ୍ୟାୟରେ ୬୫.୦୮ ଏବଂ ଦ୍ୱିତୀୟ ପର୍ଯ୍ୟାୟରେ ୬୮.୭୬ ପ୍ରତିଶତ ମତଦାନ ହୋଇଥିଲା। ମୋଟାମୋଟି ଭାବେ ଦେଖିବାକୁ ଗଲେ ୨୦୨୦ ନିର୍ବାଚନ (୫୭.୨୯) ତୁଳନାରେ ଏଥର ୯.୬୨ ଅଧିକ ମତଦାନ ହୋଇଛି। ଶାସକ ମେଣ୍ଟକୁ ଯେଉଁ କଥାଟି ଚିନ୍ତାରେ ପକାଇଛି, ତାହା ହେଲା ଯେ ରାଜ୍ୟ ବିଧନସଭା ନିର୍ବାଚନରେ ଯେତେବେଳେ ମତଦାନ ହାର ପୂର୍ବ ଅପେକ୍ଷା ୫ ପ୍ରତିଶତରୁ ଅଧିକ ବା କମ୍ ସେତେବେଳେ ସରକାରର ପତନ ଘଟିଛି। ଏହା ବିହାରର ନିର୍ବାଚନ ଇତିହାସ କହୁଛି। ୧୯୬୭ରେ ପୂର୍ବ ନିର୍ବାଚନ ତୁଳନାରେ ୭ ପ୍ରତିଶତ ଅଧିକ ମତଦାନ ହୋଇଥିବା ବେଳେ କଂଗ୍ରେସ ସରକାରର ପତନ ଘଟିଥିଲା। ସେହିବର୍ଷ ଅଣ-କଂ।।ଗ୍ରେସ ଦଳ ମେଣ୍ଟ ସରକାର ଗଠନ କରିଥିଲେ। ସେହିଭଳି ୧୯୮୦ରେ ପୂର୍ବ ନିର୍ବାଚନ ତୁଳନାରେ ୬.୮ ପ୍ରତିଶତ ଅଧିତ ମତଦାନ ହୋଇଥିଲା ଏବଂ କ୍ଷମତାରେ ପରିବର୍ତ୍ତନ ହୋଇଥିଲା। ୧୯୯୦ରେ ପୂର୍ବ ନିର୍ବାଚନ ତୁଳନାରେ ୫.୭ ପ୍ରତିଶତ ଅଧିକ ମତଦାନ ହୋଇଥିଲା ଏବଂ କଂଗ୍ରେସ ସରକାରର ପତନ ଘଟିଥିଲା। ଏହା ସ୍ଥାନରେ ଜନତା ଦଳ ସରକାର ଗଠନ କରିଥିଲା। ଏହି ଧାରା ଏଥର ଜାରି ରହିଲେ ସରକାର ପରିବର୍ତ୍ତନ ହେବା ନିଶ୍ଚିତ। ତେବେ ଭୋଟର ଏହି ଧାରାକୁ ଭାଙ୍ଗିଛନ୍ତି କି ନାହିଁ ତାହା ଆସନ୍ତାକାଲି ୧୪ ତାରିଖେରେ ହିଁ ଜଣାପଡ଼ିବ। ସୂଚନାଯୋଗ୍ୟ ଏଥର ନିର୍ବାଚନରେ ମହିଳାମାନଙ୍କ ମତଦାନ ହାର ପୁରୁଷମାନଙ୍କ ଅପେକ୍ଷା ଅଧିକ ରହିଛି। ମହିଳାମାନଙ୍କ ମତଦାନ ହାର ୭୧.୬ % ଥିବା ବେଳେ ପୁରୁଷମାନଙ୍କ ମତଦାନ ହାର ୬୨.୮% ରହିଛି। ନୀତୀଶ କୁମାର ୨୦୧୫ରୁ ଏପର୍ଯ୍ୟନ୍ତ ମୁଖ୍ୟମନ୍ତ୍ରୀପଦରେ ରହିଛନ୍ତି। ଏହାପୂର୍ବରୁ ୨୦୦୫ରୁ ୨୦୧୪ ପର୍ଯ୍ୟନ୍ତ ସେ ମୁଖ୍ୟମନ୍ତ୍ରୀ ଥିଲେ।

## ୭ ଡିଗ୍ରୀକୁ...

ତୁଳନାରେ ୪-୬ ଡିଗ୍ରୀ କମ୍ ରେକର୍ଡ ହୋଇଛି। ଏହି ଦୃଷ୍ଟିରୁ ରାଜ୍ୟର ବିଭିନ୍ନ ସ୍ଥାନରେ ଶୀତଲହରୀ ସ୍ଥିତି ସୃଷ୍ଟି ହେବା ନେଇ ମଧ୍ୟ ଆଶଙ୍କା ରହିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଗତ ୨୪ ଘଣ୍ଟାରେ ରାଜ୍ୟରେ ତାପମାତ୍ରା ଆହୁରି ତଳକୁ ଖସିଛି। ଏହି କ୍ରମରେ ୪ଟି ସହରରେ ତାପମାତ୍ରା ୧୦ ଡିଗ୍ରୀ ତଳେ ରେକର୍ଡ ହୋଇଥିବା ବେଳେ ୯ ସହରରେ ପାରଦ ୧୨ ଡିଗ୍ରୀ ତଳେ ରହିଛି। ୭.୧ ଡିଗ୍ରୀ ସହ ସେମିଳିଗୁଡାରେ ରାଜ୍ୟର ସବୁଠୁ କମ୍ ତାପମାତ୍ରା ରେକର୍ଡ ହୋଇଥିବା ବେଳେ ଜି. ଉଦୟଗିରି ୭.୪, ଦାରିଙ୍ଗବାଡି ୭.୫, ଫୁଲବାଣୀ ୮.୫ ଡିଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ଏହା ବ୍ୟତୀତ ଝାରସୁଗୁଡ଼ାରେ ୧୦.୯, ରାଉରକେଲା ୧୧.୧, ଚିପିଲିମା ୧୧.୨, କିରେଇ ୧୧.୫, ଭବାନୀପାଟଣା ୧୧.୫, ଅନୁଗୁଳ ୧୨ ଡିଗ୍ରୀ ସହ ଦ୍ୱୈତ ନଗରୀ କଟକରେ ୧୪.୬ ଏବଂ ଭୁବନେଶ୍ୱରରେ ୧୪.୧ ଡୀଗ୍ରୀ ତାପମାତ୍ରା ରେକର୍ଡ ହୋଇଛି। ବଡ଼ କଥା ହେଉଛି ଯେ ଏଥି ମଧ୍ୟରୁ ଅନେକ ସ୍ଥାନରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ତାପମାତ୍ରା ଯଥେଷ୍ଟ ହ୍ରାସ ହୋଇଛି। ଭୁବନେଶ୍ୱରରେ ସ୍ୱାଭାବିକ ତୁଳନାରେ ତାପମାତ୍ରା ୫.୩ ଡିଗ୍ରୀ କମ୍ ରହିଥିବା ବେଳେ ଅନୁଗୁଳରେ ୫.୮, ଝାରସୁଗୁଡ଼ାରେ ୬.୨ ଓ ଗୋପାଳପୁରରେ ତାପମାତ୍ରା ସ୍ୱାଭାବିକଠାରୁ ୫ ଡିଗ୍ରୀ କମ୍ ରହିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ରାଜ୍ୟରେ ସପ୍ତାହେ ପର୍ଯ୍ୟନ୍ତ ଥଣ୍ଡା ଜାରି ରହିବ। ଶୁକ୍ରବାର ରାତିଠାରୁ କେତେକ ସ୍ଥାନରେ ରାତିର ତାପମାତ୍ରା ଆହୁରି କମିବ। ବ୍ରହ୍ମପୁର, ଭୁବନେଶ୍ୱର, ଭଦ୍ରକ, ପୁରୀ, ବାଲେଶ୍ୱରରେ ଶୁକ୍ରବାର ରାତିରୁ ପରବର୍ତ୍ତୀ ୩ ଦିନ ମଧ୍ୟରେ ତାପମାତ୍ରା ୧-୩ ଡିଗ୍ରୀ ହ୍ରାସ ପାଇବ। ୧୮ ପର୍ଯ୍ୟନ୍ତ ଏହା ଅପରିବର୍ତ୍ତିତ ରହିବ। ବାଲେଶ୍ୱରରରେ ୧୪ରୁ ୧୬ ଡିଗ୍ରୀ ସହ ବ୍ରହ୍ମପୁରରେ ୧୫-୧୭ ଡିଗ୍ରୀ, ରାଉରକେଲାରେ ୧୦-୧୨ ଡିଗ୍ରୀ, ସମ୍ବଲପୁରରେ ୧୩-୧୫ ଡିଗ୍ରୀ ତାପମାତ୍ରା ରହିପାରେ। ଅନ୍ୟାନ୍ୟ ସ୍ଥାନରେ ପ୍ରାୟତଃ ଆଜିର ତାପମାତ୍ରା ଚାଲୁ ରହିବ। ଆଭ୍ୟନ୍ତରୀଣ ଅପେକ୍ଷା ଉପକୂଳରେ ତାପମାତ୍ରା ଅଧିକ କମିବ। ୧୯-୨୧ ମଧ୍ୟରେ ରାଜ୍ୟରେ ସର୍ବନିମ୍ନ ତାପମାତ୍ରା ୨-୩ ଡିଗ୍ରୀ ବଢ଼ିବ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

ଭୁବନେଶ୍ୱର ଏୟାରପୋର୍ଟରେ ପ୍ରତି ୩୦ ମିନିଟ ଅନ୍ତରାଳରେ ନିଆଯାଇଥିବା ପର୍ଯ୍ୟବେକ୍ଷଣରୁ ଜଣାପଡ଼ିଛି ଯେ, ରାଜ୍ୟ ମଧ୍ୟକୁ ଗତକାଲି ରାତ୍ରି ୧୦ ଟା ପରଠାରୁ ଏପର୍ଯ୍ୟନ୍ତ କ୍ରମାଗତ ଭାବେ ଉତ୍ତର-ପଶ୍ଚିମ ଦିଗରୁ ଥଣ୍ଡା ଶୁଷ୍କ ବାୟୁ ପ୍ରବାହିତ ହେଉଛି, ଯାହା ପ୍ରଭାବରେ ବିଭିନ୍ନ ସ୍ଥାନରେ ରାତିର ତାପମାତ୍ରା ତଳମୁହାଁ ହେଉଛି। ଏହି ଶୁଷ୍କ ବାୟୁ ଅନେକ ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି କରିବାର ଆଶଙ୍କା ରହିଛି। ସେହିପରି ଗୁରୁବାର ଆଇଏମ୍‌ଡି ପକ୍ଷରୁ ପ୍ରକାଶିତ ବିସ୍ତାରିତ ପରିସର ଆକଳନ ଅନୁଯାୟୀ ଆଗାମୀ ଦୁଇ ସପ୍ତାହ ଯାଏଁ (୧୪ ରୁ ୨୭ ତାରିଖ) ଦେଶର ବିଭିନ୍ନ ଭାଗରେ ସର୍ବନିମ୍ନ ରାତିର ତାପମାତ୍ରା କମ୍ ରହିବ। ଏହା ପ୍ରଭାବରେ ଶୀତଲହରୀର ସମ୍ଭାବନା ସୃଷ୍ଟି ହେବ। ଏହି ସମୟରେ ଓଡ଼ିଶାରେ ମଧ୍ୟ ତାପମାତ୍ରା ସ୍ୱାଭାବିକ ତୁଳନାରେ କମ୍ ରହିବ ବୋଲି ଆଇଏମ୍‌ଡି ନିଜ ଆକଳନରେ ଦର୍ଶାଇଛି।

## ମାମଲା ରୁଜୁ କଲା...

ଗିରଫ ପାଇଁ ମାନବ ସମ୍ବଳ ଓ ଆନୁଷଙ୍ଗିକ ସହଯୋଗର ଆବଶ୍ୟକତା ଥିବାରୁ ଏଥିପାଇଁ ଦିଲ୍ଲୀ କାର୍ଯ୍ୟାଳୟକୁ ଚିଠି ଲେଖାଯାଇଛି। ୨୦୨୪ ମସିହାରେ ସମ୍ପୂର୍ଣ୍ଣ ଦେଶରେ ନିଟ୍-ୟୁଜି ପରୀକ୍ଷା ପ୍ରଶ୍ନପତ୍ର ଲିକ୍ ହୋଇଥିଲା। ଏଥିରେ ୧୪ରୁ ଊର୍ଦ୍ଧ୍ୱ ଲୋକଙ୍କୁ ବିହାର ଏବଂ ଝାଡ଼ଖଣ୍ଡରୁ ଗିରଫ କରାଯାଇଥିଲା। କିଛି ଅଭିଯୁକ୍ତ ପ୍ରାଶ୍ନପତ୍ର ଲିକ୍ ମାମଲାରେ ଜେଲ ଥାଇ ମଧ୍ୟ ଏହି ରାକେଟ୍‌କୁ ଅପରେଟ୍ କରୁଥିଲେ ବୋଲି ଚର୍ଚ୍ଚା ହେଉଥିଲା। ଏଣୁ ରାଜ୍ୟ ବାହାର ଅଭିଯୁକ୍ତଙ୍କ ସହ ଶଙ୍କର ପୃଷ୍ଟି ଓ ଗିରଫ ହୋଇଥିବା ଅନ୍ୟ ଅଭିଯୁକ୍ତମାନଙ୍କ ସହ କିଭଳି ସମ୍ପର୍କ ରହିଛି। ରାଜ୍ୟ ବାହାର ଗ୍ୟାଙ୍ଗ୍‌ରୁ ସେମାନେ କେଉଁ ପ୍ରକାର ସହାୟତା ପାଇଛନ୍ତି, ଏସବୁର ତଦନ୍ତ କରିବାକୁ ଭୁବନେଶ୍ୱର ସିବିଆଇ ଏହି ରାଜ୍ୟ ଗୁଡ଼ିକୁ ଯିବ। ଏହା ସହ ସିବିଆଇ ଓଡ଼ିଶା ସମେତ ରାଜ୍ୟ ବାହାରେ ଏକ ମିଳିତ ରେଡ୍ କରିବାକୁ ଯୋଜନା କରୁଥିବା ଜଣାପଡ଼ିଛି। ଏହି ମାମଲାର ସିବିଆଇ ତଦନ୍ତ ପାଇଁ ମୁଖ୍ୟମନ୍ତ୍ରୀଙ୍କ ସୁପାରିସ କ୍ରମେ କେନ୍ଦ୍ର ସରକାର ବିଜ୍ଞପ୍ତି ପ୍ରକାଶ କରିବା ପରେ କ୍ରାଇମ୍‌ବ୍ରାଞ୍ଚ ଏସ୍‌ଆଇ ଚାକିରି ବିକ୍ରି ମାମଲାର ମାଷ୍ଟରମାଇଣ୍ଡ ସିଲିକନ୍‌ର ସିଇଓ ସୁରେଶ, ପଞ୍ଚସପ୍ଟର ମାଲିକ ଶଙ୍କର ପୃଷ୍ଟି ଏବଂ ସେମାନଙ୍କ ସହଯୋଗୀଙ୍କ ସମେତ ମୋଟ୍ ଗିରଫ ହୋଇଥିବା ୧୨୬ଙ୍କ ନାମ ସହ ସମସ୍ତ ତଥ୍ୟ ସିବିଆଇକୁ ହସ୍ତାନ୍ତର କରିଛି।

ଅପରପକ୍ଷେ ସ୍ଥାନୀୟ ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟ ଗୁରୁବାର ୨ ଅଭିଯୁକ୍ତଙ୍କୁ ଜାମିନ ପ୍ରଦାନ କରିଛନ୍ତି। ଜାମିନ ପାଇଥିବା ଅଭିଯୁକ୍ତ ହେଲେ ଶେଖର ସାହୁ ଓ ପ୍ରକାଶ ସାହୁ। ତେବେ ବିଶ୍ୱରଞ୍ଜନ ବେହେରା ଓ ତଫିମ ଅହମ୍ମଦ ଖାନଙ୍କ ଜାମିନ ଆବେଦନକୁ କୋର୍ଟ ଖାରଜ କରିଛନ୍ତି। ଏହି ମାମଲାର ମୁଖ୍ୟ ଅଭିଯୁକ୍ତ ଶଙ୍କର ପୃଷ୍ଟି, ଅରବିନ୍ଦ ଦାସ ଓ ସିଲିକନ ଟେକର ମାଲିକ ସୁରେଶ ଚନ୍ଦ୍ର ନାୟକଙ୍କ ଜାମିନ ଆବେଦନର ଶୁଣାଣି ଆସନ୍ତା ୨୦ରେ ହେବ ବୋଲି ଜଣାପଡ଼ିଛି।


SDCCB

**THE SAMBALPUR DISTRICT CO-OPERATIVE CENTRAL BANK**

Letter No. 3842 Date: 12.11.2025

**Quotation Call Notice**

The Sambalpur District Co-operative Central Bank (SDCCB) invites Quotation call notice for UPS and Batteries for Various Branches & H.O. under the Sambalpur District Co-Operative Central Bank Ltd. (SDCCB), Bargarh, Odisha. For details please visit Bank's website: www.sambalpurdccb.bank.in. The last date for receipt of proposal is 20.11.2025, 2:00 P.M.SDCCB reserves the right to accept/reject any/all Quotation without assigning any reason thereof.

Sd/-Chief Executive Officer

THE SAMBALPUR DISTRICT CO-OPERATIVE CENTRAL BANK
HEAD OFFICE: BARGARH – 768028
Email: headoffice@sambalpurdccb.com



ଭା.କ.ନି. CCI

**ଭାରତୀୟ କପା ନିଗମ ଲିମିଟେଡ୍**
**ଶାଖା କାର୍ଯ୍ୟାଳୟ: ରାୟଗଡା**
ଭବନାରାୟଣ ନୀଳୟମ, ଜ୍ୟୋତି ମହଲ ହୋଟେଲ ନିକଟରେ, କନଭେଣ୍ଟ ରୋଡ୍, ରାୟଗଡା -୭୬୫୦୦୧

ମୋବାଇଲ ଆପ | କପାସ କିଶାନ

ସଂଖ୍ୟା: ଭାକନି / ରାୟଗଡ଼ା / ୨୦୨୫-୨୬ ତାରିଖ: ୧୩.୧୧.୨୦୨୫

**କପା ଚାଷୀଙ୍କୁ ଆହ୍ୱାନ**

ଚଳିତ କପା ବିପଣନ ଋତୁ ୨୦୨୫-୨୬ ରେ, ଭାରତୀୟ କପା ନିଗମ (CCI) କପାଚାଷୀଙ୍କ ପାଇଁ **"କପାସ କିଷାନ"** ମୋବାଇଲ୍ ଆପ୍ ଲଞ୍ଚ କରିଛି, ଯାହା ମାଧ୍ୟମରେ ଚାଷୀମାନେ ସ୍ୱୟଂ-ପଞ୍ଜିକରଣ କରି ପାରିବେ ଏବଂ ସର୍ବନିମ୍ନ ସହାୟକ ମୂଲ୍ୟ (MSP)ରେ CCI କ୍ରୟ କେନ୍ଦ୍ରରେ ସେମାନଙ୍କର କପା ବିକ୍ରୟ କରିପାରିବେ। ସମ୍ପୃକ୍ତ ରାଜ୍ୟ ଦ୍ୱାରା ସ୍ୱୟଂ-ପଞ୍ଜିକରଣ ଅନୁମୋଦନ ହେବା ପରେ ପଞ୍ଜିକରଣ ସମ୍ପୂର୍ଣ୍ଣ ବୋଲି ବିବେଚନା କରାଯିବ, ଯାହା ପରେ ଚାଷୀମାନେ ମୋବାଇଲ୍ ଆପରେ ଉପଲବ୍ଧ ନିକଟତମ କ୍ରୟ କେନ୍ଦ୍ର / ଅଧିସୂଚିତ କାରଖାନାରେ ସେମାନଙ୍କର କପା ବିକ୍ରୟ କରିବା ପାଇଁ ଏକ ସ୍ଲଟ୍ ବୁକ୍ କରିପାରିବେ।

**ରାଜ୍ୟଗୁଡ଼ିକର ଅନୁରୋଧ ଏବଂ କୃଷକମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି, ପଞ୍ଜୀକରଣର ଶେଷ ତାରିଖ ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ କୁ ବୃଦ୍ଧି କରାଯାଇଛି।**

ତେଣୁ, ସମସ୍ତ କପା ଚାଷୀଙ୍କୁ ଅନୁରୋଧ କରାଯାଉଛି ଯେ ସେମାନେ ନିର୍ଦ୍ଧାରିତ ସମୟ ମଧ୍ୟରେ କପାସ କିଶାନ ମୋବାଇଲ୍ ଆପ୍ ଡାଉନଲୋଡ୍ କରନ୍ତୁ ଏବଂ ସେମାନଙ୍କର ପଞ୍ଜୀକରଣ ସମାପ୍ତ କରନ୍ତୁ ଯାହା ଦ୍ୱାରା ସେମାନେ MSP ଯୋଜନାର ଲାଭ ପାଇପାରିବେ।

ଗୁଣବତ୍ତା ମାନଦଣ୍ଡ ଅନୁଯାୟୀ ଯଦି କପାରେ ଆର୍ଦ୍ରତା ୮% ଅତିକ୍ରମ ନକରେ, ତେବେ ଚାଷୀମାନଙ୍କୁ ସମ୍ପୂର୍ଣ୍ଣ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ପ୍ରଦାନ କରାଯିବ। କିନ୍ତୁ, ଯଦି ଆର୍ଦ୍ରତା ୮% ଅତିକ୍ରମ କରି ୧୨% ପର୍ଯ୍ୟନ୍ତ ପହଞ୍ଚିଯାଏ, ତେବେ ୮% ରୁ ଅଧିକ ଆର୍ଦ୍ରତା ଅନୁପାତରେ ହ୍ରାସ କରି MSP ପ୍ରଦାନ କରାଯିବ।

ତେଣୁ, ନିଗମ ସମସ୍ତ କପା ଚାଷୀଙ୍କୁ ଅତ୍ୟଧିକ ଆର୍ଦ୍ରତା ଯୋଗୁଁ କୌଣସି କଟନିତୀକୁ ଏଡାଇବା ପାଇଁ କେବଳ ଶୁଖିବା ପରେ ସେମାନଙ୍କର କପା କେନ୍ଦ୍ରକୁ ଆଣିବାକୁ ଅନୁରୋଧ କରୁଛି। ତଥାପି, କୌଣସି ପରିସ୍ଥିତିରେ କପାରେ ଆର୍ଦ୍ରତା ୧୨% ଅତିକ୍ରମ କରିବା ଉଚିତ୍ ନୁହେଁ।

ଯଦି କୌଣସି ପ୍ରକାରର ସହାୟତା ଆବଶ୍ୟକ ହୁଏ, ତେବେ ଚାଷୀମାନେ ନିଗମର ରାୟଗଡ଼ା ଶାଖା କାର୍ଯ୍ୟାଳୟ ସହିତ ହ୍ୱାଟସଆପ୍ ହେଲ୍ପଲାଇନ୍ ନମ୍ବର ୬୩୭୦୦୧୧୯୨୦ରେ ଯୋଗାଯୋଗ କରିପାରିବେ।

ସ୍ୱା/-ଶାଖା ପ୍ରମୁଖ



**LOST**

By virtue of an affidavit, I, Manisha Khatua, W/o Ranjeet Kumar Dalai, Village/PO/P.S- Erasama, Dist.- Jagatsinghpur solemnly affirm that I have obtained an original sale deed no. 10392306357, dt.04.05.2023 after registration of land bearing Khata No. 686/3286, Plot No. 704/9394 of Mouza - Adalia. That unfortunately, the said sale deed has been lost somewhere while I was going to Erasama Bazar from my residence situated at Erasama on 19.10.2025. That inspite of my best effort, I could not able to trace out it. That I declare that I have not mis-utilised the said sale deed any anywhere for any purpose. If found by anybody kindly inform at my above address.

**AFFIDAVIT**

I, Ranjan Kumar Agrawala, aged about 58 years, S/o- Ramotar Agrawala, resident of Tikrapada, Po- Balangir, Ps- Town, Bolangir, Dist- Balangir, Odisha, PIN-767001 declare by this affidavit No. 2301, dtd- 13/11/2025, that now onwards I shall be known as **RANJAN KUMAR AGRAWAL** for all future purposes.

**NOTICE**

By virtue of an affidavit sworn before the Notary Public, Cuttack, dated 12.11.2025, I, Ahalya Kumari Jena, D/o- Bhagirathi Jena, W/o- Late Bipin Bihari Jena, permanent resident of At-154, Nuabazar, P.O.- Paradeep, P.S.- Paradeep, Dist.- Jagatsinghpur, Odisha, PIN–754142, have changed my name and surname from Ahalya Swain to Ahalya Kumari Jena. Henceforth, I shall be known as **Ahalya Kumari Jena** for all purposes.

**Ahalya Kumari Jena**

**NOTICE**

By virtue of an affidavit sworn before the Notary Public, Cuttack, dated 06.11.2025, I, Pratap Kumar Samantaray, S/o- Jambeswar Samantaray, resident of At- Chhakadipur, P.O.- Biribadi, P.S.- Tangi, Dist.-Khorda, Odisha, PIN–752027, have changed my name from Pratap Samantaray to Pratap Kumar Samantaray. Henceforth, I shall be known as **Pratap Kumar Samantaray** for all purposes.

**Pratap Kumar Samantaray**

**NOTICE**

By virtue of an Affidavit sworn before the Notary Public, Bhubaneswar, Dtd. 09/10/2025. I Kishor Chandra Rout, S/o: Late Chakradhar Rout, Resident of At: Govindapur, P.O.: Gadadhar Prasad, Via: Itamati, P.S.: Itamati, Dist.: Nayagarh, Odisha, PIN-752068, have changed my name from Kishor Chandra Raut to **Kishor Chandra Rout** & my father's name also have changed from Chakradhar Raut to **Chakradhar Rout** & my mother's name also changed from Chhatiani Raut to **Chhatiani Rout** for all purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 08/11/2025. I, **Panchu Bag** (applicant name), S/o Anama Bag, permanent resident of AT- Jugirata, PO- Haldi, PS- Muribahal, Dist- Balangir, (Odisha), PIN- 767037 now residing at the same place declare that I have changed my minor son's name from **Jituranjan Bag** (old name) to **Jitumani Bag** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Jitumani Bag** (new name) for all future purposes.

**Panchu Bag**

**AFFIDAVIT**

I, Sujay Pattanayak, age- 45 , S/o- Shripati Pattanayak of village - Palasia, Po- Kothapada, Ps- Basta, Dist- Balasore,Odisha . declared by affidavit before In The Court of Executive Magistrate and Tahasildar,Basta No- 3345,dtd- 04/09/2025 that as per aadhar card and pan card my name is Sujay Pattanayak but my R.O.R Moza– Palasia,PS-Basta Thana no- 113,Khata no-94/19 & 94/29 recorded my name with my brothers and my name mentioned as Sujay Pattanayak S/o- Sripati Pttnayak, and khata no-94/17 & 94/51 recorded my name with my brother's name Sujay kumar Pattanayak , and Khata No- 94/16 recorded my name with my brothers and my name is mentioned Sasanka Pattanayak s/o- Sripati Kumar Pattanayak . Hence I Declared that **Sujay Pattanayak** alias **Sujay Kumar Pattanayak** alias **Sasanka Pattanayak**, S/o- **Sripati Pattanayak** alias **Shripati Pattanayak** alias **Sripati Kumar Pattanayak** is same and one person there is no other person in that name and style in above noted address for all future purpose .

**Sujay Pattanayak**

**AFFIDAVIT**

By virtue of an affidavit sworn before the Executive Magistrate Padampur, Dist.- Bargarh dated 11th November 2025, CF No.-05, I Atmaram Satnami aged about 33 years, S/o.- Habelal Satnami, resident of village- Sikaripali, Ps.-Jagdalpur, Block- Jharbandh, Dist.- Bargarh, Pin- 768042 hereby declares that for and on behalf of my minor daughter Hatasini Satnami. I have changed my minor doughter's name from **Htasini Satnami to Hatasini Satnami**. Hance she will be known as **Hatasini Satnami** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, CF No. 106 on dated 11.11.2025, I Nilanchala Patro, currently resident at Pragati Vihar, Plot No-211/5796, Bhubaneswar, PIN-751016 Dist- Khordha, Odisha, declare that I have changed my son's name from Rudransu Patro to Rudransh Patro. Henceforth, He shall be known as **RUDANSH PATRO** for all future purposes.

Nilanchala Patro

**AFFIDAVIT**

By virtue of an affidavit sworn before Executive Magistrate, Rayagada, dated 07/11/2025, I, P. RUVIAH resident of Village- Lelibadi, Po.- Dunduli, Ps.- Chandili, Dist.- Rayagada, Odisha vide affidavit no. 1018 dtd. 07.11.2025 declare that, I have changed my name from **RUAI PEDENTI** to **P. RUVIAH**. Henceforth, I shall be known as **P. RUVIAH** for all purposes.

Sd/- P. Ruviah

**AFFIDAVIT**

I Sarbajeet Pattnaik S/o- Late Biswanath Pattnaik resident of Patrapada PO- Dumduma Housing Board Colony PS- Bharatpur Dist- Khordha PIN-751019 Odisha declare by this affidavit No 693 dtd- 11/11/2025 that now onwards I shall be known as **Sarbajeet Pattanaik** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Sohela dated 13/11/2025 I Taranisen Budhia resident of Village Jampali P/O.- Tungibandhali, P/S.- Sohela, Dist.- Bargarh, Pin-768033 declare that I have changed my son name **Dev Budhia** to **Devranjan Budhia**. Henceforth he shall be known as **Devranjan Budhia** for all purpose.

**AFFIDAVIT**

By virtue of an affidavit before the Notary Public, Kodala, Ganajm, I, A Jyothi Patra, D/o- Tarakeswar Rao Nalla And W/o- A Manoja Kumar Patra, resident of Vill.- Beguniapada, P.S.- Beguniapada, Dist.- Ganjam, Odisha (PIN-761031), do hereby declare that I have changed my name from JYOTHI BALLA to **A JYOTHI PATRA**. Henceforth, I shall be known as **A JYOTHI PATRA** for all purposes.

**Sd/- A JYOTHI PATRA**

**NOTICE**

By virtue of an affidavit sworn before Executive Magistrate, Rairakhol, dated 29/10/2025, I Pradeep Mukhi, S/o- Durjodhan Mukhi, resident of Village- Samsingha, Poa.- Kadaligarh, Ps.- Rairakhol, Dist.- Sambalpur, Odisha, Pin- 768106 declare that, I have changed the name of my minor daughter from **Smitarani Mukhi** to **Priya Mukhi**. Henceforth, she shall be known as **Priya Mukhi** for all purposes.

Sd/- Pradeep Mukhi

**CHANGE OF NAME**

I,**SAPANA MAHARANA** (OLD NAME) as per Board of SSC marks list. Orissa. residing at Plot.No.55, Nagarjuna Hills, Punjagutta,Hyderabad.,Telengana-500082. Hereby declare that I have changed my name as **SAPNA MAHARANA** (NEW NAME) (Aadhar Card) D/o DEENABANDHU MAHARANA.

**AFFIDAVIT**

I, Bhupesh Kumar Gandha, aged about 60 years, S/o- Late Laxmidas Kalyanji, resident of At- Back side of Mafidar Building, Cox Colony, Dist- Jharsuguda, Odisha, Pin- 768203 declare by this affidavit No. CF No-5943, dated- 13/10/2025 that now onwards I shall be known as **BHUPESH GANDHA** for all future purposes.

### ଉଦ୍‌ଘାଟନ ୭ ବର୍ଷ ପରେ ଅବସ୍ଥା ଶୋଚନୀୟ

# ଭାଙ୍ଗୁଛି ମହେନ୍ଦ୍ରତନୟା ପୋଲ; ଲୋକେ ଭୟଭୀତ





ପାରଳାଖେମୁଣ୍ଡି, ୧୩।୧୧ (ସମିସ): ଗଜପତି ଜିଲ୍ଲା ସଦରମହକୁମା ପାରଳାଖେମୁଣ୍ଡି ଓ ଆନ୍ଧ୍ରର ପୁରୁଣାପାଟଣାକୁ ସଂଯୋଗ କରୁଥିବା ମହେନ୍ଦ୍ରତନୟା ପୋଲ ଭାଙ୍ଗି ନଷ୍ଟ ହେବାରେ ଲାଗିଛି। ଏଥିପ୍ରତି ବିଭାଗୀୟ କର୍ତ୍ତୃପକ୍ଷ ଅଣଦେଖା କରୁଥିବାର ଅଭିଯୋଗ ହୋଇଛି। ପୋଲର ଉପରିଭାଗ ତଥା ରାସ୍ତାର ବିଭିନ୍ନ ସ୍ଥାନରେ ଖାଲଖମା ସହ ଏହାର ସୁରକ୍ଷା ବାଡ଼ ସ୍ଥାନେ ସ୍ଥାନେ ଭାଙ୍ଗି ଗଲାଣି। ୨୦୧୮ ଏପ୍ରିଲ ୪ରେ ଲୋକାର୍ପିତ ହୋଇଥିବା ଏହି ପୋଲ ମାତ୍ର ୭ ବର୍ଷ ମଧ୍ୟରେ ଭାଙ୍ଗିଯାଇଛି। ୭୩୫.୭୦ ଲକ୍ଷ ଟଙ୍କାରେ ନିର୍ମିତ ଏହି ପୋଲର ଅବସ୍ଥା ଏବେ ଶୋଚନୀୟ ହୋଇପଡିଛି।

ସୂଚନା ଯୋଗ୍ୟ ଯେ ଏହି ପୋଲ ନିର୍ମାଣ ପାଇଁ ଦୀର୍ଘ ବର୍ଷ ଧରି ଦାବି ହୋଇ ଆସୁଥିଲା। କାରଣ ପାଖରେ ଥିବା ପୁରୁଣା ପୋଲର ଅବସ୍ଥା ଜରାଜୀର୍ଣ୍ଣ ହୋଇପଡିଥିଲା। ପୁରୁଣା ପୋଲ ତତ୍କାଳୀନ ପାରଳା ମହାରାଜାଙ୍କ ଅମଳରେ ନିର୍ମିତ ହୋଇଥିଲା। ଅଭିଯୋଗ ପରେ ପୂର୍ତ୍ତବିଭାଗ ଚେଇଁ ଉଠିଥିଲା। ହେଲେ ଏବେ ଏହା ଖାଲଖମା ସାଙ୍ଗକୁ ବିଭିନ୍ନ ସ୍ଥାନରେ ସୁରକ୍ଷା ସିମେଣ୍ଟ ବାଡ଼ ଭାଙ୍ଗୁଛି। ଯାହାକୁ ଦେଖିଲେ ଏହି ପୋଲଟି ଆଉ କିଛିବର୍ଷ ମଧ୍ୟରେ ସମ୍ପୂର୍ଣ୍ଣ ଭାଙ୍ଗିଯିବା ସମ୍ଭାବନା ଦେଖାଦେଇଛି। ପୋଲ ଦେଇ ଦୈନନ୍ଦିନ ଛୋଟବଡ଼ ଶହ ଶହ ସଂଖ୍ୟାରେ ଯାନ ଯାତାୟତ କରୁଛି। ପୋଲର ଉପର ସିମେଣ୍ଟ ରାସ୍ତାର ଲୁହା ଛଡ଼ ଦେଖାଦେଇଥିବା ବେଳେ ଏହାର ସଂଯୋଗୀକରଣ ପ୍ଲେଟ ନିକଟରେ ଫାଟ ସଦୃଶ୍ୟ ଦେଖାଦେଉଛି। ଏହାର ରକ୍ଷଣାବେକ୍ଷଣ ନକଲେ ଅତିଶୀଘ୍ର ଏହା ନଷ୍ଟ ହେବା ସମ୍ଭାବନା ରହିଛି। ଉଚ୍ଚ କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ଦାବି ହେଉଛି।

## ମିଥ୍ୟା ସତ୍ୟପାଠ ଦାଖଲ | ମାର୍ଲାଙ୍ଗା ସରପଞ୍ଚ ଅଯୋଗ୍ୟ ଘୋଷିତ

ବାଲିଗୁଡା,୧୩।୧୧(ସମିସ): ମିଥ୍ୟା ସତ୍ୟପାଠ ଦାଖଲ ମାମଲାରେ କୋଟଗଡ଼ ବ୍ଲକ ମାର୍ଲାଙ୍ଗା ସରପଞ୍ଚ ଅଶୋକ ମୁଠାମାଝୀ ଅଯୋଗ୍ୟ ଘୋଷିତ ହୋଇଛନ୍ତି। ୨୦୨୨ରେ ପଞ୍ଚାୟତ ନିର୍ବାଚନ ବେଳେ ଦାଖଲ କରିଥିବା ସତ୍ୟପାଠରେ ତାଙ୍କର ଦୁଇ ସନ୍ତାନ ଥିବା ଦର୍ଶାଇଥିଲେ। ମାତ୍ର ତାଙ୍କର ଦୁଇରୁ ଅଧିକ ସନ୍ତାନ ଥିଲା। କିଛି ମାସ ପୂର୍ବେ ମନ ପାଟମାଝୀ, ଲୁସିଆନ ବଳିୟାର ସିଂ, ବୀରବର ଉଠାଣସିଂ, ଜଗଦୀଶ ବେହେରାମାଝୀ, ଧିରେନ ବଳିୟାରସିଂ ମିଶି ମାର୍ଲାଙ୍ଗା ସରପଞ୍ଚ ଅଶୋକ ମୁଠାମାଝୀ ବ୍ଲକ ନିର୍ବାଚନ ଅଧିକାରୀଙ୍କ ନିକଟରେ ମିଥ୍ୟା ସତ୍ୟପାଠ ଦାଖଲ କରି ପଦ ହାତେଇଥିବା ନେଇ ଅଭିଯୋଗ କନ୍ଧମାଳ ଜିଲ୍ଲାପାଳଙ୍କ ନିକଟରେ ଦାଖଲ କରିଥିଲେ। ତଦନ୍ତ କରି କନ୍ଧମାଳ ଜିଲ୍ଲାପାଳ ବେଦଭୂଷଣ ନଭେମ୍ବର ୭ ତାରିଖରେ ଜିଲ୍ଲାପାଳ କାର୍ଯ୍ୟାଳୟ ପତ୍ର ସଂଖ୍ୟା ୧୭୦୬ ଅନୁଯାଇ ଅଶୋକ ମୁଠାମାଝୀଙ୍କୁ ସରପଞ୍ଚ ପଦରୁ ଅଯୋଗ୍ୟ ବିବେଚିତ କରି ସ୍ଥାନୀୟ ବିଡ଼ିଓ କୋଟଗଡଙ୍କୁ ପତ୍ର ପ୍ରଦାନ କରିଥିବା ଜଣାପଡିଛି।

## ବାଇକ୍ ଦୁର୍ଘଟଣାରେ ଯୁବକ ମୃତ

ମୋହନା,୧୩।୧୧(ସମିସ): ବାଇକ ଦୁର୍ଘଟଣାରେ ଜଣେ ଯୁବକଙ୍କ ମୃତ୍ୟୁ ହୋଇଛି। ମୃତକ ହେଉଛନ୍ତି କଟାମା ପଞ୍ଚାୟତର ପୂର୍ବତନ ସରପଞ୍ଚ ହାଡ଼ିଆ କନ୍ଧଙ୍କ ପୁଅ ପୃଥିବୀରାଜ କନ୍ଧ। ପୃଥିବୀ ନିଜ ଗ୍ରାମ ଡାଞ୍ଜୁର୍ବାରୁ ବାଇକରେ ନିଜ ମକା କ୍ଷେତକୁ ଯିବା ବେଳେ ଭାରସାମ୍ୟ ହରାଇ ରାସ୍ତାରେ ପଡିଯାଇ ଥିଲେ। ପରିବାର ଲୋକେ ଏବଂ ଗ୍ରାମବାସୀ ତାଙ୍କୁ ପ୍ରଥମେ ବ୍ରାହ୍ମଣିଗାଁ ଏବଂ ପରେ ଗୁରୁତର ଅବସ୍ଥାରେ ମୋହନା ସ୍ୱାସ୍ଥ୍ୟକେନ୍ଦ୍ରକୁ ଆଣିଥିଲେ। କିନ୍ତୁ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ଅଡବା ପୁଲିସ ମୋହନା ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ମୃତଦେହ ଜବତ କରିବା ସହ ପ୍ରାଥମିକ ତଦନ୍ତ ଆରମ୍ଭ କରିଛି।

## ପଣ୍ଡିତ ରଘୁନାଥ ପାତ୍ର ପାଇଲେ 'ସୂର୍ଯ୍ୟମଣି ସ୍ମୃତି ସମ୍ମାନ'



ପାରଳାଖେମୁଣ୍ଡି,୧୩।୧୧(ସମିସ): ଗଜପତି ଜିଲ୍ଲା ସଦରମହକୁମା ପାରଳାଖେମୁଣ୍ଡି ସହରର ସ୍ୱନାମଧନ୍ୟ ସଂଗୀତ ନିର୍ଦ୍ଦେଶକ ତଥା ବିଶିଷ୍ଟ ତବଲାବାଦକ ପଣ୍ଡିତ ରଘୁନାଥ ପାତ୍ରଙ୍କୁ ସୂର୍ଯ୍ୟମଣି ସ୍ମୃତି ସମ୍ମାନରେ ସମ୍ମାନିତ କରାଯାଇଛି। ଏଥିପାଇଁ ଅଞ୍ଚଳରେ ଶୁଭେଚ୍ଛାର ସୁଅ ଛୁଟିବାରେ ଲାଗିଛି। ଶ୍ର ପାତ୍ରଙ୍କୁ ଏହି ସମ୍ମାନ ଭୁବନେଶ୍ୱର ସ୍ଥିତ ଜୟଦେବ ଭବନରେ ସାଂସ୍କୃତିକ ସମାଜର ବାର୍ଷିକ ଉତ୍ସବ ଅବସରରେ ପ୍ରଦାନ କରାଯାଇଛି। ମୁଖ୍ୟଅତିଥି ଭାବେ କଳିଙ୍ଗ ହସ୍ପିଟାଲର ଅଧ୍ୟକ୍ଷ ଡା. ଶୀତକଣ୍ଠ ଦାସ, ସମ୍ମାନିତ ଅତିଥି ଭାବେ ବିଶିଷ୍ଟ ସାହିତ୍ୟିକ ଇଂ. ପ୍ରଦେଶ ନନ୍ଦିନୀ ଦାଶ, ଇଂ. ପ୍ରବୀର କୁମାର ଦାଶ, ଡ.ଅରୁଣ କୁମାର ମହାପାତ୍ର, ଅନୁଷ୍ଠାନର ସମ୍ପାଦକ ସୁନନ୍ଦିକା ପଟ୍ଟନାୟକ ଓ ପ୍ରତିଷ୍ଠାତା ଉମେସ ଚନ୍ଦ୍ର ଦାସ ମଞ୍ଚାସୀନ ଥିଲେ।

### ଡିଲଡିଲଡ଼ା ବନ୍ଧ ଭାଙ୍ଗି ଫସଲ ନଷ୍ଟ ଘଟଣା

# କ୍ଷତିଗ୍ରସ୍ତ ଜମି ବୁଲି ଦେଖିଲେ ବିଧାୟକ



ଗୁମ୍ମା,୧୩।୧୧(ସମିସ): ଗୁମ୍ମା ବ୍ଲକ ଉଖୁରା ପଞ୍ଚାୟତ ସ୍ଥିତ ଲାତୁରଗଡ ଗ୍ରାମର ଗତ ୭ ତାରିଖରେ ଡ଼ିଲଡ଼ିଲଡ଼ା ବନ୍ଧ ଭାଙ୍ଗି ବ୍ୟାପକ ଧାନ ଫସଲ ନଷ୍ଟ ହୋଇଥିବା ଖବର ଜାଣିବା ପରେ ପାରଳାଖେମୁଣ୍ଡି ବିଧାୟକ ରୂପେଶ କୁମାର ପାଣିଗ୍ରାହୀ ଆଜି କ୍ଷତିଗ୍ରସ୍ତ ଜମି ବୁଲି ଦେଖିବା ସହ ସେହି ଚାଷୀଙ୍କ ସହ ଆଲୋଚନା କରିଥିଲେ। ଏନେଇ ବିଧାୟକଙ୍କୁ କ୍ଷତିଗ୍ରସ୍ତ ଚାଷୀ ଲିଖିତ ଭାବେ କ୍ଷୟକ୍ଷତି ବାବଦରେ ଅବଗତ କରାଇଥିଲେ। ଏହି ବନ୍ଧରେ ବର୍ଷ ସାରା ପାଣି ରହୁଥିବା ବେଳେ ସେଥିରୁ ଚାଷୀଙ୍କ ପାଇଁ ବିଭିନ୍ନ ସମୟରେ ଖରିଫ ଧାନ, ପନିପରିବା ଏବଂ ମାଛ ଚାଷ ଆଦି କରାଯାଉଥିଲା। ତେଣୁ ବନ୍ଧର ରକ୍ଷଣାବେକ୍ଷଣ ସହ ସ୍ଥାୟୀ ବ୍ୟବସ୍ଥା ଗ୍ରହଣ କରିବାର ଆବଶ୍ୟକତା ରହିଛି ବୋଲି ବିଭାଗୀୟ ଅଧିକାରୀଙ୍କୁ ବିଧାୟକ ନିର୍ଦ୍ଦେଶ ଦେଇଛନ୍ତି। ପ୍ରଶାସନ ଓ ରାଜ୍ୟ ସରକାରଙ୍କୁ ଅବଗତ କରାଇ ତୁରନ୍ତ କ୍ଷତିଗ୍ରସ୍ତ ଚାଷୀଙ୍କୁ କ୍ଷତିପୂରଣ ଯୋଗାଇ ଦେବାକୁ ପଦକ୍ଷେପ ନେବେ ବୋଲି ବିଧାୟକ କହିଥିଲେ। ବିଧାୟକଙ୍କ ଗସ୍ତ ସମୟରେ ସହକାରୀ ଯନ୍ତ୍ରୀ ବିଭୁ ଚରଣ ପୂଜାରୀ, କନିଷ୍ଠ ସହକାରୀ ଯନ୍ତ୍ରୀ ପ୍ରଶାନ୍ତ କୁମାର ମିଶ୍ରଙ୍କ ସମେତ ସ୍ଥାନୀୟ ଜନସାଧାରଣ ଉପସ୍ଥିତ ଥିଲେ।

## ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

ମୋହନା, ୧୩।୧୧(ସମିସ): ଗଜପତି ମିନି ଷ୍ଟାଡିୟମରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ବିଭାଗ ଆନୁକୂଲ୍ୟରେ ଅନୁଷ୍ଠିତ ମେଳାରେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ରାଜୀବ ଦାସ ସଭାପତିତ୍ୱ କରିଥିଲେ। ମୋହନା ବିଧାୟକ ତଥା ମୁଖ୍ୟବକ୍ତା ଦାଶରଥି ଗମାଙ୍ଗ ପ୍ରଦୀପ ପ୍ରଜ୍ୱଳନ କରି ମେଳାକୁ ଉଦଘାଟନ କରିଥିଲେ। ମୁଖ୍ୟଅତିଥି ଭାବେ ବ୍ଲକ ଉପାଧ୍ୟକ୍ଷ ବାଲ୍ମୀନା ଅଧିକାରୀ ଓ ସମ୍ମାନୀତ ଅତିଥି ଜିଲ୍ଲା ମୁଖ୍ୟ ମତ୍ସ୍ୟ ଅଧିକାରୀ ନିରୋଦ ଚନ୍ଦ୍ର ନାୟକ, ଜିଲ୍ଲା ମୁଖ୍ୟ ପ୍ରାଣୀ ସମ୍ପଦ ଚିକିତ୍ସା ଅଧିକାରୀ ତୁଷାରେନ୍ଦୁ ନାୟକ, ସାଂସଦ ପ୍ରତିନିଧି ଜିତେନ୍ଦ୍ର ବେହେରା ପ୍ରମୁଖ ଉପସ୍ଥିତ ରହି ମେଳାର ଉଦ୍ଦେଶ୍ୟ ସମ୍ପର୍କରେ ଉପସ୍ଥିତ ଥିବା ଚାଷୀ, ମହିଳା ସଂଗଠନ, ନିର୍ବାଚିତ ଜନ ପ୍ରତିନିଧି ଏବଂ ସ୍ଥାନୀୟ ଜନତା ମାନଙ୍କୁ ଓଡ଼ିଶାର ସମସ୍ତ ବ୍ଲକର ଲୋକଙ୍କୁ ସଚେତନ କରାଇଥିଲେ। ଏହି ମେଳା ଅନୁଷ୍ଠିତ ହେବା ଫଳରେ ଚାଷୀଙ୍କୁ ଗୋପାଳନ, ମତ୍ସ୍ୟ ଚାଷ, କୁକୁଡ଼ା ଚାଷ, ବତକ ଚାଷ, ଛେଳି ଚାଷ ଓ ଘୁଷୁରୀ ଚାଷ ନିମନ୍ତେ ସରକାରଙ୍କ ପକ୍ଷରୁ ହିତାଧିକାରୀଙ୍କୁ ରିହାତି ମିଳୁଥିବା କହି ସଚେତନ କରାଇଥିଲେ ବିଭାଗୀୟ ଅଧିକାରୀ। ଏହି ମେଳାରେ ମୋହନା ବ୍ଲକର ୩୯ ପଞ୍ଚାୟତ ଶତାଧିକ ପୁରୁଷ ଓ ମହିଳା ଉପସ୍ଥିତ ଥିଲେ। ମେଳାରେ ରାଜ୍ୟ ସରକାରଙ୍କ ପକ୍ଷରୁ ଲୋକଙ୍କୁ ସଚେତନ କରିବା ନିମନ୍ତେ ଲୋକ ନୃତ୍ୟ ପରିବେଷଣ କରାଯାଇଥିଲା। ସ୍ଥାନୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିଭାଗ ପକ୍ଷରୁ ବିଭିନ୍ନ ଚାଷ କରି ଆତ୍ମନିର୍ଭରଶୀଳ ହୋଇପାରିଥିବା ଚାଷୀଙ୍କୁ ଅତିଥିମାନଙ୍କ ଦ୍ୱାରା ସମ୍ବର୍ଦ୍ଧିତ କରାଯାଇଥିଲା। ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ଡା.ରାଜେନ୍ଦ୍ର ପ୍ରସାଦ ପଣ୍ଡା ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ଭ୍ରାମ୍ୟମାଣ ପ୍ରାଣୀ ଚିକିତ୍ସା ଅଧିକାରୀ ଡା.ଶୁଭଙ୍କର ସାହୁ ଅତିଥି ପରିଚୟ ପ୍ରଦାନ କରିଥିଲେ। ସମସ୍ତ ପ୍ରାଣୀଧନ ନିରୀକ୍ଷକ ଓ କର୍ମଚାରୀମାନେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶେଷରେ ଅତିରିକ୍ତ ପ୍ରାଣୀ ଚିକିତ୍ସା ଅଧିକାରୀ ଡ଼ା.ବିରେନ୍ଦ୍ର ପଣ୍ଡା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।



## ବିନା ଅନୁମତିରେ ଦେଶୀ ବନ୍ଧୁକ ରଖିଥିବାରୁ ୨ ବର୍ଷ ଜେଲ୍

ପାରଳାଖେମୁଣ୍ଡି,୧୩।୧୧(ସମିସ): ବିନା ଅନୁମତିରେ ଦେଶୀ ବନ୍ଧୁକ ପାଖରେ ରଖିବା ଘଟଣାରେ ସଜା ପାଇଲେ ଅଭିଯୁକ୍ତ। ୨୦୨୦ ମେ ୧୭ରେ ଗଜପତି ଜିଲ୍ଲା ରାୟଗଡ ଥାନାର ଏଏସଆଇ ଅଭିମନ୍ୟୁ ପାଣିଗ୍ରାହୀ ସନ୍ଧ୍ୟାରେ ରାୟଗଡ ତଥା ପଦ୍ମପୁର ଆଦି ଅଞ୍ଚଳରେ ପାଟ୍ରୋଲିଂ କରୁଥିଲେ। ବାହାଡ଼ାପଡାର କରୁଣ ଭୂୟାଁ ନିଜ ଘରେ ଏକ ଦେଶୀ ବନ୍ଧୁକ ଲୁଚାଇ ରଖିଥିବା ଖବର ପାଇ ତାଙ୍କ ଘରେ ଚଢ଼ଉ କରି ଏକ ଦେଶୀ ବନ୍ଧୁକ ଜବତ କରିଥିଲେ। ଲାଇସେନ୍ସ ନଥିବାରୁ ନିଜ ଆଡୁ ଏଏସଆଇ ଅଭିମନ୍ୟୁ ପାଣିଗ୍ରାହୀ ରାୟଗଡ ଥାନାରେ ଏକ ମାମଲା ରୁଜୁ କରିଥିଲେ। ତତ୍କାଳୀନ ସବଇନ୍ସପେକ୍ଟର କୃଷ୍ଣଚନ୍ଦ୍ର ମଲ୍ଲିକ ଉକ୍ତ ମାମଲାର ତଦନ୍ତ କରି ଆସାମୀଙ୍କୁ କୋର୍ଟ ଚାଲାଣ କରିଥିଲେ। ୧୦ଜଣ ସାକ୍ଷୀଙ୍କ ବୟାନ ତଥା ପ୍ରମାଣକୁ ଭିତ୍ତି କରି ଏହି ମାମଲାର ଶୁଣାଣି କରି ସିଜେଏମ୍ ତଥା ଆସିଷ୍ଟାଣ୍ଟ ସେସନ୍ ଜଜ ନରୋତ୍ତମ ସେଠୀ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରି ୨ବର୍ଷ କାରାଦଣ୍ଡ ଓ ୫ହଜାର ଟଙ୍କା ଜୋରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦାୟ ଅଧିକ ୨ମାସ କାରାଦଣ୍ଡ ନିମନ୍ତେ ରାୟରେ ଉଲ୍ଲେଖ କରିଛନ୍ତି। ସରକାରଙ୍କ ପକ୍ଷରୁ ଏପିପିଆର.ଉଦୟଚନ୍ଦ୍ର ରାଓ ଏହି ମାମଲାର ପରିଚାଳନା କରିଥିବାର ଖବର ଭାରପ୍ରାପ୍ତ କ୍ୟାଡ଼ର ପବ୍ଲିକ ପ୍ରସିକ୍ୟୁଟର ରାଜେଶ କୁମାର ମିଶ୍ର ସୂଚନା ଦେଇଛନ୍ତି।

## ଅଜଣା ଗାଡ଼ି ଧକ୍କାରେ ଜଣେ ମୃତ

କାଶୀନଗର,୧୩।୧୧(ସମିସ): ଗଜପତି ଜିଲ୍ଲା କାଶୀନଗର ଥାନା ସୀତାପୁର ପଞ୍ଚାୟତ ମିଳିଗାଁ ଗ୍ରାମ ନିକଟସ୍ଥ ରାଜ୍ୟ ମୁଖ୍ୟ ରାସ୍ତାରେ ବୁଧବାର ସନ୍ଧ୍ୟାରେ ଏକ ଅଜଣା ଗାଡ଼ି ଧକ୍କାରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ଉକ୍ତ ଗ୍ରାମର ଆର.ଦୁର୍ଗା ରାଓ। ସେ ନିକଟସ୍ଥ ଏକ ପୋଖରୀକୁ ଶୌଚ ପାଇଁ ଯାଇଥିଲେ। ରାସ୍ତା କଡ଼ରେ ଛିଡ଼ା ହୋଇଥିବାବେଳେ ଏକ ଅଜଣା ଗାଡ଼ି ଦ୍ରୁତଗତିରେ ଆସି ଧକ୍କା ଦେବାରୁ ତାଙ୍କର ମୃତ୍ୟୁ ହୋଇଥିବା ସନ୍ଦେହ କରାଯାଇଛି। କାଶୀନଗର ପୁଲିସ ମୃତଦେହ ଜବତ କରି ତଦନ୍ତ କରୁଥିବା ଥାନା ଅଧିକାରୀ ସୁନିଲ ବେହେରା ସୂଚନା ଦେଇଛନ୍ତି। ପାରଳାଖେମୁଣ୍ଡି ମୁଖ୍ୟ ଚିକିତ୍ସାଳୟରେ ଗୁରୁବାର ମୃତଦେହ ବ୍ୟବଚ୍ଛେଦ ପରେ ପରିବାର ବର୍ଗଙ୍କୁ ହସ୍ତାନ୍ତର କରାଯାଇଛି। ଏନେଇ କାଶୀନଗର ଥାନାରେ ଏକ ମାମଲା ରୁଜୁ ହେବା ସହ ତଦନ୍ତ ଜାରି ରହିଥିବା ଥାନା ଅଧିକାରୀ ସୂଚନା ଦେଇଛନ୍ତି।

### ● ଅସହ୍ୟ ହେଲାଣି ଶୀତ

## ଜି.ଉଦୟଗିରିରେ ତାପମାତ୍ରା ୭.୬ ଡିଗ୍ରୀ

ଜି.ଉଦୟଗିରି,୧୩।୧୧(ସମିସ): ଜି.ଉଦୟଗିରି ଅଞ୍ଚଳରେ ପାରଦ ତଳମୁଁହା ହେବାରେ ଲାଗିଛି। ବୁଧବାର ଦିନ ସର୍ବୋଚ୍ଚ ତାପମାତ୍ରା ୨୬.୮ ଡିଗ୍ରୀ ରହିଥିବା ବେଳେ ସର୍ବନିମ୍ନ ତାପମାତ୍ରା ୮.୭ ଡିଗ୍ରୀ ରହିଥିଲା। ଗୁରୁବାର ତାପମାତ୍ରା କମି ସର୍ବୋଚ୍ଚ ତାପମାତ୍ରା ୨୬ ଡିଗ୍ରୀ ରହିଥିବା ବେଳେ ସର୍ବନିମ୍ନ ତାପମାତ୍ରା ୭.୬



ରେକର୍ଡ ହୋଇଛି। ଏଥିଯୋଗୁ ପୁରା ଜିଲ୍ଲାରେ ଲାଗି ରହିଛି ଶୀତ। କିନ୍ତୁ ଆଜି ପର୍ଯ୍ୟନ୍ତ ଖୋଲିନି ଶୀତ ଆଶ୍ରୟସ୍ଥଳ। ଯାହାକୁ ସାଧାରଣରେ ସମାଲୋଚନା କରିଛନ୍ତି ଲୋକେ। ସପ୍ତାହେ ମଧ୍ୟରେ ତାପମାତ୍ରା ସାତ ଡିଗ୍ରୀ ଖସିବା ଫଳରେ ଜୀବନଜୀବିକା ବାଧାପ୍ରାପ୍ତ ହେଉଛି। ଛୋଟ ଛୁଆଙ୍କ ସହିତ ବୟସ୍କ ଲୋକଙ୍କ ପାଇଁ ଶୀତ ସହ୍ୟ କରିବା କଷ୍ଟକର ହେଉଛି। ଫଳରେ ରାତୀ ୮ଟା ଭିତରେ ବଜାର ଘାଟ ଶୂନଶାନ ହୋଇଯାଉଛି। ଶୀତରୁ ରକ୍ଷା ପାଇବା ପାଇଁ ଲୋକେ ନିଆଁ ଜାଳି ବସି ରହୁଛନ୍ତି। ଶୀତ ଯୋଗୁଁ ଜିଲ୍ଲାର ପର୍ଯ୍ୟଟନସ୍ଥଳରେ ଗହଳି ଆରମ୍ଭ ହୋଇଛି। ଏହାକୁ ଦୃଷ୍ଟିରେ ରଖି କଳିଙ୍ଗା ଘାଟିରେ ନିର୍ମାଣ କାର୍ଯ୍ୟ ସାରି ଭାରିଯାନ ଯାତାୟାତ କରିବାକୁ ଅନୁଷ୍ଠାନିକ ଭାବେ ଅନୁମତି ଦେଲେ ବିନା ବାଧାରେ ପର୍ଯଟକ ଆସିପାରିବେ ବୋଲି କୁହାଯାଉଛି।

## ସାମ୍ବାଦିକଙ୍କ ଅକାଳ ବିୟୋଗ



କାଶୀନଗର,୧୩।୧୧ (ସମିସ): କାଶୀନଗର ପ୍ରେସ୍ କ୍ଲବ୍ ସଦସ୍ୟ ତଥା ଜଣାଶୁଣା ସାମ୍ବାଦିକ ତାମଡ଼ା କ୍ରିଷ୍ଣାଙ୍କ ୪୯ବର୍ଷରେ କର୍କଟ ରୋଗରେ ଅକାଳ ବିୟୋଗ ଘଟିଛି। ଏକାଧିକ ଓଡ଼ିଆ ଦୈନିକର ସ୍ଥାନୀୟ ପ୍ରତିନିଧି ଭାବେ ସେ ଦୀର୍ଘଦିନ କାର୍ଯ୍ୟ କରିଥିଲେ। ସମାଜସେବା କ୍ଷେତ୍ର ପ୍ରତି ବି ତାଙ୍କର ଉଲ୍ଲେଖନୀୟ ଅବଦାନ ରହିଛି। ତାଙ୍କ ମୃତ୍ୟୁ ଖବର ନେଇ କାଶୀନଗରରେ ଶୋକର ଛାୟା ଖେଳି ଯାଇଛି। ସ୍ଥାନୀୟ ନାଗରିକ ମହାସଭା, ପ୍ରେସ୍ କ୍ଲବ୍, ରଇତ ସଙ୍ଘ ଓ ଅନ୍ୟାନ୍ୟ ବହୁ ସଂଗଠନ ପକ୍ଷରୁ ଶୋକ ପ୍ରକାଶ କରାଯାଇଛି। ବହୁ ରାଜନେତା ତଥା ଜିଲ୍ଲା ପରିଷଦ ଅଧ୍ୟକ୍ଷ ଗାବାରା ତିରୁପତି ରାଓ, ଏନ୍‌ଏସି ଅଧ୍ୟକ୍ଷା ଏମ. ସୁଧାରାଣୀ, ସ୍ଥାନୀୟ ବରିଷ୍ଠ ନେତା ଆର. ରାମ ପ୍ରସାଦ ତାଙ୍କ ମୃତ୍ୟୁରେ ଶୋକ ପ୍ରକାଶ କରିଛନ୍ତି। ତାଙ୍କ ପରିବାରକୁ ସରକାରଙ୍କ ପକ୍ଷରୁ ଆର୍ଥିକ ସହାୟତା ଯୋଗାଇ ଦେବାକୁ ବିଭିନ୍ନ ମହଲରେ ଦାବି ହୋଇଛି।

## ବୃତ୍ତି ପରୀକ୍ଷାରେ ୨ଛାତ୍ର କୃତକାର୍ଯ୍ୟ



ଚକାପାଦ,୧୩।୧୧(ସମିସ): ଚକାପାଦ ବ୍ଲକ କୁସୁମେଣ୍ଡି ପଞ୍ଚାୟତର କାମ୍ବ୍ରାଗୁଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପଞ୍ଚମ ଶ୍ରେଣୀ ଛାତ୍ର ରାକେଶ କୁମାର ବେହେରା ଏବଂ ସ୍ୱାଗତ ବେହେରା ବ୍ଲକ ସ୍ତରରେ ୨୦୨୫-୨୬ ମସିହା ନିମନ୍ତେ ବୃତ୍ତି ପାଇବାକୁ ଯୋଗ୍ୟ ବିବେଚିତ ହୋଇଛନ୍ତି। ସେମାନଙ୍କୁ ବିଦ୍ୟାଳୟର ଶିକ୍ଷକ/ଶିକ୍ଷୟିତ୍ରୀ ଏବଂ ଛାତ୍ରଛାତ୍ରୀଙ୍କ ତରଫରୁ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ କରାଯାଇଥିଲା।

## ଯୁବକଙ୍କ ସନ୍ଦେହଜନକ ମୃତ୍ୟୁ

ପାରଳାଖେମୁଣ୍ଡି,୧୩।୧୧(ସମିସ): ଗଜପତି ଜିଲ୍ଲା ଗାରାବନ୍ଧ ଥାନା ଲାଇଲାଇ ପଞ୍ଚାୟତ ଅନ୍ତର୍ଗତ ମର୍କଡା ଗ୍ରାମର ଜଣେ ଯୁବକଙ୍କ ସନ୍ଦେହଜନକ ଅବସ୍ଥାରେ ମୃତ୍ୟୁ ଘଟିଛି। ଦାଉଦ ଶବର (୩୨) ନାମକ ଯୁବକ ସେହି ଗ୍ରାମର ଜଣେ ଯୁବତୀଙ୍କୁ ପ୍ରେମ କରୁଥିଲେ। ଅଭିଭାବକ ଏବଂ ଗ୍ରାମବାସୀ ଜାଣିଲାପରେ ଗ୍ରାମ ମଣ୍ଡଳ ଏବଂ ସମିତିର ଉପସ୍ଥିତିରେ ୪ମାସ ପୂର୍ବେ ଭୋଜିଭାତ କରି ଜାକଜକମରେ ବାହାଘର ହୋଇଥିଲା। ଗତକାଲି ଉଭୟ ସ୍ୱାମୀ ସ୍ତ୍ରୀ ମଧ୍ୟରେ କୌଣସି କାରଣରୁ ବଚସା ହୋଇଥିଲା। ସ୍ତ୍ରୀ ଅସୁସ୍ଥତା ଯୋଗୁଁ ଅନ୍ୟ ଏକ କୋଠରୀରେ ଶୋଇଥିଲେ। ସ୍ୱାମୀ ଅନ୍ୟ ଗୋଟିଏ କୋଠରୀରେ ଦଉଡି ଲଗାଇ ଆତ୍ମହତ୍ୟା କରିଥିବା ଜଣାପଡିଛି। କିଛି ସମୟ ପରେ ସ୍ତ୍ରୀ ସ୍ୱାମୀଙ୍କୁ ଖୋଜିବା ପରେ ଝୁଲନ୍ତା ଅବସ୍ଥାରେ ଦେଖିଥିଲେ। ଘଟଣା ପ୍ରଘଟ ପରେ ତାଙ୍କୁ ଉଦ୍ଧାର କରି ଗାରାବନ୍ଧ ଥାନାକୁ ସୂଚନା ଦିଆଯାଇଥିଲା। ଗାରାବନ୍ଧ ପୁଲିସ ପହଞ୍ଚି ଆଜି ମୃତଦେହ ବ୍ୟବଚ୍ଛେଦ ପାଇଁ ପାରଳାଖେମୁଣ୍ଡି ସ୍ଥିତ ଜିଲ୍ଲା ମୁଖ୍ୟଚିକିତ୍ସାଳୟକୁ ପଠାଇଛି। ଯୁବକର ଏପରି ମୃତ୍ୟୁକୁ ପରିବାରବର୍ଗ ଏବଂ ଗ୍ରାମବାସୀ ସହଜରେ ଗ୍ରହଣ କରିପାରୁନାହାନ୍ତି। ମୃତକଙ୍କ ସ୍ତ୍ରୀ ଉପରେ ସନ୍ଦେହ କରି ମୃତଦେହ ବ୍ୟବଚ୍ଛେଦ ପାଇଁ ହସ୍ତାନ୍ତର କରିନଥିଲେ। ଗ୍ରାମବାସୀଙ୍କ କହିବା ଅନୁଯାୟୀ ଦାଉଦଙ୍କ ମୃତ୍ୟୁ ପଛରେ ତାଙ୍କ ସ୍ତ୍ରୀ ଓ ସ୍ତ୍ରୀଙ୍କ ପରିବାରବର୍ଗ ସମ୍ପୃକ୍ତି ରହିଛି। ଏପରି ଉତ୍ତେଜନା ପରିସ୍ଥିତିରେ ଦାଉଦଙ୍କ ସ୍ତ୍ରୀ ଓ ତାଙ୍କ ପରିବାର କିଛି ସମୟ ପାଇଁ ଫେରାର ହୋଇଯାଇଥିଲେ ବୋଲି ଗ୍ରାମବାସୀ କହିଛନ୍ତି। ଘଟଣାର ପୁଙ୍ଖାନୁପୁଙ୍ଖ ତଦନ୍ତ କରି ଦୋଷୀଙ୍କ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଦାବି ହେଉଛି।

### ୬ ମାସ ହେଲା ଅନୁମୋଦନ ସରିଛି

# ରାସ୍ତା କାମ ଆରମ୍ଭ ନହେଲେ ଆନ୍ଦୋଳନ ଚେତାବନୀ




ଜି.ଉଦୟଗିରି,୧୩।୧୧(ସମିସ): ଜି.ଉଦୟଗିରି ବ୍ଲକ ରଟିଙ୍ଗିଆ ପଞ୍ଚାୟତ ଶ୍ରୀରାମପଦା ଛକ ଠାରୁ ଭାୟା ରଟିଙ୍ଗିଆ ଦେଇ ଗ୍ରେସିଙ୍ଗିଆ ପର୍ଯ୍ୟନ୍ତ, ମାଲିକାପଡ଼ି ପଞ୍ଚାୟତର ବାଡେନାୟୁ ଛକ ଠାରୁ ଭାୟା ସୁଜେଲି ଗ୍ରାମ ଦେଇ ରାଇପଦା ପର୍ଯ୍ୟନ୍ତ ଏବଂ ରାଇକଲା ପଞ୍ଚାୟତର ଶ୍ରିକଲା ଠାରୁ ଭାୟା ରାଇକଲା, ଖାରିଆପଡ଼ା ଦେଇ ଯାକାମାହା ପର୍ଯ୍ୟନ୍ତ ପ୍ରଧାନମନ୍ତ୍ରୀ ସଡ଼କ ଯୋଜନାରେ ମୁଖ୍ୟରାସ୍ତା ନିର୍ମାଣ କରାଯାଇଥିଲା। ନିର୍ମାଣ କରିବାର ୫ ବର୍ଷ ବିତିଯାଇଥିଲେ ମଧ୍ୟ ଏହାର ରକ୍ଷଣାବେକ୍ଷଣା, ମରାମତି କିମ୍ବା ପୁନଃ ନିର୍ମାଣ କାର୍ଯ୍ୟ କରାଯାଉନାହିଁ। ପଞ୍ଚାୟତ ଗୁଡ଼ିକର ଏହା ମୁଖ୍ୟ ରାସ୍ତା ହୋଇଥିବାରୁ ପ୍ରତ୍ୟେକ ଦିନ ଶହ ଶହ ଯାନବାହନ ଚଳାଚଳ କରୁଛି। ବର୍ତ୍ତମାନ ଏହି ରାସ୍ତା ମରଣଯନ୍ତା ପାଲଟିଛି। ଅଞ୍ଚଳବାସୀ ବାରମ୍ବାର ଜି.ଉଦୟଗିରି ଗୋଷ୍ଠୀ ଉନ୍ନୟନ ଅଧିକାରୀ, ବିଭାଗୀୟ ଅଧିକାରୀ ଏବଂ ଜିଲ୍ଲା ପ୍ରଶାସନଙ୍କୁ ଦାବିପତ୍ର ପ୍ରଦାନ କରିବା ପରେ ରାସ୍ତା ନିର୍ମାଣ ଆରମ୍ଭ କରିବା ନିମନ୍ତେ ଅନୁମୋଦନ ହୋଇଥିଲା। ଅନୁମୋଦନର ୬ ମାସ ବିତିଯାଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ନିର୍ମାଣ ହେବା ତ ଦୂରର କଥା କେହି ଦେଖିବାକୁ ବି ଆସିନାହାନ୍ତି। ଏନେଇ ଅଞ୍ଚଳବାସୀ ଅସନ୍ତୋଷ ପ୍ରକାଶ କରିଛନ୍ତି। ବିଭାଗୀୟ ଅଧିକାରୀଙ୍କ ଅବହେଳା ଓ ଆନ୍ତରିକତା ଅଭାବ ଏହି ରାସ୍ତାସବୁ ନିର୍ମାଣ କରାନଯାଇ ବିପଦସଂକୁଳ ଅବସ୍ଥାରେ ରହିଛି ବୋଲି ସ୍ଥାନୀୟ ସାମାଜିକ କର୍ମୀ ଓ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏହି ୩ ମୁଖ୍ୟ ରାସ୍ତା ନିର୍ମାଣ ତୁରନ୍ତ ଆରମ୍ଭ କରିବା ଦାବିରେ ଯୁବ ସମାଜସେବୀ ଆମନ ଚନ୍ଦ୍ର ନାୟକ, ହୃଷୀକେଶ ପ୍ରଧାନ ଓ ସସ୍ମିତା ମଲ୍ଲିକଙ୍କ ନେତୃତ୍ୱରେ ଏକ ଦଳ କନ୍ଧମାଳ ଅତିରିକ୍ତ ଜିଲ୍ଲାପାଳ କୁଶଳ ଚନ୍ଦ୍ର ନାୟକ ଓ ଅତିରିକ୍ତ କାର୍ଯ୍ୟ ନିର୍ବାହୀ ଅଧିକାରୀ, ଜିଲ୍ଲା ପରିଷଦ କନ୍ଧମାଳ ନରେନ୍ଦ୍ର ନାୟକଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ଆସନ୍ତା ୨୦ ଦିନ ମଧ୍ୟରେ ରାସ୍ତା ନିର୍ମାଣ ଆରମ୍ଭ ନହେଲେ ଡିସେମ୍ବର ପ୍ରଥମ ସପ୍ତାହରେ ଅଞ୍ଚଳବାସୀ ରାଜରାସ୍ତାରେ ଆନ୍ଦୋଳନରେ ବସିବେ ବୋଲି ଚେତାବନୀ ଦେଇଛନ୍ତି।

# ଗୋଷ୍ଠୀ ସଂଘର୍ଷ ମାମଲା; ୨ କୋର୍ଟ ଚାଲାଣ

ଦିଗପହଣ୍ଡି,୧୩ା୧୧(ସମିସ): ଦିଗପହଣ୍ଡି ବ୍ଲକ କେ.ନୁଆଗାଁ ଥାନା ସହବେବ ଟିକରପଡ଼ା ଗ୍ରାମରେ କାର୍ତ୍ତିକ ପୂର୍ଣ୍ଣମା ସକାଳୁ ରାଜନୈତିକ ଛକାପଞ୍ଝାକୁ ନେଇ ଗୋଷ୍ଠୀ ସଂଘର୍ଷ ଘଟିଥିଲା। ପୁଲିସ ବୁଧବାର ୨ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଅଭିଯୁକ୍ତ ଦୁଇ ହେଲେ ସ୍ଥାନୀୟ ସରପଞ୍ଚ ପ୍ରିୟଙ୍କା ନାୟକଙ୍କ ସ୍ୱାମୀ ଶ୍ୟାମ ନାୟକ ଏବଂ ଅପର ଗୋଷ୍ଠୀର କାଳୁ ଗୌଡ଼।

ଗତ ପଞ୍ଚାୟତ ନିର୍ବାଚନ ପରେ ଉନ୍ନୟନ ମୂଳକ କାର୍ଯ୍ୟକୁ ନେଇ ସରପଞ୍ଚ ଗୋଷ୍ଠୀ ଓ ବିଜେପି ଲାଞ୍ଛିଗଡ଼ର ମଣ୍ଡଳ ସଦସ୍ୟ ମନୋଜ କୁମାର ସାହୁଙ୍କ ଗୋଷ୍ଠୀ ମଧ୍ୟରେ ଦ୍ୱନ୍ଦ୍ୱ ଲାଗି ରହିଥିଲା। ଏହି ଛକାପଞ୍ଝା କାର୍ତ୍ତିକ ପୂର୍ଣ୍ଣମା ଦିନ ଉଗ୍ରରୂପ ନେଇଥିଲା। ସରପଞ୍ଚ ଗୋଷ୍ଠୀ ଗୋକର୍ଣ୍ଣେଶ୍ୱର ମନ୍ଦିର ପୁନଃ ନିର୍ମାଣ କରିଥିବା ବେଳେ ମନୋଜ ସେହି ମନ୍ଦିରର ଫଟୋ ଉଠାଇବା ସମୟରେ ଉଭୟ ଗୋଷ୍ଠୀ ମୁହାଁମୁହିଁ ହୋଇଥିଲେ। ଏଥିରେ ସରପଞ୍ଚଙ୍କ ସ୍ୱାମୀ ଶ୍ୟାମଙ୍କ ସମେତ ମନୋଜ ଏବଂ ତାଙ୍କ ଗୋଷ୍ଠୀର କାଳୁ ସମେତ ଦୁଇ ସମର୍ଥକ ଆହତ ହୋଇଥିଲେ। ପୁଲିସ ଗ୍ରାମରେ ପହଞ୍ଚି ସ୍ଥିତି ନିୟନ୍ତ୍ରଣ କରିଥିଲେ। ଉଭୟ ମନୋଜ ଓ ଶ୍ୟାମଙ୍କୁ ଗୁରୁତର ଅବସ୍ଥାରେ ବ୍ରହ୍ମପୁର ମେଡ଼ିକାଲକୁ ଚିକିତ୍ସା ନିମନ୍ତେ ପଠାଯାଇଥିଲା। ଘଟଣା ଦିନ ଉଭୟ ଗୋଷ୍ଠୀ ପକ୍ଷରୁ ଥାନାରେ ମାମଲା ରୁଜୁ ହୋଇଥିଲା। ପୁଲିସ ପୃଥକ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା। ତେବେ ବ୍ରହ୍ମପୁର ମେଡିକାଲରେ ଚିକିତ୍ସା ପରେ ସୁସ୍ଥ ହୋଇ ଫେରିଥିବା ଶ୍ୟାମ ଓ କାଳୁଙ୍କୁ ପୁଲିସ ଗିରଫ କରିବା ପରେ ଆଜି କୋର୍ଟ ଚାଲାଣ କରିଥିଲା। ଜାମିନ ଆବେଦନ ଖାରଜ ହେବାରୁ ଉଭୟଙ୍କୁ ଜେଲ୍ ହାଜତକୁ ପଠାଇ ଦିଆଯାଇଥିବା ବେଳେ ମନୋଜ ବର୍ତ୍ତମାନ ସୁଦ୍ଧା ଭୁବନେଶ୍ୱର ସ୍ଥିତ ଏକ ଘରୋଇ ହସ୍ପିଟାଲରେ ଚିକିତ୍ସାଧୀନ ଥିବା ଥାନା ଅଧିକାରୀ କିଶୋର ଚନ୍ଦ୍ର ସାମଲ କହିଛନ୍ତି।

# ବରିଷ୍ଠ ନାଗରିକଙ୍କୁ ସାଇବର ସୁରକ୍ଷା ସଚେତନତା



ପାରଳାଖେମୁଣ୍ଡି,୧୩ା୧୧(ସମିସ): ଗଜପତି ଜିଲ୍ଲା ପୁଲିସ ପକ୍ଷରୁ ପାରଳାଖେମୁଣ୍ଡି ଆଦର୍ଶ ଥାନା ପରିସରରେ ବରିଷ୍ଠ ନାଗରିକଙ୍କୁ ସାଇବର ସୁରକ୍ଷା ସଚେତନତା କରାଯାଇଥିଲା। ଏସପି ଯତୀନ୍ଦ୍ର କୁମାର ପଣ୍ଡାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପାରଳାଖେମୁଣ୍ଡି ଆଦର୍ଶ ଥାନା ଅଧିକାରୀ ପ୍ରଶାନ୍ତ ଭୂପତି, ବରିଷ୍ଠ ନାଗରିକ ସଂଘର ସଭାପତି ଲକ୍ଷ୍ମୀନୃସିଂହ ରଥ, ଉପସଭାପତି ରାମଚନ୍ଦ୍ର ପାଢ଼ୀ, ବରିଷ୍ଠ ସାମ୍ବାଦିକ ଗରୁଡ଼ଧ୍ୱଜ ଚୌଧୁରୀ, ଦ୍ୱିଜେନ ପାଢ଼ୀ, ଏମ୍.ଶେଖର ଓ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଏସ୍.ଏସ୍.ନାୟକ ମଞ୍ଚାସୀନ ଥିଲେ। ଏସ୍‌ପିଶ୍ରୀ ପଣ୍ଡା ଉପସ୍ଥିତ ବରିଷ୍ଠ ନାଗରିକଙ୍କୁ ଡିଜିଟାଲ ଆରେଷ୍ଟ, ନିବେଶ ଏବଂ ଟ୍ରେଡିଂ, ପାର୍ସଲ ବା କଷ୍ଟମ୍ସ ଠକେଇ, ନକଲି ଋଣ, ତତ୍କାଳ କ୍ରେଡିଟ୍ ଆପ୍, ନକଲି ପରିଚୟ, ଓଟିପି, ଚାକିରି, କାମକରିବା, ଇକମର୍ସ ରିଫଣ୍ଡ, ଅଫର୍ ଠକେଇ ଆଦି କିଭଳି ଘଟୁଛି ଏବଂ କିଭଳି ତାର ପ୍ରତିକାର କରିବା ସେନେଇ ବିସ୍ତୃତ ଭାବେ ବୁଝାଇଥିଲେ। ଏହାପର ବରିଷ୍ଠ ନାଗରିକ କିଭଳି ଦୈନନ୍ଦିନ ଜୀବନରେ ସୁସ୍ଥ ଏବଂ ସୁରକ୍ଷିତ ରହିବେ ସେନେଇ ବିଭିନ୍ନ ଉଦାହରଣ ଦେଇ ବୁଝାଇଥିଲେ। ଏହି ଅବସରରେ ୭୨ ଜଣ ବରିଷ୍ଠ ନାଗରିକଙ୍କୁ ପରିଚୟ ପତ୍ର ପ୍ରଦାନ କରାଯାଇଥିବା ବେଳେ ପ୍ରାୟ ୩୦୦ ବରିଷ୍ଠ ନାଗରିକଙ୍କୁ ଛତା ଓ ଟର୍ଚ୍ଚଲାଇଟ ପ୍ରଦାନ କରାଯାଇଥିଲା।

● ୟୁଏସ୍ ସିଷ୍ଟମ୍‌କୁ ବିରୋଧ

# ମୁଖ୍ୟମନ୍ତ୍ରୀଙ୍କୁ ଶିକ୍ଷକ ସଂଘର ଦାବିପତ୍ର




ପୋଲସରା,୧୩ା୧୧(ସମିସ): ପୋଲସରା ବ୍ଲକ୍ ପ୍ରାଥମିକ ଶିକ୍ଷକ ମହାସଂଘ ତରଫରୁ ୟୁଏସ୍‌ଏସ୍ ପୋର୍ଟାଲ୍‌କୁ ବିରୋଧ କରି ବ୍ଲକ୍ ଶିକ୍ଷା ଅଧିକାରୀଙ୍କ ଜରିଆରେ ଗଣଶିକ୍ଷା ମନ୍ତ୍ରୀ ଓ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରାଯାଇଛି। ସୂଚନା ଅନୁଯାୟୀ ରାଜ୍ୟ ସରକାରଙ୍କ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଏବଂ ଓଡ଼ିଶା ବିଦ୍ୟାଳୟ ଶିକ୍ଷା କାର୍ଯ୍ୟକ୍ରମ ପ୍ରାଧିକରଣ ପକ୍ଷରୁ ପ୍ରାଥମିକ ବିଦ୍ୟାଳୟମାନଙ୍କରେ ୟୁନିଫାଏଡ୍ ଅଟୋମେସନ୍ ସିଷ୍ଟମ୍ (ୟୁଏସ୍‌ଏସ୍) ଲାଗୁ କରାଯିବା ନିମନ୍ତେ ନିର୍ଦ୍ଦେଶ ଜାରି ହୋଇଥିଲା। ତେବେ ୟୁଏସ୍‌ଏସ୍ ପୋର୍ଟାଲ୍ ଏକ ତୃତୀୟ ପକ୍ଷ ଆପ୍ ହୋଇଥିବାରୁ ଓ ସୁରକ୍ଷିତ ହୋଇ ନଥିବାରୁ ଶିକ୍ଷକ ଶିକ୍ଷୟିତ୍ରୀ ଏହାକୁ ନିଜ ବ୍ୟକ୍ତିଗତ ଡାଟା ସମ୍ବଳିତ ମୋବାଇଲ ଫୋନରେ ଇନ୍‌ଷ୍ଟଲ କରିବାକୁ ବିରୋଧ କରିଥିଲେ। ତେବେ ଏଥିପାଇଁ ସରକାରୀ ସ୍ତରରେ ଆବଶ୍ୟକ ଭିତ୍ତିଭୂମି ଓ ଡାଟା ପ୍ୟାକ ଯୋଗାଇଦେଲେ ଏହାକୁ ବ୍ୟବହାର କରାଯିବ ବୋଲି ଶିକ୍ଷକ ସଂଘ କହିଛି। ପୋଲସରା ବ୍ଲକ୍‌ର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ବ୍ୟକ୍ତିଗତ ଭାବେ ୟୁଏସ୍‌ଏସ୍‌କୁ ବିରୋଧ କରି ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଓ ବିଇଓଙ୍କ ଜରିଆରେ ଗଞ୍ଜାମ ଜିଲ୍ଲା ଶିକ୍ଷା ଅଧିକାରୀ ଓ ରାଜ୍ୟ ସରକାରଙ୍କ ଗଣଶିକ୍ଷା ମନ୍ତ୍ରୀଙ୍କୁ ଲିଖିତ ଜଣାଇଛନ୍ତି। ଏଥିରେ ମହାସଂଘ କର୍ମକର୍ତ୍ତା ଅମିତାଭ ମିଶ୍ର, ସନ୍ନ୍ୟାସୀ ସାହୁ, ଦିଲୀପ କୁମାର ସେଠୀ, କିରଣ କୁମାର ଖଟେଇ, ସତ୍ୟବାନ୍ ପଣ୍ଡା, ସୂର୍ଯ୍ୟ ନାରାୟଣ ନାୟକ, ତ୍ରିଲୋଚନ ପାତ୍ର, ଅକ୍ଷୟ କୁମାର ପଣ୍ଡା, ତ୍ରିନାଥ ବେହେରାଙ୍କ ପ୍ରମୁଖଙ୍କ ସହ ଶତାଧିକ ପ୍ରଧାନ ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ରହି ବିଇଓ ଶ୍ରୀହର୍ଷ ବାବୁ ଖାଡ଼ଙ୍ଗାଙ୍କୁ ଦରଖାସ୍ତ ପ୍ରଦାନ କରିଥିଲେ। ବ୍ଲକ୍‌ର ୫ ଶହରୁ ଉର୍ଦ୍ଧ୍ୱ ସଂଖ୍ୟକ ଶିକ୍ଷକ ଶିକ୍ଷୟିତ୍ରୀ ଏହି ୟୁନିଫାଏଡ୍ ଅଟୋମେସନ୍ ସିଷ୍ଟମ୍‌କୁ ବିରୋଧ କରି ଦରଖାସ୍ତ ପ୍ରଦାନ କରିଥିବା ମହାସଂଘ ଆବାହକ ଅମିତାଭ ମିଶ୍ର, ସଭାପତି ସନ୍ନ୍ୟାସୀ ସାହୁ ଏବଂ ସମ୍ପାଦକ ଦିଲ୍ଲୀପ କୁମାର ସେଠୀ କହିଛନ୍ତି।

## ମାଳମାଳ ପ୍ରତିଶ୍ରୁତି ସତ୍ତ୍ୱେ ହୋଇପାରୁନି ଲାଞ୍ଜିପଲ୍ଲୀ ଓଭରବ୍ରିଜ୍

# ଲାଞ୍ଜିପଲ୍ଲୀ ବାଇପାସ୍ ଛକରେ ଓଭରବ୍ରିଜ୍ କେବେ ?

ବ୍ରହ୍ମପୁର,୧୩ା୧୧(ସମିସ)

ଲାଞ୍ଜିପଲ୍ଲୀ ବାଇପାସ ଛକରେ ପ୍ରତିଦିନ ଛୋଟବଡ଼ ଦୁର୍ଘଟଣା ଘଟି ଅନେକଙ୍କ ଅକାଳରେ ପ୍ରାଣ ଯାଉଛି। ଏଠାରେ ଓଭରବ୍ରିଜ ନିର୍ମାଣ ନେଇ ଦୀର୍ଘବର୍ଷ ଧରି ଦାବି ହେଉଥିବା ବେଳେ ନେତା ଓ ମନ୍ତ୍ରୀଙ୍କ ଠାରୁ ଆରମ୍ଭ କରି ସରକାରୀ ଅଧିକାରୀମାନେ ଓଭରବ୍ରିଜ ନିର୍ମାଣ ନେଇ କେବଳ ପ୍ରତିଶ୍ରୁତି ଦେଇ ଆସିଛନ୍ତି। ଏପରିକି ବ୍ରିଜ ନିର୍ମାଣ ଆଳରେ ସେଠାରୁ ଉଠାଦୋକାନୀଙ୍କୁ ଉଚ୍ଛେଦ କରାଯାଇଛି। ଉଚ୍ଛେଦକୁ ଦୃଷ୍ଟିରେ ରଖି ଓଭର ବ୍ରିଜ ନିର୍ମାଣର ଆଶା ରଖିଥିଲେ ସହରବାସୀ। ଯାହା ପରବର୍ତ୍ତି ସମୟରେ ପ୍ରତାରଣା ସଦୃଶ ହୋଇଛି। ନିକଟରେ ଅର୍ଥାତ ରବିବାର ସନ୍ଧ୍ୟାରେ ଲାଞ୍ଜିପଲ୍ଲୀ ବାଇପାସ ଛକରେ ଏକ ମର୍ମନ୍ତୁଦ ଦୁର୍ଘଟଣାରେ ସ୍ଥାନୀୟ ବଡବଜାର ଗୌଡ ସାହିର ଜେ. ରୂପସୁନ୍ଦରୀ(୭୫) ନାମକ ଜଣେ ବୃଦ୍ଧାଙ୍କ ମୃତ୍ୟୁ ଘଟିଥିଲା। ଯେତେବେଳେ ଦୁର୍ଘଟଣା ଘଟୁଛି ଉତ୍ୟକ୍ତ ଲୋକଙ୍କ ପକ୍ଷରୁ ବ୍ରିଜ ନିର୍ମାଣ ପାଇଁ ଦାବି ହେଉଥିବା ବେଳେ ପ୍ରଶାସନ ପକ୍ଷରୁ ସେମାନଙ୍କୁ ବୁଝାଇ ଚୁପ କରି ଦିଆଯାଉଛି। ହେଲେ ପରବର୍ତ୍ତି ସମୟରେ ତାହାକୁ କାର୍ଯ୍ୟକାରୀ କରାଯାଉନାହିଁ। ଲାଞ୍ଜିପଲ୍ଲୀ ବାଇପାସ ଦେଇ ପ୍ରତି ମୂହୁର୍ତ୍ତରେ ଶହ ଶହ ଯାନବାହାନ ଯାତାୟତ କରିଥାନ୍ତି। ଜାତୀୟ ରାଜପଥରେ ଭାରୀଯାନ ସହିତ ସହର ମଧ୍ୟରୁ ଅନ୍ୟାନ୍ୟ ଯାନବାହାନ ମଧ୍ୟ ଉକ୍ତ ଛକ ଦେଇ ପ୍ରବେଶ କରିଥାଏ। ଯାହାଫଳରେ ନିୟମିତ ଉକ୍ତ ସ୍ଥାନରେ ଛୋଟବଡ଼ ଦୁର୍ଘଟଣା ଘଟିଥାଏ। ବାରମ୍ବାର ଦୁର୍ଘଟଣାକୁ ନେଇ ଲାଞ୍ଜିପଲ୍ଲୀ ବାଇପାସ୍ ଛକରେ ଓଭରବ୍ରିଜ ନିର୍ମାଣ ପାଇଁ ଦାବି ହୋଇଆସୁଛି। ଦାବିର ଯଥାର୍ଥତା ଥିବା ସତ୍ତ୍ୱେ ଏଥିପ୍ରତି କେହି କର୍ଣ୍ଣପାତ କରୁନାହାନ୍ତି। ଏପଟେ ଲାଞ୍ଜିପଲ୍ଲୀ ବାଇପାସରେ ଗଡିବାରେ ଲାଗିଛି ଗୋଟିଏ ପରେ ଗୋଟିଏ ମୁଣ୍ଡ। ତଥାପି ନିର୍ମାଣ ହୋଇପାରୁନି ଓଭରବ୍ରିଜ। ଦୁର୍ଘଟଣା ହେଲେ ଘଟଣାସ୍ଥଳରେ ନେତା, ମନ୍ତ୍ରୀ ଓ ସରକାରୀ ଅଧିକାରୀ ପହଁଞ୍ଚି ଓଭରବ୍ରିଜ ନିର୍ମାଣ ନେଇ ଦେଉଛନ୍ତି ମାଳମାଳ ପ୍ରତିଶୃତି। ପୂର୍ବରୁ ଓଭର ବ୍ରିଜ ନିର୍ମାଣ ଦାବିରେ ଗଞ୍ଜାମ ଓକିଲ ସଂଘର ସଭାପତି ମନୋଜ ପଟ୍ଟନାୟକଙ୍କ ନେତୃତ୍ୱରେ ବିଭିନ୍ନ ସଙ୍ଗଠନର ସଦସ୍ୟ ଓ ସହରବାସୀ ଜାତୀୟ ରାଜପଥ କାର୍ଯ୍ୟାଳୟ ବାରଣ୍ଡାରେ ଧାରଣା ଦେବା ସହ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ସେପଟେ ଗତ ଫେବୃୟାରୀରେ ଆଇଆଇଟି ମାଡ୍ରାସର ପ୍ରଫେସର ଭେଙ୍କଟେଶ ବାଲସୁବ୍ରମଣ୍ୟମଙ୍କ ନେତୃତ୍ୱରେ ଏକ ଟିମ୍ ବ୍ରହ୍ମପୁର ଗସ୍ତ କରି ସହର ଓ ସହରକୁ ସଂଯୋଗ କରୁଥିବା ୧୬ନମ୍ବର ଜାତୀୟ ରାଜପଥରେ ଦୁର୍ଘଟଣା ବୃଦ୍ଧି ପାଇବାର କାରଣ ଖୋଜିଥିଲେ। ଏନେଇ ଟିମର ସଦସ୍ୟମାନେ ବ୍ରହ୍ମପୁର ଏସପି ଡ଼ା.ସ୍ରବଣା ବିବେକ ଏମ୍‌ଙ୍କ ସହ ଆଲୋଚନା କରିଥିଲେ। ବ୍ରହ୍ମପୁରକୁ ସଂଯୋଗ କରୁଥିବା ମୋଟ ୧୦ଟି ସ୍ଥାନକୁ ବ୍ଲାକସ୍ପଟ୍ ଭାବେ ଚିହ୍ନଟ କରିବା ସହ ଓଭରବ୍ରିଜ ନିର୍ମାଣ ଓ ସର୍ଭିସ୍ ରୋଡ୍‌କୁ ଦୁଇ ଲାଇନ କରିବା ନିମନ୍ତେ ବ୍ରହ୍ମପୁର ଏସପି ଓ ସରକାରଙ୍କୁ ପରାମର୍ଶ ଦେଇଥିଲେ। ଏହାପରେ ଲାଞ୍ଜିପଲ୍ଲୀ ବାଇପାସରେ ଯାତ୍ରୀଙ୍କ ସୁରକ୍ଷା ପାଇଁ ଅଧିକ ପୁଲିସ କର୍ମଚାରୀଙ୍କୁ ନିୟୋଜିତ କରାଯାଇଛି। ଏଥିସହିତ ସୁରକ୍ଷିତ ଯାତାୟତ ପାଇଁ ବାଇପାସ୍ ଛକରେ ସୂଚନା ଫଳକ ତଥା ବ୍ୟାରିକେଟ୍ ଲଗାଯାଇଛି। ଫଳରେ ସେଠାରେ ଦୁର୍ଘଟଣା ସଂଖ୍ୟା ତୁଳନାତ୍ମକ ଭାବେ ହ୍ରାସ ପାଇଛି। ଲାଞ୍ଜିପଲ୍ଲୀ ବାଇପାସ ଛକରେ ଓଭରବ୍ରିଜ ନିର୍ମାଣ ନେଇ ସରକାର ଯୋଜନା କରାଯାଉଛି। ଓଭରବ୍ରିଜ ନିର୍ମାଣ ଦ୍ୱାରା ହିଁ ଦୁର୍ଘଟଣାକୁ ସମ୍ପୂର୍ଣ୍ଣ ରୂପେ ରୋକା ଯାଇପାରିବ ବୋଲି ପୁଲିସ ପକ୍ଷରୁ କୁହାଯାଇଛି। ତେବେ କେବେ ବ୍ରିଜ ନିର୍ମାଣ କାର୍ଯ୍ୟ ଆରମ୍ଭ ହେବ ତାହା ହିଁ ଦେଖିବାକୁ ବାକି ରହିଲା ବୋଲି ବୃଦ୍ଧିଜୀବୀ ମହଲରେ ମତପ୍ରକାଶ ପାଇଛି।

## ଅବ୍ୟବସ୍ଥାରେ କୁକୁଡ଼ାଖଣ୍ଡି ସ୍ୱାସ୍ଥ୍ୟକେନ୍ଦ୍ର

# ଡାକ୍ତରଙ୍କ ଅନୁପସ୍ଥିତିକୁ ନେଇ ଉତ୍ତେଜନା

କୁକୁଡାଖଣ୍ଡି,୧୩ା୧୧(ସମିସ): କୁକୁଡାଖଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଡାକ୍ତର ଅନୁପସ୍ଥିତକୁ ନେଇ ବୁଧବାର ସ୍ୱାସ୍ଥ୍ୟକେନ୍ଦ୍ରରେ ଅସନ୍ତୋଷ ଦେଖାଦେଇଥିଲା। ସୂଚନା ପ୍ରକାରେ ବଡଲଝୁଲି ଗ୍ରାମର ସଞ୍ଜୟ ଦାସଙ୍କ ଗଳା କଟିଯିବାରୁ ସେ କୁକୁଡାଖଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଆସିଥିଲେ। ଆୟୁଷ ଡାକ୍ତର ବିଜୟ ଲକ୍ଷ୍ମୀ ପଣ୍ଡା ଓ ଆରବିଏସକେ ଡାକ୍ତର ଅଲ୍ଲୀଙ୍କୁ ଛାଡିଦେଲେ କୌଣସି ଡାକ୍ତର ନଥିବାରୁ ଚିକିତ୍ସା ହୋଇ ନ ପାରି ବ୍ରହ୍ମପୁର ଏମକେସିଜିକୁ ରୋଗୀଙ୍କୁ ପଠାଯାଇଥିଲା। ଏନେଇ ଉତ୍ତେଜନା ପରିସ୍ଥିତି ସୃଷ୍ଟି ହୋଇଥିଲା। ଜନ ସାଧାରଣ ହାତ ପାଆନ୍ତାର ଚିକିତ୍ସା ସୁବିଧା ପାଇବା




ନିମନ୍ତେ ରାଜ୍ୟ ସରକାରଙ୍କ ପକ୍ଷରୁ ପ୍ରତି ବ୍ଲକରେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଖୋଲା ଯିବା ସହ ଅଭିଜ୍ଞ ଡାକ୍ତର ନିଯୁକ୍ତି ଦିଆଯାଇଛି। କିନ୍ତୁ ନିଯୁକ୍ତି ପାଇଥିବା ଡାକ୍ତର ଅଧିକାଂଶ ସମୟ ଅନୁପସ୍ଥିତ ରହୁଥିବାବେଳେ ଅଭିଯୋଗ ଆସିଲେ ମଧ୍ୟ କୌଣସି ଦୃଷ୍ଟାନ୍ତମୂଳକ ପଦକ୍ଷେପ ନିଆଯାଉନଥିବାରୁ ସେମାନେ ବେଫିକର ରହିଛନ୍ତି। ତେଣୁ ପ୍ରଶାସନ ଏହାର ତଦନ୍ତ କରି ଅନୁପସ୍ଥିତ ଡାକ୍ତରଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ନିମନ୍ତେ ଅବସରପ୍ରାପ୍ତ ମେଡ଼ିକାଲ କର୍ମଚାରୀ କ୍ରିଷ୍ଣା କୁମାରୀ ଓ ରୋଗୀଙ୍କ ସମ୍ପର୍କୀୟ ବାଉଲଝୁଲି ଗ୍ରାମର ସିନି ପାତ୍ର ଦାବି କରିଛନ୍ତି।

## ଆକ୍ରମଣ କରି ଲୁଟ୍ ମାମଲା

# ଦୁଇ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ

**ଜେଜେବି ଗଲେ ନାବାଳକ**

ଦିଗପହଣ୍ଡି,୧୩ା୧୧(ସମିସ): ଦିଗପହଣ୍ଡି ସହରରେ ଗତ କିଛିଦିନ ଧରି ଆତଙ୍କ ସୃଷ୍ଟି କରୁଥିବା ଏକ ନିର୍ଦ୍ଦିଷ୍ଟ ଗୋଷ୍ଠୀର ଜଣେ ନାବାଳକଙ୍କ ସମେତ ୨ ଅଭିଯୁକ୍ତଙ୍କୁ ବୁଧବାର ପୁଲିସ କାବୁ କରିଥିଲା। ନାବାଳକଙ୍କୁ ବ୍ରହ୍ମପୁର ସ୍ଥିତ ଜୁଭେନାଇଲ ଜଷ୍ଟିସ ବୋର୍ଡରେ ହାଜର କରାଯିବା ପରେ ବାଳସୁଧାର ଗୃହକୁ ପଠାଇ ଦିଆଯାଇଥିବାବେଳେ ୨ ଅଭିଯୁକ୍ତ ଦିଗପହଣ୍ଡି ସାହାଣୀ ସାହିର ହିମାଂଶୁ ଦାସ ଏବଂ କୁଶପଡ଼ା ଗ୍ରାମର ଶତ୍ରୁଘ୍ନ ବିଷୋୟୀଙ୍କୁ କୋର୍ଟ ଚାଲାଣ କରାଯିବା ପରେ ଜାମିନ ଆବେଦନ ଖାରଜ ହେବାରୁ ଦିଗପହଣ୍ଡି ସବ୍‌ଜେଲ ହାଜତକୁ ପଠାଇ ଦିଆଯାଇଛି। ମଙ୍ଗଳବାର ମଧ୍ୟାହ୍ନ ପ୍ରାୟ ସାଢ଼େ ୧୨ ଟାରେ ଦିଗପହଣ୍ଡି ବସଷ୍ଟାଣ୍ଡ - ପୁଞ୍ଜିକଂୟା ଛକ ମୁଖ୍ୟରାସ୍ତା କଡ଼ରେ ଥିବା ମାଛ ଦୋକାନରେ ଠିଆ ହୋଇଥିବା ପାଟପୁର ଥାନା ଖୋଲଡି ଗ୍ରାମର ଏସ.ଜଗନ୍ନାଥ ଦୋରାଙ୍କୁ ମାଡ଼ ମାରି ଅଭିଯୁକ୍ତମାନେ ଟଙ୍କା ଛଡ଼ାଇ ନେଇଥିଲେ।

## ଗଞ୍ଜାମ ବ୍ଲକରେ ବଢୁଛି ଅସାଧ୍ୟ ରୋଗ

# କାରଣ ଖୋଜି ପାଉନି ସ୍ୱାସ୍ଥ୍ୟବିଭାଗ

ଗଞ୍ଜାମ/ହୁମ୍ମା,୧୩ା୧୧(ସମିସ): ଗଂଜାମ ବ୍ଲକର ଅଧିକାଂଶ ଗାଁରେ କିଡନୀ, କର୍କଟ, ଲିଭର, ଜଣ୍ଡିସ, ମେରୁଦଣ୍ଡ ଯନ୍ତ୍ରଣା, ପେଟରେ ଷ୍ଟୋନ ଭଳି ବିଭିନ୍ନ ରୋଗ ବୃଦ୍ଧି ପାଉଛି। କିନ୍ତୁ ଗଂଜାମ ବ୍ଲକ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପକ୍ଷରୁ କୌଣସି ସଚେତନ କାର୍ଯ୍ୟକ୍ରମ କରାଯାଉନଥିବା ଅଭିଯୋଗ ହୋଇଛି। ଅଫିସିଆଲି କାଗଜ କଲମରେ ସ୍ୱାସ୍ଥ୍ୟ ବିଭାଗର ସଚେତନ କାର୍ଯ୍ୟକ୍ରମ ସୀମିତ ହୋଇ ରହୁଛି। ସ୍ୱାସ୍ଥ୍ୟ ବିଭାଗ ଟିମ୍ ଆଉ ଗାଁ ମୁହାଁ ହେଉନାହାଁନ୍ତି। ଅପମିଶ୍ରିତ ଖାଦ୍ୟ, ଅପମିଶ୍ରିତ ମଦ, ରାସାୟନିକ ସାର ବହୁଳ ମାତ୍ରାରେ ବ୍ୟବହାର ଯୋଗୁ ଲୋକମାନେ ଏଭଳି ମାରାତ୍ମକ ରୋଗର ଶିକାର ହେଉଥିବା ଅଭିଯୋଗ ହେଉଛି। ନିକଟରେ ଜଣେ ମହିଳାଙ୍କ ମୃତ୍ୟୁ ଘଟିଥିଲା। ତାଙ୍କ ବ୍ୟବଚ୍ଛେଦ ରିପୋର୍ଟରେ ଯାହା ଜଣାପଡ଼ିଲା ତାହା ସମସ୍ତଙ୍କୁ ତାଜୁବ କରିଥିଲା। କାରଣ ଅତ୍ୟଧିକ ରାସାୟନିକ ସାରଯୁକ୍ତ ପନିପରିବା ଖାଇବା ଯୋଗୁ ମହିଳାଙ୍କ ମୃତ୍ୟୁ ଘଟିଥିବା ଡାକ୍ତର କହିଥିଲେ। ଯାହାକୁ ନେଇ ଅଞ୍ଚଳବାସୀ ଚିନ୍ତିତ ହୋଇପଡିଛନ୍ତି। ସେହିପରି ଗାଁ ମାନଙ୍କରେ ଥିବା ବୋରୱେଲର ପାଣିରେ ପ୍ରଚୁର ମାତ୍ରାରେ ଲୌହ ଅଂଶ ରହୁଛି। ଫଳରେ ତାକୁ ବ୍ୟବହାର କରି ଲୋକେ କିଡ୍‌ନୀ ରୋଗରେ ଆକ୍ରାନ୍ତ ହେଉଥିବା ଜଣାପଡିଛି। ବିଭିନ୍ନ କ୍ଷେତ୍ରରେ ଖାଦ୍ୟ ଓ ପାନୀୟ ଜଳର ନମୂନା ସଂଗ୍ରହ କରି ପରୀକ୍ଷା ନିରୀକ୍ଷଣ କରିବା ପାଇଁ ସ୍ଥାନୀୟ କିଛି ସ୍ୱାସ୍ଥ୍ୟ ବିଶେଷଜ୍ଞମାନେ ମତ ଦେଇଛନ୍ତି। ବ୍ଲକର ପ୍ରତି ଗାଁରେ କେଉଁ ରୋଗ କେତେ ପରିମାଣରେ ବ୍ୟାପିଛି ଏହାର ତଦନ୍ତ ଆବଶ୍ୟକ ହୋଇପଡ଼ିଛି। ଗଂଜାମ ବ୍ଲକର ରମ୍ଭା, ହୁମ୍ମା, ଗଞ୍ଜାମ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଓ ଖଣ୍ଡିଦେଉଳି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ମାନେ ନିଜର ସରକାରୀ ଡିୟୁଟି ଶେଷ କରି ପ୍ରାଇଭେଟ କ୍ଲିନିକରେ ବ୍ୟସ୍ତ ରହିବା ହେତୁ ଗାଁ ମାନଙ୍କରେ ସଚେତନତା କାର୍ଯ୍ୟକ୍ରମ କରାଯାଇପାରୁନି। ତେଣୁ ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହୋଇଛି।

## ଧାନ ଜମିରେ କେନାଲ ପାଣି

# ଗଜା ଧାନକୁ ନେଇ ଚିନ୍ତାରେ ଚାଷୀ



ଗଞ୍ଜାମ,୧୩ା୧୧(ସମିସ): ଗଞ୍ଜାମ ବ୍ଲକ ଅନ୍ତର୍ଗତ ତିନୋଟି ପଞ୍ଚାୟତରେ କେନାଲ ପାଣି ପଶି ଧାନ ଗଜା ହୋଇଛି। ପାଳିବନ୍ଧ, ହୁମ୍ମା ଓ ରାମଗଡ଼ ପ୍ରମୁଖ ପଞ୍ଚାୟତର ହୁମ୍ମା, ଖଟୁଆକୁଦା, କଣ୍ଟିଆଗଡ଼, ପୋଡାଗଡ଼, ଝାଟିପଦର, ବରପଲ୍ଲୀ, ରଘୁନାଥପୁର, ନୀଳାଦ୍ରିପୁର ଗ୍ରାମର ଚାଷୀ ବର୍ତ୍ତମାନ ଘୋର ଅସୁବିଧାରେ ରହିଛନ୍ତି। ଧାନ କାଟି ଘରକୁ ଆଣିବା ସମୟରେ ହୀରାଧାର ବାଟି କେନାଲରେ ପାଣି ଆସୁଥିବା ଯୋଗୁ କେନାଲ ପାଣି ଜମିରେ ପଶି ପାଚିଲା ଧାନ ଗଜା ହୋଇଯାଇଛି। ଫଳରେ ଚାଷୀ ବ୍ୟାପକ କ୍ଷତି ସହିଛନ୍ତି। ଏବେ ଶହ ଶହ ହେକ୍ଟର ଚାଷ ଜମିରେ ପାଣି ଜମି ରହିଥିବା ବେଳେ ଚାଷୀ ସମୂହ ଚିନ୍ତିତ ହୋଇ ପଡ଼ିଛନ୍ତି। ଏନେଇ ପ୍ରଶାସନ ଦୃଷ୍ଟି ଦେଇ ଚାଷୀଙ୍କ ଆବଶ୍ୟକ କ୍ଷତିପୂରଣ ଦେବାକୁ ଦାବି ହେଉଛି।

## ଅନ୍ଧାରରେ ଅତିଥି ପ୍ରଶିକ୍ଷକଙ୍କ ଭବିଷ୍ୟତ

# ୧୪୨ ବଦଳରେ ୫୯ ଜଣକୁ ମିଳିଲା ମଞ୍ଜୁରୀ

ଛତ୍ରପୁର,୧୩ା୧୧(ସମିସ): ଛତ୍ରପୁର,୧୩ା୧୧(ସମିସ): ଗଞ୍ଜାମ ଜିଲ୍ଲାର ସରକାରୀ ଶିଳ୍ପ ଅନୁଷ୍ଠାନରେରେ ଅତିଥି ପ୍ରଶିକ୍ଷକଙ୍କ ଭବିଷ୍ୟତ ଏବେ ଅନ୍ଧାରରେ। ୧୪୨ରୁ ଉର୍ଦ୍ଧ୍ୱ ଅତିଥି ପ୍ରଶିକ୍ଷକ ଦୀର୍ଘ ୧୫ରୁ ୨୦ ବର୍ଷ ଧରି ସରକାରୀ ଶିଳ୍ପ ଅନୁଷ୍ଠାନ ମାନଙ୍କରେ ଛାତ୍ରଛାତ୍ରୀମାନଙ୍କୁ ଦକ୍ଷତା ବିକାଶ ଦିଗରେ ତାଲିମ ଦେଉଥିଲେ ବି ସେମାନଙ୍କ ଏବେ ଛଟେଇ ହେବ ନା ରହିବ ଦ୍ୱନ୍ଦ୍ୱ।

୨୦୨୫/୨୬ ଶିକ୍ଷା ବର୍ଷରେ ସରକାରୀ ଆଇଟିଆଇରେ ଅତିଥି ପ୍ରଶିକ୍ଷକଙ୍କ ସଂଖ୍ୟା କମାଯିବା ନେଇ ଚିଠି ଆସିବା ପରେ ଚିନ୍ତାରେ ଏବେ ଅତିଥି ପ୍ରଶିକ୍ଷକ। ଏନେଇ ସରକାରୀ ଶିଳ୍ପ ଅନୁଷ୍ଠାନର ଅତିଥି ପ୍ରଶିକ୍ଷକ ମାନେ ଗଞ୍ଜାମ ଜିଲ୍ଲାପାଳଙ୍କୁ ଭେଟି ଏହି ଘଟଣା ସଂପର୍କରେ ଅବଗତ କରାଇଥିଲେ। ବ୍ରହ୍ମପୁର ସରକାରୀ ଆଇଟିଆଇ ,ଛତ୍ରପୁର ଆଇଟିଆଇ, ହିଞ୍ଜିଳିକାଟୁ, ପୁରୁଷୋତ୍ତମପୁର,



### ଦକ୍ଷତା ବିକାଶ କରୁଥିଲେ ଏବେ ଚାକିରିକୁ ନେଇ ଦ୍ୱନ୍ଦ୍ୱ

ଶେରଗଡ ଓ ଭଞ୍ଜନଗର ସରକାରୀ ଆଇଟିଆଇରେ ୧୪୨ରୁ ଉର୍ଦ୍ଧ୍ୱ ଅତିଥି ପ୍ରଶିକ୍ଷକ ଭାବେ ଦୀର୍ଘବର୍ଷ ଧରି କାର୍ଯ୍ୟ କରୁଥିବା ବେଳେ ଏବେ ଏହି ସଂଖ୍ୟା ୫୯ରେ ରଖାଯିବ ବୋଲି ବୁଧବାର ଚିଠି ଆସିଛି। ବ୍ରହ୍ମପୁର ଶିଳ୍ପ ଅନୁଷ୍ଠାନ ଭାରତ ବର୍ଷରେ ସୁନାମ ରହିଛି। ଏଠାରେ ୩୫ ଶହରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ୨୭ଟି ଟ୍ରେଡରେ ପଢୁଛନ୍ତି। କେନ୍ଦ୍ର ସରକାରଙ୍କ ନିୟମ ଅନୁସାରେ ୨୦ ପିଲାଙ୍କୁ ଗୋଟିଏ ଶିକ୍ଷକ ସେହି ହିସାବରେ ୧୭୦ ଶିକ୍ଷକ ଆବଶ୍ୟକ। ବ୍ରହ୍ମପୁର ଶିଳ୍ପ ଅନୁଷ୍ଠାନରେ ୮୦ ଜଣ ଅତିଥି ପ୍ରଶିକ୍ଷକ ରହିଥିବା ବେଳେ ଏବେ ଏହାକୁ ୩୩ ଜଣ କରାଯିବ ବୋଲି ଚିଠି ଆସିଛି। ଏବଂ ରାଜ୍ୟ ଦକ୍ଷତା ବିକାଶ ବୈଷୟିକ ବିଭାଗ ଏହାକୁ ମଞ୍ଜୁରି ମଧ୍ୟ କରିଥିବା ଅତିଥି ପ୍ରଶିକ୍ଷକ କହିଥିଲେ। ଛତ୍ରପୁରରେ ୧୯ ଥିବାବେଳେ ଏହା ହ୍ରାସ ହୋଇ ୫କୁ ଆସିଛି। ସେହିପରି ହିଞ୍ଜିଳିରେ ୨୦ରୁ ହ୍ରାସ ହୋଇ ୬କୁ ଆସିଛି। ପୁରୁଷୋତମପୁରରେ ୧୪ରୁ ୮କୁ ଆସିଛି, ଶେରଗଡ ୭ରୁ ୪କୁ ଖସି ଆସିଛି ଏବଂ ଭଞ୍ଜନଗରରେ ୨ ଥିବା ବେଳେ ଏହ ସଂଖ୍ୟା ୩ ହୋଇଛି। ୨୦୨୪/୨୫ରେ ଗଞ୍ଜାମ ଜିଲାରେ ୧୪୨ ଜଣଙ୍କୁ ଅତିଥି ପ୍ରଶିକ୍ଷକ ଭାବେ ମଞ୍ଜୁରି ମିଳିଥିବା ବେଳେ ୨୦୨୫/୨୬ ବର୍ଷରେ ଏହି ସଂଖ୍ୟା ୫୯କୁ ଆସିଯାଇଛି। ଫଳରେ ୮୩ ଜଣ ଅତିଥି ପ୍ରଶିକ୍ଷକ ବାଦ ପଡିବେ। ଏବେ ସେମାନେ ଦିର୍ଘ ୧୦ ରୁ ୨୦ ବର୍ଷ ଧରି କାର୍ଯ୍ୟ କରିବାପରେ ଏବେ ସେମାନଙ୍କୁ ଛଟେଇ କଲେ କୁଆଡେ ଯିବେ, ତେଣୁ ସମସ୍ତଙ୍କୁ ରଖାଯାଉ କାହାକୁ ବାହାର ନକରିବାକୁ ଜିଲାପାଳଙ୍କୁ ଅନୁରୋଧ କରାଯାଇଥିଲା। ଏହାର ନକଲ ମୁଖ୍ୟମନ୍ତ୍ରୀ ମହୋନ ଚରଣ ମାଝି, ମନ୍ତ୍ରୀ ବିଭୂତି ଜେନା ଓ ସମ୍ବିଦ ଚନ୍ଦ୍ର ସ୍ୱାଇଁଙ୍କୁ ମଧ ଏଥିପ୍ରତି ଦୃଷ୍ଟି ଦେବାକୁ ଅନୁରୋଧ କରିଛନ୍ତି।

# ବଢୁଛି ପଲିଥିନ ବ୍ୟବହାର; ବୁଲାଗୋରୁଙ୍କ ପାଇଁ ସାଜୁଛି ବିପଦ

ପୋଲସରା,୧୩ା୧୧(ସମିସ)

ମଣିଷ ସମାଜ ଓ ପରିବେଶର ସୁରକ୍ଷା ପାଇଁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ପ୍ଲାଷ୍ଟିକ ଓ ପଲିଥିନ୍ ଉପରେ କଟକଣା ଲାଗୁ କରିଥିଲେ ମଧ୍ୟ ପୋଲସରା ସହର ଓ ଏହାର ଆଖପାଖ ଅଞ୍ଚଳରେ ବେଧଡ଼କ ଚାଲିଛି ପଲିଥିନ ବ୍ୟବହାର। ଉଦବେଗର ବିଷୟ ସରକାର ଓ ପ୍ରଶାସନର ଉଦାସୀନତା ପାଇଁ କଟକଣାକୁ କେହି ମାନୁନାହାନ୍ତି। ସବୁ ନିୟମାବଳୀକୁ ଫୁଁ କରି ଛୋଟମୋଟ କାମ ପାଇଁ ସମସ୍ତଙ୍କ ହାତରେ ଏବେ ପଲିଥିନ ବ୍ୟାଗ ଦେଖିବାକୁ ମିଳୁଛି। ଦୈନନ୍ଦିନ ଜୀବନରେ ପଲିଥିନ ବ୍ୟବହାର ଅଭ୍ୟାସଗତ ପାଲଟି ଗଲାଣି। ସବୁ କାମରେ ପ୍ଲାଷ୍ଟିକ, ପଲିଥିନ ଲୋଡୁଛନ୍ତି ଲୋକେ ଏବଂ ଏହାକୁ ବ୍ୟବହାର କରିବା ପରେ ଏଣେତେଣେ ଫିଙ୍ଗି ଦେଉଛନ୍ତି।



ଯାହାଫଳରେ ରାସ୍ତା କଡ଼ରେ ବୁଲାବୁଲି କରୁଥିବା ଗୋରୁମାନେ ଏହାକୁ ଖାଇ ଅସୁସ୍ଥ ହେବା ସହ ମୃତ୍ୟୁ ମୁଖରେ ପଡୁଛନ୍ତି। ପୋଲସରା ସହରର ଅଧିକାଂଶ ନାଳ ନର୍ଦ୍ଦମାରେ ପ୍ଲାଷ୍ଟିକ, ପଲିଥିନ ପଡ଼ି ନାଳ ପାଣି ନିଷ୍କାସନ ହେବାରେ ଅସୁବିଧା ହେଉଥିବା ନଜିର ଅଛି। ବିଜ୍ଞାପିତ ଅଞ୍ଚଳରେ ବାରମ୍ବାର ପଲିଥିନ ବିକ୍ରି ଉପରେ କଟକଣା ପାଇଁ ବୈଠକରେ ଗୃହୀତ ହେଉଛି। କିନ୍ତୁ ଅଧିକାରୀଙ୍କ ଆନ୍ତରିକତା ଓ ଇଛାଶକ୍ତିର ଅଭାବ ସାଙ୍ଗକୁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନଥିବାରୁ ଏହା ଫଳପ୍ରଦ ହେଉନାହିଁ। ସହର ସାରା ପଲିଥିନର ବହୁଳ ବ୍ୟବହାର ସତ୍ତ୍ୱେ ବିଭାଗୀୟ ଉଦାସୀନତା ଯୋଗୁଁ ଏହାକୁ ପରୋକ୍ଷରେ ପ୍ରୋତ୍ସାହିତ କରୁଛି ବୋଲି ସାଧାରଣରେ ଅଭିଯୋଗ ହେଉଛି। ତେଣୁ ଏଦିଗରେ ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ଦାବି ହେଉଛି।

# ମୁଖ୍ୟ ରାସ୍ତା ପାର୍ଶ୍ୱରେ କୁଢ଼କୁଢ଼ ଆବର୍ଜନା

**ନିଦାବିଷ୍ଟ ଏନ୍‌ଏସି ପ୍ରଶାସନ**

ରମ୍ଭା,୧୩ା୧୧(ସମିସ): ଚଳିତ ବର୍ଷର ପୂଜା ପାର୍ବଣ ପ୍ରାୟ ସରିବା ଉପରେ। ହେଲେ ରମ୍ଭା ସହରାଞ୍ଚଳ ଐତିହାସିକ ପର୍ଯ୍ୟଟନ ମାନଚିତ୍ର ଓ ସ୍ମାରକୀ ପୀଠର ମର୍ଯ୍ୟାଦା ବହନ କରୁଥିବା ବେଳେ ସ୍ଥାନୀୟ ପ୍ରଶାସନର ଉଦାସୀନତା, ଅଦୂରଦର୍ଶିତା, ଅବହେଳା, ନିଷ୍କ୍ରିୟତା, ଫଳରେ ସାଧାରଣରେ ଅସନ୍ତୋଷ ଦେଖାଦେଇଛି। ଏହାକୁ ନେଇ କିଛି ଦିନ ତଳେ ଖବର ପ୍ରସାରଣ କରାଯାଇଥିବା ବେଳେ ପ୍ରଶାସନ ଆକ୍ସନ ମୋଡ୍‌ରେ ରହି ଅବ୍ୟବସ୍ଥାକୁ ବିଚାରକୁ ନେଇ ତତ୍ପରତା ଦେଖାଇଥିଲା। କିନ୍ତୁ



ପୁନଃ ମୂଷିକ ଭବ ନୀତିରେ ରମ୍ଭା ସହରର ବଜାର, ସାହିବସ୍ତି ବିଭିନ୍ନ ସ୍ଥାନର କୁକୁଡ଼ା ପର, ସେଲୁନର ଚୁଟି କଟା ବାଳ ସ୍ଥାନୀୟ ମଶାଣି ନିକଟସ୍ଥ ବଡ଼ ଶଙ୍ଖ ନିକଟରେ ଗଦା ହୋଇ ରହିଛି। ଫଳରେ ପାଣିର ଅବସ୍ଥା କହିଲେ ନ ସରେ। ପାଣି ପଚି କଳା ପଡ଼ି ଦୁର୍ଗନ୍ଧ ହୋଇ ମଶା ମାଛି ଘର କରିଲେଣି। ସେହି ରାସ୍ତା ଦେଇ ଦକ୍ଷିଣେଶ୍ୱର ମନ୍ଦିରକୁ ଗଲାବେଳେ ଉପରୋକ୍ତ ସ୍ଥାନ ଦୁର୍ଗନ୍ଧରେ ନାକ ଫାଟିପଡୁଛି। ବିଭିନ୍ନ ସମୟରେ କେନାଲର କୌଣସି ସୁରକ୍ଷା ବ୍ୟବସ୍ଥା ନ ଥିବା କାରଣରୁ ଅସାମାଜିକ ବ୍ୟକ୍ତି ଆତଯାତ କରୁଥିବା ଲକ୍ଷ୍ୟ କରାଯାଇଛି। ପ୍ରଶାସନ ଉପରୋକ୍ତ ସମସ୍ୟା ସମ୍ପର୍କରେ ଜାଣିଥିଲେ ମଧ୍ୟ କାର୍ଯ୍ୟକାରିତାରେ ଶିଥିଳତା କାହିଁକି ନା କୌଣସି ସଳା ସୂତୁରାରେ ଅଟକି ରହିଥିବା ସାଧାରଣରେ କୁହାକୁହି ହେଉଛନ୍ତି। ତେଣୁ ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେବାକୁ ଦାବି ହେଉଛି।

## ୨୭ରେ ବିଧାନସଭା ଶୀତ ଅଧିବେଶନକୁ ସମ୍ବୋଧିତ କରିବେ ରାଷ୍ଟ୍ରପତି

# ଗସ୍ତ ପୂର୍ବରୁ ମୁଖ୍ୟ ସଚିବଙ୍କ ରାଜ୍ୟସ୍ତରୀୟ ପ୍ରସ୍ତୁତି ବୈଠକ



ଭୁବନେଶ୍ୱର,୧୩।୧୧(ସମିସ): ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ନଭେମ୍ବର ୨୭ରେ ଓଡ଼ିଶା ଗସ୍ତରରେ ଆସିବେ। ଏହି ଗସ୍ତରେ ରାଷ୍ଟ୍ରପତି ଓଡ଼ିଶା ବିଧାନସଭାକୁ ସମ୍ବୋଧିତ କରିବା ସହ ରାଜଭବନରେ ନୂଆ କଳିଙ୍ଗ ଅତିଥି ନିବାସର ଉଦ୍‌ଘାଟନ କରିବେ। ରାଷ୍ଟ୍ରପତିଙ୍କ ଏହି ଗସ୍ତ ପରିପ୍ରେକ୍ଷୀରେ ରାଜ୍ୟ ସରକାରଙ୍କ ପକ୍ଷରୁ ଏକ ଉଚ୍ଚସ୍ତରୀୟ ପ୍ରସ୍ତୁତି ବୈଠକ କରାଯାଇଛି। ଗୁରୁବାର ପୂର୍ବାହ୍ନରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଲୋକସେବା ଭବନରେ ଏହି ରାଜ୍ୟସ୍ତରୀୟ ପ୍ରସ୍ତୁତି ବୈଠକ ବସିଥିବା ବେଳେ ପରେ ପରେ ଅପରାହ୍ଣରେ ଓଡ଼ିଶା ବିଧାନ ସଭାରେ ସ୍ୱତନ୍ତ୍ର ପ୍ରକୋଷ୍ଠରେ ମଧ୍ୟ ବାଚସ୍ପତିଙ୍କ ଅଧ୍ୟକ୍ଷତାରେ ଏକ ବୈଠକ କରାଯାଇଛି।

ଓଡ଼ିଶା ଗସ୍ତ ପୂର୍ବରୁ ଆଗାମୀ ନଭେମ୍ବର ୨୦ ତାରିଖରେ ମଧ୍ୟ ରାଷ୍ଟ୍ରପତି ଓଡ଼ିଶାର ଝାରସୁଗୁଡ଼ା ଦେଇ ଛତିଶଗଡ଼ ଯିବାର ଏକ କାର୍ଯ୍ୟକ୍ରମ ରହିଛି। ଏଥିପାଇଁ ମଧ୍ୟ ରାଜ୍ୟ ସରକାରଙ୍କ ପକ୍ଷରୁ ବ୍ୟାପକ ପ୍ରସ୍ତୁତି କରାଯାଉଥିବା ଜଣାପଡ଼ିଛି। ୨୦ରେ ରାଷ୍ଟ୍ରପତି ଛତିଶଗଡ଼ର ଅମ୍ବିକାପୁର ଠାରେ "ଜନ ଜାତୀୟ ଗୌରବ ଦିବସ' କାର୍ଯ୍ୟକ୍ରମରେ ଯୋଗଦେବେ। ଏହି ପରିପ୍ରେକ୍ଷୀରେ ରାଷ୍ଟ୍ରପତି ସେଦିନ ସକାଳ ୮ଟା ୨୫ରେ ନୂଆ ଦିଲ୍ଲୀରୁ ସ୍ୱତନ୍ତ୍ର ବାୟୁସେନା ବିମାନ ଯୋଗେ ବାହାରି ସକାଳ ୧୦ଟା ୫ରେ ଝାରସୁଗୁଡ଼ାସ୍ଥିତ ବୀର ସୁରେନ୍ଦ୍ର ସାଏ ବିମାନ ବନ୍ଦରରେ ଅବତରଣ କରିବେ। ସେଠାରୁ ସେ ବାୟୁସେନାର ସ୍ୱତନ୍ତ୍ର ହେଲିକେପ୍ଟର ଯୋଗେ ଛତିଶଗଡ଼ ଯାଇ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗଦେବେ। ପୁନଶ୍ଚ ରାଷ୍ଟ୍ରପତି ଝାରସୁଗୁଡ଼ା ଦେଇ ସେଦିନ ଅପରାହ୍ନ ୧ ଟା ୪୫ ସୁଦ୍ଧା ସେ ଆନ୍ଧ୍ରପ୍ରଦେଶ ଗସ୍ତ କରିବାର କାର୍ଯ୍ୟକ୍ରମ ରହିଛି। ନଭେମ୍ବର ୨୦ ତାରିଖରେ ରାଷ୍ଟ୍ରପତିଙ୍କ ଝାରସୁଗୁଡାଠାରେ ଅବତରଣ ଏବଂ ସେଠାରେ ଜରୁରୀ ଆବଶ୍ୟକତାକୁ ଦୃଷ୍ଟିରେ ସାମୟିକ ରହଣି ନିମନ୍ତେ ଜିଲ୍ଲାପାଳ ଓ ଏସପି ଝାରସୁଗୁଡାଙ୍କ ସହିତ ପ୍ରସ୍ତୁତି ସଂପର୍କରେ ଆଲୋଚନା କରାଯାଇଛି।

**୨୭ ଅପରାହ୍ଣ ୨ରେ ପହଞ୍ଚି ୨୮ ସକାଳ ୯.୩୫ରେ ଓଡ଼ିଶା ଛାଡ଼ିବେ ରାଷ୍ଟ୍ରପତି**

**ରାଜଭବନ ନୂଆ କଳିଙ୍ଗ ଅତିଥି ନିବାସର ହେବ ଉଦ୍‌ଘାଟନ**

**ନଭେମ୍ବର ୨୦ରେ ଝାରସୁଗୁଡ଼ା ଦେଇ ଛତିଶଗଡ଼ ଯିବେ ରାଷ୍ଟ୍ରପତି**

ସେହିପରି ନଭେମ୍ବର ୨୭ ତାରିଖରେ ଭୁବନେଶ୍ୱର ଗସ୍ତ କାର୍ଯ୍ୟକ୍ରମ ପାଇଁ ରାଷ୍ଟ୍ରପତି ୧୧ ଟା ୫୦ରେ ନୂଆ ଦିଲ୍ଲୀରୁ ସ୍ୱତନ୍ତ୍ର ବିମାନ ଯୋଗେ ବାହାରି ଅପରାହ୍ଣ ୨ ଟା ସମୟରେ ଭୁବନେଶ୍ୱର ବିମାନ ବନ୍ଦରରେ ଅବତରଣ କରି ରାଜଭବନରେ ପହଞ୍ଚିବେ। ମଧ୍ୟାହ୍ନ ବିରତି ପରେ ରାଷ୍ଟ୍ରପତି ଅପରାହ୍ଣ ୪ ଟାରେ ରାଜଭବନ ସ୍ଥିତ ନୂଆ କଳିଙ୍ଗ ଅତିଥି ନିବାସର ଗୃହ ଉଦ୍‌ଘାଟନ କରିବେ। ଅପରାହ୍ଣ ୪.୨୦ରେ ସେ ଓଡ଼ିଶା ବିଧାନସଭାରେ ପହଞ୍ଚିବେ ଏବଂ ୪.୩୦ରୁ ୫.୩୦ ପର୍ଯ୍ୟନ୍ତ ବିଧାନସଭାର ସଦସ୍ୟ ସଦସ୍ୟାମାନଙ୍କୁ ସମ୍ବୋଧନ କରିବେ। ପରେ ପରେ ସେଦିନ ରାଷ୍ଟ୍ରପତି ରାଜଭବନଠାରେ ରାଜ୍ୟପାଳଙ୍କ ପକ୍ଷରୁ ଆୟୋଜିତ ରାତ୍ରଭୋଜନ କାର୍ଯ୍ୟକ୍ରମରେ ଯୋଗଦେବେ ଓ ପରଦିନ ୨୮ ତାରିଖ ସକାଳୁ ୯ ଟା ୩୫ରେ ଭୁବନେଶ୍ୱର ବିମାନବନ୍ଦରରୁ ବାହାରି ଲକ୍ଷ୍ନୌ ବିମାନ ବନ୍ଦର ଅଭିମୁଖେ ପ୍ରତ୍ୟାବର୍ତ୍ତନ କରିବାର କାର୍ଯ୍ୟକ୍ରମ ରହିଛି। ୨୭ ତାରିଖରେ ରାଷ୍ଟ୍ରପତିଙ୍କ ଆଗମନ ଠାରୁ ପ୍ରତ୍ୟାବର୍ତ୍ତନ ପର୍ଯ୍ୟନ୍ତ ସମସ୍ତ ପ୍ରସ୍ତୁତି ସଂପର୍କରେ ଆଲୋଚନା କରାଯାଇଛି। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଉନ୍ନୟନ କମିଶନର ଅନୁ ଗର୍ଗ, ସ୍ୱରାଷ୍ଟ୍ର ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁ, ରାଜ୍ୟ ପୁଲିସ ମହା ନିର୍ଦ୍ଦେଶକ ୱାଇବି ଖୁରାନିଆ, ଅଗ୍ନିସେବା ଡିଜି ଡଃ ସୁଧାଂଶୁ ଷଡ଼ଙ୍ଗୀଙ୍କ ସମେତ ରାଜ୍ୟ ସରକାରଙ୍କ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

### ■ ଦୀର୍ଘ ଦିନ ପରେ ଦାବି ପୂରଣ କଲା ରେଳ ବିଭାଗ

## ଇସ୍ପାତ ଏକ୍ସପ୍ରେସ୍ ଜୁନାଗଡ଼ ପର୍ଯ୍ୟନ୍ତ ସମ୍ପ୍ରସାରିତ ହେବ



କେସିଙ୍ଗା,୧୩।୧୧(ସମିସ): କଳାହାଣ୍ଡି ଜିଲ୍ଲା କେସିଙ୍ଗା ଅଞ୍ଚଳବାସୀଙ୍କ ଏକ ଦଶନ୍ଧିରୁ ହେଉଥିବା ଏକ ଦାବି ଭାରତୀୟ ରେଳ ବିଭାଗ ପୂରଣ କରିଛି। ରେଳ ବିଭାଗର ଚିଠି ସଂଖ୍ୟା ସିସି ୨୭୧/୨୦୨୫ ତାରିଖ ୩୧.୧୦.୨୫ ଅନୁଯାୟୀ ରେଳ ବିଭାଗ ହାୱଡା ଟିଟଲାଗଡ ଏକ୍ସପ୍ରେସ୍ ଟ୍ରେନକୁ ଜୁନାଗଡ଼ ପର୍ଯ୍ୟନ୍ତ ସମ୍ପ୍ରସାରଣ ପାଇଁ ଆଦେଶ ଦେଇଛି।ଆଗରୁ ଉକ୍ତ ଟ୍ରେନଟି ହାୱଡାରୁ ଆସି ଟିଟଲାଗଡ଼ରେ ରହି ଯାଉଥିଲା ।ବର୍ତ୍ତମାନ ସେହି ଟ୍ରେନ ଟିଟଲାଗଡ଼ରେ ନ ରହି ଜୁନାଗଡ଼ ପର୍ଯ୍ୟନ୍ତ ଯିବ କେବେ ଠୁ ଚଳାଚଳ କରିବ ଖବର ନ ଥିଲେ ମଧ୍ୟ ବହୁତ ଶୀଘ୍ର ଏହା ଚଳାଚଳ କରିବ ବୋଲି ଶୁଣିବାକୁ ମିଳୁଛି। ଏହା ଜିଲ୍ଲାବାସୀଙ୍କ ପାଇଁ ନିହାତି ପକ୍ଷେ ଖୁସିର ବିଷୟ। ଏଥିପାଇଁ ରେଳ ବିଭାଗକୁ ଜିଲ୍ଲାବାସୀଙ୍କ ପକ୍ଷରୁ ବହୁତ ବହୁତ ଧନ୍ୟବାଦ।ଏହି ଟ୍ରେନ ଚଳାଚଳ ପାଇଁ କେସିଙ୍ଗାର ରେଳ ଯାତ୍ରୀ ସଂଘ ସମେତ କେସିଙ୍ଗା ସିଟିଜନ ଫୋରମ ଅନେକ ଦିନରୁ ଦାବି କରିଆସୁଥିଲେ।ଯାହାବି ହେଉ ବିଳମ୍ବରେ ହେଲେ ମଧ୍ୟ ଦାବି ପୂରଣ ହେଇଛି। ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟର ହସ୍ତକ୍ଷେପ ପରେ ରେଳ ବିଭାଗ ତତ୍ପର ଦେଖାଇ ଟ୍ରେନ ଚଳାଚଳ ପାଇଁ ନିଷ୍ପତ୍ତି ନେଇଛି।କିନ୍ତୁ ଅଞ୍ଚଳବାସୀଙ୍କ ରେଳ ବିଭାଗକୁ ଦେଇଥିବା ଦାବିପତ୍ର ମଧ୍ୟରୁ ପ୍ରମୁଖ ଦାବି କେସିଙ୍ଗାରୁ ସିଧା ସଳଖ ଟ୍ରେନ ଆଜି ପର୍ଯ୍ୟନ୍ତ ପୂରଣ ହୋଇନାହିଁ। ସେଥିପାଇଁ ବୁଦ୍ଧିଜିବୀ ମହଲରେ ଅସନ୍ତୋଷ ରହିଛି।ବର୍ତ୍ତମାନ ଦେଖିବାକୁ ବାକି ରହିଲା ରେଳ ବିଭାଗ କେବେ ଅଞ୍ଚଳବାସୀଙ୍କ ପ୍ରମୁଖ ଦାବି ରାଜଧାନୀ ପାଇଁ ସିଧାସଳଖ ଟ୍ରେନ ଚଳାଚଳ ପାଇଁ ବିଭାଗୀୟ ଚିଠି ଜାରି କରୁଛି।

## ବିଦ୍ୟୁତ୍ ଖୁଣ୍ଟକୁ ଧକ୍କା ଦେଇ କାରରୁ ଇଞ୍ଜିନ ଅଲଗା

ବରଗଡ଼,୧୩।୧୧(ସମିସ): ବରଗଡ଼ ବରଡୋଲ ରାସ୍ତାରେ ଭୟଙ୍କର ସଡ଼କ ଦୁର୍ଘଟଣାର ଚିତ୍ର ସାମ୍ନାକୁ ଆସିଛି। ଏକ କାର୍ ପବନ ବେଗରେ ଆସି ବିଦ୍ୟୁତ୍ ଖୁଣ୍ଟକୁ ଧକ୍କା ଦେଇଥିଲା। ଧକ୍କା ଏତେ ଭୀଷଣ ଥିଲା ଯେ ଗାଡ଼ିର ଇଞ୍ଜିନ ଗାଡ଼ିରୁ ବାହରକୁ ଛିଟିକି ପଡ଼ିଥିଲା। ଏ ସମସ୍ତ ଘଟଣା ସିସିଟିଭିରେ କଏଦ ହୋଇଛି। ଦୁର୍ଘଟଣା ବେଳେ ଗାଡିରେ ତିନିଜଣ ବ୍ୟକ୍ତି ଥିବା ବେଳେ ସମସ୍ତେ ସାମାନ୍ୟ ଆହତ ହୋଇଥିବା ସୂଚନା ମିଳିଛି। ଅଧରାତିରେ ଏହି ଦୁର୍ଘଟଣା ଘଟିଥିଲା। ଗାଡି ଦ୍ରୁତ ଗତିରେ ଭଟଲିରୁ ବରଗଡ଼ ଅଭିମୁଖେ ଯାଉଥିବା ବେଳେ ବରଡୋଲ ସଡ଼କ ପଡା ସାମ୍ନାରେ ଏହି ଦୁର୍ଘଟଣା ଘଟିଥିଲା। ତେବେ ଏନେଇ ପୁଲିସର କୌଣସି ପ୍ରତିକ୍ରିୟା ମିଳି ପାରିନାହିଁ।

### ■ ଟିକସ ଫାଙ୍କିବା ଓ ପରମିଟ୍ ଅନିୟମିତତା

## ୪ ବସ୍‌ରୁ ୧୫.୪୬ ଲକ୍ଷ ଜରିମାନା ଆଦାୟ

ପୁରୀ,୧୩।୧୧(ସମିସ): ଗୋଟିଏ ରାଜ୍ୟରୁ ଆଉ ଗୋଟିଏ ରାଜ୍ୟକୁ ବସ୍ ଚଳାଚଳ କରୁଥିଲେ ମଧ୍ୟ ଗାଡ଼ିର କାଗଜପତ୍ର ଠିକ୍ ରଖିବା ଉପରେ ମାଲିକ ଧ୍ୟାନ ଦେଉନାହାନ୍ତି। ଏଭଳି ବେପରୁଆ ମନୋଭାବ ପାଇଁ ୪ଟି ବସ୍‌କୁ ମୋଟା ଅଙ୍କର ଜରିମାନା ହୋଇଛି। ଟିକସ ଫାଙ୍କିବା ଓ ପରମିଟ ଅନିୟମିତତା ଅଭିଯୋଗରେ ପୁରୀ ଆର୍‌ଟିଓ ଓ ଏସ୍‌ଟିଏ କଟକ ସ୍ପେଶାଲ ସ୍କ୍ୱାଡ୍ ପକ୍ଷରୁ ମାଳତିପାଟପୁର ବସ୍‌ଷ୍ଟାଣ୍ଡରେ ୪ଟି ବସ୍‌କୁ ଜବତ କରାଯାଇଛି। ଏହି ୪ଟି ବସ୍‌ଠାରୁ ୧୫ଲକ୍ଷ ୪୬ହଜାର ୮୪୭ଟଙ୍କା ଫାଇନ୍ ମଧ୍ୟ ଆଦାୟ ହୋଇଛି। ଜବତ ହୋଇଥିବା ବସ୍ ନମ୍ବର ହେଉଛି ଡବ୍ଲ୍ୟୁବି୨୯ଏଫ୍-୬୮୬୨, ଡବ୍ଲ୍ୟୁବି୧୧ଏଫ୍ ୭୪୯୯, ଡବ୍ଲ୍ୟୁବି୭୩ଜି ୭୫୦୧ ଏବଂ ଡବ୍ଲ୍ୟୁବି ୨୯ଏଫ୍ ୩୦୮୮। ଏ ସମସ୍ତ ବସ୍ ପଶ୍ଚିମବଙ୍ଗର ବୋଲି ପୁରୀ ଜିଲ୍ଲା ପରିବହନ କାର୍ଯ୍ୟାଳୟରୁ ପକ୍ଷରୁ ସୂଚନା ଦିଆଯାଇଛି।

### ଏଯାଏଁ ମିଳିପାରିନି ପରିବେଶ ମଞ୍ଜୁରୀ

## ଅନିଶ୍ଚିତତାରେ ସୁବର୍ଣ୍ଣରେଖା ମେଗା ବନ୍ଦର ପ୍ରକଳ୍ପ

କାଳିପଦା, ୧୩।୧୧ (ସମିସ): ବାଲିଆପାଳ ବ୍ଲକ ସୁବର୍ଣ୍ଣରେଖା ନଦୀ ମୁହାଁଣ ଚୌମୁଖଠାରେ ହେବାକୁ ଥିବା ସୁବର୍ଣ୍ଣରେଖା ବନ୍ଦର ମେଗା ପ୍ରକଳ୍ପ ଏବେ ଅନିଶ୍ଚିତତା ମଧ୍ୟ ଦେଇ ଗତି କରୁଛି। ଅଦ୍ୟାବଧି ବନ୍ଦର କର୍ତ୍ତୃପକ୍ଷଙ୍କୁ କେନ୍ଦ୍ର ଗ୍ରୀନ ଟ୍ରିବ୍ୟୁନାଲରୁ ପରିବେଶ ମଞ୍ଜୁରୀ ମିଳିପାରିନାହିଁ। ଏବେ ହାଇକୋର୍ଟ ଏକ ଜନସ୍ୱାର୍ଥ ମାମଲାର ଶୁଣାଣି କରି ଚୌମୁଖ ଡଗରା ବେଳାଭୂମିର ବିକାଶ ପାଇଁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

୧୯୯୮ ମସିହାରେ ଏହି ଦୁଇ ବେଳାଭୂମିକୁ ତତ୍କାଳୀନ ସରକାର ପର୍ଯ୍ୟଟନ କେନ୍ଦ୍ର ଭାବେ ଘୋଷଣା କରିଥିଲେ। ୨୦୦୬ ମସିହାରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଲଙ୍ଗଳେଶ୍ୱର କାଳିଝାଟି ପଡିଆ ଜନସମାବେଶରେ ଚୌମୁଖଠାରେ ଘରୋଇ ଉଦ୍ୟୋଗରେ ବନ୍ଦର ହେବ ବୋଲି ଘୋଷଣା କରିଥିଲେ। ପରେ ଚେନ୍ନାଇର କ୍ରିଏଟିଭ ପୋର୍ଟ ନାମକ ଏକ ସଂସ୍ଥା ଏମଓୟୁ ସରକାରଙ୍କ ସହିତ କରିଥିଲେ। ଅନ୍ୟ ଏକ ସହଯୋଗୀ ସଂସ୍ଥା ଏଥିରୁ ଓହରି ଯିବାରୁ ପ୍ରକଳ୍ପ କାର୍ଯ୍ୟ ଧିମେଇ ଯାଇଥିଲା। ଦୀର୍ଘ ଦିନର ବ୍ୟବଧାନ ପରେ ଟାଟା କମ୍ପାନୀ ଏଥିରେ ଯୋଡିବାରୁ ସୁବର୍ଣ୍ଣ ରେଖା ବନ୍ଦର ପ୍ରକଳ୍ପ କାର୍ଯ୍ୟ କିଛି ମାତ୍ରାରେ ଆଗେଇ ଥିଲା। ରାସ୍ତା ଓ ରେଳ କରିଡର ପାଇଁ କମ୍ପାନୀ ୪୦ ପ୍ରତିଶତ ଜମି ଅଧିଗ୍ରହଣ କରିଥିଲେ। ତେବେ ବର୍ଷେ ହେବ ବନ୍ଦର କାମରେ ଧିମା ପଡ଼ିଥିବା ଦେଖିବାକୁ ମିଳିଛି।



**ପର୍ଯ୍ୟଟନ କେନ୍ଦ୍ରର ବିକାଶ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ**

**ସିଆରଜେଡ-୨ ପାଇଁ କୋର୍ଟରେ ମାମଲା**

### ପୁଣି ଅମାନିଆ ଇସ୍କନ

## ଅଦିନରେ କରିବ ରଥଯାତ୍ରା

ପୁରୀ,୧୩।୧୧(ସମିସ): ଯେତେ କହିଲେ ବି ମାନୁନି ଇସ୍କନ। ଜଗଦ୍‌ଗୁରୁ ଶଙ୍କରାଚାର୍ଯ୍ୟ, ଗଜପତି ମହାରାଜାଙ୍କ କଥା ବି ଶୁଣିବା ଅବସ୍ଥାରେ ନାହିଁ। ଶାସ୍ତ୍ରୀୟ ମତକୁ ଆଧାର କରି ନିର୍ଦ୍ଦିଷ୍ଟ ତିଥିରେ ରଥଯାତ୍ରା ଆୟୋଜନ ପାଇଁ ଗଜପତି ମହାରାଜା ଇସ୍କନ ମୁଖ୍ୟଙ୍କୁ ଏକାଧିକଥର ଚିଠି ଲେଖିଛନ୍ତି। ହେଲେ ସେମାନେ ଶତପ୍ରତିଶତ ଏହାକୁ ପାଳନ କରୁନାହାନ୍ତି। ପୁଣି ଅଦିନରେ ରଥଯାତ୍ରା କରିବାକୁ ଯାଉଛି ଇସ୍କନ। ଆସନ୍ତା ୨୩ ତାରିଖରେ ତାଇୱାନର ଜିମେଣ୍ଟିଙ୍ଗ୍ ଏମ୍‌ଆର୍‌ଟି ଏକ୍ଜିଟ୍ ୬ରେ ରଥଯାତ୍ରା ଆୟୋଜନ କରିଛି। ଏଥିରେ ଯୋଗଦେବା ପାଇଁ ଇସ୍କନ ଅନୁଗାମୀ ଏବଂ ଜଗନ୍ନାଥପ୍ରେମୀଙ୍କୁ ଅନ୍‌ଲାଇନ ମାଧ୍ୟମରେ ସୂଚନା ଦିଆଯାଇଛି। ଏହି ଅବସରରେ ସାଂସ୍କୃତିକ, କୀର୍ତ୍ତନ, ଯୋଗ ସହ ଅନ୍ୟାନ୍ୟ କାର୍ଯ୍ୟକ୍ରମ ହେବ। ତେବେ ଏହି ଘଟଣାକୁ ନେଇ ପୁରୀରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଇସ୍କନ ଏପରି ବାରମ୍ବାର ନିୟମ ବାହାରେ କାର୍ଯ୍ୟ କରୁଥିବାକୁ ନେଇ ଜଗନ୍ନାଥପ୍ରେମୀ ଭକ୍ତ ଓ ସେବାୟତ କ୍ଷୋଭ ପ୍ରକାଶ କରିଛନ୍ତି।

ସୂଚନାଥାଉ କି, ଅଦିନିଆ ରଥଯାତ୍ରା ଆୟୋଜନ ନେଇ ଇସ୍କନ ସବୁବେଳେ ବିବାଦରେ ରହିଆସିଛି। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସଂସ୍କୃତିକୁ ସାରା ବିଶ୍ୱରେ ପ୍ରଚାରପ୍ରସାର କରୁଥିବା ନେଇ ଦାବି କରିଆସୁଥିବା ଇସ୍କନ ବାରମ୍ବାର ମହାପ୍ରଭୁଙ୍କ ପରମ୍ପରା ଉଲ୍ଲଂଘନ କରୁଥିବା ଅଭିଯୋଗ ରହିଛି। ଏଭଳି କାର୍ଯ୍ୟ ଆମ ଧର୍ମ, ସଂସ୍କୃତି ଓ ପରମ୍ପରାକୁ ନଷ୍ଟ କରିବା ସହ କୋଟି କୋଟି ହିନ୍ଦୁଙ୍କ ଧାର୍ମିକ ଭାବନାକୁ କୁଠାରାଘାତ କରୁଛି। ପ୍ରତ୍ୟେକ ଧାର୍ମିକ କାର୍ଯ୍ୟକ୍ରମର ଏକ ସ୍ୱତନ୍ତ୍ର ତିଥି ଓ ତାରିଖ ରହିଛି। ଏହାକୁ ସମସ୍ତେ ମାନିବା ଦରକାର। ରଥଯାତ୍ରା ଆଷାଢ଼ ମାସ ଶୁକ୍ଳ ପକ୍ଷ ଦ୍ୱିତୀୟାରେ ପାଳିତ ହୋଇଥାଏ। ଏହା ସ୍କନ୍ଦ ପୁରାଣରେ ମହାପ୍ରଭୁଙ୍କ ଦ୍ୱାରା ନିର୍ଦ୍ଦେଶିତ ଅଟେ। ଅଦିନରେ ଏବଂ ଅତିଥିରେ ରଥଯାତ୍ରା ଆୟୋଜନ କରାଯାଇ ଶ୍ରୀଜଗନ୍ନାଥ ସଂସ୍କୃତି, ସନାତନ ହିନ୍ଦୁ ସମାଜ, ଭକ୍ତ ଏବଂ ଦେଶର ଘୋର୍ ଅପମାନ ସହ ଧାର୍ମିକ ଭାବନାରେ ଆଘାତ ସୃଷ୍ଟି କରାଯାଉଛି। ତେଣୁ ଏଭଳି ମନୋମୁଖି କାର୍ଯ୍ୟରୁ ଇସ୍କନ ଦୂରେଇ ରହିବାକୁ ଦାବି କରିଆସୁଛନ୍ତି ଭକ୍ତ ଓ ସେବାୟତ।

### ■ ପୁଲିସ ଏସଆଇ ନିଯୁକ୍ତିରେ ସ୍ୱଚ୍ଛତା ନେଇ ହାଇକୋର୍ଟରେ ମାମଲା

## ଉଚ୍ଚକମିଟି ତତ୍ତ୍ୱାବଧାନରେ ସମ୍ପନ୍ନ ହେଉ ନିଯୁକ୍ତି ପ୍ରକ୍ରିୟା

କଟକ,୧୩।୧୧(ସମିସ): ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ (ଓପିଆରବି) ଦ୍ୱାରା ପରିଚାଳିତ ପୁଲିସ ଏସଆଇ ନିଯୁକ୍ତି କେଳେଙ୍କାରୀର ତଦନ୍ତ ଜାରି ରହିଥିବା ବେଳେ ସ୍ୱଚ୍ଛତା ଅବଲମ୍ବନ ପୂର୍ବକ ନିଯୁକ୍ତି ପ୍ରକ୍ରିୟା ସମ୍ପନ୍ନ କରିବା ପ୍ରସଂଗରେ ଏକ ଜନସ୍ୱାର୍ଥ ମାମଲା ହାଇକୋର୍ଟରେ ଦାୟର କରାଯାଇଛି। ଆଇନଜୀବୀ ଶିବଶଙ୍କର ମହାନ୍ତିଙ୍କ ତରଫରୁ ଏହି ମାମଲା ରୁଜୁ ହୋଇଛି। ନିଯୁକ୍ତି ପ୍ରକ୍ରିୟା ନେଇ ସରକାରଙ୍କ ଗତ ୨୦୨୫ସେପ୍‌ଟେମ୍ବର ୨୨ର ଏସଓପି (ଷ୍ଟାଣ୍ଡାର୍ଡ ଅପରେଟିଂ ପ୍ରୋସିଡିଓର)କୁ କଡ଼ାକଡ଼ି ପାଳନ ସହ ଏକ ଉଚ୍ଚକ୍ଷମତା ସମ୍ପନ୍ନ କମିଟି ତତ୍ତ୍ୱାବଧାନରେ ନିଯୁକ୍ତି ପ୍ରକ୍ରିୟା ସମ୍ପନ୍ନ କରାଯାଉ ବୋଲି ଆବେଦନକାରୀ ଦର୍ଶାଇଛନ୍ତି। ସେହିଭଳି ସାଧାରଣ ପ୍ରଶାସନ ଏବଂ ସାଧାରଣ ଅଭିଯୋଗ ବିଭାଗ ଓ ଗୃହ ବିଭାଗର ବରିଷ୍ଠ ଅଧିକାରୀମାନଙ୍କୁ ନେଇ ଏହ ଉଚ୍ଚସ୍ତରୀୟ ତଦାରଖ କମିଟି ଗଠନ କରିବାକୁ ନିର୍ଦ୍ଦେଶ ଦିଆଯାଉ, ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ ଏବଂ ରାଜ୍ୟ ସରକାରଙ୍କ ଅଧୀନରେ ଥିବା ଅନ୍ୟାନ୍ୟ ନିଯୁକ୍ତି ସଂସ୍ଥା ଦ୍ୱାରା ପରିଚାଳିତ ହେଉଥିବା ପରୀକ୍ଷାରେ ସ୍ୱଚ୍ଛତା, ନିରପେକ୍ଷତା ଏବଂ ଏସଓପି ଅନୁପାଳନର ତଦାରଖ ଏହି କମିଟି କରୁ ବୋଲି ଆବେଦନକାରୀ ପ୍ରାର୍ଥନା କରିଛନ୍ତି। ମାମଲାରେ ସାଧାରଣ ପ୍ରଶାସନ ବିଭାଗ ସଚିବ, ଗୃହ ସଚିବ, ପୁଲିସ ଡିଜି, ଓପିଆରବି ଅଧ୍ୟକ୍ଷ ଓ ସିବିଆଇ ଏସପିଙ୍କୁ ପକ୍ଷଭୁକ୍ତ କରାଯାଇଛି।

### ■ ଅନାଥାଶ୍ରମ ଅନ୍ତେବାସୀଙ୍କୁ ଦୁଷ୍କର୍ମ ମାମଲା

## ଦୋଷୀକୁ ୨୦ବର୍ଷ ସଶ୍ରମ ଜେଲ୍

କଟକ,୧୩।୧୧(ସମିସ): କଟକ କଲେଜଛକ ଅଞ୍ଚଳର ଏକ ଅନାଥାଶ୍ରମରେ ରହି ଚତୁର୍ଥ ଶ୍ରେଣୀରେ ଅଧ୍ୟୟନ କରୁଥିବା ଜଣେ ନାବାଳିକାକୁ ଦୁଷ୍କର୍ମ କରିବା ଅଭିଯୋଗରେ ଅଭିଯୁକ୍ତକୁ କଟକସ୍ଥିତ ଅତିରିକ୍ତ ଜିଲ୍ଲା ଓ ଦୋ÷ରା ଜଜ୍ ତଥା ସ୍ୱତନ୍ତ୍ର ପୋକ୍ସୋ ଅଦାଲତ ଦୋଷୀ ସାବ୍ୟସ୍ତ କରିଛନ୍ତି। ପୋକସୋ ଆଇନର ଧାରା ୬ ଓ ଆଇପିସିର ଧାରା ୩୭୬ ଅନୁସାରେ ଅଭିଯୁକ୍ତ ତଥା କଟକ ମାଲଗୋଦାମ ଥାନା ଯୋବ୍ରା ନଦୀକୂଳ ସାହିର ବାସିନ୍ଦା ଅଭିଯୁକ୍ତ ଲୋକନାଥ ଭୋଇ(୨୩)କୁ ୨୦ବର୍ଷ ସଶ୍ରମ ଜେଲ ଓ ୫୦ହଜାର ଟଙ୍କା ଜରିମାନା ଦଣ୍ଡାଦେଶ ପ୍ରଦାନ କରିଛନ୍ତି ଅଦାଲତ। ଜରିମାନା ଅନାଦେୟ ଅତିରିକ୍ତ ଏକ ବର୍ଷ ଜେଲ ଦଣ୍ଡ ଭୋଗ କରିବାକୁ ପଡିବ ବୋଲି ଅଦାଲତ କହିଛନ୍ତି। ସେହିଭଳି ପୀଡିତାଙ୍କୁ ୬ଲକ୍ଷ ଟଙ୍କା କ୍ଷତିପୂରଣ ରାଶି ପ୍ରଦାନ ପାଇଁ ଜିଲ୍ଲା ଆଇନ ସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦେଇଛନ୍ତି ଅଦାଲତ।

ଗତ ୨୦୨୪ଜାନୁଆରୀ ୨୯ରେ ନାବାଳିକା ଆଶ୍ରମରୁ ନିକଟସ୍ଥ ଏକ ବିଦ୍ୟାଳୟକୁ ଅଧ୍ୟୟନ ପାଇଁ ଯାଇଥିଲେ ମଧ୍ୟ ସନ୍ଧ୍ୟା ପର୍ଯ୍ୟନ୍ତ ଫେରି ନଥିଲେ। ତେବେ ସେହିଦିନ ବିଳମ୍ବିତ ସଂଧାରେ ପୀଡ଼ିତା ଜଣକ କାନ୍ଦି କାନ୍ଦି ଆଶ୍ରମକୁ ଫେରିବା ସହ ଅଭିଯୁକ୍ତ ଜଣକ ତାକୁ ରେଳଷ୍ଟେସନର ଏକ ଭଗ୍ନ ଗୃହକୁ ନେଇ ଦୁଷ୍କର୍ମ କରିଥିବା ଆଶ୍ରମର ଗୁରୁମାଙ୍କୁ ଜଣାଇଥିଲା। ସମ୍ପୃକ୍ତ ଆଶ୍ରମର ଅଧୀକ୍ଷକ ୨୦୨୪ଜାନୁଆରୀ ୩୦ରେ ଜିଆରପି ଥାନାରେ ଏକ ଏତଲା ଦେଇଥିଲେ। ୨୦୨୪ ମାର୍ଚ୍ଚ୧୯ରେ ଅଭିଯୁକ୍ତକୁ ପୁଲିସ ଗିରଫ କରିଥିଲା ବେଳେ ୨୦୨୪ମାର୍ଚ୍ଚ ୨୦ରେ ଚାର୍ଜସିଟ ଦାଖଲ କରିଥିଲା। ଅଦାଲତ ଗତ ୨୦୨୪ ସେପ୍ଟେମ୍ବର ୨୯ ତାରିଖରେ ଚାର୍ଜଫ୍ରେମ କରିଥିଲେ। ତେବେ ୧୧ଜଣ ସାକ୍ଷୀଙ୍କ ବୟାନ ରେକର୍ଡ ଓ ୨୭ଟି ପ୍ରାମାଣିକ ଦସ୍ତାବିଜ ଆଧାରରେ ଆସାମୀକୁ ୨୦ବର୍ଷ ଜେଲ୍ ଦଣ୍ଡାଦେଶ ନେଇ ରାୟ ଶୁଣାଇଛନ୍ତି ଅଦାଲତ। ସରକାରଙ୍କ ତରଫରୁ ମାମଲା ପରିଚାଳନା କରୁଥିଲେ ସ୍ପେସାଲ ପବ୍ଲିକ୍ ପ୍ରସିକ୍ୟୁଟର ରମେଶଚନ୍ଦ୍ର ମହାନ୍ତି ଓ ବିଶ୍ୱଜିତ ରାୟ।

### ରାଜସ୍ୱ ମନ୍ତ୍ରୀଙ୍କ ସମୀକ୍ଷା ବୈଠକ

## ଓଡ଼ିଶାରେ ଲାଗୁ ହେବ ଗୋଟିଏ ରାଜସ୍ୱ ଆଇନ

ପୁରୀ,୧୩।୧୧(ସମିସ): ଏଣିକି ଜମିପଟ୍ଟା ସଂଶୋଧନ କରିବାକୁ ଜନସାଧାରଣଙ୍କୁ ହଇରାଣ ହେବାକୁ ପଡ଼ିବନି। ଓଡ଼ିଶାରେ ରହିବ ଗୋଟିଏ ରାଜସ୍ୱ ଆଇନ। ଖୁବ୍‌ଶୀଘ୍ର ଓଡ଼ିଶା ରାଜସ୍ୱ ଆଇନରେ ସଂଶୋଧନ କରାଯାଇ ଗୋଟିଏ ରାଜସ୍ୱ ଆଇନ ଲାଗୁ କରାଯିବ। ଓଡ଼ିଶା ଗଭର୍ଣ୍ଣମେଣ୍ଟ ଲ୍ୟାଣ୍ଡ ମ୍ୟାନେଜ୍‌ମେଣ୍ଟ ଆକ୍ଟ ଖୁବ୍‌ଶୀଘ୍ର ଆସିବ। ଗୁରୁବାର ସ୍ଥାନୀୟ ସର୍କିଟ୍ ହାଉସରେ ଅନୁଷ୍ଠିତ ସମୀକ୍ଷା ବୈଠକରେ ଏହି ସୂଚନା ଦେଇଛନ୍ତି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ। ରାଜସ୍ୱ ବିଭାଗର ନିଷ୍ପତ୍ତି ଅନୁଯାୟୀ, ଏଣିକି ଜନସାଧାରଣ ସ୍ଥାନୀୟ ତହସିଲ୍‌ଦାରଙ୍କୁ ଭେଟି ନିଜର ପୈତୃକ ସମ୍ପତ୍ତିର ପଟ୍ଟା ନିଜ ନାମରେ ସଂଶୋଧନ କରାଇ ପାରିବେ। ଏହି ବ୍ୟବସ୍ଥା ସଠିକ୍ ଢଙ୍ଗରେ ପୁରୀ ଜିଲ୍ଲାରେ କିଭଳି କାର୍ଯ୍ୟକାରୀ ହୋଇପାରିବ ସେ ନେଇ ରାଜସ୍ୱ ମନ୍ତ୍ରୀ ପୁରୀ ଆସି ଜିଲ୍ଲାର ସମସ୍ତ ରାଜସ୍ୱ ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି। ଏହି ସମୀକ୍ଷା ବୈଠକରେ ଜିଲ୍ଲାପାଳଙ୍କ ସହ ଅତିରିକ୍ତ ଜିଲ୍ଲାପାଳ, ଉପଜିଲ୍ଲାପାଳ ଏବଂ ତହସିଲ୍‌ଦାରମାନେ ଉପସ୍ଥିତ ଥିଲେ। ଜମିପଟ୍ଟା ସଂଶୋଧନ ପାଇଁ ଆସୁଥିବା ବ୍ୟକ୍ତିମାନେ କିଭଳି ଏକ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ନିଜ ଜମିଜମା ସମସ୍ୟାର ସମାଧାନ ସହିତ ପଟ୍ଟା ସଂଶୋଧନ କରାଇପାରିବେ ସେ ନେଇ ଲୋକଙ୍କୁ ସହଯୋଗ ଯୋଗାଇଦେବାକୁ ରାଜସ୍ୱ ମନ୍ତ୍ରୀ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଅନ୍ୟପକ୍ଷରେ ଖୁବ୍‌ଶୀଘ୍ର ଓଡ଼ିଶା ରାଜସ୍ୱ ଆଇନରେ ସଂଶୋଧନ କରାଯାଇ ଗୋଟିଏ ରାଜସ୍ୱ ଆଇନ ଓଡ଼ିଶାରେ ଲାଗୁ କରାଯିବ। ଓଡ଼ିଶା ଗଭର୍ଣ୍ଣମେଣ୍ଟ ଲ୍ୟାଣ୍ଡ ମ୍ୟାନେଜମେଣ୍ଟ ଆକ୍ଟ ଖୁବ୍‌ଶୀଘ୍ର ଆସିବ। ସେହିପରି ଓଡ଼ିଶା ସର୍ଭେ ସେଟଲ୍‌ମେଣ୍ଟ ଆକ୍ଟରେ ମଧ୍ୟ ସଂଶୋଧନ ଅଣାଯିବ। ଏହି ଆଇନ ସଂଶୋଧନ ପରେ ସାଧାରଣ ଲୋକଙ୍କଠାରୁ ଆରମ୍ଭ କରି ଜନଜାତି ବର୍ଗର ଲୋକମାନେ ମଧ୍ୟ ଜମିଜମା ସମସ୍ୟାକୁ ନେଇ ହେଉଥିବା ଅସୁବିଧା ଦୂର ହେବ। ଏ ନେଇ ତହସିଲ୍‌ଦାରମାନଙ୍କୁ ସ୍ୱତନ୍ତ୍ର କ୍ଷମତା ପ୍ରଦାନ କରାଯାଇଛି।

**■ ଖୁବ୍‌ଶୀଘ୍ର ଓଡ଼ିଶା ରାଜସ୍ୱ ଆଇନରେ ହେବ ସଂଶୋଧନ**

**■ ସରକାରୀ ଜମି ଜବରଦଖଲ ମୁକ୍ତ କରିବାକୁ ନିର୍ଦ୍ଦେଶ**

ରାଜସ୍ୱ ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, 'ପୁରୀ ସହରରେ ଦୀର୍ଘବର୍ଷ ଧରି ରହିଥିବା ଜମିଜମା ସମସ୍ୟାର ସମାଧାନ ପାଇଁ ସରକାର ଉଦ୍ୟମ କରୁଛନ୍ତି। ଏଥିପାଇଁ ସମସ୍ତ ବିଭାଗ ସହିତ ଆଲୋଚନା ଜାରି ରହିଥିବାବେଳେ ପୁରୀ ସହରର ଜମିଜମା ସମ୍ପର୍କିତ ଏକ ସବିଶେଷ ରିପୋର୍ଟ ଡିସେମ୍ବର ଶେଷ ସୁଦ୍ଧା ଜିଲ୍ଲାପାଳ ପ୍ରଦାନ କରିବାକୁ କୁହାଯାଇଛି। ଏହି ରିପୋର୍ଟ ଆସିବା ପରେ ବିଭିନ୍ନ ଆଇନକୁ ଅଧ୍ୟୟନ କରାଯାଇ ଏବଂ ଦରକାର ପଡ଼ିଲେ ଆଇନରେ ସଂଶୋଧନ କରାଯାଇ ପୁରୀ ସହର ଏବଂ ଜିଲ୍ଲାର ଜମିଜମା ସମସ୍ୟା ସମାଧାନ କରାଯିବ। ଏହି ଅବସରରେ ରାଜସ୍ୱ ମନ୍ତ୍ରୀ ଜିଲ୍ଲାର ସମସ୍ତ ତହସିଲ୍ ଓ ଆର୍‌ଆଇ ଅଫିସର ବାୟୋମେଟ୍ରିକ୍ ଉପସ୍ଥାନ ଓ ଓସାସ୍ ଫାଇଲ୍ ଉପରେ ସମୀକ୍ଷା କରିଥିଲେ। ବସୁନ୍ଧରା ଯୋଜନା, ଅନ୍ତ୍ୟୋଦୟ ଯୋଜନା ଉପରେ ତର୍ଜମା କରିବା ସହିତ ଜମିଜମା ରେକର୍ଡ ଉପରେ କେଉଁ ବ୍ୟକ୍ତି ଲିଜ୍ ନେଇଛନ୍ତି ବା କେତେ ଜବରଦଖଲ କେସ୍ ପଡ଼ିରହିଛି ତାହାର ତର୍ଜମା କରିଥିଲେ। ସମସ୍ତ ସରକାରୀ ଜମି ଯେପରି ଜବରଦଖଲ ମୁକ୍ତ କରାଯିବ ତାହା ଉପରେ କଡ଼ା ପଦକ୍ଷେପ ନେବାକୁ ସମସ୍ତ ତହସିଲ୍‌ଦାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏହି ବୈଠକରେ ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ର, ବ୍ରହ୍ମଗିରି ବିଧାୟିକା ଉପାସନା ମହାପାତ୍ର, ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଡ. ଶରତ ଚନ୍ଦ୍ର ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରା, ଅତିରିକ୍ତ ଜିଲ୍ଲାପାଳ (ପ୍ରୋଟକଲ) ନୀଳମାଧବ ଭୋଇ, ଉପଜିଲ୍ଲାପାଳ ରାଜକିଶୋର ଜେନା, ଡେପୁଟି କଲେକ୍ଟର ସହଦେବ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

## ଫେବୃଆରୀ ୧୭ରୁ ଆଇସିଏସ୍‌ଇ ଓ ୧୨ରୁ ଆଇଏସ୍‌ସି ପରୀକ୍ଷା

ଭୁବନେଶ୍ୱର,୧୩।୧୧(ସମିସ): ସିଆଇଏସ୍‌ସିଇ ବୋର୍ଡ ପକ୍ଷରୁ ଦଶମ ଓ ଦ୍ୱାଦଶ ଶ୍ରେଣୀ ବାର୍ଷିକ ପରୀକ୍ଷା ତାରିଖ ଘୋଷଣା ହୋଇଛି। ଆଇସିଏସ୍‌ଇ ବା ଦଶମ ଶ୍ରେଣୀ ପରୀକ୍ଷା ଫେବୃଆରୀ ୧୭ ତାରିଖରୁ ଆରମ୍ଭ ହୋଇ ମାର୍ଚ୍ଚ ୩୦ ତାରିଖ ଯାଏଁ ଚାଲିବ। ସେହିପରି ଆଇଏସ୍‌ସି ବା ଦ୍ୱାଦଶ ଶ୍ରେଣୀ ପରୀକ୍ଷା ଫେବୃଆରୀ ୧୨ ତାରିଖରୁ ଆରମ୍ଭ ହୋଇ ଏପ୍ରିଲ୍ ୬ ତାରିଖରେ ଶେଷ ହେବ। ଏନେଇ ସିଆଇଏସ୍‌ସିଇ ବୋର୍ଡ ପକ୍ଷରୁ ପରୀକ୍ଷା ସୂଚୀ ଘୋଷଣା କରାଯାଇଛି। ଦଶମ ଶ୍ରେଣୀରେ ପ୍ରାୟ ୨ଲକ୍ଷ ୬୦ ହଜାର ଛାତ୍ରଛାତ୍ରୀ ପରୀକ୍ଷା ଦେବେ। ସେହିପରି ଦ୍ୱାଦଶରେ ପ୍ରାୟ ୧ ଲକ୍ଷ ୫୦ ହଜାର ପିଲା ପରୀକ୍ଷା ଦେବେ। ପରୀକ୍ଷାର୍ଥୀଙ୍କ ସୁବିଧା ଦୃଷ୍ଟିରୁ ପରୀକ୍ଷା ସୂଚୀ ପ୍ରସ୍ତୁତ କରାଯାଇଥିବା ବୋର୍ଡର ସମ୍ପାଦକ ଡ. ଜୋସେଫ୍ ଇମାନୁଏଲ୍ କହିଛନ୍ତି।

### ସିଏସ୍‌ଆଇଆର୍-ଆଇଏମ୍‌ଏମ୍‌ଟିରେ "କୋହୋର୍ଟ କନେକ୍ଟ' ସମ୍ମିଳନୀ ଉଦ୍‌ଘାଟିତ

## ବିକଶିତ ଭାରତ ଲକ୍ଷ୍ୟ ହାସଲ ପାଇଁ ସ୍ୱାସ୍ଥ୍ୟ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ: କେନ୍ଦ୍ର ମନ୍ତ୍ରୀ

ଭୁବନେଶ୍ୱର,୧୩।୧୧(ସମିସ): ୨୦୪୭ ସୁଦ୍ଧା ବିକଶିତ ଭାରତ ଲକ୍ଷ୍ୟ ହାସଲ ଲାଗି ଭାରତର ନାଗରିକଙ୍କ ସ୍ୱାସ୍ଥ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ। ତେଣୁ ସ୍ୱାସ୍ଥ୍ୟ କ୍ଷେତ୍ରରେ ଭାରତକୁ ଏବେ ନିଦାନ ଆଧାରିତ ଦୀର୍ଘକାଳୀନ ସ୍ୱତନ୍ତ୍ର ରଣନୀତି ପ୍ରସ୍ତୁତ କରିବାକୁ ହେବ ବୋଲି କେନ୍ଦ୍ର ବିଜ୍ଞାନ ଓ ପ୍ରଯୁକ୍ତି ରାଷ୍ଟ୍ରମନ୍ତ୍ରୀ ଡକ୍ଟର ଜିତେନ୍ଦ୍ର ସିଂ କହିଛନ୍ତି। ଗୁରୁବାର ଭୁବନେଶ୍ୱରସ୍ଥିତ ସିଏସ୍‌ଆଇଆର-ଆଇଏମ୍‌ଏମ୍‌ଟିରେ ଲଙ୍ଗିଟ୍ୟୁଡିନାଲ କୋହର୍ଟ ଷ୍ଟଡିଜ୍ ଉପରେ ଜାତୀୟ ସମ୍ମିଳନୀ- 'କୋହୋର୍ଟ କନେକ୍ଟ'କୁ ଉଦ୍‌ଘାଟନ କରି ମନ୍ତ୍ରୀ କହିଛନ୍ତି, ଭାରତୀୟ ରୋଗୀଙ୍କ ପାଇଁ ଭାରତୀୟ ଉପଚାର, ଭାରତୀୟ ବିଷୟ ଲାଗି ଭାରତୀୟ ନିରାକରଣ ରଣନୀତି, ଭାରତୀୟ ସମାଧାନ ଲାଗି ଭାରତୀୟ ତଥ୍ୟ ଆମର ମନ୍ତ୍ର ହେବା ଉଚିତ୍।

ସୂଚନାଯୋଗ୍ୟ, କୋହୋର୍ଟ ଷ୍ଟଡିଜ୍ ଏପରି ଏକ ଅଧ୍ୟୟନକୁ ବୁଝାଇଥାଏ, ଯେଉଁଥିରେ ସମାନ ବୈଶିଷ୍ଟ୍ୟ ଥିବା ଏକ ଗୋଷ୍ଠୀର ସ୍ୱାସ୍ଥ୍ୟାବସ୍ଥା ଓ ଜୀବନଶୈଳୀକୁ ଅନୁଧ୍ୟାନ କରାଯାଇଥାଏ। ଯାହାଫଳରେ ସେମାନଙ୍କ ଠାରେ ନିର୍ଦ୍ଦିଷ୍ଟ ସ୍ୱାସ୍ଥ୍ୟ ସମସ୍ୟାର ବିପଦ କାରକକୁ ଚିହ୍ନଟ କରାଯାଇପାରିବ।



ଆଜିର କାର୍ଯ୍ୟକ୍ରମରେ ଜାତୀୟ ସ୍ତରରେ କୋହୋର୍ଟ ପାଇଁ ରହିଥିବା ସୁଯୋଗ ଉପରେ ଆଲୋକପାତ କରି କେନ୍ଦ୍ର ମନ୍ତ୍ରୀ ଡକ୍ଟର ସିଂ କହିଛନ୍ତି, ଭାରତରେ ପାଚନକ୍ରିୟା ସହ ଜଡ଼ିତ ବିକାର ପ୍ରାୟତଃ ପରସ୍ପର ସହ ଯୋଡ଼ି ହୋଇ ରହିଥିବା ସ୍ଥିତି ରୂପରେ ସାମ୍ନାକୁ ଆସିଥାଏ। ଯକ୍ଷ୍ମା ଏବଂ ମଧୁମେହ ମଧ୍ୟରେ ପାରସ୍ପରିକ ସମ୍ପର୍କ ବିଷୟରେ ଉଲ୍ଲେଖ କରି, ସେ କହିଥିଲେ ଯେ ଭାରତକୁ ରୋଗ ମୁକାବିଲା କ୍ଷେତ୍ରରେ ସଂକୀର୍ଣ୍ଣ ଦୃଷ୍ଟିକୋଣ ଠାରୁ ଆଗକୁ ବଢ଼ିବାକୁ ପଡ଼ିବ। ଜିନୋମିକ୍ସ ଏବଂ ଜୈବ ଚିକିତ୍ସା ବିଜ୍ଞାନରେ ଭାରତର ବୃଦ୍ଧି ପାଉଥିବା ଶକ୍ତି ଉପରେ କେନ୍ଦ୍ର ମନ୍ତ୍ରୀ ଆଲୋକପାତ କରିଥିଲେ। ବଡ଼ ଧରଣର ଜିନୋମ୍ ସିକୋଏନ୍ସିଂ ଏବଂ ହିମୋଫିଲିଆ ପାଇଁ ଦେଶର ପ୍ରଥମ ସ୍ୱଦେଶୀ ନିଦାନଗତ ପରୀକ୍ଷଣ ଭଳି ମାଇଲଖୁଣ୍ଟ ବିଷୟରେ ମଧ୍ୟ ମନ୍ତ୍ରୀ ଉଲ୍ଲେଖ କରିଥିଲେ।

କାର୍ଯ୍ୟକ୍ରମରେ ପିଆଇ-ଚେକ୍ ପ୍ରଗତି, ମଲ୍ଟି-ଓମିକ୍ସ ଇଣ୍ଟିଗ୍ରେସନ୍, ଡିଜିଟାଲ୍ ସ୍ୱାସ୍ଥ୍ୟ ରେକର୍ଡ ପ୍ରଣାଳୀ, ବାର୍ଦ୍ଧକ୍ୟ ଏବଂ ଡିମେନ୍ସିଆ ଗବେଷଣା, ଜନଜାତି ସ୍ୱାସ୍ଥ୍ୟ କୋହୋର୍ଟ, ମାତୃ ଶିଶୁ ସ୍ୱାସ୍ଥ୍ୟ ପଦକ୍ଷେପ, କାର୍ଡିଓମେଟାବୋଲିକ୍ ଅଧ୍ୟୟନ, ଏକ୍ସପୋଜମ୍ ସାଇନ୍ସ ଏବଂ ଭାରତ ପାଇଁ ନିର୍ଦ୍ଦିଷ୍ଟ ବିପଦ ପୂର୍ବାନୁମାନ ମଡେଲ ଉପରେ ଅଧିବେଶନ ଆୟୋଜନ କରାଯାଇଛି। ଏହି ସମ୍ମିଳନୀରେ ସିଏସଆଇଆର-ଆଇଏମଏମଟି ନିର୍ଦ୍ଦେଶ ଡକ୍ଟର ରାମାନୁଜ ନାରାୟଣ ସିଏସଆଇଆର-ଆଇଜିଆଇବି ନିର୍ଦ୍ଦେଶ ଡକ୍ଟର ସୌଭିକ ମାଇତି ପ୍ରମୁଖଙ୍କ ସମେତ ଗୁରୁତ୍ୱପୂର୍ଣ୍ଣ ପ୍ରତିଷ୍ଠାନର ପଦାଧିକାରୀଙ୍କ ସମେତ ସିଏସଆଇଆର ମୁଖ୍ୟାଳୟ ଏବଂ ସହଭାଗୀ ପ୍ରତିଷ୍ଠାନର ବରିଷ୍ଠ ବୈଜ୍ଞାନିକ ଏବଂ ଅଧିକାରୀମାନେ ଉପସ୍ଥିତ ଥିଲେ।



## ଆଜିର ରାଶିଫଳ

**ମେଷ:** ଆଶା କରିଥିବା ଦିଗରୁ ଅର୍ଥ ମିଳିବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ନୂତନ ଜମି କ୍ରୟ କରିପାରନ୍ତି। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ।

**ବୃଷ:** ଯାତ୍ରା ଯୋଗ ଅଛି। ମହିଳାମାନେ ଘର କାର୍ଯ୍ୟରେ ବ୍ୟସ୍ତ ରହିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିପାରେ। ବନ୍ଧୁଙ୍କ ସହ ମନୋମାଳିନ୍ୟ ହୋଇପାରେ। ଆୟ ଓ ବ୍ୟୟ ସମାନ ରହିବ।

**ମିଥୁନ:** ରାଜନେତାଙ୍କ ପାଇଁ ଦିନଟି ଭଲ। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ଦାନ ଧର୍ମ କରିବେ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଦେଖାଦେଇପାରେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**ସିଂହ:** ଚାକିରିରେ ସଫଳତା ମିଳିବ। କଠିନ ପରିଶ୍ରମ କରିବେ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଅଫିସ୍ କାମ ପାଇଁ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିପାରେ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ପିତାମାତା ସନ୍ତାନଙ୍କ ଭିବଷ୍ୟତକୁ ନେଇ ଚିନ୍ତା କରିବେ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିକୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।


**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଅଚାନକ ଘରକୁ କୁଣିଆ ଆସିପାରନ୍ତି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଭାବିଚିନ୍ତି ନିବେଶ କରନ୍ତୁ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝାମଣା ରହିବ। ସାମାଜିକ କାର୍ଯ୍ୟରେ ସାମିଲ ରହିବେ।

## ଆଜିର ଐତିହ୍ୟ

- ୧୯୨୨- ବିବିସି, ବ୍ରିଟେନ୍‌ରେ ରେଡିଓ ସେବା ଆରମ୍ଭ କଲା।
- ୧୯୪୮ - ଯୁବରାଜ ଚାର୍ଲସ୍‌ଙ୍କ ଜନ୍ମ।
- ୧୯୫୫- କର୍ମଚାରୀ ରାଜ୍ୟ ବୀମା ନିଗମର ଉଦ୍‌ଘାଟନ।
- ୧୯୬୦- ଚେକ୍ ଗଣରାଜ୍ୟର ଦୁଇଟି ଟ୍ରେନ୍ ମୁହାଁମୁହିଁ ହେବାରୁ ଅତିକମ୍‌ରେ ୧୧୦ ଯାତ୍ରୀଙ୍କ ମୃତ୍ୟୁ।
- ୧୯୬୯ - ଆପୋଲୋ-୧୨କୁ ପ୍ରକ୍ଷେପଣ କରାଗଲା।
- ୨୦୦୨- ଚୀନ୍‌ର ରାଷ୍ଟ୍ରପତି ଜିଆଙ୍ଗ୍ ଜେମିନ୍ ନିଜ ପଦରୁ ଇସ୍ତଫା ଦେଲେ।

## ଶିଶୁଙ୍କ ପାଇଁ ଦିନଟିଏ



ଆଜି ୧୪ ନଭେମ୍ବର, ଶିଶୁ ଦିବସ। ଦେଶର ପ୍ରଥମ ପ୍ରଧାନମନ୍ତ୍ରୀ ଜବାହରଲାଲ ନେହରୁଙ୍କ ଜନ୍ମଦିନକୁ ଆମେ ଦେଶରେ ଶିଶୁ ଦିବସ ରୂପେ ପାଳନ କରାଯାଏ। ନେହରୁ ପିଲାମାନଙ୍କୁ ବହୁତ ଭଲ ପାଉଥିଲେ। ଏହି କାରଣରୁ ପିଲାମାନେ ତାଙ୍କୁ 'ଚାଚା ନେହରୁ' ବୋଲି ସମ୍ବୋଧନ କରୁଥିଲେ। ଶିଶୁଙ୍କୁ ଭଲ ପାଉଥିବା ପଣ୍ଡିତ ନେହରୁ ତାଙ୍କ ଜନ୍ମଦିନକୁ ଶିଶୁଙ୍କ ପାଇଁ ଉତ୍ସର୍ଗ କରି ଦେଇଥିଲେ। ଶିଶୁମାନେ ହିଁ ଦେଶର ଭିତ୍ତିଭୂମି ଏବଂ ସେମାନେ ହିଁ ଦେଶର ଭବିଷ୍ୟତ ବୋଲି ସେ ସର୍ବଦା କହୁଥିଲେ। ଦେଶର ଉନ୍ନତି, ପ୍ରଗତି ଦିଗରେ ଶିଶୁଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ନେହେରୁ ମତ ରଖିଥିଲେ। ଶିଶୁଙ୍କ ଅଧିକାର, ଦାୟିତ୍ୱ ଓ ଶିକ୍ଷା ବିଷୟରେ ସଚେତନ କରିବା ଉଦ୍ଦେଶ୍ୟରେ ସାରା ଦେଶରେ ପାଳିତ ହୋଇଥାଏ ଏହି ଦିବସ। ଜବାହରଲାଲ ନେହରୁ ଉତ୍ତର ପ୍ରଦେଶର ଆହ୍ଲାବାଦ ସହରରେ ଏକ କଶ୍ମୀର ପଣ୍ଡିତ ପରିବାରରେ ୧୮୮୯ ମସିହା ନଭେମ୍ବର ୧୪ ତାରିଖ ଦିନ ଜନ୍ମଗ୍ରହଣ କରିଥିଲେ। ତାଙ୍କ ପିତାଙ୍କ ନାମ ମୋତିଲାଲ ନେହରୁ ଓ ମାତାଙ୍କ ନାମ ସ୍ୱରୂପାରାଣୀ ଥିଲା। ସେ ସ୍ୱାଧୀନ ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ହୋଇଥିଲେ। ୧୯୬୪ ମସିହା ମଇ ମାସ ୨୭ ତାରିଖରେ ତାଙ୍କର ମୃତ୍ୟୁ ହୋଇଥିଲା। ନେହରୁଙ୍କ ଦେହାନ୍ତ ପରେ ପିଲାଙ୍କ ପ୍ରତି ତାଙ୍କ ଭଲ ପାଇବାକୁ ସମ୍ମାନ ଜଣାଇ ତାଙ୍କ ଜନ୍ମଦିବସକୁ ଶିଶୁ ଦିବସ ଭାବେ ପାଳନ କରିବା ପାଇଁ ନିଷ୍ପତ୍ତି ନିଆଯାଇଥିଲା। ଏ ସମ୍ପର୍କରେ ସଂସଦରେ ପ୍ରସ୍ତାବ ପାରିତ କରାଯାଇଥିଲା। ଏହାପରେ ପ୍ରଥମ ଥର ପାଇଁ ୧୯୬୫ରେ ଶିଶୁ ଦିବସ ପାଳନ କରାଯାଇଥିଲା। ୧୯୬୪ ପୂର୍ବରୁ ୨୦ ନଭେମ୍ବରକୁ ଶିଶୁ ଦିବସ ଭାବେ ପାଳନ କରାଯାଉଥିଲା। କାରଣ ମିଳିତ ଜାତିସଂଘ ଦ୍ୱାରା ୧୯୫୪ ମସିହାରେ ୨୦ ନଭେମ୍ବରକୁ ଶିଶୁ ଦିବସ ଭାବେ ପାଳନ କରିବା ପାଇଁ ଘୋଷଣା କରାଯାଇଥିଲା। ଦେଶର କୋଣଅନୁକୋଣରେ ପଲ୍ଲୀ ଠୁ ଦିଲ୍ଲୀ ସବୁଠି ଶିଶୁଦିବସକୁ ଆନନ୍ଦ ଉତ୍ସାହର ସହ ପାଳନ କରାଯାଏ। ଶିଶୁ ଦିବସ ଅବସରରେ ସ୍କୁଲଗୁଡ଼ିକରେ ନାଚ, ଗୀତ, ବକ୍ତୃତା, ଚିତ୍ରାଙ୍କନ ପ୍ରତିଯୋଗିତାର ଆୟୋଜନ କରାଯାଇଥାଏ। ଏହି ଦିନ ସ୍କୁଲ୍ ଏବଂ ବିଭିନ୍ନ ଶିକ୍ଷାନୁଷ୍ଠାନରେ ପିଲାମାନଙ୍କୁ ଚକଲେଟ୍, ମିଠା ଆଦି ବଣ୍ଟା ଯାଇଥାଏ।

## ରୋବଟିକ୍ ହ୍ୱିଲ୍ ଚେୟାର୍‌ରେ ପୃଥ୍ୱୀରାଜ

**'ଏସ୍‌ଏସ୍‌ଏମ୍‌ବି ୨୯'**




ଏସ୍. ଏସ୍ ରାଜମୌଳି ଓ ମହେଶ ବାବୁଙ୍କ ଫିଲ୍ମ 'ଏସ୍‌ଏସ୍‌ଏମ୍‌ବି ୨୯'କୁ ନେଇ ଦର୍ଶକେ ବେଶ୍ ଉତ୍ସାହିତ ଅଛନ୍ତି। ନଭେମ୍ବର ୧୫ରେ ରାମୋଜୀ ଫିଲ୍ମ ସିଟିରେ ଏକ ଭବ୍ୟ ସମାରୋହରେ ଫିଲ୍ମର ଟାଇଟଲ ଘୋଷଣା କରାଯିବ। ଏହି ମେଗା ଇଭେଣ୍ଟ ପାଇଁ ଜୋରସୋରରେ ପ୍ରସ୍ତୁତି ଚାଲିଛି। ଇତିମଧ୍ୟରେ ଫିଲ୍ମ ନିର୍ମାତା ପୃଥ୍ୱୀରାଜ ସୁକୁମାରନ୍‌ଙ୍କ ଲୁକ୍ ସେୟାର୍ କରିଛନ୍ତି। ପ୍ରିୟଙ୍କା ଚୋପ୍ରା ତାଙ୍କର ଇନ୍‌ଷ୍ଟାଗ୍ରାମ୍‌ରେ ଏକ ପୋଷ୍ଟର୍ ସେୟାର୍ କରିଛନ୍ତି। ଏଥିରେ ସୁକୁମାରନ୍ ରୋବଟ୍ ଭଳି ଦେଖାଯାଉଥିବା ଏକ ହ୍ୱିଲଚେୟାର୍‌ରେ ବସିଥିବାର ଦେଖାଯାଇଛନ୍ତି। ସେ କଳା ରଙ୍ଗର ସୁଟ୍ ପିନ୍ଧି କ୍ୟାମେରା ଆଡ଼କୁ ରାଗରେ ଅନାଇଥିବାର ଦେଖାଯାଇଛନ୍ତି। ତେବେ ସେ ଏଥିରେ ଜଣେ ପକ୍ଷାଘାତ ରୋଗୀ ଭଳି ଦେଖାଯାଉଛନ୍ତି। ପୃଥ୍ୱୀରାଜ ଏଥିରେ 'କୁମ୍ଭା' ଚରିତ୍ରରେ ଅଭିନୟ କରିବେ ବୋଲି ସ୍ପଷ୍ଟ ହୋଇଛି। କାରଣ ପ୍ରିୟଙ୍କା ଏହି ପୋଷ୍ଟରକୁ ସେୟାର୍ କରି ଲେଖିଛନ୍ତି- 'ଉଠନ୍ତୁ, କୁମ୍ଭାକୁ ଦେଖା କରନ୍ତୁ।' ପୃଥ୍ୱୀରାଜ ଏଥିରେ ଖଳନାୟକ ଭାବେ ଦେଖାଯିବେ ବୋଲି ପୋଷ୍ଟର୍‌ରୁ ଏକପ୍ରକାର ସ୍ପଷ୍ଟ ହୋଇଛି। ଏଥିରେ ହିରୋଭାବେ ମହେଶବାବୁ ଏବଂ ତାଙ୍କ ବିପକ୍ଷରେ ପ୍ରିୟଙ୍କା ଚୋପ୍ରା ଦେଖାଯିବେ।

## ବିଶ୍ୱ ମଧୁମେହ ଦିବସ



ମଧୁମେହ ରୋଗ ବିଷୟରେ ସଚେତନା ସୃଷ୍ଟି ଉଦ୍ଦେଶ୍ୟରେ ପ୍ରତିବର୍ଷ ନଭେମ୍ବର ୧୪ ତାରିଖକୁ 'ବିଶ୍ୱ ମଧୁମେହ ଦିବସ' ଭାବେ ପାଳନ କରାଯାଏ। ଏହି ଦିବସର ମୁଖ୍ୟ ଲକ୍ଷ୍ୟ ହେଉଛି ସ୍ୱାସ୍ଥ୍ୟ ଶିବିର, ସ୍ୱାସ୍ଥ୍ୟ ସମ୍ବନ୍ଧିତ ବାର୍ତ୍ତା, ସଭା ସମିତି ତଥା ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ମଧୁମେହ ରୋଗ ପ୍ରତି ଜନସଚେତନତା ସୃଷ୍ଟି କରିବା। ଏହି ରୋଗର ସବୁଠାରୁ ବଡ଼ କାରଣ ହେଉଛି ଖରାପ ଏବଂ ପରିବର୍ତ୍ତିତ ଜୀବନଶୈଳୀ। ମଧୁମେହକୁ ନେଇ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ୧୯୯୧ ମସିହାରେ ଅନ୍ତର୍ଜାତୀୟ ମଧୁମେହ ଫେଡେରେସନ ଏବଂ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ବିଶ୍ୱ ମଧୁମେହ ଦିବସ ପାଳନ କରିବାକୁ ନିଷ୍ପତ୍ତି ନେଇଥିଲେ। ୨୦୦୬ ମସିହାରେ ଏହି ପ୍ରସ୍ତାବ ପାରିତ ହେବା ପରେ ନଭେମ୍ବର ୧୪ ତାରିଖକୁ ବିଶ୍ୱ ମଧୁମେହ ଦିବସ ପାଳନ କରିବା ଲାଗି ମିଳିତ ଜାତିସଂଘ ପକ୍ଷରୁ ଆନୁଷ୍ଠାନିକ ଭାବେ ଘୋଷଣା କରାଯାଇଥିଲା। ସାରା ବିଶ୍ୱରେ ମଧୁମେହ ରୋଗ ଏକ ମହାମାରୀର ରୂପ ନେବାକୁ ବସିଲାଣି। ଏହାକୁ ସ୍ଲୋ ପଏଜନ୍(ନିରବ ଘାତକ) ବୋଲି ମଧ୍ୟ କୁହାଯାଏ। ଘଣ୍ଟା ଘଣ୍ଟା ଧରି କମ୍ପ୍ୟୁଟର, ମୋବାଇଲ ଆଗରେ ବସି ରହିବା, ବିଳମ୍ବିତ ରାତି ପର୍ଯ୍ୟନ୍ତ କାମ କରିବା, ଦିନରେ ବିଳମ୍ବରେ ଉଠିବା, ବ୍ୟାୟାମ ନ କରିବା, ଅତ୍ୟଧିକ ତେଲ, ମସଲା ଖାଇବା ଦ୍ୱାରା ମଣିଷକୁ ଗ୍ରାସ କରୁଛି ଅନେକ ରୋଗ। ସେଥିମଧ୍ୟରୁ ସର୍ବାଧିକ ଲୋକଙ୍କୁ ଆକ୍ରାନ୍ତ କରୁଥିବା ରୋଗ ଭାବେ ପରିଚିତ ମଧୁମେହ। କେବଳ ବୟସ୍କ ନୁହନ୍ତି, ଯୁବପିଢ଼ି ଏପରିକି କମ୍ ବୟସର ପିଲା ବି ଏହି ରୋଗରେ କବଳିତ ହେଉଛନ୍ତି। ସେହିପରି ୧୮୯୧ ଆଜିର ଦିନ ହେଉଛି ଇନ୍‌ସୁଲିନ୍‌ର ସହ ଆବିଷ୍କାରକ ସାର୍ ଫ୍ରେଡରିକ୍ ବାଣ୍ଟିଙ୍ଗଙ୍କ ଜନ୍ମଦିନ। ମଣିଷ ଶରୀରରେ ଇନ୍‌ସୁଲିନ୍ ପ୍ରୟୋଗ କରିଥିବା ପ୍ରଥମ ବୈଜ୍ଞାନିକ ହେଲେ ବାଣ୍ଟିଙ୍ଗ୍। ରକ୍ତରେ ଗ୍ଲୁକୋଜ୍ ବା ଶର୍କରା ପରିମାଣ ନିର୍ଦ୍ଧାରିତ ସୀମାଠାରୁ ଅଧିକ ଥିଲେ ମଧୁମେହ ରୋଗ ହୋଇଥାଏ। ମଧୁମେହ ସାଧାରଣତଃ ୨ ପ୍ରକାରର। ଟାଇପ୍-୧ ଓ ଟାଇପ୍-୨ ଡାଇବେଟିସ୍। ଟାଇପ୍-୧ ଡାଇବେଟିସ୍ ଶୈଶବ, କିଶୋର ଓ ଆଦ୍ୟ ଯୌବନରେ ମୁଖ୍ୟତଃ ୨୫ ବର୍ଷରେ ହୋଇଥାଏ। ଏ କ୍ଷେତ୍ରରେ ହଠାତ୍ ରୋଗର ଲକ୍ଷଣ ଦେଖାଯାଏ। ସେହିଭଳି ଟାଇପ୍-୨ ଡାଇବେଟିସ୍ ସାଧାରଣତଃ ୪୦ ବର୍ଷ ପରେ ହୋଇଥାଏ। ମଧୁମେହ ବଂଶଗତ ରୋଗ ହୋଇଥିଲେ ହେଁ ଅନିୟମିତ ଜୀବନଶୈଳୀ ଏହି ରୋଗର ମୂଳ କାରଣ। ବଦଳୁଥିବା ଜୀବନ ଶୈଳୀ ଯୋଗୁଁ ଦିନକୁ ଦିନ ମଧୁମେହ ରୋଗୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ମଧୁମେହ ଦ୍ୱାରା ପୀଡ଼ିତ ଲୋକମାନଙ୍କର ରୋଗ ପ୍ରତିରୋଧକ ଶକ୍ତି କମିବାକୁ ଲାଗିଥାଏ, କେବଳ ସେତିକି ନୁହେଁ, ଶର୍କରାର ମାତ୍ରା ଅତ୍ୟଧିକ ବଢ଼ିଗଲେ ଏହା ମଣିଷକୁ ମୃତ୍ୟୁ ମୁଖକୁ ଟାଣି ନେଇଥାଏ। ମଧୁମେହ ରୋଗ ପାଇଁ ସର୍ତକତା ଅବଲମ୍ବନ କରିବା ନିତ୍ୟାନ୍ତ ଆବଶ୍ୟକ। ବିଶ୍ୱ ମଧୁମେହ ଦିବସ ପାଳନ ଦ୍ୱାରା ଲୋକମାନଙ୍କୁ ମଧୁମେହ ରୋଗକୁ ନିୟନ୍ତ୍ରଣ କରିବା ପାଇଁ ବାର୍ତ୍ତା ଦିଆଯାଇଥାଏ। ନିୟମିତ ଡାକ୍ତରଙ୍କ ପରାମର୍ଶ ନେବା ସହ ଉପଯୁକ୍ତ ଚିକିତ୍ସା ମଧୁମେହ ନିୟନ୍ତ୍ରଣରେ ସହାୟକ ହୋଇଥାଏ। ସନ୍ତୁଳିତ ଆହାର ସହ ନିୟମିତ ବ୍ୟାୟାମ, ଯୋଗ, ଚଲାବୁଲା ଆଦି ଉପରେ ଦୃଷ୍ଟି ଦେଲେ, ଏହାକୁ ନିୟନ୍ତ୍ରଣରେ ରଖାଯାଇପାରିବ। ଲୋକମାନଙ୍କୁ ଏହି ରୋଗ ବାବଦରେ ସଚେତନ କରାଇବା ପାଇଁ ପ୍ରତିବର୍ଷ ଏକ ଥିମ୍ ବା ବିଷୟବସ୍ତୁ ଆଧାରରେ ମଧୁମେହ ଦିବସ ପାଳନ କରାଯାଏ। ଚଳିତ ବର୍ଷ ଏହି ଦିବସର ବିଷୟବସ୍ତୁ ହେଉଛି ", "Diabetes and Well-being."




## କେଶ ପ୍ରତିରୋପଣ ପରେ ଯତ୍ନ



**ବର୍ତ୍ତମାନ ଯୁବପିଢ଼ିଙ୍କ ମଧ୍ୟରେ କେଶ ଝଡ଼ିବା ଏକ ବଡ଼ ସମସ୍ୟା। ବଂଶାନୁଗତ, ପ୍ରଦୂଷଣ, ମାନସିକ ଚାପ ଆଦି ଯୋଗୁଁ ଏପରି ହୋଇଥାଏ। ଏନେଇ ଚର୍ମ ବିଶେଷଜ୍ଞଙ୍କ ଦ୍ୱାରା ସମସ୍ତ ଚିକିତ୍ସାର ସୁଫଳ ନ ମିଳିଲେ କେଶ ପ୍ରତିରୋପଣ (ହେୟାର ଟ୍ରାନ୍ସପ୍ଲାଣ୍ଟ) କରାଯାଇଥାଏ। ଏହି ଆଧୁନିକ ଚିକିତ୍ସା ପ୍ରକ୍ରିୟାରେ ସ୍ୱତନ୍ତ୍ର ବିଧିରେ ନୂଆ କେଶ ସୃଷ୍ଟି କରାଯାଇଥାଏ। ତେବେ କେଶ ପ୍ରତିରୋପଣ ପରେ କେଶର ସଠିକ୍ ଯତ୍ନ ନେବା ନିହାତି ଆବଶ୍ୟକ।**

- କେଶ ପ୍ରତିରୋପଣର ୪୮ ଘଣ୍ଟା ମଧ୍ୟରେ କେଶକୁ ଧୁଅନ୍ତୁନି। ତିନିଦିନ ଯାଏଁ ସାଲାଇନ୍ ଲଗାଇବା ଆବଶ୍ୟକ। ପ୍ରଥମ ୧୦ ଦିନ ପିଠିରେ ଆଉଜେଇ ଶୁଅନ୍ତୁ। ନିଜର ସ୍କିନ୍ ଟାଇପ୍ ଅନୁସାରେ ବିନା ସୁଗନ୍ଧିତ ସାମ୍ପୋରେ ହାଲୁକା ଭାବେ କେଶ ସଫା କରିପାରିବେ। କେଶକୁ ପ୍ରାକୃତିକ ଉପାୟରେ ଶୁଖାଇବାକୁ ଦିଅନ୍ତୁ।
- କେଶ ପ୍ରତିରୋପଣର କିଛି ଦିନ ଯାଏଁ ଢ଼ିଲା ପୋଷାକ ପିନ୍ଧନ୍ତୁ। କେଶରେ ହାତ ମାରନ୍ତୁନି। ସର୍ଜରୀ ସ୍ଥାନରେ ଚାପ ପକାଇବା ଅନୁଚିତ। କେଶକୁ ସିଧାସଳଖ ସୂର୍ଯ୍ୟ କିରଣ ସଂସ୍ପର୍ଶରେ ଆସିବାକୁ ଦିଅନ୍ତୁନି।
- କେଶ ପ୍ରତିରୋପଣ ପରେ କିଛି ସପ୍ତାହ କେଶ ଝଡ଼ିବା ସାଧାରଣ କଥା। ଏହାକୁ 'ଶକ ଲସ' କୁହାଯାଏ। ୩ରୁ ୪ ମାସ ପରେ ନୂଆ କେଶ ସୃଷ୍ଟି ହୋଇ ୧୨ରୁ ୧୮ ମାସରେ କେଶ ସ୍ପଷ୍ଟ ଦେଖାଯାଏ। ଏହାବାଦ୍ ଯଦି ଯନ୍ତ୍ରଣା କିମ୍ବା ସଂକ୍ରମଣ ହୁଏ, ଡାକ୍ତରଙ୍କ ସହ ଯୋଗାଯୋଗ କରନ୍ତୁ।

## ବିରଳ ଅସ୍ତ୍ରୋପଚାର



ଦାନ୍ତବିନ୍ଧା ବା ଦାନ୍ତ ପୋକ ଖାଇବା ତ ସାଧାରଣ କଥା। ହେଲେ ଆଖିର ତଳ ଭାଗରେ ଦାନ୍ତ ଉଠିବା ଅବିଶ୍ୱସନୀୟ। ଚିକିତ୍ସା କ୍ଷେତ୍ରରେ ଏହି ସ୍ଥିତିକୁ 'ଏକ୍ଟୋପିକ୍ ଟୁଥ୍' ବା ଭୁଲ୍ ସ୍ଥାନରେ ଦାନ୍ତ ଉଠିବା କୁହାଯାଏ। ଏବେ ସୁଦ୍ଧା ଖୁବ୍ କମ୍ ଲୋକଙ୍କ କ୍ଷେତ୍ରରେ ଏହି ମାମଲା ଦେଖିବାକୁ ମିଳିଛି। ଏହି କ୍ରମରେ ପାଟନା, ଇନ୍ଦିରା ଗାନ୍ଧୀ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମେଡିକାଲ ସାଇନ୍ସ (ଆଇଜିଆଇଏମ୍‌ଏସ୍)ର ଦନ୍ତ ବିଭାଗର ଡାକ୍ତରମାନେ ଏହି ଦୁର୍ଲଭ ରୋଗର ସଫଳ ଚିକିତ୍ସା କରି ଉଦାହରଣ ସୃଷ୍ଟି କରିଛନ୍ତି। ବିହାରର ୪୫ ବର୍ଷୀୟ ରବି କୁମାରଙ୍କ ଦାନ୍ତରୁ ରକ୍ତ ବାହାରୁଥିଲା। ମୁହଁ ଫୁଲିବା ସହିତ ଦୃଷ୍ଟି ଶକ୍ତି ହ୍ରାସ, ମୁଣ୍ଡ ବିନ୍ଧା ହୋଇଥିଲା। ସ୍ଥିତି ଜଟିଳ ହେବାରୁ ସେ ଦୈନନ୍ଦିକ କାମ କରିପାରିନଥିଲେ। ହସ୍‌ପିଟାଲରେ ତାଙ୍କର ସିଟିସିଟି ସ୍ୱାସ୍ଥ୍ୟ ପରୀକ୍ଷା କରାଯିବାରୁ ତାଙ୍କ ଆଖି ତଳେ ଏକ ଦାନ୍ତ ମିଳିଥିଲା। ଦନ୍ତ ଚିକିତ୍ସା ବିଭାଗର ମୁଖ୍ୟ ଏବଂ ରେଡିଓଲୋଜି ବିଭାଗର ପ୍ରମୁଖ ଡାକ୍ତର ନିମ୍ମି ସିଂହଙ୍କ ତତ୍ତ୍ୱାବଧାନରେ ସ୍ୱତନ୍ତ୍ର ଡାକ୍ତରୀଦଳ ସାବଧାନ ସହିତ ଘଣ୍ଟା ଘଣ୍ଟା ଧରି ଅସ୍ତ୍ରୋପଚାର ଜରିଆରେ ଆଖି ତଳେ ଫସି ରହିଥିବା ଦାନ୍ତକୁ ବାହାରକୁ କାଢ଼ିଥିଲେ। ଅସ୍ତ୍ରୋପଚାର ପରେ ବ୍ୟକ୍ତିଙ୍କ ମୁହଁ ଫୁଲା କମ୍ ହେବା ସହିତ ଆଖିକୁ ସ୍ପଷ୍ଟ ଦେଖାଯାଇଥିଲା।

## ଚକ୍ଷୁରେ ମଧୁମେହର ପ୍ରଭାବ ଓ ପ୍ରତିକାର


ଡା. ସଂଘମିତ୍ରା କାନୁନ୍‌ଗୋ




ବର୍ତ୍ତମାନ ମଧୁମେହ ବହୁଳ ଭାବେ ଦେଖାଯାଉଛି। ଆନ୍ତର୍ଜାତୀୟ ଡାଇବେଟିସ୍ ଫେଡେରେସନ (୨୦୨୫) ର ନୂତନ ତଥ୍ୟ ଅନୁଯାୟୀ ୯ଜଣରୁ ଜଣେ ମଧୁମେହରେ ପୀଡ଼ିତ। ପ୍ରତି ୧୦ଜଣରୁ ୪ଜଣ ମଧୁମେହ ରୋଗୀ ଏହି ରୋଗରେ ପୀଡ଼ିତ ଥିବା ଜାଣି ନାହାଁନ୍ତି। ୨୦୨୪ ମସିହା ପର୍ଯ୍ୟନ୍ତ ବିଶ୍ୱବ୍ୟାପୀ ପ୍ରାୟତଃ ୫୮୯ ମିଲିୟନ୍ ବ୍ୟକ୍ତି ମଧୁମେହ ରୋଗରେ ପୀଡ଼ିତ ଅଛନ୍ତି, ୨୦୫୦ ମସିହା ସୁଦ୍ଧା ବିଶ୍ୱବ୍ୟାପୀ ୪୬% ବୃଦ୍ଧି ପାଇ ୮୫୩ ମିଲିୟନ ପର୍ଯ୍ୟନ୍ତ ପହଞ୍ଚିବ। ଚିନ୍ତାର ବିଷୟ, ପ୍ରତି ୫ ଜଣ ବୟସ୍କଙ୍କ ମଧ୍ୟରୁ ୪ ଜଣ ନିମ୍ନ ଏବଂ ମଧ୍ୟ ଆୟକାରୀ ଦେଶରେ ବାସ କରନ୍ତି। ଅଧିକାଂଶ ଲୋକଙ୍କର ରୋଗ ନିର୍ଣ୍ଣୟ କରାଯାଇନଥାଏ। ଭାରତରେ ମଧୁମେହ ଏକ ସଙ୍କଟ ଭାବେ ଉଭା ହୋଇଛି, ଯେଉଁଥିରେ ପ୍ରାୟ ୧୦୧ ନିୟୁତ ଲୋକ ପୀଡ଼ିତ ଅଛନ୍ତି ଏବଂ ୧୩୨ ନିୟୁତ ଲୋକ ପ୍ରି –ଡାଇବେଟିସ୍‌ରେ ପୀଡ଼ିତ। ମଧୁମେହ ସହିତ ଡାଇବେଟିକ୍ ରେଟିନୋପାଥି ବି ବୃଦ୍ଧି ପାଉଛି। ଡାଇବେଟିକ୍ ରେଟିନୋପାଥି ହେଉଛି ମଧୁମେହ ରୋଗର ଏକ ଅଣୁ ରକ୍ତକାରୀ ଜଟିଳତା। ଏହା ଆଖିର ରେଟିନାକୁ ପ୍ରଭାବିତ କରେ। ବିଶ୍ୱବ୍ୟାପୀ ବୟସ୍କଙ୍କ କ୍ଷେତ୍ରରେ ଏହା ନିବାରଣ ଯୋଗ୍ୟ ଦୃଷ୍ଟିହୀନର ମୂଳ କାରଣ। ଏହି ରୋଗ ଦୀର୍ଘକାଳୀନ ଉଚ୍ଚ ରକ୍ତ ଶର୍କରା ଦ୍ୱାରା ହୁଏ। ରେଟିନାର କ୍ୟାପିଲାରୀକୁ ଧୀରେ ଧୀରେ କ୍ଷତିଗ୍ରସ୍ତ କରେ। ବିଶ୍ୱର ପାଖାପାଖି ୪୫% ମଧୁମେହ ରୋଗୀଙ୍କୁ ଏହା ପ୍ରଭାବିତ କରେ। ମଧୁମେହର ଅବଧି, ରକ୍ତ ଶର୍କରା ଅନିୟନ୍ତ୍ରଣ, ଉଚ୍ଚ ରକ୍ତ ଚାପ, ଅସାଧାରଣ ଲିପିଡସ୍ତର ଓ ନେଫ୍ରୋ–ପାଥି ଏହି ରୋଗ ବଢ଼ାଇବାର ମୁଖ୍ୟ କାରଣ। ଟାଇପ୍ ୧ ଏବଂ ଟାଇପ୍ ୨ ମଧୁମେହ ରୋଗୀମାନେ ଏଥିରେ ପୀଡ଼ିତ ହୋଇଥାନ୍ତି। ଦୀର୍ଘ କାଳୀନ ରକ୍ତ ଶର୍କରା ଯୋଗୁ ରେଟିନାକୁ ଅମ୍ଳଜାନ ଯୋଗାଇବାରେ ବାଧା ସୃଷ୍ଟି କରେ। ଯାହା ଦ୍ୱାରା ନୂତନ ରକ୍ତ ନଳୀ ଗଠନ ହୋଇଥାଏ। ଏଥିରେ ରେଟିନାର ପୀତବିନ୍ଦୁ ଫୁଲିବା ଓ ରକ୍ତସ୍ରାବକୁ ବଢ଼ାଏ।

ମଧୁମେହ ରୋଗ ଯୋଗୁ ଆଖିର ପ୍ରଭାବକୁ ୨ ଭାଗରେ ବିଭକ୍ତ କରାଯାଇଛି। ପ୍ରଥମତଃ ନନ୍ ପ୍ରୋଲିଫେରେଟିଭ୍ ଡାଏବେଟିକ୍ ରେଟିନୋପାଥି ଏବଂ ଅନ୍ୟଟି ପ୍ରୋଲିଫେରେଟିଭ୍ ଡାଏବେଟିକ୍ ରେଟିନୋପାଥି।

ଏହି ରୋଗର ପ୍ରାରମ୍ଭିକ ଅବସ୍ଥାରେ କୌଣସି ବିଶେଷ ଲକ୍ଷଣ ଦେଖାଯାଏ ନାହିଁ। ପରବର୍ତ୍ତୀ ସମୟରେ ଝାପ୍‌ସା ଦିଶିବା, ଆଖି ସାମ୍ନାରେ କଳା ଛାଇ ଭାସି ଉଠିବା, ହଠାତ୍ ଦୃଷ୍ଟିଶକ୍ତି ଚାଲିଯିବା, ମଝିରେ ମଝିରେ ବିଜୁଳି ମାରିଲା ଭଳି ଲାଗିବା ଆଦି ଲକ୍ଷଣ ଦେଖାଯାଏ।

- ଏହି ରୋଗରେ ପୀଡ଼ିତ ବ୍ୟକ୍ତି ବର୍ଷରେ ଥରେ ଚକ୍ଷୁର ସ୍ନାୟୁ ପରୀକ୍ଷା କରିବା ଉଚିତ। ରକ୍ତଶର୍କରାକୁ ନିୟନ୍ତ୍ରଣ ରଖିବା, ରକ୍ତଚାପ, କୋଲେଷ୍ଟ୍ରଲ, ବୃକ୍କର କାର୍ଯ୍ୟକ୍ଷମତା ଅବସ୍ଥାକୁ ନିୟମିତ ପରୀକ୍ଷା କରିବା ଜରୁରି।
- ଗର୍ଭାବସ୍ଥାରେ ଏହି ରୋଗର ଗତି ବଢ଼ିଯାଉଥିବାରୁ କଡ଼ା ନିରୀକ୍ଷଣ ନିତାନ୍ତ ଆବଶ୍ୟକ। ସେହିପରି ଏଆଇ ଆଧାରିତ ରେଟିନା ସ୍କ୍ରିନିଂ ପ୍ରଣାଳୀ ବ୍ୟବହାର କରି ରୋଗର ଚିହ୍ନଟ କରିବା ଉଚିତ। ଡାଇବେଟିକ୍ ରେଟିନୋପାଥିର ଗତିକୁ ଧୀର କରିବା ତଥା ଦୃଷ୍ଟିଶକ୍ତି ନ ହରାଇବାକୁ ଶୀଘ୍ର ଚିହ୍ନଟ ଓ ଚିକିତ୍ସା ଦ୍ୱାରା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ।
- ଦୃଷ୍ଟିର ଫଳାଫଳ କୋମାରବିଡିଟି ରୋଗର ନିୟନ୍ତ୍ରଣ ଏବଂ ରେଟିନାର ପ୍ରଭାବ ଉପରେ ନିର୍ଭର କରେ। ରୋଗର ଲକ୍ଷଣ ଦେଖାଯିବା ପୂର୍ବରୁ ନିୟମିତ ଚକ୍ଷୁ ପରୀକ୍ଷା କରିବା ଦରକାର।
- ଆଧୁନିକ ଚିକିତ୍ସା ପ୍ରଣାଳୀରେ ଓସିଟି, ଆଞ୍ଜିଓଗ୍ରାଫି କରିବା ଦରକାର। ଚକ୍ଷୁ ଭିତରେ ଷ୍ଟେରଏଡ ଇଞ୍ଜେକସନ୍ ଏବଂ ଆଣ୍ଟି ଭିଜିଏଫ୍ ଦେଇ ଚିକିତ୍ସା କରାଯାଏ।
- ଟେଲି ଅଫ୍‌ଥାଲମୋଲୋଜିରେ ରୋଗର ନିରୂପଣ ଏବଂ ଚିକିତ୍ସା ପାଇଁ ଉପଦେଶ ଦେଇହେବ।


କନ୍‌ସଲଟାଣ୍ଟ ଭିଟ୍ରିଓ ରେଟିନା
କର ଭିଜନ ଆଇ ହସ୍‌ପିଟାଲ୍, ଭୁବନେଶ୍ୱର


## ପ୍ରଦୂଷିତ ପରିବେଶରେ ଶିଶୁଙ୍କ ଯତ୍ନ

**ଜଳବାୟୁ ପରିବର୍ତ୍ତନ, କଳକାରଖାନାରୁ ନିର୍ଗତ ଧୂଆଁ ଆଦି କାରଣରୁ ଦିନକୁ ଦିନ ବାୟୁ ପ୍ରଦୂଷଣ ବୃଦ୍ଧି ପାଉଛି। ଆଜ୍‌ମା ରୋଗୀ, ଶିଶୁଙ୍କ ଉପରେ ଏହାର ପ୍ରଭାବ ଅଧିକ ପଡ଼ୁଛି। ତେଣୁ ଏହି ସମୟରେ ସେମାନଙ୍କ ଯତ୍ନ କିପରି ନେବେ ଜାଣନ୍ତୁ।**

ପ୍ରଦୂଷିତ ବାୟୁରେ ଥିବା ଅତ୍ୟଧିକ ଛୋଟ କଣିକା ପିଏମ୍ ୨.୫ ମାତ୍ରା ବଢ଼ିଗଲେ, ଏହା ନାକ ବାଟେ ଛାତିକୁ ଯାଇ ରକ୍ତରେ ମିଶିଯାଇଥାଏ। ବୃକ୍କ, ହୃତ୍‌ପିଣ୍ଡ, ଯକୃତ, ଚର୍ମ ଉପରେ ପ୍ରଭାବ ପକାଇବା ସହ ଶ୍ୱାସସମ୍ବନ୍ଧୀୟ ସମସ୍ୟା ସୃଷ୍ଟି କରେ।

**ଆଜ୍‌ମା ପ୍ରତି ଯତ୍ନବାନ ଜରୁରି:** ଆଜ୍‌ମା ଏକ ଫୁସ୍‌ଫୁସ୍‌ଜନିତ ରୋଗ। ଏହି ରୋଗରେ ଫୁସ୍‌ଫୁସ୍‌ର କାର୍ଯ୍ୟଧାରା ପ୍ରଭାବିତ ହୁଏ। ନିଃଶ୍ୱାସ ପ୍ରଶ୍ୱାସ ନେବାରେ ସମସ୍ୟା ହୁଏ। ତେଣୁ ପ୍ରଦୂଷିତ ବାୟୁ ସଂସ୍ପର୍ଶରେ ଆସି ବାରମ୍ବାର ଛିଙ୍କିଲେ, ଶ୍ୱାସକ୍ରିୟାରେ ସମସ୍ୟା ହେଲେ ଡାକ୍ତରଙ୍କ ପରାମର୍ଶ ନେବା ସହ ଔଷଧ ସେବନ କରନ୍ତୁ। ସର୍ବଦା ପାଖରେ ଇନ୍‌ହେଲର ରଖନ୍ତୁ। ବାମ୍ପ ନେଇପାରିବେ। ଏନ୍୯୫ ମାସ୍କ ପିନ୍ଧି ପାରିବେ।

**ପିଲାଙ୍କ ଯତ୍ନ:** ବାୟୁ ପ୍ରଦୂଷଣ ଯୋଗୁ ଶିଶୁଙ୍କ ଶାରିରୀକ ଓ ମାନସିକ ବିକାଶରେ ବାଧା ସୃଷ୍ଟି ହୁଏ। ଫୁସ୍‌ଫୁସ୍, ହୃଦ୍‌ପିଣ୍ଡ ଏବଂ ରୋପ୍ରତିରୋଧକ ଶକ୍ତି ପ୍ରଭାବିତ ହୁଏ। ପିଲାଙ୍କୁ ଆଜ୍‌ମା, ବ୍ରୋଙ୍କାଇଟିସ୍, ବାରମ୍ବାର ଥଣ୍ଡା, ଜ୍ୱର, ଚିନ୍ତା ଚିଡ଼ିଚିଡ଼ାପଣ ସୃଷ୍ଟି ହେବାର ଆଶଙ୍କା ଅଧିକ ରହିଥାଏ। ତେଣୁ ପ୍ରଦୂଷଣରୁ ଦୂରେଇ ରଖିବାକୁ ବାହାରକୁ ମାସ୍କ ପିନ୍ଧାଇ ଛାଡ଼ନ୍ତୁ। ପିଲାଙ୍କ ପାଖରେ ଧୂମପାନ ନ କରିବା ଆବଶ୍ୟକ। ପର୍ଯ୍ୟାପ୍ତ ମାତ୍ରାରେ ପାଣି, ପଇଡ଼, ସୁପ ଆଦି ତରଳ ପଦାର୍ଥ ଦେଇପାରିବେ। ଖାଦ୍ୟରେ ଭିଟାମିନ୍-ସି ଓ ଇ, ଫଳ, ସବୁଜ ପରିବା ଆଦି ସାମିଲ କରିପାରିବେ। ନିଃଶ୍ୱାସ ନେବାରେ ସମସ୍ୟା ହେଲେ, ଡାକ୍ତରଙ୍କୁ ଯୋଗାଯୋଗ କରନ୍ତୁ।



# ଏସୀୟ ତୀରନ୍ଦାଜୀ: ଜ୍ୟୋତିଙ୍କୁ ୨ ସ୍ୱର୍ଣ୍ଣ

ଢାକା, ୧୩।୧୧ (ଏଜେନ୍ସି): ବାଂଲାଦେଶରେ ଚାଲିଥିବା ଏସୀୟ ତୀରନ୍ଦାଜୀ ଚାମ୍ପିଅନସିପ୍‌ରେ ଗୁରୁବାର




ଭାରତୀୟ ଦଳ ୪ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୩ଟି ସ୍ୱର୍ଣ୍ଣପଦକ ଓ ଗୋଟିଏ ରୌପ୍ୟ ପଦକ ରହିଛି। ମହିଳା କମ୍ପାଉଣ୍ଡ ବ୍ୟକ୍ତିଗତ ଫାଇନାଲରେ ଜ୍ୟୋତି ସୁରେଖା ୧୪୭-୧୪୫ ସ୍କୋରରେ ସାଥୀ ଭାରତୀୟ ତୀରନ୍ଦାଜ ପ୍ରୀତିକା ପ୍ରଦୀପଙ୍କୁ ପରାସ୍ତ କରି ସ୍ୱର୍ଣ୍ଣ ବିଜୟୀ ହୋଇଥିଲେ। ଏହାପରେ ପ୍ରଥମେଶ, ସାହିଲ ଯାଦବ ଓ ଅଭିଷେକ ବର୍ମାଙ୍କୁ ନେଇ ଗଠିତ ଭାରତୀୟ ଦଳ ପୁରୁଷ ଟିମ୍ ଇଭେଣ୍ଟର ଫାଇନାଲରେ କାଜାଖସ୍ତାନ ନିକଟରୁ ହାରି ରୌପ୍ୟ ପଦକ ପାଇଥିଲେ। ମହିଳା ଟିମ୍ ଇଭେଣ୍ଟ ଫାଇନାଲରେ ଭାରତ ୨୩୬-୨୩୪ ସ୍କୋରରେ କୋରିଆକୁ ହରାଇ ସ୍ୱର୍ଣ୍ଣ ପଦକ ବାଜିମାତ୍ କରିନେଇଥିଲା। ଜ୍ୟୋତି, ପ୍ରୀତିକା ଓ ଦୀପଶିଖା ଭାରତୀୟ ମହିଳା ଦଳର ସଦସ୍ୟା ରହିଥିଲେ। ଭାରତ ଏହାର ୩ୟ ସ୍ୱର୍ଣ୍ଣପଦକ ମିକ୍ସଡ ଟିମ୍ ଇଭେଣ୍ଟରେ ବିଜୟୀ ହୋଇଥିଲା। ଅଭିଷେକ ଓ ଦୀପଶିଖାଙ୍କ ଯୋଡ଼ି ୧୫୩-୧୫୧ ସ୍କୋରରେ ବାଂଲାଦେଶକୁ ହରାଇ ଚାମ୍ପିଅନ ହୋଇଥିଲା।

# ଓମ୍‌ଙ୍କ ଶତକ; ଝାଡ଼ଖଣ୍ଡକୁ ହରାଇଲା ଓଡ଼ିଶା

ଭୁବନେଶ୍ୱର, ୧୩।୧୧ (ସମିସ): ବିସିସିଆଇ ଆନୁକୂଲ୍ୟରେ ଚାଲିଥିବା ୨୩ ବର୍ଷରୁ କମ୍ ପୁରୁଷ ଷ୍ଟେଟ୍-ଏ



ଟ୍ରଫିରେ ଓଡ଼ିଶା ଦ୍ୱିତୀୟ ବିଜୟ ହାସଲ କରିଛି। ଗୁରୁବାର ଭଦୋଦରାର ଦର୍ଶନମ ଏକାଡେମୀରେ ଅନୁଷ୍ଠିତ ଏକ ମ୍ୟାଚରେ ଓଡ଼ିଶା ୪ ୱିକେଟ୍‌ରେ ଝାଡ଼ଖଣ୍ଡକୁ ପରାସ୍ତ କରିଛି। ଟସ୍ ଜିତି ବ୍ୟାଟିଂ କରିଥିବା ଝାଡ଼ଖଣ୍ଡ ଓପନର ବିଶେଷ ଦତ୍ତ (୯୪ ରନ) ଓ ଅଧିନାୟକ ରାଜନ ଦୀପ୍ (୪୯)ଙ୍କ ଉପଯୋଗୀ ବ୍ୟାଟିଂ ବଳରେ ୫୦ ଓଭରରେ ୮ ୱିକେଟ୍ ହରାଇ ୨୪୧ ରନ କରିଥିଲା। ଓଡ଼ିଶାର ସୌମ୍ୟରଞ୍ଜନ ଲେଙ୍କା ୩ ଓ ପାନକଲ ଶଶାଙ୍କ ୨ଟି ୱିକେଟ୍ ନେଇଥିଲେ। ଜବାବରେ ଓଡ଼ିଶା ଇନିଂସର ପ୍ରଥମ ୩ଟି ବଲ୍‌ରେ ପାନକଲ ଓ ଆୟୁଷ ବାରିକଙ୍କ ୱିକେଟ୍ ହରାଇଥିଲା। ତେବେ ତଥା ଅଧିନାୟକ ଓମ୍ ଟି ମୁଣ୍ଡେଙ୍କ ଦମ୍‌ଦାର ଶତକୀୟ ଇନିଂସ ବଳରେ ଦଳ ୧୦ଟି ବଲ୍ ପୂର୍ବରୁ ୬ ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ଓମ୍ ୮ ଚୌକା ଓ ଗୋଟିଏ ଛକା ବଳରେ ୧୧୬ ବଲରୁ ୧୦୭ ରନ କରିଥିଲେ। ସୌମ୍ୟ ମଧ୍ୟ ୧୯ ବଲରେ ଅପରାଜିତ ୪୦ ରନର ଇନିଂସ ଖେଳି ଶ୍ରେଷ୍ଠ ଅଲ୍‌ରାଉଣ୍ଡ ପ୍ରଦର୍ଶନ କରିଥିଲେ।

ଷ୍ଟେଟ୍-ଏ ଟ୍ରଫି

## ଆଜିଠାରୁ ଭାରତ-ଦକ୍ଷିଣ ଆଫ୍ରିକା ପ୍ରଥମ ଟେଷ୍ଟ

# ସ୍ପିନର ନେବେ ନିର୍ଣ୍ଣାୟକ ଭୂମିକା: ଗିଲ୍

କୋଲକାତା,୧୩।୧୧(ଏଜେନ୍ସି):

ଘରୋଇ ଭାରତ ଓ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ମଧ୍ୟରେ ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ଆସନ୍ତାକାଲିଠାରୁ ଆରମ୍ଭ ହେବ। କୋଲକାତାର ପ୍ରସିଦ୍ଧ ଇଡେନ୍ ଗାର୍ଡେନ୍ସରେ ଏହି ମୁକାବିଲା ଶୁକ୍ରବାରରୁ ଆରମ୍ଭ ହୋଇ ମଙ୍ଗଳବାର ଶେଷ ହେବ। ୱାର୍ଲ୍ଡ ଟେଷ୍ଟ ଚାମ୍ପିଅନସିପ୍ ଲାଗି ଏହି ସିରିଜ୍ ଉଭୟ ଦଳ ଲାଗି ଗୁରୁତ୍ୱପୂର୍ଣ୍ଣ। ଏବେ ଦକ୍ଷିଣ ଆଫ୍ରିକା ବିଶ୍ୱ ଟେଷ୍ଟ ଚାମ୍ପିଅନ ଭାବେ ଏହି ସିରିଜ୍ ଖେଳିବ। ଅନ୍ୟ ପକ୍ଷରେ ଘରୋଇ ମାଟିରେ ଅତ୍ୟନ୍ତ ପ୍ରଭାବୀ ପ୍ରଦର୍ଶନ କରିଥିବା ଭାରତ ଦକ୍ଷିଣ ଆଫ୍ରିକାକୁ ପୁଣିଥରେ ହରାଇ ସିରିଜ୍ କବଜା କରିବ ବୋଲି ଆଶା ରଖିଛି। ଭାରତରେ ୨୦୦୧ ପରଠାରୁ ଦକ୍ଷିଣ ଆଫ୍ରିକା ୫ଟି ସିରିଜ୍ ଖେଳିବାକୁ ଆସିଥିଲେ ମଧ୍ୟ ମାତ୍ର ୨ଟି ଟେଷ୍ଟରେ ବିଜୟୀ ହୋଇଛି। ଏହି ଦଳର କୋଚ୍ ଶୁକରି କନରାଡଙ୍କ ମତରେ ଆମେ ଏଥର ଇତିହାସ ସୃଷ୍ଟି କରିବୁ ବୋଲି କହିଛନ୍ତି। ଏହାର ଅର୍ଥ ବିଶ୍ୱଚାମ୍ପିଅନ ଦକ୍ଷିଣ ଆଫ୍ରିକା ୧୯୯୭-୯୮ ପରେ ପ୍ରଥମଥର ଭାରତରେ ଟେଷ୍ଟ ସିରିଜ୍ ଜିତିବ ବୋଲି କନରାଡ୍ ପରୋକ୍ଷାରେ ଚେତାବନୀ ଦେଇଛନ୍ତି। ଅନ୍ୟ ପକ୍ଷରେ ଏହି ମୁକାବିଲା ଲାଗି ଭାରତ ଜୋରଦାର ପ୍ରସ୍ତୁତି କରିଛି ଓ କୌଣସି ପରିସ୍ଥିତିରେ ସିରିଜ୍ ହାତଛଡ଼ା କରିବ ନାହିଁ ବୋଲି ଆଶା ରଖିଛି।

ଖେଳ ଆରମ୍ଭ ପୂର୍ବରୁ ଆଜି ହୋଇଥିବା ସାମ୍ବାଦିକ ସମ୍ମିଳନୀରେ ଭାରତୀୟ ଅଧିନାୟକ ଶୁବମନ ଗିଲ୍ କହିଛନ୍ତି, ଏହି ଟେଷ୍ଟର ଫଳାଫଳରେ ସ୍ପିନରମାନେ ନିର୍ଣ୍ଣାୟକ ଭୂମିକା ନେବେ। ଏହା ଅର୍ଥ ସ୍ପଷ୍ଟ ଯେ ଭାରତ ଏହି ମ୍ୟାଚ୍‌ରେ ୩ଜଣ ସ୍ପିନରଙ୍କୁ ଖେଳିବାର ସୁଯୋଗ ଦେବ। ରବୀନ୍ଦ୍ର ଜାଡେଜା, ୱାଶିଂଟନ ସୁନ୍ଦରଙ୍କ ସହ କୁଳଦୀପ ଯାଦବ କିମ୍ବା ଅକ୍ଷର ପଟେଲ ଖେଳିବେ। ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀଙ୍କୁ ଦକ୍ଷିଣ ଆଫ୍ରିକା-ଏ' ସହ ଦିନିକିଆ ଖେଳିବାକୁ ଛାଡ଼ି ଦେଇଥିବାରୁ ଧ୍ରୁବ ଜୁରେଲଙ୍କୁ ଜଣେ ବ୍ୟାଟର ଭାବେ ଏହି ମ୍ୟାଚ୍ ଖେଳିବା ସ୍ପଷ୍ଟ ହୋଇଛି।



ଖେଳ ଆରମ୍ଭ : ସକାଳ ୯.୩୦
ପ୍ରସାରଣ : ଷ୍ଟାରସ୍ପୋର୍ଟ୍ସ ନେଟ୍‌ୱର୍କ
ଲାଇଭ୍ ଷ୍ଟ୍ରିମିଂ : ଜିଓହଟ୍‌ଷ୍ଟାର

ଅବଶ୍ୟ ସହକାରୀ କୋଚ୍ ର୍ୟାନ୍ ଟେନ୍ ଡୋଏଶ୍ଚେଟ ପୂର୍ବରୁ ଏହି ସୂଚନା ଦେଇଥିଲେ। ଯଶପ୍ରୀତ୍ ବୁମ୍‌ରା ଓ ମହମ୍ମଦ୍ ସିରାଜ ପେସ୍ ବୋଲରଭାବେ ଖେଳିବେ। ବ୍ୟାଟିଂରେ ଦଳ ଚୟନ ନେଇ କିଛି ଅସୁବିଧା ନାହିଁ। ଓପନର ଭାବେ ଯଶସ୍ୱୀ ଜୟସ୍ୱାଲ ଓ ଲୋକେଶ ରାହୁଲ, ନଂ-୩, ୪, ୫ ଓ ୬ରେ ଯଥାକ୍ରମେ ସାଇ ସୁଦର୍ଶନ, ଅଧିନାୟକ ଶୁବମନ ଗିଲ୍, ଦୁଇ ୱିକେଟରକ୍ଷକ ଋଷଭ ପନ୍ତ୍ ଓ ଧ୍ରୁବ ଜୁରେଲ ଖେଳିବେ।

ଅନ୍ୟପକ୍ଷରେ ଦକ୍ଷିଣ ଆଫ୍ରିକା ଏହି ସିରିଜ୍‌ରେ ଭଲ ଖେଳିବାକୁ ଦୃଢ଼ ଆଶା ପୋଷଣ କରିଛି। ଅଷ୍ଟ୍ରେଲିଆକୁ ହରାଇ ବିଶ୍ୱ ଚାମ୍ପିଅନ ହୋଇଥିବା ଏହି ଭ୍ରମଣକାରୀ ଦଳ ପାକିସ୍ତାନ ସହ ୧-୧ରେ ମ୍ୟାଚ୍ ଡ୍ର ରଖି ଲଢୁଆ ଖେଳିଛି। ଦଳରେ ୩ଜଣ ଭଲ ସ୍ପିନର କେଶବ ମହାରାଜ, ସେନୁରନ ମୁଥୁସ୍ୱାମୀ ଓ ସାଇମନ ହାର୍ମର ରହିଛନ୍ତି। ଏହି ଦଳରେ କେହି ନବାଗତ ଖେଳାଳି ନ ଥିଲେ ମଧ୍ୟ ସମସ୍ତେ ଅଭିଜ୍ଞ ହୋଇ ଏଠାରେ ଲଢ଼େଇ କରିବାକୁ ଆସିଛନ୍ତି। ଭାରତୀୟ ପିଚ୍ ଓ ଖେଳାଳିଙ୍କ ସମ୍ପର୍କରେ ଏହି ଦଳର ବେଶ ଭଲ ଅଭିଜ୍ଞତା ରହିଛି।

ଉଭୟ ଭାରତୀୟ ଅଧିନାୟକ ଶୁବମନ ଗିଲ୍ ଓ ଦକ୍ଷିଣ ଆଫ୍ରିକା କୋଚ୍ ଶୁକରି କନରାଡ ଏଠାରେ ସ୍ପିନରମାନେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେବେ ଆଶା କରୁଛନ୍ତି। କିନ୍ତୁ ଏମାନେ ଖେଳର ତୃତୀୟ ଦିନରେ ପ୍ରଭାବ ପକାଇପାରିବେ। ପ୍ରଥମ ଦୁଇଦିନ କିନ୍ତୁ ପେସ୍ ବୋଲରଙ୍କ ଦବ୍‌ଦବା ରହିବ। ଭାରତରେ ଦକ୍ଷିଣ ଆଫ୍ରିକା ଗତ ୭ଟି ଟେଷ୍ଟରେ ଟସ୍ ଜିତିନାହିଁ। ଅଧିନାୟକ ଗିଲ୍ ୭ଟି ଟେଷ୍ଟରୁ ମାତ୍ର ଗୋଟିକରେ ଟସ୍ ଜିତିଛନ୍ତି। ଏଠାରେ ଟସ୍ ଗୁରୁତ୍ୱପୂର୍ଣ୍ଣ ହୋଇଥିବାରୁ ଏହା ଉପରେ ଦଳର ପ୍ରଦର୍ଶନରୁ ଫଳାଫଳ ବାହାରିବା ନିର୍ଭର କରୁଛି।

### ସମ୍ଭାବ୍ୟ ଦଳ

**ଭାରତ :** ଲୋକେଶ ରାହୁଲ, ଯଶସ୍ୱୀ ଜୟସ୍ୱାଲ, ସାଇ ସୁଦର୍ଶନ, ଶୁବମନ ଗିଲ୍ (ଅଧିନାୟକ), ଋଷଭ ପନ୍ତ୍ (ଉପଅଧିନାୟକ) ଓ ଧ୍ରୁବ ଜୁରେଲ, ରବୀନ୍ଦ୍ର ଜାଡେଜା, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ଯଶପ୍ରୀତ୍ ବୁମ୍‌ରା, ମହମ୍ମଦ୍ ସିରାଜ।

ରିଜର୍ଭ- ଦେବଦତ୍ତ ପାଡିକଲ, ଅକ୍ଷର ପଟେଲ, ଆକାଶଦୀପ୍

**ଦକ୍ଷିଣ ଆଫ୍ରିକା :** ଆଇଡେନ୍ ମାରକ୍ରମ, ରିୟାନ ରିକେଟଲନ, ଟ୍ରିଷ୍ଟାନ ଷ୍ଟବ୍‌ସ, ଟୋନି ଡି ଜୋର୍ଜି, ତେମ୍ବା ବଭୁମା (ଅଧିନାୟକ), କାଏଲ ଭେରିନ (ଉଭୟ ୱିକେଟରକ୍ଷକ/ବ୍ୟାଟର), ମାର୍କୋ ଜାନସେନ୍, କାଗିସୋ ରାବାଡା, ସେନୁରନ ମୁଥୁସ୍ୱାମୀ, କେଶବ ମହାରାଜ, ସାଇମନ୍ ହାର୍ମର।

ରିଜର୍ଭ- ଡିୱାଲ୍ଡ ବ୍ରେଭିସ୍, ଜୁବେର ହାମ୍‌ଜା, କୋର୍ବିନ ବୋଶ୍, ୱିଆନ ମୁଲ୍ଡର

■ ଆଇପିଏଲ୍-୧୯

# ଡିସେମ୍ବର ୧୬ ଆବୁଧାବିରେ ନିଲାମ

ନୂଆଦିଲ୍ଲୀ, ୧୩।୧୧ (ଏଜେନ୍ସି): ଆଇପିଏଲର ଆଗାମୀ ୧୯ତମ ସଂସ୍କରଣ ଲାଗି ଖେଳାଳି ନିଲାମ ଡିସେମ୍ବର ୧୬ରେ ଆବୁଧାବିରେ ଅନୁଷ୍ଠିତ ହେବ ଓ ଏହା ଗୋଟିଏ ଦିନରେ ଶେଷ କରିବାକୁ ବିସିସିଆଇ ନିଷ୍ପତ୍ତି ନେଇଛି। ସମସ୍ତ ୧୦ଟି ଫ୍ରାଞ୍ଚାଇଜ ସେମାନଙ୍କ ଚୂଡ଼ାନ୍ତ ଟିମ୍ ଏହି ନିଲାମୀ ଜରିଆରେ ଫାଇନାଲ କରିବେ। ନଭେମ୍ବର ୧୫ ସୁଦ୍ଧା ସମସ୍ତ ଫ୍ରାଞ୍ଚାଇଜକୁ ସେମାନଙ୍କ ଚୂଡ଼ାନ୍ତ ରିଟେନସନ ତାଲିକା ପ୍ରଦାନ କରିବାକୁ କୁହାଯାଇଛି।

# ଭାରତ-ଏ ବିଜୟୀ

ରାଜକୋଟ, ୧୩।୧୧ (ଏଜେନ୍ସି): ଓପନର ଋତୁରାଜ ଗାଏକ୍ୱାଡଙ୍କ ୧୧୭ ସହାୟତାରେ ଏଠାରେ ଗୁରୁବାର ଅନୁଷ୍ଠିତ ପ୍ରଥମ ଅନ୍‌ଅଫିସିଆଲ୍ ଦିନିକିଆରେ ଭାରତ-ଏ' ୪ ୱିକେଟ୍‌ରେ ଦ.ଆଫ୍ରିକା-ଏ'କୁ ପରାସ୍ତ କରିଛି। ରବିବାର ଦ୍ୱିତୀୟ ମ୍ୟାଚ୍ ଏଠାରେ ଖେଳାଯିବ।

# ଏମ୍‌ଆଇରେ ଶାର୍ଦ୍ଦୁଳ

ମୁମ୍ବଇ, ୧୩।୧୧ (ଏଜେନ୍ସି): ଆଇପିଏଲ୍‌ର ୧୯ତମ ସିଜନ ଲାଗି ଲକ୍ଷ୍ନୌ ସୁପର୍ ଜାଏଣ୍ଟ୍ସର ଶାର୍ଦ୍ଦୁଳ ଠାକୁରଙ୍କୁ ୨ କୋଟି ଓ ଗୁଜରାଟ ଟାଇଟାନ୍ସର ଶେରଫାନ ରଦରଫୋର୍ଡଙ୍କୁ ୨.୬ କୋଟି ଟଙ୍କା ବିନିମୟରେ ମୁମ୍ବଇ ଇଣ୍ଡିଆନ୍ସ (ଏମ୍‌ଆଇ) ଦଳରେ ଟ୍ରେଡ୍ ଡିଲ୍ ମାଧ୍ୟମରେ ସାମିଲ କରିଛି। ଏହା ମଧ୍ୟରେ ଲକ୍ଷ୍ନୌର ଶାର୍ଦ୍ଦୁଳ ଠାକୁରଙ୍କୁ ମୁମ୍ବଇ ଇଣ୍ଡିଆନ୍ସ ୨ କୋଟି ଟଙ୍କାରେ ଟ୍ରେଡ୍ ଡିଲ୍ ମାଧ୍ୟମରେ କିଣିନେଇଛି।

ରାଜ୍ୟସ୍ତରୀୟ ଶବର କପ ଫୁଟବଲ

# ସେମିରେ ବୌଦ୍ଧର ଗେହ୍ଲା କ୍ଲବ୍



ଯାଁଳା,୧୩।୧୧(ସମିସ): ବୌଦ୍ଧର ଗେହ୍ଲା କ୍ଲବ୍ ରାଧାଚରଣପୁର ଖେଳ ପଡିଆରେ ଚାଲିଥିବା ୨୭ତମ ରାଜ୍ୟସ୍ତରୀୟ ଶବର କପ ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛି। ଆସନ୍ତାକାଲି ଢେଙ୍କାନାଳର ପପୁଲାର କ୍ଲବ ଓ ଗେଲ୍ଲା କ୍ଲବ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଖେଳାଯିବ। ଗୁରୁବାର ଅନୁଷ୍ଠିତ କ୍ୱାର୍ଟର ଫାଇନାଲ ମୁକାବିଲାରେ ଗେଲ୍ଲା ୪-୧ ଟାଇବ୍ରେକର ଗୋଲରେ ଜଟଣୀର ଫ୍ରେଣ୍ଡସ୍ ପାଇଡାଇଜ କ୍ଲବ୍‌କୁ ପରାସ୍ତ କରି ଏହି ସଫଳତା ହାସଲ କରିଛି। ସଂଘର୍ଷ ପୂର୍ଣ୍ଣ ଏହି ମ୍ୟାଚର ପ୍ରଥମାର୍ଦ୍ଧରେ କୌଣସି ଦଳ କାହାରିକୁ ଗୋଲ ଦେଇ ପାରିନଥିଲେ। ଖେଳର ଦ୍ୱିତୀୟାର୍ଦ୍ଧର ୧୦ ମିନିଟ ସମୟରେ ଜଟଣୀ ଦଳ ଗୋଲ ଦେଇ ଦଳକୁ ୧-୦ରେ ଅଗ୍ରଣୀ ସ୍ଥିତିରେ ରଖିଥିଲେ। ଖେଳର ୪୫ ମିନିଟ ସମୟରେ ଗେହ୍ଲା କ୍ଲବ୍ ଗୋଲକୁ ଶୁଝାଇ ଖେଳକୁ ସମାନ ସ୍ଥିତିକୁ ଆଣିଥିଲେ। ନିର୍ଦ୍ଧାରିତ ସମୟ ମଧ୍ୟରେ ଉଭୟ ଦଳ ପରସ୍ପରକୁ ୧-୧ ଗୋଲ ଦେଇ ବରାବର ସ୍ଥିତିରେ ରଖିବାରୁ ଫଏସଲା ପାଇଁ ଟାଇବେକର ପଦ୍ଧତି ଅନୁସରଣ କରାଯାଇଥିଲା। ଏଥିରେ ଗେଲ୍ଲା କ୍ଲବ ବୌଦ୍ଧ ୪-୧ ଗୋଲରେ ବ୍ୟବଧାନରେ ବିଜୟୀ ହୋଇଥିଲା।

# ଆଜିଠାରୁ ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍

ଭୁବନେଶ୍ୱର,୧୩।୧୧(ସମିସ):

ଓଡ଼ିଶା ଚେସ୍ ଇତିହାସରେ ଆସନ୍ତାକାଲିଠାରୁ ଏକ ନୂଆ ଅଧ୍ୟାୟ ସୃଷ୍ଟି ହେବାକୁ ଯାଉଛି। ପେସାଦାର ଚେସ୍ ଖେଳରେ ଅଲ ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ) ଓ ଆଇକନିକ୍ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ପକ୍ଷରୁ କ୍ରିକେଟରେ ଆଇପିଏଲ୍ ଢ଼ାଞ୍ଚାରେ ଫ୍ରାଞ୍ଚାଇଜ୍ ଭିତ୍ତିକ ୧୨ଟି ଦଳକୁ ନେଇ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜିତ ହେବ। ରାଜଧାନୀର ହୋଟେଲ ଲାଇଫ୍‌ରେ ଏହି ଟୁର୍ଣ୍ଣାମେଣ୍ଟ ନଭେମ୍ବର ୧୪ରୁ ଆରମ୍ଭ ହୋଇ ୧୬ରେ ଶେଷ ହେବ। ଟୁର୍ଣ୍ଣାମେଣ୍ଟରେ ମୋଟ ୧୦ ଲକ୍ଷ ଟଙ୍କାର ପୁରସ୍କାର ରଖାଯାଇଛି। ଏହା ମଧ୍ୟରୁ ଚାମ୍ପିଅନ ଦଳକୁ ୫ଲକ୍ଷ ଟଙ୍କା ଓ ଟ୍ରଫି, ପ୍ରଥମ ରନର୍ସଅପ୍ ଦଳକୁ ୩ ଲକ୍ଷ ଟଙ୍କା ଓ ଟ୍ରଫି ଏବଂ ଦ୍ୱିତୀୟ ରନର୍ସ ଅପ୍ ଦଳକୁ ୨ଲକ୍ଷ ଟଙ୍କା ଓ ଟ୍ରଫି ପ୍ରଦାନ କରାଯିବ। ରାଉଣ୍ଡ ରବିନ ଲିଗ୍ ଭିତ୍ତିରେ ଖେଳାଯିବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟରେ ଗୋଟିଏ ଦଳ ୧୧ଟି ମ୍ୟାଚ୍ ଖେଳିବାର କାର୍ଯ୍ୟକ୍ରମ ରହିଛି।

ଟୁର୍ଣ୍ଣାମେଣ୍ଟର ନିୟମ ଅନୁଯାୟୀ ୧୨ଟି ଫ୍ରାଞ୍ଚାଇଜ୍ ଭିତ୍ତିକ ଦଳ ନିଲାମ ମାଧ୍ୟମରେ ଚୟନ କରାଯାଇଛି। ସେଗୁଡିକ ହେଲା- ଚୋଲ ଚାମ୍ପିଅନ୍ସ, କଳିଙ୍ଗ ୱାରିୟର୍ସ, ରାଜଧାନୀ ଚ୍ୟାଲେଞ୍ଜର୍ସ, ଗୋଲକୁଣ୍ଡା ଗାଡିଆନ୍ସ, ମହାନଦୀ ଫାଲକନ୍ସ,




ବାରବାଟୀ ବ୍ୟାଟଲର୍ସ, ଭିକ୍ଟୋରିଆ ଭିକ୍ଟର୍ସ, ଅମ୍ବର ଆଭେଞ୍ଜର୍ସ, ନାଳନ୍ଦା ନାଇଟ୍‌ସ, ସାଞ୍ଚି ଷ୍ଟ୍ରାଟେଜିଷ୍ଟ୍ସ, କୋଣାର୍କ କିଙ୍ଗ୍‌ସ ଏବଂ ଏଲୋରା ଏଲାଇଟ୍ସ। ପ୍ରତ୍ୟେକ ଦଳରେ ସର୍ବାଧିକ ୮ଜଣ ଖେଳାଳିଙ୍କୁ ସ୍ଥାନ ମିଳିବ। ସେମାନଙ୍କ ମଧ୍ୟରୁ ଜଣେ ମହିଳାଙ୍କ ସମେତ ୪ଜଣ ଓଡ଼ିଆ ଖେଳାଳି ରହିବା ବାଧ୍ୟତାମୂଳକ ହୋଇଛି। ଏଥିରେ ଜଣେ ଗ୍ରାଣ୍ଡ ମାଷ୍ଟର ଦୀପ୍ତାୟନ ଘୋଷ (ରେଟିଂ-୨୫୭୩-ନାଳନ୍ଦା ନାଇଟ୍ସ) ଖେଳୁଛନ୍ତି। ତାଙ୍କ ବ୍ୟତୀତ ୧୪ ଜଣ ଆଇଏମ୍ ବା ଇଣ୍ଟରନ୍ୟାସନାଲ ମାଷ୍ଟର, ୧୬ ଜଣ ମହିଳା ଖେଳାଳି ଅଛନ୍ତି। ଜଣେ ଖେଳାଳିଙ୍କୁ ରଖିବା ବାଧ୍ୟତାମୂଳକ ହୋଇଥିଲାବେଳେ ଏଲୋରା ଲାଇଟ୍‌ସ ସର୍ବାଧିକ ୩ଜଣ, ଅମ୍ବର ଆଭେଞ୍ଜର୍ସ ଓ ନାଳନ୍ଦା ନାଇଟ୍‌ସରେ ୨ଜଣ ଲେଖାଏଁ ମହିଳା ଖେଳାଳିଙ୍କୁ ସ୍ଥାନ ମିଳିଛି। ଦଳରେ ମୋଟ ୮ ଜଣ ଖେଳାଳି ଥିଲାବେଳେ ୬ଜଣ ଖେଳାଳିଙ୍କୁ ଖେଳିବାର ସୁଯୋଗ ମିଳିବ।

ଜିଏମ୍ ଦୀପ୍ତାୟନ ଘୋଷଙ୍କ ଫିଡେ ରେଟିଂ ସର୍ବାଧିକ ୨୫୭୩ ଥିଲାବେଳେ ୪ଜଣ ଖେଳାଳିଙ୍କ ରେଟିଂ ୨୪୦୦ରୁ ଅଧିକ ରହିଛି। ସେମାନେ ହେଲେ ରବି ତେଜା, ଆରାଧ ଗର୍ଗ, ମୟଙ୍କ ଚୌଧୁରୀ ଓ ନୀତୀଶ ବେଲୁରକାର। ଓଡ଼ିଶାର ଖେଳାଳିଙ୍କ ମଧ୍ୟରେ ଆଇଏମ୍ ସିଦ୍ଧାନ୍ତ ମହାପାତ୍ର (ରେଟିଂ ୨୩୯୪- ରାଜଧାନୀ ଚ୍ୟାଲେଞ୍ଜର୍ସ), ଆଇଏମ୍ ସମ୍ବିତ ପଣ୍ଡା (ରେଟିଂ ୨୩୬୪- ମହାନଦୀ ଫାଲକନ୍ସ), ପ୍ରିୟାଂଶ ଦାସ (ରେଟିଂ-୨୩୧୨) ଓ ଏଫ୍‌ଏମ୍ ସୌମ୍ୟରଞ୍ଜନ ମିଶ୍ର (ଅମ୍ବର ଆଭେଞ୍ଜର୍ସ), ରାଜ୍ୟ ମହିଳା ଚେସ୍ ଚାମ୍ପିଅନ ଯଶିତା ରାଉତ (କୋଣାର୍କ କିଙ୍ଗ୍‌ସ) ଓ ସିଏମ୍ ଅପରାଜିତତା ଗୋଛିକାର (ଅମ୍ବର ଆଭେଞ୍ଜର୍ସ) ରହିଛନ୍ତି। ଟୁର୍ଣ୍ଣାମେଣ୍ଟର ହାରାହାରି ରେଟିଂ ୧୭୭୧ ଥିଲାବେଳେ ଚୋଲା ଚାମ୍ପିଅନ୍ସର ଟିମ୍ ରେଟିଂ ସର୍ବାଧିକ ୨୨୭୦ ରହିଛି। ଟୁର୍ଣ୍ଣାମେଣ୍ଟରେ ଭାଗ ନେଇଥିବା ଖେଳାଳିଙ୍କ ହାରାହାରି ବୟସ ୨୧ ରହିଛି। ଏହି ଟୁର୍ଣ୍ଣାମେଣ୍ଟ ଓଡ଼ିଶାର ପେସାଦାର ଚେସ୍‌ରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣିବ ବୋଲି ଏଓସିଏ ସମ୍ପାଦକ ଦେବବ୍ରତ ଭଞ୍ଜ କହିଛନ୍ତି। ଭଞ୍ଜ ଟୁର୍ଣ୍ଣାମେଣ୍ଟର ନିର୍ଦ୍ଦେଶକ ମଧ୍ୟ ରହିଛନ୍ତି। ଆଇଏ ସୁରେଶ ଚନ୍ଦ୍ର ସାହୁ ଚିଫ୍ ଆର୍ବିଟର ଓ ଆଇଏ ତାପସ କୁମାର ମହାନ୍ତି ଡେପୁଟି ଚିଫ୍ ଆର୍ବିଟର ଭାବେ ଏହି ଟୁର୍ଣ୍ଣାମେଣ୍ଟ ପରିଚାଳନା କରିବେ।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS